

'ରାଧେ ଶ୍ୟାମ' ଯୋଡ଼ିଙ୍କ ମଧ୍ୟରେ ଫାଟ ପୃଷ୍ଠା ୨


RNI REGD NO: 42041/83
www.sakalaepaper.com
/thesakalanews
/TheSakala
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR

◆ VOLUME- 19 ◆ ISSUE- 90 ◆ BHUBANESWAR ◆ THURSDAY ◆ 23 SEPTEMBER 2021 ◆ PAGE- 16 ◆ ₹ 5.00

◆ବର୍ଷ-୧୯ ◆ସଂଖ୍ୟା- ୯୦ ◆ଭୁବନେଶ୍ୱର ◆ଗୁରୁବାର ◆୨୩ ସେପ୍ଟେମ୍ବର ୨୦୨୧ ◆ପୃଷ୍ଠା- ୧୬ ◆ଟ.୫.୦୦


## ମା' ଓ ଦୁଇ ଝିଅଙ୍କୁ ହତ୍ୟା

### ଘର ଭିତରୁ ମୃତଦେହ ଉଦ୍ଧାର

■ **ବ୍ରଜରାଜନଗର, ୨୨।୯ (ସମିସ):** ଝାରସୁଗୁଡ଼ା ଜିଲ୍ଲା ବ୍ରଜରାଜନଗର ଥାନା ଗଙ୍ଗାନଗର ଫାଟକପଡ଼ାରେ ଆଜି ଏକ ଅଭାବନୀୟ ଘଟଣା ଘଟିଛି । ଏକ ଘର ଭିତରୁ ମା' ଓ ୨ ଝିଅଙ୍କ ମୃତଦେହ ଉଦ୍ଧାର କରିଛି ପୁଲିସ । ମୃତକ ୩ ଜଣ ହେଲେ ୨୮ ବର୍ଷୀୟା ସୋନି ପୋଦାର, ଝିଅ ମୁସ୍କାନ (୫) ଓ ରାଧିକା (୩) । ଏହା ହତ୍ୟା ନା ଆତ୍ମହତ୍ୟା ତାହା ସ୍ପଷ୍ଟ ହୋଇନାହିଁ । ମୃତ ମହିଳାଙ୍କ ସ୍ୱାମୀ ନାରାୟଣ ପୋଦାର ଫେରାର ଥିବାରୁ ପରିବାରର ୩ ଜଣଙ୍କ ମୃତ୍ୟୁକୁ ନେଇ ସାଧାରଣରେ ସନ୍ଦେହ ଦୃଢ଼ୀଭୂତ ହୋଇଛି । ମୃତ ମହିଳାଙ୍କ ମାଆଙ୍କ ଏତଲା କ୍ରମେ

▶▶ ସ୍ୱାମୀ ଫେରାର୍

▶▶ ହତ୍ୟା ଅଭିଯୋଗ ଆଣିଲେ ମୃତ ମହିଳାଙ୍କ ମାଆ

ପୁଲିସ ଥାନା କେସ୍ ନମ୍ବର ୨୬୯/୨୧, ଭାରତୀୟ ପିଙ୍ଗଳ କୋଡ୍ ଧାରା ୩୦୨ରେ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି । ସୂଚନା ଅନୁସାରେ, ନାରାୟଣ ଓ ସୋନି ନିଜ ୨ ଝିଅଙ୍କ ସହ ଗଙ୍ଗାନଗର ଫାଟକପଡ଼ାରେ ରହୁଥିଲେ । ନାରାୟଣ ଦିନମଜୁରିଆ ଭାବେ କାମ କରୁଥିବା ବେଳେ ସୋନି ଘରେ ରହି ଦୁଇ ସନ୍ତାନଙ୍କ ଯତ୍ନ ନେଉଥିଲେ । ଗତ ରାତି ୯ଟାରେ ଏହି ପରିବାରର ସମସ୍ତ ସଦସ୍ୟ ଖାଇପିଇ ଶୋଇଥିଲେ । ଆଜି ସକାଳେ ଆଜି କ୍ଷୀରବାଲା ଆସି କ୍ଷୀର ନେବାକୁ ଡାକ ପକାଇଥିଲା କିନ୍ତୁ ଘର ଭିତରୁ ▶ପୃଷ୍ଠା-୧୦

## ଦିନକରେ ୫୦୦ ଧନୀ ହରାଇଲେ ୧୩୫ ବିଲିୟନ୍ ଡଲାର

■ **ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି):** ଚାଇନାର ଦ୍ୱିତୀୟ ବୃହତ୍ ରିଏଲ୍ ଇଷ୍ଟେଟ୍ କମ୍ପାନୀ ଏଭରଗ୍ରାଣ୍ଡ ଦେବାଳିଆ ପରିସ୍ଥିତିକୁ ଆସିଯାଇଥିବାରୁ ସମଗ୍ର ବିଶ୍ୱ ଉପରେ ଏବେ ଆଉ ଏକ ଆର୍ଥିକ ମାନ୍ଦାବସ୍ଥା ମାଡ଼ିଆସିଛି । କମ୍ପାନୀ ଉପରେ ଏବେ ପ୍ରାୟ ୩୦୦ ବିଲିୟନ ଡଲାରର ଋଣ ବୋଝ । ଏଭରଗ୍ରାଣ୍ଡ ଏହି ଋଣ ପରିଶୋଧ କରିବା ସ୍ଥିତିରେ ନାହିଁ । ଏଭରଗ୍ରାଣ୍ଡ ସଙ୍କଟର ପ୍ରଭାବ ବିଶ୍ୱର ପୁଞ୍ଜି ବଜାରଗୁଡିକ ଉପରେ ପଡ଼ିବା ଆରମ୍ଭ ହୋଇଯାଇଛି । ଆର୍ଥିକ ବିଶେଷଜ୍ଞମାନଙ୍କ ଆଶଙ୍କା ଯେ, ଏଭରଗ୍ରାଣ୍ଡ ସଙ୍କଟ ୨୦୦୮ରେ ବିଶ୍ୱରେ ଆମେରିକାର ଲେହମାନ ବ୍ରଦର୍ସ ଯୋଗୁ ସୃଷ୍ଟି ହୋଇଥିବା ମାନ୍ଦାବସ୍ଥା ପରିସ୍ଥିତି ସୃଷ୍ଟି କରିପାରେ । ଏଥିରେ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଯେ, ଏଭରଗ୍ରାଣ୍ଡ ସଙ୍କଟ ଯୋଗୁ ସୋମବାର ଦିନ ସାରା ବିଶ୍ୱରେ ଷ୍ଟକ୍ ବଜାର କାରବାରରେ ହ୍ରାସ ଘଟିଛି । ଏମିତିକି ମାତ୍ର ଦିନକର କାରବାରରେ ୫୦୦ ଧନୀ ହରାଇଛନ୍ତି ୧୫୦ କୋଟି ଡଲାର ମୂଲ୍ୟର ସମ୍ପତ୍ତି । ଏହି ଧନୀମାନେ ହରାଇଥିବା ସମ୍ପତ୍ତି ପରିମାଣ ଏସିଆର ସବୁଠୁ ଧନୀ ଭାରତର କୁବେରପତି ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ମୁଖ୍ୟ ମୁକେଶ ଅମ୍ବାନୀଙ୍କ ସମ୍ପତ୍ତି ପରିମାଣଠାରୁ ଦେଢ଼ ଗୁଣ ଅଧିକ । ଏହାର ପରିମାଣ ପ୍ରାୟ ୧୩୫ ବିଲିୟନ୍ ଡଲାର ହେବ ।

ତେବେ ଧନୀମାନଙ୍କ ମଧ୍ୟରେ ସର୍ବାଧିକ କ୍ଷତି ସହିଛନ୍ତି ଟେସ୍‌ଲା ମୁଖ୍ୟ ଏଲନ୍ ମସ୍କ । ଅନ୍ୟପକ୍ଷରେ ପୁଞ୍ଜି ବଜାରର ଏହି ଘାଟାରୁ ବାଦ୍ ପଡ଼ିନାହାନ୍ତି ଆମାଜନ ପ୍ରତିଷ୍ଠାତା ଜେଫ୍ ବେଜୋସ୍ ।

### ଉପରମୁଣ୍ଡରେ ପ୍ରବଳ ବର୍ଷା

# କୂଳ ଲଂଘିଲା ଜଳକା, ସୁବର୍ଣ୍ଣରେଖା

■ **ବାଲେଶ୍ୱର, ୨୨।୯ (ସମିସ):** ବାଲେଶ୍ୱର ଜିଲ୍ଲା ଦେଇ ପ୍ରବାହିତ ଜଳକା ଓ ସୁବର୍ଣ୍ଣରେଖା ନଦୀର ଉପରମୁଣ୍ଡରେ ପ୍ରବଳ ବର୍ଷା ଯୋଗୁଁ ପୁଣି ପ୍ରଳୟଙ୍କରୀ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି । ଗତକାଲି

▶▶ ପୁଣି ବନ୍ୟାପାଣି ମାଡ଼ିଲା, ବ୍ୟାପକ ଅଞ୍ଚଳ ଜଳମଗ୍ନ

▶▶ ବସ୍ତା ଥାନା ଓ ଅବକାରୀ ଥାନା ଭିତରେ ବନ୍ୟା ପାଣିର ସୁଅ

▶▶ ବନ୍ୟାଞ୍ଚଳ ପରିଦର୍ଶନ କଲେ ଜିଲ୍ଲାପାଳ

▶▶ ଗାନ୍ଧିଛକ-ବାଲିଆପାଳ ରାସ୍ତାରେ ବନ୍ୟାପାଣି

▶▶ ବାଲିଆପାଳକୁ ଯୋଗାଯୋଗ ବିଚ୍ଛିନ୍ନ

ରାତିରୁ ଅକସ୍ମାତ ଜଳକା ନଦୀର ଜଳସ୍ତର ବୃଦ୍ଧି ପାଇ ଆଜି ଅପରାହ୍ନ ୩ଟା ସୁଦ୍ଧା ମଥାନିଠାରେ ବିପଦ ସଙ୍କେତ ଉପରେ ଅର୍ଥାତ ୭.୧୮ ମିଟରରେ ପ୍ରବାହିତ ହେଉଛି । ଏଠାରେ ବିପଦ ସଂଙ୍କେତ ୫.୫୦ମିଟରରେ ରହିଛି । ଫଳରେ ବସ୍ତା ଏବଂ ସଦର ବ୍ଲକର ୧୨ ଟି ପଞ୍ଚାୟତ ଜଳମଗ୍ନ ହୋଇଛି । ଗାନ୍ଧିଛକ- ବାଲିଆପାଳ ରାସ୍ତା ଉପରେ ୪ ଫୁଟ ଉଚ୍ଚତାରେ ବନ୍ୟାପାଣିର ସୁଅ ଚାଲିଥିବାରୁ ବାଲିଆପାଳ ବ୍ଲକକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇଛି ।

ସେହିପରି ବିଭିନ୍ନ ଗ୍ରାମ୍ୟ ରାସ୍ତା ମଧ୍ୟ ବନ୍ୟା ପାଣିରେ ବୁଡି ରହିଥିବାରୁ ଲୋକେ ଯାତାୟତରେ ସମସ୍ୟା ଭୋଗୁଛନ୍ତି । ବସ୍ତା ଥାନା, ବସ୍ତା ଅବକାରୀ ଥାନା, ବସ୍ତା ତହସିଲ ଭିତରେ ବର୍ଷା ପାଣିରେ ସୁଅ ପଡ଼ିଥିବାର ଦେଖିବାକୁ ମିଳିଛି । ଫଳରେ ଆଜି ଦିନ ତମାମ ଏହି ୩ ଅଫିସର ସରକାରୀ କାମ ଠପ ହୋଇଯାଇଛି । ଥାନା ଓ ଅବକାରୀ ଥାନା ଭିତରେ ଥିବା ବିଭିନ୍ନ ରେକର୍ଡ ପତ୍ର ତଥା ଆସବାବପତ୍ର ର ସୁରକ୍ଷା ପାଇଁ ଥାନାର କର୍ମଚାରୀ ମାନଙ୍କୁ ନାକେଦମ ହେବାକୁ ପଡ଼ିଛି । ଜଳକା ବନ୍ୟା ଯୋଗୁଁ ଉପରୋକ୍ତ ଦୁଇ ବ୍ଲକର ଶହେରୁ ଉହେର ଗାଁ ଏକ ପ୍ରକାରର ଜଳବନ୍ଦୀ ହୋଇଯାଇଛି । ଜଳକା ନଦୀର ବନ୍ୟା ସ୍ଥିତିର ସମୀକ୍ଷା ପାଇଁ ବାଲେଶ୍ୱର ଜିଲ୍ଲାପାଳ କେ ସୁଦର୍ଶନ ଚକ୍ରବର୍ତ୍ତୀ ଆଜି ବସ୍ତା ଓ ସଦର ବ୍ଲକର ବିଭିନ୍ନ ▶ପୃଷ୍ଠା-୧୦



### ■ ଉତ୍ତର ଓଡ଼ିଶାରୁ ଟଳୁନି ବନ୍ୟା ଭୟ

## ୨୪ରେ ସୃଷ୍ଟି ହେବ ଆଉ ଏକ ଲଘୁଚାପ

■ **ଭୁବନେଶ୍ୱର, ୨୨।୯ (ସମିସ):** ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ବର୍ତ୍ତମାନ ଝାଡ଼ଖଣ୍ଡ ଉପରେ ସକ୍ରିୟ ରହିଛି । ଏହାପ୍ରଭାବରେ ଝାଡ଼ଖଣ୍ଡ ସମେତ ଉତ୍ତର ଓଡ଼ିଶାରେ ବର୍ଷାର ପ୍ରଭାବ ରହିଛି । ଉପରମୁଣ୍ଡରେ ବର୍ଷା ଯୋଗୁଁ ଉତ୍ତର ଓଡ଼ିଶାର ବିଭିନ୍ନ ନଦୀରେ ଜଳସ୍ତର ବୃଦ୍ଧି ପାଇଛି । ବୈତରଣୀ ନଦୀ ମଧ୍ୟ ପୁଣି ସତର୍କ ସଙ୍କେତ ପାର କରିଛି । ଆଖୁଆପଦା ନିକଟରେ ବୈତରଣୀ ସତର୍କ ସଙ୍କେତ ଟପି ୧୭.୩୪ ମିଟର ଉପରେ ପ୍ରବାହିତ ହେଉଛି । ଏବେ ନଦୀରେ ଜଳସ୍ତର ବଢୁଥିବାରୁ ନଦୀକୁଳିଆ ଲୋକେ ଆତଙ୍କିତ ଅଛନ୍ତି । ଅନ୍ୟପଟେ ୨୪ ତାରିଖରେ ପୁଣି ଏକ ଲଘୁଚାପ ହେବା ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି । ଏହା ପ୍ରଭାବରେ ୨୬ ତାରିଖଠାରୁ ରାଜ୍ୟରେ ବର୍ଷାର ପରିମାଣ ବୃଦ୍ଧି ହେବ । ଫଳରେ ଉତ୍ତର ଓଡ଼ିଶା ସମେତ ସାରା ରାଜ୍ୟରେ ସ୍ଥିତି ଉଦବେଗଜନକ ହେବାର ▶ପୃଷ୍ଠା-୧୦

### ■ ସୁପ୍ରିମକୋର୍ଟଙ୍କୁ ଜଣାଇଲା କେନ୍ଦ୍ର

## କରୋନା ମୃତକଙ୍କ ପରିବାରକୁ ମିଳିବ ୫୦ ହଜାର ଟଙ୍କା

■ **ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି):** ସୁପ୍ରିମକୋର୍ଟଙ୍କ କଡ଼ା ଭର୍ତ୍ସନା ପରେ କରୋନା ମୃତକଙ୍କ ପରିବାରକୁ ୫୦ ହଜାର ଟଙ୍କା ଲେଖାଏଁ ଅନୁକମ୍ପାମୂଳକ ସହାୟତା ଦିଆଯିବ ବୋଲି କେନ୍ଦ୍ର ସରକାରଙ୍କ ପକ୍ଷରୁ କୁହାଯାଇଛି । ସରକାର ସୁପ୍ରିମକୋର୍ଟରେ ଜବାବ ଦାଖଲ କରି ଏହି ସୂଚନା ଦେଇଛନ୍ତି । ତେବେ ଏହି ଅର୍ଥ ରାଜ୍ୟ ବିପର୍ଯ୍ୟୟ ରିଲିଫ ପାଣ୍ଠି (ଏସଡିଆରଏଫ)ରୁ ଦିଆଯିବ ଏବଂ ରାଜ୍ୟ ସରକାର ଏହାକୁ ବହନ କରିବେ । ଉଦ୍ଧାରକାର୍ଯ୍ୟରେ ସାମିଲ ଥିବା ଲୋକଙ୍କ ପରିଜନଙ୍କୁ ମଧ୍ୟ ଏହି ଅନୁକମ୍ପାମୂଳକ ସହାୟତା ପ୍ରଦାନ କରାଯିବ । ପୂର୍ବରୁ ମୃତ୍ୟୁବରଣ କରିଥିବା ଏବଂ ଭବିଷ୍ୟତରେ ମୃତ୍ୟୁ ପାଇଁ ମଧ୍ୟ ଏହି ଅର୍ଥ ଦିଆଯିବ ବୋଲି କୁହାଯାଇଛି । ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶ ପରେ ଏନଡିଏମଏ ଅନୁକମ୍ପାମୂଳକ ସହାୟତା ନେଇ ମାର୍ଗଦର୍ଶିକା ପ୍ରସ୍ତୁତ କରିଛି । ସୂଚନାଯୋଗ୍ୟ ଯେ କରୋନାରେ ଏ ପର୍ଯ୍ୟନ୍ତ ୪୪୫୭୬୮ ଲୋକ ପ୍ରାଣ ହରାଇଲେଣି । ଏହି ଲୋକଙ୍କ ପରିବାର ବର୍ଗଙ୍କୁ କ୍ଷତିପୂରଣ ଦେବା ଲାଗି ଦୀର୍ଘଦିନରୁ ଦାବି କରାଯାଉଛି । ପରିଶେଷରେ କେନ୍ଦ୍ର ଏ ନେଇ ରାଜି ହୋଇଛି । ଗତ ଶୁଣାଣିରେ କରୋନା ମୃତକଙ୍କ ପରିବାର ସଦସ୍ୟଙ୍କୁ କ୍ଷତିପୂରଣ ଦେବାକୁ ସରକାର ମନା କରିଦେଇଥିଲେ । ଏହାକୁ କୋର୍ଟ ମଧ୍ୟ ସ୍ୱୀକାର କରିନେଇଥିଲେ । କିନ୍ତୁ ବିପର୍ଯ୍ୟୟ ପ୍ରଶମନ ଆଇନ ଅନୁଯାୟୀ କ୍ଷତିପୂରଣ ଦେବା ନିମନ୍ତେ କି ପଦକ୍ଷେପ ନିଆଯାଇଛି ଜଣାଇବାକୁ କୋର୍ଟ କେନ୍ଦ୍ରକୁ ନିର୍ଦ୍ଦେଶ ଦେଇଥିଲେ । ଏହା ଉପରେ ସେପ୍ଟେମ୍ବର ୨୩ ତାରିଖ ସୁଦ୍ଧା କୋର୍ଟଙ୍କୁ ତଥ୍ୟ ଦିଆଯିବ ବୋଲି ସଲିସିଟର ଜେନେରାଲ ତୁଷାର ମେହେଟ୍ଟା କହିଥିଲେ । ସେହିପରି ଗତ ସୋମବାର କରୋନାରେ ଚାପଗ୍ରସ୍ତ ହୋଇ ଆତ୍ମହତ୍ୟା କରିଥିବା ଲୋକଙ୍କ ମୃତ୍ୟୁକୁ କରୋନା ମୃତ୍ୟୁ ଧରିବାକୁ ସର୍ବୋଚ୍ଚ ନ୍ୟାୟାଳୟ କହିଥିଲେ । ଏ ନେଇ ରାଜ୍ୟସରକାରମାନଙ୍କୁ ନୂଆ ମାର୍ଗଦର୍ଶିକା ଜାରି କରାଯାଉ । କରୋନା ଯୋଗୁଁ ଆତ୍ମହତ୍ୟା କରିଥିବା ଲୋକଙ୍କ ମୃତ୍ୟୁକୁ କରୋନାଜନିତ ନ ମାନିବା ଗ୍ରହଣଯୋଗ୍ୟ ନୁହେଁ । ସେମାନଙ୍କୁ କରୋନା ମୃତ୍ୟୁ ପ୍ରମାଣପତ୍ର ମିଳିବା ଉଚିତ ।

ଚଳିତ ବର୍ଷ ଜୁନ ମାସରେ କରୋନା ମୃତକଙ୍କ ପରିବାରକୁ ୪ ଲକ୍ଷ ଟଙ୍କା ଲେଖାଏଁ ଅନୁକମ୍ପାମୂଳକ ସହାୟତା ଦେବା ସମ୍ଭବ ନୁହେଁ ବୋଲି କେନ୍ଦ୍ର ସୁପ୍ରିମକୋର୍ଟଙ୍କୁ ଜଣାଇଥିଲା । କାରଣ ବିପର୍ଯ୍ୟୟ ପ୍ରଶମନ ଆଇନରେ କେବଳ ଭୂକମ୍ପ, ବନ୍ୟା ଆଦି ପ୍ରାକୃତିକ ବିପର୍ଯ୍ୟୟ ପାଇଁ ଅନୁକମ୍ପାମୂଳକ କ୍ଷତିପୂରଣ ଦେବାର ବ୍ୟବସ୍ଥା ରହିଛି । ଏପରି ସ୍ଥିତିରେ ରୋଗରେ ମୃତ୍ୟୁ ଯୋଗୁଁ କ୍ଷତିପୂରଣ ଦିଆଗଲେ ଏବଂ ଅନ୍ୟ କ୍ଷେତ୍ରରେ ଏହା ଦିଆ ନଗଲେ ଭୁଲ ହେବ ବୋଲି କେନ୍ଦ୍ର କହିଥିଲା ।


ଭିତର ପୃଷ୍ଠାରେ...
ବୁଥ୍‌ରେ ନୁହେଁ; ବ୍ଲକ୍‌ରେ ଗଣତି



www.flyusha.in
USHA TRAVELS
OFFER PRICE
BHUBANESWAR ⇄

| | |
|---|---|
| KOLKATA | 2533/-* |
| CHENNAI | 3433/-* |
| HYDERABAD | 3533/-* |
| BENGALURU | 3533/-* |
| DELHI | 3633/-* |
| MUMBAI | 3733/-* |
| AHMEDABAD | 3833/-* |
| PUNE | 4533/-* |
| ABUDHABI | 10,333/-* |
| DUBAI | 10,333/-* |

T&C Apply*
Mob. : 9937438896
TOLL FREE 1800 890 3566


### ଭିଜିଲାନ୍ସ ଜାଲରେ ମୋଟୁ ଥାନା ଆଇଆଇସି

## କାର୍‌ରୁ ୨.୮ ଲକ୍ଷ ଟଙ୍କା ଜବତ



■ **କଟକ, ୨୨।୯ (ସମିସ):** ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି ମାଲକାନଗିରି ଜିଲ୍ଲା ମୋଟୁ ଥାନାଧିକାରୀ ସୁଶାନ୍ତ ସାହୁ । ବୁଧବାର ସନ୍ଧ୍ୟାରେ ଶ୍ରୀ ସାହୁ ମୋଟୁରୁ ଏକ କାର୍ ଯୋଗେ କଟକ ଫୁଲନଖରାସ୍ଥିତ ନିଜ ବାସଭବନକୁ ଆସୁଥିବା ବେଳେ ଖୋର୍ଦ୍ଧା ନିକଟରେ

**ଖୋର୍ଦ୍ଧାରେ ମଧ୍ୟ ଚଢ଼ଉ**

ଭିଜିଲାନ୍ସ ଟିମ ତାଙ୍କୁ ଅଟକାଇଥିଲା । ଶ୍ରୀ ସାହୁ ବିପୁଳ ଅର୍ଥ ନେଇଆସୁଥିବା ସମ୍ପର୍କରେ ଭିଜିଲାନ୍ସ ପୂର୍ବରୁ ସୂଚନା ପାଇଥିଲା । ଭିଜିଲାନ୍ସ ଟିମ କାର୍‌କୁ ତଲାସି କରିବା ପରେ ସେଥିରେ ୨.୮ ଲକ୍ଷ ଟଙ୍କା ଥିବା ଜଣାପଡ଼ିଥିଲା । ଏହି ଟଙ୍କା ସମ୍ପର୍କରେ ଶ୍ରୀ ସାହୁ ଭିଜିଲାନ୍ସକୁ ସନ୍ତୋଷଜନକ ଉତ୍ତର ଦେଇ ନପାରିବାରୁ ଉକ୍ତ ଟଙ୍କାକୁ ଜବତ କରାଯାଇଛି । ଏଥିସହ ଶ୍ରୀ ସାହୁଙ୍କୁ ଭିଜିଲାନ୍ସ ପଚରାଉଚରା ଚଳାଇଥିବା ବେଳେ ତାଙ୍କ କଟକସ୍ଥିତ ବାସଭବନ ସହ ମୋଟୁ ଓ ମାଲକାନଗିରିର ଦୁଇଟି ସ୍ଥାନରେ ଚଢ଼ଉ ଜାରି ରଖିଛି ଭିଜିଲାନ୍ସ ।

# ବଲାଙ୍ଗିରରେ ବିକାଶର ସୂର୍ଯ୍ୟୋଦୟ

- ସ୍ମାର୍ଟ ହେଲ୍‌ଥ କାର୍ଡ ବ୍ୟବସ୍ଥାର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ
- ଜିଲ୍ଲାରେ ସାଢ଼େ ଚାରି ଲକ୍ଷ ପରିବାର ପାଇବେ ହେଲ୍‌ଥ କାର୍ଡ
- ହରିଶଙ୍କର ପୀଠର ବିକାଶ ପାଇଁ ଭିତ୍ତିପ୍ରସ୍ତର ସ୍ଥାପନ
- ୨୦୦ କୋଟି ଟଙ୍କାର ବିଭିନ୍ନ ପ୍ରକଳ୍ପ ଉଦ୍‌ଘାଟିତ
- ୬୦୦ କୋଟି ଟଙ୍କାର ପ୍ରକଳ୍ପ ପାଇଁ ଭିତ୍ତିପ୍ରସ୍ତର ସ୍ଥାପନ
- ଅନ୍ୟ ବିଶ୍ୱବିଦ୍ୟାଳୟ ଲାଗି ଆଦର୍ଶ ହେବ ରାଜେନ୍ଦ୍ର




■ **ଭୁବନେଶ୍ୱର, ୨୨।୯ (ସମିସ):** ମାଲକାନଗିରି ଏବଂ ରାଉରକେଲା ପରେ ବୁଧବାର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ବଲାଙ୍ଗୀରବାସୀଙ୍କୁ ଉପହାର ଦେଇଛନ୍ତି ସ୍ମାର୍ଟ ସ୍ୱାସ୍ଥ୍ୟ କାର୍ଡ଼ । ମୁଖ୍ୟମନ୍ତ୍ରୀ ବଲାଙ୍ଗିର ଜିଲ୍ଲାର ବିଭିନ୍ନ ସ୍ଥାନରେ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାରେ ସ୍ମାର୍ଟ ହେଲ୍‌ଥ କାର୍ଡ଼ ବଣ୍ଟନ କରିଛନ୍ତି । ଜିଲ୍ଲାର ପ୍ରଥମ ହିତାଧିକାରୀ ଭାବରେ ସରୋଜିନୀ ବହିଦାର ମୁଖ୍ୟମନ୍ତ୍ରୀଙ୍କଠାରୁ ସ୍ୱାସ୍ଥ୍ୟ କାର୍ଡ଼ଗ୍ରହଣ କରିଥିଲେ । ଅନୁରୂପ ଭାବରେ ଟିଟିଲାଗଡ଼, ପାଟଣାଗଡ଼ରେ ମଧ ▶ପୃଷ୍ଠା-୧୦

### ମୁଖ୍ୟମନ୍ତ୍ରୀଙ୍କୁ ପ୍ରଶଂସା କଲେ ନରସିଂହ-ସାଲୁଜା

■ **ବଲାଙ୍ଗିର, ୨୨।୯ (ସମିସ):** କେନ୍ଦ୍ର ସରକାରଙ୍କ ପ୍ରବର୍ତ୍ତିତ ଆୟୁଷ୍ମାନ ଯୋଜନାଠାରୁ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ବହୁତ ଭଲ । ରାଜ୍ୟବାସୀଙ୍କ ହିତ ଲାଗି

**ଆୟୁଷ୍ମାନଠାରୁ ଭଲ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା**

ମୁଖ୍ୟମନ୍ତ୍ରୀ ଯେଉଁ ସ୍ମାର୍ଟ ହେଲ୍‌ଥ କାର୍ଡ଼ ପ୍ରଚଳନ କରିଛନ୍ତି ତାହା ସାଧାରଣ ଲୋକଙ୍କ ପାଇଁ ବେଶ୍ ଉପଯୋଗୀ ହେବ ବୋଲି କହିଛନ୍ତି ବଲଙ୍ଗିରର ଦୁଇ ବିଧାୟକ ନରସିଂହ ମିଶ୍ର ଓ ସନ୍ତୋଷ ସିଂହ ସାଲୁଜା । ▶ପୃଷ୍ଠା-୧୦

### ଲୋକକଥା



ବନ୍ୟା, ବାତ୍ୟା, ବଢ଼ି ମରୁଡ଼ିରେ ରାଜ୍ୟ
କଲବଲ ହଉଥାଇ,
କେନ୍ଦ୍ର ସରକାର ଦେଖି ଶୁଣି ସବୁ
ବଲବଲ ଛନ୍ତି ଚାହିଁ ।
ଆମର ପ୍ରାପ୍ୟ ନ ଦେଇ
ହଟ ଦେଖୁଛନ୍ତି କୁଟ କପଟିଆ,
ପଦୁଅଁ ଫୁଲିଆ ସାଇଁ... ॥

# ରଣକ୍ଷେତ୍ର ପାଲଟିଲା ଜନଶୁଣାଣି ସ୍ଥଳ

■ **ସେମିଳିଗୁଡା, ୨୨।୯ (ସମିସ):** କୋରାପୁଟ ଜିଲ୍ଲା ସେମିଳିଗୁଡା ବ୍ଲକ ଅନ୍ତର୍ଗତ କଙ୍କଡ଼ାଆମ୍ବ ନିକଟରେ ଥିବା ମାଳି ପର୍ବତ ବକ୍ସାଇଟ୍ ଖନନର ପରିବେଶ ପ୍ରଦୂଷଣ ନେଇ ଜଣଶୁଣାଣି ଆୟୋଜନ ହୋଇଥିବା ବେଳେ ବିପକ୍ଷବାଦୀମାନେ ଏହାକୁ ତୀବ୍ର ବିରୋଧ କରି ଚେୟାର, ଟେବୁଲ୍ ଫିଙ୍ଗିବା ସହିତ ଜନଶୁଣାଣି ସ୍ଥଳକୁ ମାରଣାସ୍ତ୍ର ଧରି ପଶିବା ଯୋଗୁଁ ଜନଶୁଣାଣି ଫେଲ୍ ମାରିଛି । ଉକ୍ତ ଅଞ୍ଚଳରେ ପରିସ୍ଥିତି ଉତ୍ତେଜନାପୂର୍ଣ୍ଣ ରହିଛି । ସୂଚନା ଅନୁଯାୟୀ ମାଳି ପର୍ବତ ବକ୍ସାଇଟ୍ ଖନନ ଲିଜ୍ ହିଣ୍ଡାଲ୍‌କୋ ନେଇଥିବା ବେଳେ ▶ପୃଷ୍ଠା-୧୦

- ବିପକ୍ଷବାଦୀଙ୍କ ଦ୍ୱାରା ବ୍ୟାପକ ଭଙ୍ଗାରୁଜା
- ଅଧିକାରୀଙ୍କୁ ଠେଲାପେଲା
- ଫେଲ୍ ମାରିଲା ଜନଶୁଣାଣି





### ଅବସରପ୍ରାପ୍ତ ପ୍ରଧାନଶିକ୍ଷକଙ୍କ କାର୍ ଅଟକାଇ ଲୁଟ୍

## ଝାମ୍ପିନେଲେ ୩.୫୦ ଲକ୍ଷ

■ **ଉଦଳା, ୨୨।୯ (ସମିସ):** ମୟୂରଭଞ୍ଜ ଜିଲ୍ଲା ଉଦଳା ଅଞ୍ଚଳରେ ପୁଣି ରାହାଜାନି । ଉଦଳା ଥାନା ଅଞ୍ଚଳର ଧାନଘେରା ରାସ୍ତାରେ ଦୁର୍ବୃତ୍ତମାନେ ଲୁଟିନେଇଛନ୍ତି ୩ ଲକ୍ଷ ୫୦ ହଜାର ଟଙ୍କା । ଧାନଘେରା ଗ୍ରାମର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ରତିକାନ୍ତ ବେହେରା (୭୩) ବୁଧବାର ମଧ୍ୟାହ୍ନ ପ୍ରାୟ ସାଢେ ବାରଟାରେ ଉଦଳା ଷ୍ଟେଟ୍ ବ୍ୟାଙ୍କ ଶାଖାରୁ ନିଜ ଜମା ଅର୍ଥରୁ ୩ଲକ୍ଷ ୫୦ ହଜାର ଟଙ୍କା ଉଠାଣ କରି ନିଜ ଗ୍ରାମକୁ ଏକ କାର ଯୋଗେ ପତ୍ନୀଙ୍କ ସହ ଫେରୁଥିଲେ । ବି.ସି.ପୁର-ଧାନଘେରା ରାସ୍ତାର ଏକ ନିଛାଟିଆ ସ୍ଥାନରେ ଏକ ବାଇକରେ ଆସି ଦୁଇଜଣ ଯୁବକ ସାମ୍ନାରେ ଗାଡି ରଖି ରାସ୍ତା ପଚାରିବା ବାହାନାରେ ପଛପଟୁ ଅନ୍ୟ ଜଣେ ସହଯୋଗୀ ଲୁଟେରା ଆସି ରତିକାନ୍ତଙ୍କ ପତ୍ନୀଙ୍କ ହାତରେ ଥିବା ଟଙ୍କା ବ୍ୟାଗ୍‌ଟିକୁ ଝାମ୍ପି ନେଇ ବିସିପୁର ଆଡ଼କୁ ଦୃତଗତିରେ ଚମ୍ପଟ ମାରିଥିଲେ । ଏ ନେଇ ଉଦଳା ଥାନାରେ ଲିଖିତ ଅଭିଯୋଗ ହୋଇଛି । ଟଙ୍କା ଉଠାଣର ସମୟ ଓ ବ୍ୟାଙ୍କ ସମ୍ମୁଖସ୍ଥ ସମସ୍ତ ସିସିଟିଭି ଫୁଟେଜ୍‌କୁ ପୁଲିସ ତଦନ୍ତ ପରିସରକୁ ନେଇଛି ।

# 'ରାଧେ ଶ୍ୟାମ' ଯୋଡ଼ିଙ୍କ ମଧ୍ୟରେ ଫାଟ



ସାଉଥ୍ ସୁପରଷ୍ଟାର୍ ପ୍ରଭାସ ଓ ପୂଜା ହେଗଡ଼େ ବହୁତ ଜଲ୍‌ଦି ରୋମାଣ୍ଟିକ୍ ଡ୍ରାମା 'ରାଧେ ଶ୍ୟାମ'ରେ ନଜର ଆସିବେ। 'ରାଧେ ଶ୍ୟାମ'ର ଏହି ଯୋଡ଼ିଙ୍କ ମଧ୍ୟରେ ସୁସମ୍ପର୍କ ନାହିଁ ବୋଲି ଏବେ ସୋସିଆଲ ମିଡିଆରେ ଚର୍ଚ୍ଚା ହେଉଛି। ପ୍ରଭାସ, ପୂଜାଙ୍କ ଅଣ ପେସାଦାର ମନୋବୃତ୍ତିକୁ ନେଇ କ୍ଷୁବ୍ଧ ଥିବା ଜଣାପଡ଼ିଛି। ପ୍ରତିଦିନ ସେଟ୍‌କୁ ପୂଜା ବିଳମ୍ବରେ ଆସିବା ନୀତିକୁ ମଧ୍ୟ ସହଜରେ ଗ୍ରହଣ କରିପାରୁନାହାନ୍ତି ପ୍ରଭାସ। ସେ ପୂଜାଙ୍କ ସହିତ କଥାବାର୍ତ୍ତା ମଧ୍ୟ ବନ୍ଦ କରି ଦେଇଥିବା ଖବର ପ୍ରକାଶ ପାଇଛି। ଏଭଳି ଖବର ପ୍ରକାଶ ପାଇବା ପରେ ପ୍ରଯୋଜନା ସଂସ୍ଥା 'ୟୁବି କ୍ରିଏସନ୍' ପକ୍ଷରୁ ଏହାକୁ ଖଣ୍ଡନ କରାଯାଇଛି।

ୟୁବି କ୍ରିଏସନ୍ ପକ୍ଷରୁ କୁହାଯାଇଛି ଯେ, 'ଏସବୁ ଖବରରେ କୌଣସି ସତ୍ୟତା ନାହିଁ। ପ୍ରଭାସ ଓ ପୂଜା ପରସ୍ପରକୁ ବହୁତ ସମ୍ମାନ ଦିଅନ୍ତି। ପରଦା ପଛରେ ଉଭୟଙ୍କ ମଧ୍ୟରେ ଭଲ ସମ୍ପର୍କ ରହିଛି। ଯେଉଁଥିପାଇଁ ସେମାନେ ପରଦା ଉପରେ ବେଶ୍ ଭଲ ଅଭିନୟ କରିପାରିଛନ୍ତି। ପୂଜା ଠିକ୍ ସମୟରେ ସେଟ୍‌କୁ ଆସନ୍ତି। ଏଭଳି ଖବର କେବଳ କାହାରି କାଳ୍ପନିକ ଚିନ୍ତାଧାରା। ଫିଲ୍ମର ନାୟକ ନାୟିକାଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିଛି। ପୂରା ଟିମ୍ ଏହି ଫିଲ୍ମକୁ ଦର୍ଶକଙ୍କ ନିକଟକୁ ଆଣିବାକୁ ଆଶାବାଦୀ।'

ରାଧାକୃଷ୍ଣ କୁମାରଙ୍କ ନିର୍ଦ୍ଦେଶିତ ଏହି ପ୍ରେମ କାହାଣୀ ହିନ୍ଦୀ, ତେଲୁଗୁ, ତାମିଲ ଓ ମାଲାୟାଲାମ ଭାଷାରେ ରିଲିଜ୍ ହେବ।


# ଦୁଇଟି ଚେହେରା ଥିବା ବ୍ୟକ୍ତି



କେବେକେବେ ଆମେ କଥା ଛଳରେ କହିଥାଉ ଯେ, ସବୁ ମଣିଷଙ୍କର ଦୁଇଟି ଚେହେରା। ମନ ଭିତରେ କିଛି ଥାଏ ଓ ବାହାରକୁ କିଛି ଦେଖାନ୍ତି। କିନ୍ତୁ ଏହି ଉକ୍ତିଟି ଏକଦା ବାସ୍ତବ ରୂପ ନେଇଥିଲା। ୧୮୦୦ ଶତାବ୍ଦୀରେ ଏଡୱାର୍ଡ ମୋରଡ୍ରାକେ ନାମକ ଜଣେ ବ୍ୟକ୍ତିଙ୍କର ବାସ୍ତବରେ ଦୁଇଟି ଚେହେରା ଥିଲା। ସାମନାରେ ଗୋଟିଏ ଚେହେରା ଓ ମୁଣ୍ଡ ପଛପଟେ ଆଉ ଏକ ଚେହେରା। ଇଂଲଣ୍ଡର ଅଧିବାସୀ ଏଡୱାର୍ଡ ଏକ୍ଷେତ୍ରରେ ବିଶ୍ୱର ଏକମାତ୍ର ବିରଳ ବ୍ୟକ୍ତି, ଯାହାଙ୍କର ଦୁଇଟି ଚେହେରା ଥିଲା। ସବୁଠାରୁ ଆଶ୍ଚର୍ଯ୍ୟଜନକ କଥା ହେଉଛି ତାଙ୍କର ପଛ ପାଖ ଚେହେରାଟି ଦିନସାରା ନିଷ୍କ୍ରିୟ ଥାଏ। କିନ୍ତୁ ଯେତେବେଳେ ସେ ଶୋଇବାକୁ ଚେଷ୍ଟା କରନ୍ତି ଏହା ସକ୍ରିୟ ହୋଇଉଠେ ଏବଂ ରାତିସାରା ସେହି ପଛପାଖ ଚେହେରାଟି ଗୁଣୁଗୁଣୁ ହୋଇ କିଛି କହିଥାଏ। ଏହି କାରଣରୁ ଏଡୱାର୍ଡ ଅନେକ ଦିନ ପର୍ଯ୍ୟନ୍ତ ଶୋଇ ପାରୁନଥିଲେ। ସେ ଏହାକୁ ନେଇ ଅତ୍ୟନ୍ତ ଚିନ୍ତିତ ହୋଇ ଡାକ୍ତରଙ୍କ ପରାମର୍ଶ ମଧ୍ୟ ନେଇଥିଲେ। କିନ୍ତୁ ସେ ସମୟରେ ବିଜ୍ଞାନର ଏତେଟା ଅଗ୍ରଗତି ହୋଇ ନଥିବାରୁ ତାଙ୍କର ଚିକିତ୍ସା ହୋଇପାରିନଥିଲା। ତେଣୁ ସେ ଅସହାୟ ହୋଇ ଆତ୍ମହତ୍ୟା କରିଥିଲେ।

## ଜଣା ଅଜଣା

- ପୁରୁଷଙ୍କ ଅପେକ୍ଷା ମହିଳା ଅଧିକ ଚେହେରା ମନେ ରଖିପାରନ୍ତି।
- ବିଶ୍ୱରେ ଶରଣାର୍ଥୀ ଓ ବିସ୍ଥାପିତଙ୍କ ମଧ୍ୟରେ ୮୦% ମହିଳା ଅଛନ୍ତି।
- ଡଲଫିନ୍ ଖାଦ୍ୟକୁ ନ ଚୋବାଇ ସିଧା ଗିଳି ଦେଇଥାଏ।



# ପେଣ୍ଟାଏ ଅଙ୍ଗୁରର ଦାମ୍ ୩୩ ହଜାର !



ଭାରତୀୟ ବଜାରରେ ବିକ୍ରି ହେଉଥିବା ଅଙ୍ଗୁର କେଜି ପ୍ରତି ୧୦୦ରୁ ୨୦୦ ଟଙ୍କା ମଧ୍ୟରେ ହୋଇଥାଏ। କିନ୍ତୁ ପେଣ୍ଟାଏ ଅଙ୍ଗୁରର ଦାମ୍ ୩୩ ହଜାର ଟଙ୍କା ଶୁଣି ଯେକେହି ଆଶ୍ଚର୍ଯ୍ୟ ହେବେ। 'ରୁବି ରୋମାନ' ନାମକ ଏହି ପ୍ରଜାତିର ଅଙ୍ଗୁର ପେଣ୍ଟାର ଦାମ୍ ୩୩ ହଜାର ଟଙ୍କା। ଏହି ଅଙ୍ଗୁର କେବଳ ଜାପାନରେ ହିଁ ଚାଷ କରାଯାଏ। ସାଧାରଣ ଅଙ୍ଗୁର ତୁଳନାରେ ରୁବି ରୋମାନର ଆକାର ଚାରିଗୁଣ ବଡ଼ ଓ ସ୍ୱାଦ ମଧ୍ୟ ପୂରାପୂରି ନିଆରା। ଅବଶ୍ୟ ଅଙ୍ଗୁରର ଏଭଳି ଆକାଶଛୁଆଁ ଦରକୁ ସହଜରେ କେହି ଗ୍ରହଣ କରିପାରୁ ନାହାନ୍ତି। ଏହାକୁ ବିଶ୍ୱର ସବୁଠୁ ବଡ଼ ତଥା ନାଲି ରଙ୍ଗର ଅଙ୍ଗୁର ବୋଲି କହିଛନ୍ତି ଜାପାନର ଜଣେ ଗବେଷକ। ରୁବି ରୋମାନ ଅଙ୍ଗୁରକୁ ପ୍ରଥମଥର ପାଇଁ ୧୯୯୫ ମସିହାରେ ବିକଶିତ କରାଯାଇଥିଲା। ପ୍ରତ୍ୟେକ ବର୍ଷ ରୁବି ରୋମାନ ଅଙ୍ଗୁରର ମାତ୍ର ୨୪୦୦ ଗୁଚ୍ଛା ଉତ୍ପନ୍ନ କରାଯାଇଥିଲା। ଏହାର ଆକାର ଓ ରଙ୍ଗ ଯୋଗୁଁ ଦାମ୍ ଅଧିକ ହୋଇଥିବା କୁହାଯାଉଛି। ଅନ୍ୟପଟେ ଏହି ଅଙ୍ଗୁରଗୁଡ଼ିକ ଟମାଟୋ ଆକୃତିର ହୋଇଥାନ୍ତି। ସାଧାରଣ ଅଙ୍ଗୁର ତୁଳନାରେ ଏହାର ସ୍ୱାଦ ୧୮ ଗୁଣ ଅଧିକ। ସୁପରିୟର, ସ୍ପେସାଲ ସୁପରିୟର ଓ ପ୍ରିମିୟମ୍ ତିନିଟି ଶ୍ରେଣୀରେ ଏହାକୁ ବିଭକ୍ତ କରାଯାଇଛି। ଏହି ଅଙ୍ଗୁରଗୁଡ଼ିକ ବଜାରରେ ଉପଲବ୍ଧ ହୋଇନଥାଏ। ଏହା କେବଳ ନିଲାମ ପାଇଁ ଉଦ୍ଦିଷ୍ଟ। ଏହି ଅଙ୍ଗୁରର ଫଟୋ ସାମାଜିକ ଗଣମାଧ୍ୟମରେ ସେୟାର୍ ହେବା ପରେ ଏହା ଏବେ ସଭିଙ୍କ ଦୃଷ୍ଟି ଆକର୍ଷଣ କରୁଛି।

## ଅଜବ ବିଶ୍ୱାସ

# ବିବାହ ପାଇଁ ଅଶୁଭ ନଭେମ୍ବର

ଜାତି- ବର୍ଣ୍ଣ-ଧର୍ମକୁ ନେଇ ବିବାହ ପରମ୍ପରାରେ ଭିନ୍ନତା ଦେଖିବାକୁ ମିଳିଥାଏ। ପୁଣି ଅନେକ ବିଶ୍ୱାସ-ଅନ୍ଧବିଶ୍ୱାସ କଥା ମଧ୍ୟ ରହିଛି। କିନ୍ତୁ ଜିମ୍ବାୱେରେ ଏହାକୁ ନେଇ ଏକ ଅଜବ ବିଶ୍ୱାସ ରହିଛି। ଏଠାରେ ନଭେମ୍ବର ମାସରେ କେହି ମଧ୍ୟ ବିବାହ କରନ୍ତି ନାହିଁ। ନଭେମ୍ବର ମାସରେ ବିବାହ କଲେ ବିବାହ ବିଚ୍ଛେଦ ସହ ଗର୍ଭଧାରଣ କ୍ଷେତ୍ରରେ ନାନା ସମସ୍ୟା ଦେଖାଯାଇଥାଏ ବୋଲି ସ୍ଥାନୀୟ ଅଞ୍ଚଳରେ ବିଶ୍ୱାସ ରହିଛି। ତେଣୁ ଜିମ୍ବାୱେରେ ନଭେମ୍ବର ମାସରେ ବିବାହ କାର୍ଯ୍ୟ ଅନୁଷ୍ଠିତ ହୋଇନଥାଏ। ଜିମ୍ବାୱେ ଓ ଦକ୍ଷିଣ ଆଫ୍ରିକାରେ ରହୁଥିବା ସୋନା ସମ୍ପ୍ରଦାୟର ଲୋକଙ୍କ ମଧ୍ୟରେ କାହିଁ କେତେକାଳରୁ ଏଭଳି ଏକ ବିଶ୍ୱାସ ପ୍ରଚଳିତ । କିଛି ଲୋକଙ୍କର ମତାନୁସାରେ, ନଭେମ୍ବର ମାସରେ ଏଠାରେ ଅଧିକ ବର୍ଷା ହୋଇଥାଏ , ଯାହାକି ଜୀବଜନ୍ତୁ ଓ ବନସ୍ପତିର ବିକାଶ ଦିଗରେ ସହାୟକ ହୋଇଥାଏ। ତେଣୁ ଏହି ମାସ ଅତ୍ୟନ୍ତ ପବିତ୍ର ମାସ। ଏହି ସମୟରେ ହୋହାଲ୍ଲା କଲା ଭଳି କିଛି ସାମାଜିକ ସମାରୋହର ଆୟୋଜନ କରାଯିବା ଅନୁଚିତ। କିଛି ବ୍ୟକ୍ତି ଏହି ପ୍ରତିବନ୍ଧକକୁ ମାନୁ ନଥିବାବେଳେ ଏଠାକାର ରଢ଼ିବାଦୀ ଲୋକେ ଏହାକୁ 'କଳା ନଭେମ୍ବର'ର ଆଖ୍ୟା ଦେଇ ପରମ୍ପରାକୁ ଜାବୁଡ଼ି ଧରିଛନ୍ତି। ପ୍ରକୃତି ବିରୋଧରେ ଯାଇ ବିବାହ କଲେ ଅନିଷ୍ଟ ଘଟେ ବୋଲି ସେମାନେ ବିଶ୍ୱାସ କରନ୍ତି।



# 'ଭାଇରସ୍' ଚରିତ୍ରକୁ ନକଲ କରୁଛନ୍ତି ଛାତ୍ରୀ




ପ୍ରତିଭାଧାରୀ ବ୍ୟକ୍ତିମାନେ ତାଙ୍କର ଅନନ୍ୟ କଳା ନୈପୁଣ୍ୟରେ ଅନ୍ୟମାନଙ୍କୁ ପ୍ରଭାବିତ କରିଥାନ୍ତି। ଏହାର ଏକ ଜ୍ୱଳନ୍ତ ଉଦାହରଣ ଦେଖିବାକୁ ମିଳିଛି ଛତିଶଗଡ଼ର ରାଜଧାନୀ ରାୟପୁରରେ। କାବ୍ୟା ଚାୱଡ଼ା ନାମକ ଜଣେ ସପ୍ତମ ଶ୍ରେଣୀର ଛାତ୍ରୀ ବଲିଉଡ୍‌ର ବ୍ଲକ୍‌ବଷ୍ଟର୍ ଚଳଚ୍ଚିତ୍ର 'ଥ୍ରି ଇଡିଅଟସ୍'ର 'ଭାଇରସ୍' ଚରିତ୍ରରୁ ପ୍ରେରଣା ପାଇ ଦୁଇ ହାତରେ ଏକା ସାଙ୍ଗରେ ଲେଖିବାର ଏକ ନିଆରା କୌଶଳକୁ ଆପଣାଇ ନେଇଛନ୍ତି। ସେ ଡାହାଣ ହାତରେ ଯେଉଁ ଶବ୍ଦ ଲେଖନ୍ତି ବାମ ହାତରେ ତାକୁ ଓଲଟା କରି ଲେଖିଥାନ୍ତି (ମିରର୍ ଇମେଜ୍ ଭଳି)। କାବ୍ୟା ପ୍ରାୟ ୩-୪ ବର୍ଷ ହେଲା ଏହିଭଳି ଲେଖା ଅଭ୍ୟାସ କରୁଛନ୍ତି। ଏ ସମ୍ପର୍କରେ କାବ୍ୟାଙ୍କ ମା' ନେହା ଚାୱାଡା କହିଛନ୍ତି ଯେ, ପାଠପଢା ସରିବା ପରେ ସେ କାୟାଙ୍କୁ ଆରାମ କରିବାକୁ କହନ୍ତି। କିନ୍ତୁ ସେ ଆରାମ ନ କରି ତାଙ୍କର ଲେଖା ଅଭ୍ୟାସ କଳାରେ ଲାଗିଯାନ୍ତି। ସେ ନିଜେ ଛଅମାସ ପୂର୍ବରୁ ତାଙ୍କ ଝିଅର ଏହି ପ୍ରତିଭା ବିଷୟରେ ଅବଗତ ହୋଇଥିବା କଥା କହିଛନ୍ତି।

## ଆଜିର ଇତିହାସ

- ୧୯୨୯- ବାଲ୍ୟ ବିବାହ ନିରୋଧ ବିଧେୟକ ପାରିତ।
- ୧୯୫୫- ପାକିସ୍ତାନ ବାଗଦାଦ୍ ଚୁକ୍ତିରେ ସ୍ୱାକ୍ଷର କଲା।
- ୧୯୭୯- ସୋମାଲିଆ ସମ୍ବିଧାନକୁ ରାଷ୍ଟ୍ରପତି ମଞ୍ଜୁରୀ ଦେଲେ।
- ୨୦୦୨- ମୋଜିଲା ଫାୟାର ଫକ୍ସ ତା'ର ପ୍ରଥମ ଭର୍ସନ୍ ଲଞ୍ଚ କଲା।
- ୨୦୦୪- ହାଇତିରେ ତୋଫାନ ପରେ ଆସିଥିବା ବନ୍ୟା ଯୋଗୁଁ ପାଖାପାଖି ୧୦୭୦ ଜଣଙ୍କ ମୃତ୍ୟୁ।

# ମଝି ରାସ୍ତାରେ ପାହାଚ

ଆଜିକାଲି ସୋସିଆଲ୍ ମିଡିଆରେ ପ୍ରାଙ୍କ୍ ଭିଡିଓ ଅଧିକ ଟ୍ରେଣ୍ଡରେ ଅଛି। ବିଭିନ୍ନ ପ୍ରକାର ମନୋରଞ୍ଜନ ଭିତ୍ତିକ କୌଶଳରେ ଲୋକମାନଙ୍କୁ ସହଜରେ ବୋକା ବନାଇ ଦିଆଯାଇପାରୁଛି। ଏବେ ସେଭଳି ଏକ ଭିଡିଓ ଭାଇରାଲ୍ ହୋଇଛି, ଯେଉଁଥିରେ ଜଣେ ବ୍ୟକ୍ତି ରାସ୍ତା ଉପରେ ଥ୍ରୀ-ଡି ପେଣ୍ଟିଙ୍ଗ୍ ସାହାଯ୍ୟରେ ପାହାଚ ଭଳି ଏକ ଚିତ୍ରକଳା ତିଆରି କରିଛନ୍ତି। ଏହା ରାସ୍ତା ଉପରେ ପାହାଚ ତିଆରି ହୋଇଥିବା ଭଳି ମନେ ହେଉଛି। ରାସ୍ତାରେ ଯାଉଥିବା ଲୋକ ଦୁର୍ଘଟଣା ଆଶଙ୍କାରେ ଏଠାରେ ଅଟକି ଯାଉଛନ୍ତି। ସେମାନଙ୍କ ମନରେ କ୍ଷଣକ ପାଇଁ ଭୟ ମଧ୍ୟ ଉଦ୍ରେକ ହେଉଛି। ଏହି ଭିଡିଓ ହେପଗୁଲ୍ ୫ ନାମକ ଏକ ଇନଷ୍ଟାଗ୍ରାମ୍ ମାଧ୍ୟମରେ ସେୟାର୍ ହୋଇଛି। ଭିଡିଓରେ ଦେଖିବାକୁ ମିଳିଛି ଯେ, ପ୍ରଥମେ ଜଣେ ବାଇକ୍ ରାଇଡର୍ ରାସ୍ତା ଉପରେ ଥ୍ରୀଡି ଆର୍ଟକୁ ଦେଖିବା ପରେ ଏହାକୁ ପାହାଚ ବୋଲି ଭାବି ରାସ୍ତା କଡ଼ରେ କଡ଼ରେ ବାଇକ୍ ଚଳାଇ ଯାଇଥିଲେ। ଏହାପରେ ସ୍କୁଟି ଚଳାଇ ଆସୁଥିବା ଦୁଇଜଣ ବ୍ୟକ୍ତି ମଧ୍ୟ ଠିକ୍ ଏଭଳି କରିଥିଲେ। ଶେଷରେ କାର୍‌ଟିଏ ଆସି ଏହି ସ୍ଥାନରେ ଅଟକି ଯାଉଛି। ଏହି ଭିଡିଓ ଦେଖିବାକୁ ବେଶ୍ ମଜାଦାର ଲାଗୁଛି ଏବଂ ଏହାକୁ ୧ ଲକ୍ଷରୁ ଉର୍ଦ୍ଧ୍ୱ ଲୋକ ଦେଖି ସାରିଛନ୍ତି।



# ରିଅଲ୍ ଲାଇଫ୍‌ର 'ପିକେ'

ଲୋକକଳା ଭାରତୀୟ ସଂସ୍କୃତିର ଏକ ଅବିଚ୍ଛେଦ୍ୟ ଅଙ୍ଗ। ସମୟକ୍ରମରେ ଏହି ଲୋକକଳା ଲୋପ ପାଇବାରେ ଲାଗିଛି। ଲୋପ ପାଇ ଯାଉଥିବା ଲୋକକଳା ମଧ୍ୟରୁ ଗୋଟିଏ ହେଉଛି ବହୁରୂପିଆ। ଏହା ବିହାରର ମୁଜଫରପୁରରେ ବହୁଳ ଭାବେ ପ୍ରଚଳିତ। ବିଭିନ୍ନ ପର୍ବପର୍ବାଣି ଅନୁଯାୟୀ, ଏହି ବହୁରୁପୀମାନେ ନିଜକୁ ସଜେଇ ଲୋକମାନଙ୍କୁ ଘରଘର ବୁଲି ହସାନ୍ତି ଏବଂ ମନୋରଞ୍ଜନ କରନ୍ତି। ଏହାର ପ୍ରତିବଦଳରେ ତାଙ୍କୁ କିଛି ଟଙ୍କା ମଧ୍ୟ ଦିଆଯାଇଥାଏ। ଲୋପ ପାଇଯାଉଥିବା ଏହି ଲୋକକଳାକୁ ବଞ୍ଚାଇ ରଖିଛନ୍ତି ମୁଜଫରପୁର ଜଣେ ବହୁରୂପୀଆ। ମଧୁବାଣୀ ଅଞ୍ଚଳରେ ଏହି ବହୁରୂପୀଆ ଜଣକ ପି.କେ. ଚଳଚ୍ଚିତ୍ରର ପି.କେ. ଚରିତ୍ରକୁ ଧାରଣ କରିଛନ୍ତି। ମୁଣ୍ଡରେ ହଳଦିଆ ହେଲମେଟ୍, ଗଳାରେ ରେଡ଼ିଓ ଓ ମାଳା ଆଦି ପିନ୍ଧି ମନୋରଞ୍ଜନ କରୁଛନ୍ତି। ଲୋକମାନଙ୍କୁ ସେ ଏହି ଚଳଚ୍ଚିତ୍ରର ଡାଇଲଗ୍ କହି ମଧ୍ୟ ହସାଉଛନ୍ତି। ଏହାପୂର୍ବରୁ ସେ ନାରଦ ମୁନି, ଭଗବାନ ଶିବ ଶଙ୍କର, ବିଭିନ୍ନ ବଲିଉଡ୍ ଅଭିନେତାଙ୍କ ବେଶ ଧାରଣ କରୁଥିଲେ। ଏହି ବହୁରୂପୀଆ ଜଣକ କହିଛନ୍ତି ଯେ, ପୂର୍ବପୁରୁଷଙ୍କ ପରମ୍ପରାକୁ ବଜାୟ ରଖିବା ପାଇଁ ସେ ଏପରି ବହୁରୂପିଆ ବେଶ ଧାରଣ କରୁଛନ୍ତି।



## ଆଜିର ରାଶିଫଳ

**ମେଷ:** କିଛିଟା ଟେନସନ୍ ଭିତରେ ଆଗେଇ ଚାଲିବେ। ଚାକିରିରେ ଚଳଚଞ୍ଚଳ ରହିବେ। ରାଜନୀତିରେ ପ୍ରତିଦ୍ୱନ୍ଦ୍ୱିତା ରହିବ।ବାଣିଜ୍ୟରେ ପ୍ରସାର ହେବ। ଶିକ୍ଷାର୍ଥୀ ଭ୍ରମଣପ୍ରିୟ ହେବେ। **ଶୁଭ ଅଙ୍କ- ୯, ଶୁଭ ରଙ୍ଗ-ମେରୁନ୍**

**ବୃଷ:** ଅନେକ ଚେଷ୍ଟା କରି ସୁଫଳ ପାଇବେ। ଚାକିରିରେ ବ୍ୟସ୍ତତା ଭିତରେ କଟିବ। ରାଜନୀତିରେ ଲୋକସମ୍ପର୍କ ବୃଦ୍ଧି ପାଇବ। ବାଣିଜ୍ୟରେ ସ୍ୱଳ୍ପ ଲାଭ ମିଳିବ। ଶିକ୍ଷାର୍ଥୀ ସଫଳ ହେବ। **ଶୁଭ ଅଙ୍କ-୬, ଶୁଭ ରଙ୍ଗ-ଧଳା**

**ମିଥୁନ:** ଦିନଟି ସୁଖସମୃଦ୍ଧି ପ୍ରାପ୍ତି ହେବ। ଉଭୟ ପ୍ରେମ ଓ ଦାମ୍ପତ୍ୟ ସୁଖମୟ ରହିବ। ପ୍ରଶାସନିକ ସକ୍ରିୟ ରହିବେ। ବାଣିଜ୍ୟରେ ଉତ୍ତମ ଲାଭ ହେବ। ଶିକ୍ଷାର୍ଥୀ କୃତକାର୍ଯ୍ୟ ହେବେ। **ଶୁଭ ଅଙ୍କ-୮, ଶୁଭ ରଙ୍ଗ-ଆକାଶୀ**

**କର୍କଟ:** ଦିନଟିରେ ଆବଶ୍ୟକତା ପୂରଣ ହେବ। କୌଣସି ସାଂସ୍କୃତିକ କାର୍ଯ୍ୟରେ ଯୋଗ ଦେଇପାରନ୍ତି। ଚାକିରିରେ ଧନସମ୍ମାନ ମିଳିବ। ବାଣିଜ୍ୟରେ ଉନ୍ନତି ହେବ।ଶିକ୍ଷାର୍ଥୀ ଅଧ୍ୟୟନପ୍ରିୟ ହେବେ। **ଶୁଭ ଅଙ୍କ-୧, ଶୁଭ ରଙ୍ଗ-ପିଙ୍କ୍**

**ସିଂହ:** ଦିନଟି ଅସ୍ତବ୍ୟସ୍ତ ଭିତରେ କଟିବ। ଚାକିରିରେ ଅବହେଳା ରହିବ। ପ୍ରଶାସନିକ ଅସହଯୋଗ ରହିବ। ପରିବହନ ଓ ବାଣିଜ୍ୟ ମନ୍ଥର ରହିବ। ଶିକ୍ଷାର୍ଥୀ ଆଳସ୍ୟ ରହିବେ। **ଶୁଭ ଅଙ୍କ-୫, ଶୁଭ ରଙ୍ଗ-ସବୁଜ**

**କନ୍ୟା:** କେତେକ ସମସ୍ୟାକୁ ନେଇ ବିଚଳିତ ରହିବେ। ଚାକିରିରେ ସ୍ଥାନାନ୍ତର ହୋଇପାରେ। ରାଜନୀତିରେ ଜଟିଳସ୍ଥିତି ରହିବ। ବାଣିଜ୍ୟରେ ହାନି ହୋଇପାରେ। ଶିକ୍ଷାର୍ଥୀ ଭ୍ରମରେ ପଡିବେ। **ଶୁଭ ଅଙ୍କ-୬, ଶୁଭ ରଙ୍ଗ-ସିଲଭର୍**

**ତୁଳା:** ବନ୍ଧୁ ସହଯୋଗ ପାଇ ଆଗେଇବେ। ମହିଳାମାନେ ସୁଖୀ ରହିବେ। ରାଜନୀତିରେ ସୁନାମ ପାଇବେ। ବାଣିଜ୍ୟ ଉତ୍ସାହଜନକ ରହିବ। ଶିକ୍ଷାର୍ଥୀ ସଫଳ ହେବେ। **ଶୁଭ ଅଙ୍କ-୪, ଶୁଭ ରଙ୍ଗ-ମେଟାଲିକ୍**

**ବିଛା:** ଦିନଟି କର୍ମତତ୍ପର ରହିବେ। ଚାକିରିରେ ନିଷ୍ଠାପର ରହିବେ। ମହିଳାମାନେ ପରିଶ୍ରମୀ ହେବେ। ପରିବହନ ଓ ବାଣିଜ୍ୟରେ ଲାଭାନ୍ୱିତ ହେବେ।ଶିକ୍ଷାର୍ଥୀ କୃତକାର୍ଯ୍ୟ ହେବେ। **ଶୁଭ ଅଙ୍କ-୭, ଶୁଭ ରଙ୍ଗ-କଫି**

**ଧନୁ:** କୌଣସି ବିଷୟକୁ ନେଇ ଚିନ୍ତାରେ ରହିବେ। ସନ୍ତାନସନ୍ତତିମାନେ ଅବାଧ୍ୟ ହୋଇପାରନ୍ତି। ଚାକିରିରେ ଚାପ ରହିବ। ବାଣିଜ୍ୟରେ ମନ୍ଥର ରହିବ। ଶିକ୍ଷାର୍ଥୀ ଅନ୍ୟମନସ୍କ ରହିବେ। **ଶୁଭ ଅଙ୍କ-୮, ଶୁଭ ରଙ୍ଗ-ବାଇଗଣୀ**

**ମକର:** ପରିଶ୍ରମର ଫଳ ପାଇବେ। ମହିଳାମାନେ ଚଳଚଞ୍ଚଳ ରହିବେ। ରାଜନୀତିରେ ଲୋକସମ୍ପର୍କ ବୃଦ୍ଧି ପାଇବ। ବାଣିଜ୍ୟରେ ପ୍ରସାର ହେବ। ଶିକ୍ଷାର୍ଥୀ ଚଞ୍ଚଳ ରହିବେ। **ଶୁଭ ଅଙ୍କ-୩, ଶୁଭ ରଙ୍ଗ-ହଳଦିଆ**

**କୁମ୍ଭ:** ପ୍ରତିଟି କାର୍ଯ୍ୟରେ ସଫଳତା ପାଇବେ। ମହିଳାମାନେ ଆଦର ସମ୍ମାନ ପାଇବେ। ଚାକିରିରେ ନିଷ୍ଠା ରହିବ। ବାଣିଜ୍ୟରେ ଉତ୍ତମ ହେବ। ଶିକ୍ଷାର୍ଥୀ ପରିଶ୍ରମୀ ହେବେ। **ଶୁଭ ଅଙ୍କ-୪, ଶୁଭ ରଙ୍ଗ-ମେଟାଲିକ୍**

**ମୀନ:** ଆର୍ଥିକ କଥାକୁ କେନ୍ଦ୍ର କରି ଅଶାନ୍ତି ଉପୁଜିପାରେ। ଚାକିରିରେ କାର୍ଯ୍ୟ ବହୁଳ ରହିବ। ରାଜନୀତିରେ ବିରୋଧୀ ବୃଦ୍ଧି ପାଇବେ। ବାଣିଜ୍ୟ ମାନ୍ଦା ରହିବ। ଶିକ୍ଷାର୍ଥୀ ଆଳସ୍ୟ ହେବେ। **ଶୁଭ ଅଙ୍କ-୩, ଶୁଭ ରଙ୍ଗ-କ୍ରିମ୍**

ପଣ୍ଡିତ ଅଭିମନ୍ୟୁ ଦୀକ୍ଷିତ, ବାଲେଶ୍ୱର, ମୋ -୯୭୭୭୬୬୨୨୦

■ ଚାନ୍ଦିପୁର ପ୍ରତିରକ୍ଷା ଘାଟି ଗୁପ୍ତଚରୀ

# ଚାଳକବିହୀନ ବିମାନ ଡାଟା ଚୋରି ସନ୍ଦେହ

ଭୁବନେଶ୍ୱର/କଟକ,୨୨।୯ (ସମିସ): ଚାନ୍ଦିପୁର ପ୍ରତିରକ୍ଷା ଘାଟିରେ ଗୁପ୍ତଚରୀ ଘଟଣାରେ ପଦାକୁ ଆସିଛି ଆଉ କିଛି ସଂଘାତିକ ତଥ୍ୟ। ପାଇଲଟ ବିହୀନ ଏୟାରକ୍ରାଫ୍ଟ ପରୀକ୍ଷଣ ସଂକ୍ରାନ୍ତ ତଥ୍ୟ ଶତ୍ରୁ ରାଷ୍ଟ୍ରକୁ ଲିକ୍ ହୋଇଥିବା ସନ୍ଦେହରେ ତନାଘନା କରୁଛି ଏୟାରଫୋର୍ସର ଏକ ସ୍ୱତନ୍ତ୍ର ଟିମ୍। ୫ ଅଭିଯୁକ୍ତଙ୍କୁ ଏୟାରଫୋର୍ସର ଦୁଇ ଜଣିଆ ତଦନ୍ତକାରୀ ଟିମ୍ ଜେରା କରୁଛନ୍ତି। ଅଭିଯୁକ୍ତଙ୍କୁ ଗୁଡେଇ ତୁଡେଇ ପଚରାଉଚରା କରାଯାଉଛି। କାରଣ ପାଇଲଟ୍ ବିହୀନ ଏୟାରକ୍ରାଫ୍ଟ ପରୀକ୍ଷଣ ନିମନ୍ତେ ଚାନ୍ଦିପୁର ପ୍ରତିରକ୍ଷା ଘାଟିରେ କାର୍ଯ୍ୟକ୍ରମ ଚାଲୁଥିଲା। ଯଦି ଏଭଳି ସୁରାକ୍ ଶତ୍ରୁ ରାଷ୍ଟ୍ରର ଗୁଇନ୍ଦା ହାତରେ ପଡ଼ିଲେ, ଭାରତୀୟ ବାୟୁସେନା ଏୟାରକ୍ରାଫ୍ଟର ସୂଚନା ପ୍ରଘଟ ହେବାର ଆଶଙ୍କା ରହିଛି। ତେଣୁ ବାୟୁସେନାର ତଦନ୍ତକାରୀ ଟିମ୍ ଅଧିକ ଖୋଳତାଡ କରୁଛି।

ସେହିପରି ଅଭିଯୁକ୍ତଙ୍କ 'ହନିଟ୍ରାପ' ଗୁମର ଧିରେ ଧିରେ ଫିଟୁଛି। ୨୦୨୦ ଫେବୃଆରୀ ମାସରୁ ଜଣେ ଅଭିଯୁକ୍ତ ସୁନ୍ଦରୀ ଯୁବତୀଙ୍କ ଯୋଗସୂତ୍ରରେ ଆସିଥିଲେ। ଏହାପରେ ଫେସ୍‌ବୁକ୍ ଓ ହ୍ୱାଟ୍ସଆପରେ ଆଉ ୪ ଅଭିଯୁକ୍ତ ଯୁବତୀଙ୍କ ଜାଲରେ ପଡ଼ିଥିଲେ। ଏଭଳି ଭାବେ ପ୍ରାୟ ଦେଢ଼ବର୍ଷ ହେବ ସୁନ୍ଦରୀ ଯୁବତୀଙ୍କ ସହ ୫ ଅଭିଯୁକ୍ତ ସମ୍ପର୍କରେ ରହିଥିଲେ। ସେମାନଙ୍କ ବିଭିନ୍ନ ପରିଚୟ ଦେଇ ଯୋଗାଯୋଗରେ ରହୁଥିଲେ ସୁନ୍ଦରୀ ଯୁବତୀ। କେତେବେଳେ ସୁନ୍ଦରୀ ତରୁଣୀ ଜଣକ ନିଜକୁ ରାଜସ୍ଥାନର ପ୍ରେସ ଟ୍ରଷ୍ଟ ବ୍ୟୁରୋରେ କର୍ମଚାରୀ ତ ଆଉ କାହାକୁ ପୋର୍ଟବ୍ଲେୟାରରେ ନର୍ସ ଭାବରେ କାର୍ଯ୍ୟ କରୁଥିବା କହୁଥିଲେ। ଅନ୍ୟମାନଙ୍କୁ ସେ ମେସେଜ ଓ ମେସେଞ୍ଜର ଜରିଆରେ କରି କଥା ହେଉଥିଲେ। ଏମିତିକି ଯୁବତୀ ଜଣକ ହିନ୍ଦୀ ଓ ଇଂରାଜୀ ଭାଷାରେ ଅଭିଯୁକ୍ତଙ୍କ ସହ କଥା ହେଉଥିଲେ ବୋଲି କ୍ରାଇମ୍‌ବ୍ରାଞ୍ଚର ଜଣେ ବରିଷ୍ଠ ଅଧିକାରୀ ସୂଚନା ଦେଇଛନ୍ତି।

ଅନ୍ୟପଟେ ଯୁବତୀ ଜଣକ ଅଭିଯୁକ୍ତଙ୍କୁ ବିବାହ କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। କି ତଥ୍ୟ ଦେଇଛନ୍ତି। ସେସବୁକୁ ଜାଣିବା ଲାଗି ଫେସ୍‌ବୁକ୍ ଓ ହ୍ୱାଟ୍ସଆପ୍‌କୁ ଚିଠି ଲେଖିବ କ୍ରାଇମ୍‌ବ୍ରାଞ୍ଚ୍।

ଅନ୍ୟପକ୍ଷରେ ଦୁବାଇରୁ ଜଣେ ଅଭିଯୁକ୍ତର ଜମାଖାତାକୁ ୨ଟି କିସ୍ତିରେ ଦୁବାଇରୁ ୩୮ ହଜାର ଟଙ୍କା ଆସୁଛି। ତେଣୁ ଉକ୍ତ ଟଙ୍କା କିଏ ପଠାଇଛି ଖୋଳତାଡ କରୁଛି

**● ମାୟାବିନୀ ସୁନ୍ଦରୀଙ୍କ ସମ୍ପର୍କରେ ଥିଲେ ସମସ୍ତ ଅଭିଯୁକ୍ତ**

**● ବିବାହର ପ୍ରଲୋଭନ ଦେଇ ଅଭିଯୁକ୍ତଙ୍କୁ ଫସାଇଥିଲେ**

ଯଥାକ୍ରମେ ବିଟ୍ରେନ ଲିଭରପୁଲରେ ମିଜାଇଲର ରିସର୍ଚ୍ଚ କରୁଥିବା, ଚଣ୍ଡିଗଡ଼ର ସେନାର ଲୋୟର ଡିଭିଜନ କ୍ଲର୍କ କାମ କରୁଥିବା କହି ବାର୍ତ୍ତାଳାପ କରୁଥିଲେ। ସବୁଠାରୁ ବଡ଼ କଥା ହେଲା ଯୁବତୀ ଜଣକ ୫ଜଣଙ୍କ ସହ ସମ୍ପର୍କ ରଖୁଥିଲେ ମଧ୍ୟ ପରସ୍ପର ଜାଣିପାରୁନଥିଲେ। ଏଭଳିଭାବେ ଯୁବତୀ ମାୟାଜାଲ ବିଛାଇ ଅଭିଯୁକ୍ତଙ୍କ ଠାରୁ ଗୋପନୀୟ ତଥ୍ୟ ନେଉଥିଲେ। ସେପଟେ ନିୟମିତ ସୁନ୍ଦରୀ ଯୁବତୀ ଅଭିଯୁକ୍ତଙ୍କ ସହ ସମ୍ପର୍କରେ ରଖିବା ସହ ବାରମ୍ବାର କଥା ହେଉଥିଲେ। ଦିନରେ ଜଣେ ଅଭିଯୁକ୍ତଙ୍କୁ ୧୦ରୁ ଊର୍ଦ୍ଧ୍ୱ ଥର ଫେସ୍‌ବୁକ୍ କଲ, ଭିଡ଼ିଓ କଲ୍, ଏପରିକି ଅଭିଯୁକ୍ତଙ୍କ ସହ ଯୁବତୀ ଅଶ୍ଳୀଳ ଭିଡ଼ିଓ ଚାଟିଂ କରୁଥିଲେ। ଟଙ୍କା ଲୋଭ, ବିବାହ ପ୍ରଲୋଭନ ଓ ଲଙ୍ଗଳା ଦେହ ଦେଖାଇ ଏହି କର୍ମଚାରୀମାନଙ୍କୁ ଚକ୍ରବ୍ୟୂହରେ ଫସାଇଥିଲେ ମାୟାବିନୀ ଯୁବତୀ। ଯୁବତୀଜଣକ ଇଂଲଣ୍ଡର ଫୋନ୍ ନମ୍ବର ବ୍ୟବହାର କରୁଥିଲେ। ତେଣୁ ୟୁକେ ସରକାରଙ୍କୁ ହ୍ୱାଟ୍ସଆପ୍ ନମ୍ବରର ଡିଟେଲ୍ସ ମଗାଯିବ ବୋଲି ଅଧିକାରୀ ଜଣକ କହିଛନ୍ତି। ସେହିପରି କେଉଁଠାରୁ ଆଇପି ଆଡ୍ରେସ୍ ବ୍ୟବହାର ହେଉଥିଲା ସେନେଇ ଖୋଳତାଡ କରାଯାଉଛି। ଏଥିସହି ଫେସ୍‌ବୁକ୍ ଓ ହ୍ୱାଟ୍ସଆପ୍‌ରେ ଅଭିଯୁକ୍ତମାନେ କ୍ରାଇମ୍‌ବ୍ରାଞ୍ଚ। ଏଥିସହ ଜଣେ ଯୁବତୀ ଏହାକୁ ଅପରେଟ୍ କରୁଥିଲେ ନା ଏଥିରେ ଆଉ କିଛି ଯୁବତୀଙ୍କ ସମ୍ପୃକ୍ତି ରହିଛି, ଏସବୁକୁ କ୍ରାଇମ୍‌ବ୍ରାଞ୍ଚ ଟିମ୍ ତନାଘନା କରୁଛି। ସେଭଳି ରିମାଣ୍ଡର ୪ର୍ଥ ଦିନରେ ଅଭିଯୁକ୍ତଙ୍କ ଠାରୁ ଏସବୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ କ୍ରାଇମ୍‌ବ୍ରାଞ୍ଚ ହାତେଇଛି। ୭ଦିନିଆ ରିମାଣ୍ଡରେ ଆଉ ୩ଦିନ ବାକି ଥିବାରୁ ଅଭିଯୁକ୍ତଙ୍କ ଠାରୁ ଆଉ କିଛି ରୋଚକତଥ୍ୟ କ୍ରାଇମ୍‌ବ୍ରାଞ୍ଚ ହାସଲ କରିବ ବୋଲି ଆଶା ରଖିଛି। ଆବଶ୍ୟକ ପଡ଼ିଲେ ପୁଣି ଥରେ ଅଭିଯୁକ୍ତଙ୍କୁ ରିମାଣ୍ଡରେ ଅଣାଯିବ ବୋଲି କ୍ରାଇମ୍‌ବ୍ରାଞ୍ଚର ଅଧିକାରୀ ଜଣକ ସୂଚନା ଦେଇଛନ୍ତି।

# ଧୋକାଦେଲା ଛତିଶଗଡ଼; ସମ୍ଭାଳିନେଲା ଓଡ଼ିଶା

ସମ୍ବଲପୁର,୨୨।୯ (ସମିସ) : ଏଥର ବେଶ୍ ସତର୍କତାର ସହ ମହାନଦୀ ବନ୍ୟାକୁ ରାଜ୍ୟ ସରକାର ପରିଚାଳନା କରିଛନ୍ତି। ଛତିଶଗଡ଼ ସରକାର ରୁଲ୍ କର୍ଭକୁ ବେଖାତିର କରି ହଠାତ ପାଣି ଛାଡ଼ିଦେଇଥିବାରୁ ଓଡ଼ିଶା ପାଇଁ ସଂକଟଜନକ ପରିସ୍ଥିତି ସୃଷ୍ଟି ହୋଇଥିଲା। କିନ୍ତୁ ରାଜ୍ୟ ସରକାରଙ୍କ ଆଗୁଆ ପ୍ରସ୍ତୁତି ଓ ହୀରାକୁଦ ବନ୍ଧ କର୍ତ୍ତୃପକ୍ଷଙ୍କ ଠିକ୍ ସମୟରେ ପଦକ୍ଷେପ ଯୋଗୁ ମହାନଦୀରେ ବଡ଼ ବନ୍ୟା ଆଶଙ୍କାକୁ ଟାଳିଦିଆଯାଇପାରିଛି।

ଗତ କିଛି ଦିନ ପୂର୍ବରୁ ଓଡ଼ିଶାରେ ଲଘୁଚାପ ଜନିତ ଲଗାଣ ବର୍ଷା ହୋଇଥିଲା। ଏପରିକି ଡ୍ୟାମର ଉପରମୁଣ୍ଡ ଅର୍ଥାତ୍ ଛତିଶଗଡ଼ରେ ମଧ୍ୟ ଲଘୁଚାପ ପ୍ରଭାବରେ ବର୍ଷା ଲାଗି ରହିଥିଲା। ତେବେ ବିନା ଆଗୁଆ ସୂଚନାରେ ଛତିଶଗଡ଼ ତିଆରି କରିଥିବା ବ୍ୟାରେଜର ଗେଟ୍ ଖୋଲି ଥିଲା। ଏହା ଫଳରେ ଏକ ସଙ୍ଗରେ ବନ୍ୟା ପାଣି ହୀରାକୁଦ ଡ୍ୟାମ ମଧ୍ୟକୁ ପ୍ରବେଶ କରିଥିଲା। ଲକ୍ଷାଧିକ କ୍ୟୁସେକ ଜଳ ଜଳଭଣ୍ଡାରକୁ ପ୍ରବେଶ କରୁଥିବା ବେଳେ ହୀରାକୁଦ ବନ୍ଧ କର୍ତ୍ତୃପକ୍ଷ ବିଚଳିତ ନ ହୋଇ ସୁପରିଚାଳନା କରିଥିଲେ। ଫଳରେ ଏକ ବଡ ଧରଣର ବନ୍ୟା ଟଳିଥିଲା। ପୂର୍ବରୁ ଏସଆରସି ଏକ ମଧ୍ୟମ ଧରଣର ବନ୍ୟା ହେବ ବୋଲି ସୂଚନା ଦେଇଥିଲେ।

ଚଳିତ ବର୍ଷ ଭଲ ବର୍ଷା ହେବ ବୋଲି ଆଇଏମଡି ପକ୍ଷରୁ ପୂର୍ବାନୁମାନ କରାଯାଇଥିଲା; ମାତ୍ର ଅଗଷ୍ଟ ଶେଷ ସୁଦ୍ଧା ଭଲ ବର୍ଷା ହେଲା ନାହିଁ। ରୁଲ କର୍ଭ ଅନୁଯାୟୀ ହୀରାକୁଦ ଜଳସ୍ତର ତଳେ ରହିଥିଲା। ତେବେ ସେପ୍ଟେମ୍ବର ମଧ୍ୟ ଭାଗରେ ଭଲ ବର୍ଷା ହେବାରୁ ଜଳସ୍ତର ବୃଦ୍ଧି ପାଇଥିଲା। ଅଗଷ୍ଟ ମାସରେ ୭୦ ପ୍ରତିଶତ ବର୍ଷା ହୋଇଥିଲେ ସୁଦ୍ଧା ଉପରମୁଣ୍ଡରୁ ମାତ୍ର ୩୧ ପ୍ରତିଶତ ପାଣି ଜଳଭଣ୍ଡାରରେ ପ୍ରବେଶ କରିଥିଲା। ଶେଷ ସମୟରେ ଜଳଭଣ୍ଡାରକୁ ଉପରମୁଣ୍ଡରୁ ୨ ଲକ୍ଷରୁ ଊର୍ଦ୍ଧ୍ୱ କ୍ୟୁସେକ ଜଳ ପ୍ରବେଶ କରିଥିଲା। ଗତ ୧୯ ତାରିଖ ମଧ୍ୟାହ୍ନ ୧୨ଟାରେ ସର୍ବାଧିକ ୩ ଲକ୍ଷ ୧୯ ହଜାର ୧୩୯ ଘନଫୁଟ ଜଳ ପ୍ରବେଶ କରିଥିଲା। ରୁଲ କର୍ଭ ଅନୁଯାୟୀ ଗେଟ୍ ଖୋଲା ଯାଇଥିଲା। ଚଳିତ ବର୍ଷ ୟୁନିକ ହାଇଡ୍ରୋ ମେଟ୍ରୋଲିଜିକାଲ ଇୟର ଭାବେ ବିବେଚନା କରାଯାଇଛି। ହୀରାକୁଦ ନଦୀବନ୍ଧର ଜଳକୁ ନିୟନ୍ତ୍ରଣ

**● ରୁଲ୍ କର୍ଭକୁ ବେଖାତିର**

**● ଏକାଥରକେ ଖୋଲିଦେଲା ଗେଟ୍**



କରାଯାଇ ପାରୁଛି। ତେଲ ନଦୀର ଜଳକୁ ନିୟନ୍ତ୍ରଣ ପାଇଁ ସେଭଳି ବ୍ୟବସ୍ଥା ରହିନାହିଁ। ତେଲ ନଦୀ ଅବବାହିକାରେ ବର୍ଷା ହେଲେ ଜଳସ୍ତର ବୃଦ୍ଧି ପାଇଥାଏ। ଏଭଳି ସ୍ଥଳେ ତେଲ ନଦୀରେ ଭଲ ବର୍ଷା ହୋଇଥିଲା। ସେହି ବର୍ଷା ଜଳ ନିଷ୍କାସନ ପରେ ହୀରାକୁଦ ବନ୍ଧ କର୍ତ୍ତୃପକ୍ଷ ତଳ ମୁଣ୍ଡରେ ବନ୍ୟା ପରିସ୍ଥିତିକୁ ଦୃଷ୍ଟିରେ ରଖି ଜଳ ନିଷ୍କାସନ କରିଥିଲେ ବୋଲି ମହାନଦୀ ଅବବାହିକା ମୁଖ୍ୟ ଯନ୍ତ୍ରୀ ଇଂ. ଆନନ୍ଦ ଚନ୍ଦ୍ର ସାହୁ ସୂଚନା ଦେଇଛନ୍ତି।

**ପଞ୍ଚାୟତ ନିର୍ବାଚନ**

# ବୁଥ୍‌ରେ ନୁହେଁ; ବ୍ଲକରେ ଗଣତି

ଭୁବନେଶ୍ୱର,୨୨।୯ (ସମିସ): ପଞ୍ଚାୟତ ନିର୍ବାଚନ ଠିକ୍ ସମୟରେ କରିବା ଲାଗି ରାଜ୍ୟ ସରକାର ପାଗ ଭିଡିଛନ୍ତି। ଏଥିପାଇଁ ଗୋଟିଏ ପରେ ଗୋଟିଏ ପଦକ୍ଷେପ ପଞ୍ଚାୟତିରାଜ ବିଭାଗ ନେଇଚାଲିଛି। କେତେ ଶୀଘ୍ର ରାଜ୍ୟ ନିର୍ବାଚନ କମିସନଙ୍କୁ ନିର୍ବାଚନ ପାଇଁ ସରକାର ସଙ୍କେତ ଦେବେ ସେଥିଲାଗି ବିଭାଗରେ ଏବେ ଜୋରଦାର କସରତ ଚାଲିଛି। ଏହି କ୍ରମରେ ଆଜି ବିଭାଗ ଆଉ ପାଦେ ଆଗେଇଛି।

ଭୋଟ ଗଣତି ଏଣିକି ବୁଥ୍‌ରେ ନୁହେଁ ବରଂ ବ୍ଲକ କାର୍ଯ୍ୟାଳୟରେ କରାଯିବ। ଏ ସଂକ୍ରାନ୍ତରେ ଆଇନରେ ସଂଶୋଧନ ପରେ ପଞ୍ଚାୟତିରାଜ ବିଭାଗ ପକ୍ଷରୁ ଗେଜେଟ୍ ବିଜ୍ଞପ୍ତି ପ୍ରକାଶ ପାଇଛି। ଏଥିରେ କୁହାଯାଇଛି ଯେ ନିର୍ବାଚନ ପାଇଁ ମତଦାନ ପ୍ରକ୍ରିୟା ପରେ ଭୋଟ ବାକ୍ସକୁ ପ୍ରାର୍ଥୀ କିମ୍ବା ତାଙ୍କ ଏଜେଣ୍ଟଙ୍କ ଉପସ୍ଥିତିରେ ତୁରନ୍ତ ସିଲ୍ କରାଯିବ



ଓ ଏହାକୁ ଅଧିକାରୀମାନେ ନିର୍ବାଚନ ଅଧିକାରୀଙ୍କୁ ପ୍ରଦାନ କରିବେ। ନିର୍ଦ୍ଧାରିତ ଭୋଟ ଗଣତି ଦିନ ଏହା ଖୋଲାଯିବ। ସେହିଦିନ ଭୋଟଗଣତି କେନ୍ଦ୍ରରେ ସିଲ୍ ଖୋଲାଯିବା ପୂର୍ବରୁ କେତେ ବ୍ୟକ୍ତି ଭୋଟ ଦେଇଛନ୍ତି ଓ ବାକ୍ସରେ କେତେ ବାଲଟ୍ ଅଛି, ତାହାର ମେଳ ହେବ। ଏହା ପରେ ପ୍ରାର୍ଥୀ କିମ୍ବା ତାଙ୍କ ଏଜେଣ୍ଟଙ୍କ ଉପସ୍ଥିତିରେ ଗଣତି ଆରମ୍ଭ ହେବ। ଯଦି ଗଣତି ବେଳେ କୌଣସି ବିବାଦ ନ ଥାଏ,

**ସଂଶୋଧନ ପରେ ପ୍ରକାଶ ପାଇଲା ଗେଜେଟ୍ ବିଜ୍ଞପ୍ତି**

ତେବେ ସର୍ବାଧିକ ଭୋଟ ପାଇଥିବା ୱାର୍ଡମେମ୍ବର, ସରପଞ୍ଚ,ସମିତି ସଭ୍ୟ ଓ ଜିଲ୍ଲା ପରିଷଦ ସଭ୍ୟଙ୍କ ନାମ ଘୋଷଣା କରିଦିଆଯିବ।

ଅନ୍ୟପଟରେ ରାଜ୍ୟ ସରକାରଙ୍କର ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି ଯେ ପଞ୍ଚାୟତ ନିର୍ବାଚନ ସଂରକ୍ଷଣ ସଂକ୍ରାନ୍ତ ବିଲ୍ ବିଧାନସଭାରେ ଅନୁମୋଦନ ପରେ ଏହା ରାଜ୍ୟପାଳଙ୍କ ଅନୁମୋଦନ ଲାଭ କରିଛି। ଗେଜେଟ୍ ବିଜ୍ଞପ୍ତି ଏଯାଏ ପ୍ରକାଶ ପାଇନାହିଁ। ଖୁବ୍ ଶୀଘ୍ର ଏ ସଂକ୍ରାନ୍ତ ପ୍ରକ୍ରିୟା ଶେଷ ହେବ। ଏହା ପରେ ନିର୍ବାଚନ ପାଇଁ ଆସନ ସଂରକ୍ଷଣ ପ୍ରକ୍ରିୟା ତତ୍କାଳ ପଞ୍ଚାୟତିରାଜ ବିଭାଗ ପଦକ୍ଷେପ ନେବେ। ସରକାର ଜିଲ୍ଲା ପରିଷଦ ଆସନ ସଂରକ୍ଷଣ କରିବେ ଓ ଅନ୍ୟ ସବୁ ପଦବି ଲାଗି ଜିଲ୍ଲାସ୍ତରରେ ସଂରକ୍ଷଣ ପାଇଁ ଜିଲ୍ଲାପାଳ ପଦକ୍ଷେପ ନେବ। ଏସବୁ ସରିବା ପରେ ନିର୍ବାଚନ ଲାଗି ରାଜ୍ୟ ନିର୍ବାଚନ କମିସନଙ୍କୁ ସରକାର ଜଣାଇଦେବେ।

# ଆଇଏଏସ୍ ଚାକିରି ଛାଡୁଛନ୍ତି ମନୀଷ

ଭୁବନେଶ୍ୱର,୨୨।୯ (ସମିସ): ୨୦୦୦ବ୍ୟାଚ୍ ଓଡ଼ିଶା କ୍ୟାଡର ଆଇଏଏସ୍ ମନୀଷ କୁମାର ବର୍ମା ସରକାରୀ ଚାକିରିକୁ ବାଏ ବାଏ କରିବାକୁ ଯାଉଛନ୍ତି। ସେ ସ୍ୱେଚ୍ଛାକୃତ ଅବସର ନେବା ପାଇଁ ତିନିମାସିଆ ନୋଟିସ ରାଜ୍ୟ ସରକାରଙ୍କୁ ପ୍ରଦାନ କରିଥିବା ଅତି ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି। ରାଜ୍ୟ ସରକାର ଏହି ସମୟ ସୀମା ମଧ୍ୟରେ ଶ୍ରୀ ବର୍ମାଙ୍କ ଆବେଦନ ଉପରେ ବିଚାର କରି ଆବଶ୍ୟକ ପଦକ୍ଷେପ ନେବେ। ସରକାରଙ୍କ ଅନୁମତି ପରେ ତାଙ୍କୁ ସରକାରୀ ଚାକିରିରୁ ଅବ୍ୟାହତି ମିଳିବ।



ମାଲକାନଗିରି, ବାଲେଶ୍ୱର ଆଦି ଜିଲ୍ଲାରେ ଜିଲ୍ଲାପାଳ ଥିବା ଶ୍ରୀ ବର୍ମା ପରବର୍ତ୍ତୀ ସମୟରେ ଆନ୍ତଃ ରାଜ୍ୟ ଡେପୁଟେସନରେ ନିଜ ରାଜ୍ୟ ବିହାରକୁ ଯାଇଥଲେ। ସେଠାରେ ସେ ବିହାର ମୁଖ୍ୟମନ୍ତ୍ରୀ ନୀତିଶ କୁମାରଙ୍କ ଆସ୍ଥାଭାଜନ ହେବା ସହିତ ଢେର୍ ସମୟ ଧରି ତାଙ୍କର ବ୍ୟକ୍ତିଗତ ସଚିବ ଭାବେ ଦାୟିତ୍ୱ ନିର୍ବାହ କରିଥିଲେ। ନୀତିଶଙ୍କ ସହିତ ତାଙ୍କର ଘନିଷ୍ଠତା ନେଇ ଅନେକ ଖବର ପୂର୍ବରୁ ଆସିଛି। ଏପରିକି ଶ୍ରୀ ବର୍ମାଙ୍କର ଡେପୁଟେସନ ମିଆଦ ପୂରିଯାଇଥିଲେ ବି କେନ୍ଦ୍ର ସରକାର ନିୟମ କୋହଳ କରି ତାଙ୍କୁ ବିହାରରେ କାମ କରିବା ଲାଗି ସୁଯୋଗ ଦେଇଥିଲେ।

ଇତିମଧ୍ୟରେ ଶ୍ରୀ ବର୍ମା ଓଡ଼ିଶାକୁ ଫେରି କାର୍ଯ୍ୟରେ ଯୋଗ ଦେଇଥିଲେ ହେଁ କୌଣସି ଗୁରୁ ଦାୟିତ୍ୱ ହାତେଇବା ପୂର୍ବରୁ ଗତ ମେ' ୨୧ ତାରିଖରୁ ଛୁଟିରେ ଚାଲିଯାଇଥିଲେ। ମିଳିଥିବା ଖବର ଅନୁସାରେ, ଶ୍ରୀ ବର୍ମା ଓଡ଼ିଶା ଆସିଛନ୍ତି। ହେଲେ ଏଥର ପୂରା ଛୁଟିରେ ଯିବା ପାଇଁ। ଅର୍ଥାତ୍ ସେ ଆଇଏଏସ୍ ଚାକିରି ଛାଡି ଚାଲିଯାଉଥିବା ସୂଚନା ମିଳିଛି। ଇତିମଧ୍ୟରେ ରାଜ୍ୟ ସରକାରଙ୍କ ବରିଷ୍ଠ ଅଧିକାରୀଙ୍କୁ ସେ ଭେଟି ସାରିଲେଣି ଓ ସେ ସ୍ୱେଚ୍ଛାକୃତ ଅବସର ପାଇଁ ଆବେଦନ କରିଛନ୍ତି। ସେ ବିହାରରେ ସକ୍ରିୟ ରାଜନୀତିରେ ଯୋଗ ଦେଇପାରନ୍ତି ବୋଲି ଚର୍ଚ୍ଚା ହେଉଛି। ପୂର୍ବରୁ ଓଡ଼ିଶା କ୍ୟାଡରରୁ ଅତିରିକ୍ତ ମୁଖ୍ୟସଚିବ ପାହ୍ୟାର ଅଫିସର ଡ. ୟୁ ଶରତଚନ୍ଦ୍ରନ୍, ଗଗନ ଧଳ ଏବଂ ଅଶ୍ୱିନୀ ବୈଷ୍ଣବ, ଅପରାଜିତା ଷଡଙ୍ଗୀ, ଡିଏନ୍ ଗୁପ୍ତା ଚାକିରି ଥାଇ ଅବ୍ୟାହତି ନେଇଥିଲେ। ସେମାନଙ୍କ ପୂର୍ବରୁ ଜେ ପି ଦାଶ ମଧ୍ୟ ଆଇଏଏସ ଚାକିରି ମୋହ ତୁଟାଇ ଛାଡି ଚାଲିଯାଇଥିଲେ। ଏମାନଙ୍କ ମଧ୍ୟରୁ ଶ୍ରୀ ବୈଷ୍ଣବ ନିକଟରେ ଓଡ଼ିଶାରୁ ରାଜ୍ୟସଭାକୁ ଓ ଅପରାଜିତା ଭୁବନେଶ୍ୱର ସାଂସଦ ଭାବେ ଲୋକସଭାକୁ ନିର୍ବାଚିତ ହୋଇଛନ୍ତି।

# ଆଦିବାସୀ ଅଞ୍ଚଳର ଲୋକଙ୍କୁ ମିଳିବ ଶୀତଳ ଗୃହ

**● ମିଳିବ ୮.୨୫ ଲକ୍ଷ ଓ ୧୦.୫୦ ଲକ୍ଷ ଟଙ୍କାର ସବ୍‌ସିଡି**

**● କୃଷି ଓ ଜଙ୍ଗଲ ଉତ୍ପାଦ ସଂରକ୍ଷଣ ହେବ ସହଜ**

ଭୁବନେଶ୍ୱର,୨୨।୯ (ସମିସ): ଆଦିବାସୀ ଅଞ୍ଚଳର ବାସିନ୍ଦା ନିଜ କୃଷି ଏବଂ ଅନ୍ୟ ଉତ୍ପାଦ ସଂରକ୍ଷିତ ରଖିବା ପାଇଁ ସମର୍ଥ ହେବେ। ସେମାନଙ୍କୁ ସୌର ଏବଂ ବିଦ୍ୟୁତ ଚାଳିତ ଶୀତଳ ଗୃହ ସ୍ଥାପନ କରିବା ପାଇଁ ପ୍ରୋତ୍ସାହନ ଦିଆଯିବ। ଓଡ଼ିଶା ଅନୁସୂଚିତ ଜନଜାତି ସଶକ୍ତିକରଣ ଓ ଜୀବିକା ନିର୍ବାହ କାର୍ଯ୍ୟକ୍ରମ ପ୍ଲସ୍ (ଓଟିଇଏଲ୍‌ପି) ଅଧୀନରେ ଥିବା ୭ଟି ଆଦିବାସୀ ବହୁଳ ଜିଲ୍ଲାର ଚାଷୀଙ୍କୁ ଏହି ସୁବିଧା ମିଳିବ। ଆଠ ମେଟ୍ରିକ୍ ଟନ୍ କ୍ଷମତାର ଶୀଳ ଗୃହ ପ୍ରତିଷ୍ଠା ପାଇଁ ରାଜ୍ୟ ସରକାର ସହାୟତା ପ୍ରଦାନ କରିବେ। ସେହିପରି ଉକ୍ତ ଅଞ୍ଚଳରେ ଥିବା ସରକାରୀ ଅନୁଷ୍ଠାନ ମଧ୍ୟ ନିଜ ଭାଗର ଖର୍ଚ୍ଚ ବହନ ସର୍ତ୍ତରେ ଏହି ସୁବିଧା ପାଇପାରିବେ। ଉଭୟ ସାଧାରଣ ଓ ଅନୁସୂଚିତ ଅଞ୍ଚଳର ବାସିନ୍ଦାଙ୍କୁ ଏହାର ଲାଭ ମିଳିବ। ତେବେ ସବ୍‌ସିଡି ପରିମାଣ ଭିନ୍ନ ହେବ। ଜିଲ୍ଲା କୃଷି ଅଧିକାରୀଙ୍କୁ ଏ ନେଇ ପ୍ରସ୍ତାବ ପଠାଇବା ପାଇଁ ଓଟିଇଏଲ୍‌ପି କାର୍ଯ୍ୟକ୍ରମ ନିର୍ଦ୍ଦେଶକଙ୍କୁ କୁହାଯାଇଛି।

ହସ୍ତଗତ ସୂଚନା ଅନୁସାରେ ମିଶନ୍ ଫର୍ ଇଣ୍ଟିଗ୍ରେଟେଡ୍ ଡେଭଲପମେଣ୍ଟ ଅଫ୍ ହର୍ଟିକଲ୍‌ଚର୍ (ଏମ୍‌ଆଇଡିଏଚ୍) ଅଧୀନସ୍ଥ ହିତାଧିକାରୀଙ୍କୁ ଶୀଳତ ଗୃହ ସ୍ଥାପନ କରିବା ପାଇଁ ପ୍ରୋତ୍ସାହନ ଯୋଗାଇ ଦିଆଯିବ। ସାଧାରଣ ଅଞ୍ଚଳରେ ଶୀତଳ ଗୃହ ସ୍ଥାପନ କରିବା ପାଇଁ ବ୍ୟକ୍ତିଗତ ଭାବେ ୫୫ ପ୍ରତିଶତ ଅବା ସର୍ବାଧିକ ୮ ଲକ୍ଷ ୨୫ ହଜାର ଟଙ୍କା ଏବଂ ଅନୁସୂଚିତ ଅଞ୍ଚଳ ପାଇଁ ୭୦ ପ୍ରତିଶତ ସବ୍‌ସିଡି ଅବା ୧୦ ଲକ୍ଷ ୫୦ ହଜାର ଟଙ୍କା ମିଳିବ। ସରକାରୀ ପ୍ରତିଷ୍ଠାନ ମଧ୍ୟ ଏହି ସବ୍‌ସିଡି ସୁବିଧା ପାଇପାରିବେ। କିନ୍ତୁ ସେମାନେ ପ୍ରକଳ୍ପର ମୂଲ୍ୟର ନିଜ ଭାଗର ଖର୍ଚ୍ଚ ବହନ କରିବା ଜରୁରୀ। ଏ ନେଇ ଏମ୍‌ଆଇଡିଏଚ୍ ଅନୁଯାୟୀ ପ୍ରସ୍ତାବ ଗୁଡ଼ିକୁ ଜିଲ୍ଲା କୃଷି ଅଧିକାରୀଙ୍କୁ ପ୍ରଦାନ କରିବା ପାଇଁ ଓଟିଇଏଲ୍‌ପିକୁ କୁହାଯାଇଛି। ଏହି ପ୍ରସ୍ତାବ ଗୁଡ଼ିକୁ ଜିଲ୍ଲା ମିଶନ କମିଟି (ଡିଏମ୍‌ସି)ର ଅନୁମୋଦନ ପାଇଁ ଉପସ୍ଥାପନ କରାଯିବ ଏବଂ ଏହା ପରେ ଚୂଡ଼ାନ୍ତ ନିଷ୍ପତ୍ତି ପାଇଁ ଉଦ୍ୟାନ କୃଷି ନିର୍ଦ୍ଦେଶାଳୟକୁ ପଠାଯିବ। ତେଣୁ ଜିଲ୍ଲା ସ୍ତରରେ ପ୍ରସ୍ତାବ ପ୍ରସ୍ତୁତ କରି ଦାଖଲ କରିବା ପାଇଁ କୁହାଯାଇଛି। ଓଟିଇଏଲ୍‌ପି ଅଧୀନରେ ଏବେ ଗଜପତି, କଳାହାଣ୍ଡି, କନ୍ଧମାଳ, କୋରାପୁଟ, ମାଲକାନଗିରି, ନବରଙ୍ଗପୁର ଓ ରାୟଗଡ଼ା ଜିଲ୍ଲାର ୩୦ଟି ପଛୁଆ ଆଦିବାସୀ ବ୍ଲକକୁ ଅନ୍ତର୍ଭୁକ୍ତ କରାଯାଇଛି।

**ରାଷ୍ଟ୍ରାୟତ୍ତ ବୀମା କମ୍ପାନୀରେ ପ୍ରଥମ ଓଡ଼ିଆ ସିଏମ୍‌ଡି**

# ସତ୍ୟଜିତ ତ୍ରିପାଠୀ ୟୁନାଇଟେଡ୍ ଇଣ୍ଡିଆ ଇନସୁରାନ୍ସ ମୁଖ୍ୟ

ଭୁବନେଶ୍ୱର,୨୨।୯ (ସମିସ): ଦେଶର ରାଷ୍ଟ୍ରାୟତ୍ତ ବୀମା କମ୍ପାନୀର ମୁଖିଆ ପଦରେ ବସିଛନ୍ତି ଜଣେ ଓଡ଼ିଆ ପୁଅ। ଦେଶର ଦ୍ୱିତୀୟ ବୃହତ୍ ସାଧାରଣ ବୀମା କମ୍ପାନୀ ୟୁନାଇଟେଡ୍ ଇଣ୍ଡିଆ ଇନସୁରାନ୍ସ କମ୍ପାନୀ ଲିମିଟେଡ୍‌ର ଅଧ୍ୟକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ (ସିଏମ୍‌ଡି) ଭାବରେ ନିଯୁକ୍ତି ପାଇଛନ୍ତି ସତ୍ୟଜିତ ତ୍ରିପାଠୀ। ଶ୍ରୀ ତ୍ରିପାଠୀ ହେଉଛନ୍ତି ପ୍ରଥମ ଓଡିଆ ଅଧିକାରୀ ଯିଏକି ଏଭଳି ଏକ ଉଚ୍ଚ ପଦରେ ଅଭିଷିକ୍ତ ହୋଇଛନ୍ତି। ଶ୍ରୀ ତ୍ରିପାଠୀ କ୍ୟାପିଟାଲ ହସ୍ପିଟାଲର ପୂର୍ବତନ ସିଏମ୍‌ଓ ତଥା ପୂର୍ବତନ ନିର୍ଦ୍ଦେଶକ ଇଏସ୍‌ଆଇ ସ୍ୱର୍ଗତ ଡ଼ ସୁରେନ୍ଦ୍ର ପ୍ରସାଦ ତ୍ରିପାଠୀ ଏବଂ ସୁନାମଧନ୍ୟା କ୍ଷୁଦ୍ରଗଳ୍ପ ଲେଖିକା ଭାରତୀ ତ୍ରିପାଠୀଙ୍କ ସୁପୁତ୍ର। ସେ ଏନ୍‌ଆଇଟି ରାଉରକେଲା ସିଭିଲ୍ ଇଞ୍ଜିନିୟରିଂ ବିଭାଗର ପୂର୍ବତନ ପ୍ରଫେସର ଡକ୍ଟର ପି କେ ଦାସ ଏବଂ ସ୍ୱର୍ଗତ ଜ୍ୟୋତି ଦାସଙ୍କ ଜାମାତା।



ଶ୍ରୀ ତ୍ରିପାଠୀଙ୍କ ନିଯୁକ୍ତିରେ ଓଡ଼ିଶା ତଥା ଭାରତବର୍ଷର ବିଭିନ୍ନ ଅଞ୍ଚଳରେ କାର୍ଯ୍ୟରତ ଅଧିକାରୀ ଏବଂ କର୍ମଚାରୀଙ୍କ ମହଲରେ ଉତ୍ସାହ ଓ ଆନନ୍ଦ ପ୍ରକାଶ ପାଇଛି। ସେ ଓୟୁଏଟିରୁ ସ୍ନାତକ ଏବଂ ଏକ୍ସଆଇଏମ୍‌ବିରୁ ଡିଗ୍ରୀ ହାସଲ କରିଛନ୍ତି। ସେ ୧୯୮୮ ରେ ଜେନେରାଲ୍ ଇନସ୍ୟୁରାନ୍ସ କର୍ପୋରେସନ୍ ଅଫ୍ ଇଣ୍ଡିଆ (ଜିଆଇସି) ରେ ପ୍ରତ୍ୟକ୍ଷ ଅଧିକାରୀ ଭାବରେ ଯୋଗ ଦେଇଥିଲେ। ଶ୍ରୀ ତ୍ରିପାଠୀ ୨୦୧୫ରୁ ୨୦୧୮ ପର୍ଯ୍ୟନ୍ତ ଜିଆଇସିରେ ମୁଖ୍ୟ ବିନିଯୋଗ ଅଧିକାରୀ ଭାବେ କାର୍ଯ୍ୟରତ ଥିଲେ ଏବଂ ଚଳିତବର୍ଷ ଅଗଷ୍ଟରେ ଦି ନ୍ୟୁ ଇଣ୍ଡିଆ ଆସୁରାନ୍ସ କମ୍ପାନୀ ଲିମିଟେଡ୍‌ର ନିର୍ଦ୍ଦେଶକ ତଥା ଜେନେରାଲ ମ୍ୟାନେଜର ଭାବରେ ନିଯୁକ୍ତ ହୋଇଥିଲେ। ସେ ତାଙ୍କର ୩୩ ବର୍ଷର କାର୍ଯ୍ୟକାଳ ମଧ୍ୟରେ ଦେଶର ପୂର୍ବ, ଉତ୍ତର ଏବଂ ପଶ୍ଚିମ ଅଞ୍ଚଳର ବିଭିନ୍ନ କାର୍ଯ୍ୟାଳୟରେ ସଫଳତାର ସହ କାର୍ଯ୍ୟ ସମ୍ପାଦନ କରିଛନ୍ତି।

## ଓଏଏସ୍‌ସ୍ତରରେ ଅଦଳବଦଳ

ଭୁବନେଶ୍ୱର,୨୨।୯ (ସମିସ): ବରିଷ୍ଠ ଓଡ଼ିଶା ପ୍ରଶାସନିକ ସେବା(ଓଏଏସ୍) ଅଧିକାରୀ ସୀତାରାମ ପଟେଲଙ୍କୁ ଅତିରିକ୍ତ ଆଇ.ଜି ପ୍ରିଜନ୍ ଭାବେ ନିଯୁକ୍ତି ଦିଆଯାଇଛି। ସେ ଭୁବନେଶ୍ୱରସ୍ଥିତ କାରାଗାର ନିର୍ଦ୍ଦେଶାଳୟରେ ଅବସ୍ଥାପିତ ହେବେ। ସେହିପରି ଅନିରୁଦ୍ଧ ପ୍ରଧାନଙ୍କୁ ସମ୍ବଲପୁରସ୍ଥିତ ରାଜସ୍ୱ କମିସନରଙ୍କ କାର୍ଯ୍ୟାଳୟରେ ରେଜିଷ୍ଟ୍ରାର, ଏଲଏଆର ଏଣ୍ଡ ଆର ଭାବେ କାର୍ଯ୍ୟ କରିବେ। ଅନୁରୂପ ଭାବେ ଡକ୍ଟର ବିଜୟାନନ୍ଦ ସେଠୀଙ୍କୁ ବଲାଙ୍ଗୀର ଜିଲ୍ଲା ପାଟଣାଗଡ଼ର ସବ୍-କଲେକ୍ଟର ଭାବେ ନିଯୁକ୍ତି ଦିଆଯାଇଛି। ସେହିପରି ଅକ୍ଷୟ କୁମାର ଖେମୁଡୁଙ୍କୁ ମାଲକାନଗିରି ସବ୍-କଲେକ୍ଟର ଭାବେ ନିଯୁକ୍ତି ଦିଆଯାଇଛି। ଉପରୋକ୍ତ ସମସ୍ତ ନିଯୁକ୍ତି ନେଇ ବୁଧବାର ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

## ଇଏସ୍‌ଏଲ୍ ହାତେଇଲା ଦ୍ୱିତୀୟ ଖଣି

ଭୁବନେଶ୍ୱର,୨୨।୯ (ସମିସ): ଇଏସ୍‌ଏଲ ଷ୍ଟିଲ୍ ଲିଃ ଲଗାତାର ଦ୍ୱିତୀୟ ଖଣି ହାତେଇଛି। ଲୁହାପଥର ଓ ମାଙ୍ଗାନିଜ୍ ଥିବା ନାଦିଡିହ (ଫ୍ରିଗ୍ରେଜ) ଖଣିକୁ ଇଏସ୍‌ଏଲ୍ ୯୨.୩% ପ୍ରିମିୟମ୍ ମୂଲ୍ୟରେ ହାତେଇଛି। ଏହା ପୂର୍ବରୁ ଏହି କମ୍ପାନୀ ନାଦିଡିହ ଲୁହାପଥର ବ୍ଲକ (ବିକୋ)କୁ ମଧ୍ୟ ୯୫.୬% ପ୍ରିମିୟମ୍ ମୂଲ୍ୟରେ ହାତେଇସାରିଛି। ନାଦିଡିହ(ଫ୍ରିଗ୍ରେଡ୍) ଲୁହାପଥର ଓ ମାଙ୍ଗାନିଜ୍ ଖଣି ପ୍ରାୟ ୧୫.୦୬ ମିଲିୟନ୍ ଟନ୍ ଲୁହାପଥର ଏବଂ ୦.୦୫୯ ମିଲିୟନ୍ ଟନ୍ ମାଙ୍ଗାନିଜ୍ ରହିଥିବା କୁହାଯାଉଛି। ଅପରପକ୍ଷରେ ହାଇକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ବଲାଙ୍ଗୀର ସ୍ଥିତ କର୍ଲାପାଟ ବକ୍ସାଇଟ୍ ବ୍ଲକ ନିଲାମ ପ୍ରକ୍ରିୟାକୁ ସ୍ଥଗିତ ରଖାଯାଇଛି।

**ସୀମା ବିବାଦ ନେଇ ଆନ୍ଧ୍ର ମୁଖ୍ୟମନ୍ତ୍ରୀଙ୍କୁ କେନ୍ଦ୍ରମନ୍ତ୍ରୀଙ୍କ ଚିଠି**

# ପଦକ୍ଷେପ ସ୍ୱାଗତଯୋଗ୍ୟ; ସନ୍ତୋଷଜନକ ନୁହେଁ

ଭୁବନେଶ୍ୱର,୨୨।୯ (ସମିସ): ଓଡ଼ିଶା ଏବଂ ଆନ୍ଧ୍ରପ୍ରଦେଶ ମଧ୍ୟରେ ଚାଲିଥିବା ସୀମା ବିବାଦ ସମାଧାନ ପରିବର୍ତ୍ତେ ଅଧିକ ବିବାଦୀୟ ହୋଇପଡ଼ିଛି। ଏପରିକି ସୀମାନ୍ତବର୍ତ୍ତୀ ଗଞ୍ଜେଇପଦର, ଫଗୁଣସେନେରୀ ଓ ଫାଟୁସେନେରୀରେ ପୂର୍ବରୁ ଆନ୍ଧ୍ର ନିର୍ବାଚନ କରାଇଥିବା ବେଳେ ଗତ ୧୯ ତାରିଖରେ ଫଳାଫଳ ଆସିଥିବା ନେଇ ଖବର ଆସିଥିଲା। ତେବେ କୋରାପୁଟ ଜିଲ୍ଲାପାଳ ଖବରକୁ ଖଣ୍ଡନ କରିବା ସହ ଆନ୍ଧ୍ର ନିଜ ସୀମାରେ ନିର୍ବାଚନ କରିଥିବା ନେଇ ସ୍ପଷ୍ଟ କରିବା ପରେ ଓଡ଼ିଶାବାସୀ ଆଶ୍ୱସ୍ତ ହୋଇଥିଲେ। ଏପରିକି ଆଗାମୀ ଦିନରେ ଉପରୋକ୍ତ ସ୍ଥାନଗୁଡ଼ିକରେ ଓଡ଼ିଶା ପକ୍ଷରୁ ତ୍ରୀ-ସ୍ତରୀୟ ପଞ୍ଚାୟତ ନିର୍ବାଚନ କରାଯିବ ବୋଲି ଜିଲ୍ଲାପାଳ ଅବଦାଲ ମହମ୍ମଦ ଅଖତାର୍ କହିଥିଲେ। ତେବେ ନିକଟ ଅତୀତରେ ଆନ୍ଧ୍ରର ବାରମ୍ବାର ଓଡ଼ିଶା ସୀମା ଅତିକ୍ରମଣ ଏବଂ ବେଆଇନ ନିର୍ମାଣ କାର୍ଯ୍ୟ କରିବାର ମସୁଧା ଦୁଇରାଜ୍ୟ ମଧ୍ୟରେ ଉତ୍ତେଜନାମୂଳକ ପରିସ୍ଥିତି ସୃଷ୍ଟି କରିଛି। କୋରାପୁଟ ଜିଲ୍ଲା ପ୍ରଶାସନ ପରିସ୍ଥିତିର ଧୈର୍ଯ୍ୟପୂର୍ଣ୍ଣ ମୁକାବିଲା କରୁଥିବା ବେଳେ କୋଟିଆ ପ୍ରସଙ୍ଗକୁ ନେଇ ଓଡ଼ିଶା ସରକାର ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ମଧ୍ୟ ହୋଇଥିଲେ। ଗତ ଅଗଷ୍ଟରେ ସୁପ୍ରିମକୋର୍ଟର ଦୁଇଜଣିଆ ଖଣ୍ଡପୀଠ ମାମଲାର ଶୁଣାଣୀ କରି ରାଜନୈତିକ ସ୍ତରରେ ସମସ୍ୟାର ସମାଧାନ ପାଇଁ ପରାମର୍ଶ ଦେଇଥିଲେ। ଏପରିକି ଏଥିପାଇଁ ସୁପ୍ରିମକୋର୍ଟ ଦୁଇରାଜ୍ୟକୁ ୬ ସପ୍ତାହର ମହଲତ୍ ପ୍ରଦାନ କରିଛନ୍ତି। ସୁପ୍ରିମକୋର୍ଟ ରାଜନୈତିକ ସ୍ତରରେ ବିବାଦର ସମାଧାନ ପାଇଁ ପରାମର୍ଶ ଦେଇଥିବା ବେଳେ ଠିକ୍ ଏହି ସମୟରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆନ୍ଧ୍ର ମୁଖ୍ୟମନ୍ତ୍ରୀ ୱାଇ. ଏସ ଜଗନମୋହନ ରେଡ୍ଡୀଙ୍କୁ ଚିଠି ଲେଖିବା ରାଜନୈତିକ ଦୃଷ୍ଟିରୁ ଗୁରୁତ୍ୱ ବହନ କରୁଛି। ଧର୍ମେନ୍ଦ୍ର ଦୁଇରାଜ୍ୟ ମଧ୍ୟରେ ଉପୁଜିଥିବା ବିବାଦର ସମାଧାନ ପାଇଁ ୪ ସୂତ୍ରୀ ପ୍ରସ୍ତାବ ଦେଇଥିବା ବେଳେ ଏହାକୁ ନେଇ ରାଜନୈତିକ ମହଲରେ ସରଗରମ୍ ଆଲୋଚନା ଆରମ୍ଭ ହୋଇଛି। ଧର୍ମେନ୍ଦ୍ରଙ୍କ ଜଗନଙ୍କୁ ଲେଖିଥିବା ଚିଠି ସ୍ୱାଗତଯୋଗ୍ୟ; କିନ୍ତୁ ସମସ୍ୟାର ସମାଧାନ ପାଇଁ ଏହା ଯଥେଷ୍ଟ ନୁହେଁ। କେନ୍ଦ୍ରମନ୍ତ୍ରୀ ଉକ୍ତ

**● ଗୃହମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରନ୍ତୁ ଧର୍ମେନ୍ଦ୍ର**

ପ୍ରସଙ୍ଗକୁ ପ୍ରସଙ୍ଗକୁ କେନ୍ଦ୍ର ଗୃହମନ୍ତ୍ରୀଙ୍କ ନିକଟକୁ ନିଅନ୍ତୁ। କାରଣ କେନ୍ଦ୍ର ସରକାର ଦୁଇରାଜ୍ୟ ମଧ୍ୟରେ ଉପୁଯିଥିବା ବିବୌଦର ସମାଧାନ ପାଇଁ ଆନ୍ତରିକତା ପ୍ରଦର୍ଶନ କରୁନାହାନ୍ତି। ଏପରିସ୍ଥଳରେ ଘଟଣାରେ କେନ୍ଦ୍ର ଗୃହମନ୍ତ୍ରାଳୟ ଯଦି ମଧ୍ୟସ୍ଥତା କରି ଆପୋଷ ବୁଝାମଣା ପାଇଁ ଆଗଭର ହେବ ତାହେଲେ ମାମଲାର ସହଜରେ ସମାଧାନ ହେବାର ସମ୍ଭାବନା ରହିଛି ବୋଲି ରାଜନୈତିକ ବିଶେଷଜ୍ଞମାନେ ମତବ୍ୟକ୍ତ କରିଛନ୍ତି।

ମୌସୁମୀ ଅଧିବେଶନରେ କେନ୍ଦ୍ର ସ୍ୱରାଷ୍ଟ୍ର ବିଭାଗର ରାଷ୍ଟ୍ର ମନ୍ତ୍ରୀ ନିତ୍ୟାନନ୍ଦ ରାୟ ଆନ୍ତଃରାଜ୍ୟ ସୀମା ବିବାଦକୁ ନେଇ ଲୋକସଭାରେ ଏକ ଉତ୍ତର ରଖିଥିଲେ। ମନ୍ତ୍ରୀଙ୍କ ଉତ୍ତର ଅନୁଯାୟୀ ଦେଶରେ ରାଜ୍ୟ ରାଜ୍ୟ ମଧ୍ୟରେ ସୀମା ବିବାଦ ସମ୍ପର୍କିତ ମୋଟ ୭ଟି ବିବାଦ ରହିଛି। ବିବାଦର ସମାଧାନ ପାଇଁ କେନ୍ଦ୍ର ସରକାର ଆବଶ୍ୟକୀୟ ପଦକ୍ଷେପ ନେଉଛନ୍ତି ବୋଲି ସେ ସୂଚନା ଦେଇଛନ୍ତି। ମାତ୍ର ମନ୍ତ୍ରୀ ପ୍ରଦତ୍ତ ତାଲିକାରେ ଓଡ଼ିଶା ସହ ପଡ଼ୋଶୀଙ୍କ ମଧ୍ୟରେ ଚାଲିଥିବା ବିବାଦ ସମ୍ପର୍କରେ କିଛି ଉଲ୍ଲେଖ ନଥିଲା। ଦୀର୍ଘଦିନ ହେବ ଶାନ୍ତିପ୍ରିୟ ରାଜ୍ୟ ଓଡ଼ିଶା ପଡ଼ୋଶୀ ଆନ୍ଧ୍ର, ପଶ୍ଚିମବଙ୍ଗ ଓ ଛତିଶଗଡ଼ ସହ ସୀମା ବିବାଦକୁ ନେଇ ସନ୍ତୁଳି ହେଉଛି। ଏହାର ନିରାକରଣ କରିବା ପରିବର୍ତ୍ତେ କେନ୍ଦ୍ର ସରକାର ତାଙ୍କ ନିକଟରେ ଏନେଇ ତଥ୍ୟ ଉପଲବ୍ଧ ନଥିବା କଥା କହିବାକୁ ନେଇ ସାଧାରଣରେ କଡ଼ା ପ୍ରତିକ୍ରିୟା ସୃଷ୍ଟି ହୋଇଥିଲା। ଅନ୍ୟ ୭ଟି ବିବାଦର ସମାଧାନ ପାଇଁ ଯଦି କେନ୍ଦ୍ର ଗୃହ ମନ୍ତ୍ରାଳୟ ନିଜଆଡୁ ପଦକ୍ଷେପ ନେଇପାରୁଛି ତାହେଲେ ଓଡ଼ିଶାର କ୍ଷେତ୍ରରେ କେନ୍ଦ୍ର କାହିଁକି ପଛଘୁଞ୍ଚା ଦେଉଛି ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଥିଲା। ତେଣୁ ଧର୍ମେନ୍ଦ୍ର ଯଦି ପ୍ରକୃତରେ ବିବାଦର ସମାଧାନ ପାଇଁ ଉତ୍ସୁକ ଅଛନ୍ତି ତେବେ ଏହି ପ୍ରସଙ୍ଗକୁ ନିଜ ଆଡୁ କେନ୍ଦ୍ର ଗୃହ ମନ୍ତ୍ରାଳୟ ନିକଟରେ ଉପସ୍ଥାପିତ କରନ୍ତୁ। କେନ୍ଦ୍ର ଗୃହମନ୍ତ୍ରୀ ଘଟଣାରେ ଦୁଇରାଜ୍ୟର ମୁଖ୍ୟମନ୍ତ୍ରୀଙ୍କୁ ଡାକି ଆଲୋଚନା କରି ଯଦି ଆପୋସ ବୁଝାମଣା କରନ୍ତି ତାହେଲେ ସମାଧାନର ରାସ୍ତା ବାହାରିପାରିବାର ସମ୍ଭାବନା ରହିଛି। ଓଡ଼ିଶା ସରକାର ଏବଂ କୋରାପୁଟ ଜିଲ୍ଲା ପ୍ରଶାସନ ନିଜ ନିଜ ସ୍ତରରେ ଆଲୋଚନା ଜାରି ରଖିଛନ୍ତି। ଧର୍ମେନ୍ଦ୍ର ଠିକଣା ସମୟରେ ଚିଠି ଲେଖି ଦ୍ୱିପାକ୍ଷିକ ଆଲୋଚନା ଓ ବିବାଦର ଶାନ୍ତିପୂର୍ଣ୍ଣ ସମାଧାନ ପାଇଁ ବ୍ୟକ୍ତିଗତ ସ୍ତରରେ କେନ୍ଦ୍ର ସରକାରଙ୍କ ତରଫରୁ ସମର୍ଥନ ଦେବା ନେଇ ଶ୍ରୀ ପ୍ରଧାନ ପ୍ରତିଶ୍ରୁତି ଦେଇଛନ୍ତି। ଯଦି ଧର୍ମେନ୍ଦ୍ର ନିଜଆଡୁ ଏହା କରିପାରନ୍ତି ତାହା ଅଧିକ ଫଳପ୍ରଦ ହେବ ବୋଲି ରାଜନୈତିକ ବିଶେଷଜ୍ଞମାନେ ମତପ୍ରକାଶ କରିଛନ୍ତି।

## ଧର୍ମେନ୍ଦ୍ରଙ୍କ ୪ ସୂତ୍ରୀ ପ୍ରସ୍ତାବ

ଆନ୍ଧ୍ର ମୁଖ୍ୟମନ୍ତ୍ରୀଙ୍କୁ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ଚିଠି ଲେଖି ବିବାଦର ସମାଧାନ ପାଇଁ ୪ ସୂତ୍ରୀ ପ୍ରସ୍ତାବ ଉପରେ ଜୋର୍ ଦେଇଛନ୍ତି। ପ୍ରଥମତଃ ବିବାଦୀୟ ଗ୍ରାମ ଗୁଡ଼ିକରୁ ସଶସ୍ତ୍ର ସୁରକ୍ଷା ବଳକୁ ଅପସାରଣ କରାଯାଉ ଏବଂ ସ୍ଥାନୀୟ ଜନପ୍ରତିନିଧି ଏବଂ ସରକାରୀ ଅଧିକାରୀଙ୍କ ବିରୋଧରେ ରୁଜୁ ହୋଇଥିବା ମାମଲାକୁ ପ୍ରତ୍ୟାହାର କରାଯାଉ। ଦ୍ୱିତୀୟତଃ ଗ୍ରାମାଞ୍ଚଳର ଭିତ୍ତିଭୂମି, ସ୍ୱାସ୍ଥ୍ୟ, ଶିକ୍ଷା ଏବଂ ମୌଳିକ ସୁବିଧାକୁ ବାଦ୍ ଦେଇ ନୂତନ ଢାଞ୍ଚାଗତ ନିର୍ମାଣକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଉ। ତୃତୀୟ ପ୍ରସ୍ତାବ ସ୍ୱରୂପ ଏହି ବିବାଦରେ ଆଗାମୀ ଦିନର ରୋଡମ୍ୟାପ ପାଇଁ ଉଭୟ ରାଜ୍ୟର ମୁଖ୍ୟମନ୍ତ୍ରୀଙ୍କ ମଧ୍ୟରେ ଦ୍ୱିପାକ୍ଷିକ ଆଲୋଚନା କରିବାକୁ ସେ ପ୍ରସ୍ତାବ ଦେଇଛନ୍ତି। ଚତୁର୍ଥତଃ ଉଭୟ ରାଜ୍ୟର ମୁଖ୍ୟ ଶାସନ ସଚିବ କିମ୍ବା ଉନ୍ନୟନ କମିଶନରଙ୍କ ସ୍ତରରେ ଜଏଣ୍ଟ ଓ୍ୱାର୍କିଂ କମିଟି ବା ଯୁଗ୍ମ କାର୍ଯ୍ୟକାରୀ କମିଟି ଗଠନ କରାଯାଉ ବୋଲି ଶ୍ରୀ ପ୍ରଧାନ ପ୍ରସ୍ତାବ ଦେଇଛନ୍ତି।

କୋଠାରୁ ଗଳୁଛି ପାଣି

# ଭଙ୍ଗାଘରେ ଚାଲିଛି ଡାକସେବା



**କୋରୁକୋଣ୍ଡା,୨୨।୯(ସମିସ)** ଦୂର ଦୂରାନ୍ତରୁ ଡାକ ମାଧ୍ୟମରେ ଚିଠିପତ୍ର ,ଟଙ୍କା ପଇସା ହେଉ କିମ୍ବା ଟେଲିଗ୍ରାମ ମାଧ୍ୟମରେ ଲୋକଙ୍କୁ ବାର୍ତ୍ତା ପହଞ୍ଚାଇବାରେ ମୁଖ୍ୟ ଭୂମିକା ଗହଣ କରି ଆସୁଥିଲା ଡାକ ବିଭାଗ । କିନ୍ତୁ ଆଜିର ସମୟରେ ଡାକ ବିଭାଗକୁ ଦେଶର ଜନସାଧାରଣ ଗୁରୁତ୍ୱ ଦେଉ ନ ଥିବା ଦେଖିବାକୁ ମିଳୁଛି। କାରଣ ଆଜିକାଲି ମୋବାଇଲ ଗୋଟେରେ ସବୁ ସମସ୍ୟାର ସମାଧାନ ହୋଇ ପାରୁଛି । ଏଣୁ ବର୍ତ୍ତମାନ ଡାକସେବାର ଚାହିଦା କମିଯାଇଛି । ଦୁଃଖର ବିଷୟ ଯେ, ଆଜି ସେହି ଡାକସେବା ଗୋଟିଏ ଭଙ୍ଗା ଘରେ ଚାଲୁଛି । ଏପରି ଦେଖିବାକୁ ମିଳିଛି ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ତୁମୁସା ପଲ୍ଲି ସଦର ଗ୍ରାମ ପଞ୍ଚାୟତରେ । ଡାକ ବିଭାଗର ନିଜସ୍ୱ କୋଠା ନ ଥିବାରୁ ଉକ୍ତ ଗ୍ରାମରେ ମହିଳା ସମିତିର ଗୋଟିଏ ଭଙ୍ଗା ଘରେ ଦୀର୍ଘ ୧୫/୨୦ବର୍ଷ ହେବ ଚାଲୁଥିବା ସ୍ଥାନୀୟ ଲୋକଙ୍କ ସମେତ ଡାକ ବିଭାଗ କର୍ମଚାରୀ କହିଛନ୍ତି । ବର୍ତ୍ତମାନ ସେହି ଡାକଘର କୋଠାଟିର ଛାତରୁ ପାଣି ଗଳୁଛି । ଏଥିସହ ରାସ୍ତା ଉଚ୍ଚତା ହୋଇଯିବା କାରଣରୁ ଟିକିଏ ବର୍ଷା ହେଲେ ଘର ଭିତରେ ପାଣି ପଶି ବହୁ ଆସୁବିଧା ଭୋଗିବାକୁ ପଡୁଛି । ତା ସହିତ କୋଠାଟିର ଝରକା, କବାଟ ମଧ୍ୟ ଭଗ୍ନ ଅବସ୍ଥାରେ ରହିଛି । ଏନେଇ ସ୍ଥାନୀୟ ଡାକ କର୍ମଚାରୀ ବହୁବାର ଉପରିସ୍ଥ ଅଧିକାରୀଙ୍କୁ ଜଣାଇବା ସହ ଗ୍ରାମ ପଞ୍ଚାୟତ ଅଧିକାରୀଙ୍କୁ ବହୁବାର ଜଣାଇଥିଲେ ସୁଦ୍ଧା କୌଣସି ସୁଫଳ ମିଳି ନାହିଁ ବୋଲି କହିଛନ୍ତି ଡାକ ବିଭାଗ କର୍ମଚାରୀ। କେନ୍ଦ୍ର ସରକାରଙ୍କ ଅଧୀନରେ ଥିବା ଡାକଘରର ଏଭଳି ସ୍ଥିତି ଦେଖିଲେ ଯେକେହି ବିସ୍ମିତ ହେବ, ଏଥିରେ ସନ୍ଦେହ ନାହିଁ।

## ରାଜ୍ୟ ଖଦିବୋର୍ଡ ସଦସ୍ୟ ମା'ଙ୍କ ଦେହାନ୍ତ

**ବିଷମ କଟକ,୨୨।୯(ସମିସ):** ରାୟଗଡ଼ା ଜିଲ୍ଲା ବିଷମ କଟକ ଅଞ୍ଚଳର ସମାଜସେବୀ ତଥା ରାଜ୍ୟ ଖଦିବୋର୍ଡ ସଦସ୍ୟ ପୃଥ୍ୱୀରାଜ ସାହୁଙ୍କ ମା ବିଦ୍ୟୁଲତା ସାହୁ (୬୫)ଙ୍କ କରୋନାରେ ଦେହାନ୍ତ ଘଟିଛି। ଗତ ୧୬ ତାରିଖରେ ଶ୍ରୀମତୀ ସାହୁ କରୋନା ପଜିଟିଭ ଚିହ୍ନଟ ହୋଇଥିଲେ। ସେ ଭୁବନେଶ୍ୱରସ୍ଥିତ ଏକ ଘରୋଇ ହସ୍ପିଟାଲ୍‌ରେ ଚିକିତ୍ସିତ ହେଉଥିଲେ। ତେବେ ବୁଧବାର ତାଙ୍କର ଦେହାନ୍ତ ଘଟିଛି। ତାଙ୍କ ଦେହାନ୍ତ ଖବର ବିଷମ କଟକରେ ପହଞ୍ଚିବା ପରେ ଅଞ୍ଚଳରେ ଶୋକାକୁଳ ପରିବେଶ ସୃଷ୍ଟିହୋଇଛି।

## ଛାତ୍ରଙ୍କ ପାଇଁ କ୍ୟାଣ୍ଡେଲ ଶୋଭାଯାତ୍ରା

**ଅମ୍ବାଦଳା୨୨।୯(ସମିସ):** ଗତ ୧୩ ତାରିଖରେ ରାୟଗଡ଼ା ଜିଲ୍ଲା ଅମ୍ବାଦଳା ଥାନା ଅନ୍ତର୍ଗତ ବନ୍ଧଗୁଡା ନିକଟରେ ଏକ ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଛାତ୍ର ତାପଜ୍ୱବଟି ସାହୁଙ୍କ ଦଶାହ ତିଥିରେ ଅମ୍ବାଦଳା ଅଞ୍ଚଳବାସୀଙ୍କ ପକ୍ଷରୁ ଏକ ନିରବ ଶୋଭାଯାତ୍ରା କରାଯାଇଥିଲା। ଏଥିରେ ସମସ୍ତେ କ୍ୟାଣ୍ଡେଲ ଧରି ସହର ପରିକ୍ରମା କରିଥିଲେ। ତପଜ୍ୱବତି ଜଣେ ମେଧାବୀ, ସରଳ ଓ ସର୍ବଗୁଣ ସମ୍ପନ୍ନ ଛାତ୍ରଙ୍କ ମୃତ୍ୟୁରେ ଅମ୍ବାଦଳା ଅଞ୍ଚଳର ଲୋକେ ଗଭୀର ଦୁଃଖ ପ୍ରକାଶ କରିଛନ୍ତି। ବିଶେଷ କରି ସେ ତାଙ୍କ ପରିବାରର ଏକମାତ୍ର ପୁତ୍ର ହୋଇଥିବାରୁ ପରିବାର ବର୍ଗ ଅତ୍ୟନ୍ତ ଭାଙ୍ଗିପଡିଛନ୍ତି। ଏହି କ୍ୟାଣ୍ଡେଲ ଶୋଭାଯାତ୍ରା ଅମ୍ବାଦଳା ଠାକୁରାଣୀ ମନ୍ଦିର ଠାରୁ ଆରମ୍ଭ କରି ସହର ପରିକ୍ରମା କରିଥିଲେ। ଏହି ନିରବ ଶୋଭାଯାତ୍ରାରେ ଅମ୍ବାଦଳା ସରସ୍ୱତୀ ଶିଶୁ ବିଦ୍ୟମନ୍ଦିରର ସମସ୍ତ ଗୁରୁଜୀ ,ଗୁରୁମା ଅମ୍ବାଦଳା ବୈଶ୍ୟସଂଘ, ରାଷ୍ଟ୍ରୀୟ ସ୍ୱୟଂ ସେବକ ,ସାଇସେବା ସମିତିର ସଦସ୍ୟଙ୍କ ସହ ଅମ୍ବାଦଳା ସହରର ସମସ୍ତ ଯୁବଗୋଷ୍ଠୀ ଉପସ୍ଥିତ ଥିଲେ।

● ଗୋଟିଏ ଦିନରେ କୋଟିଏ ଟଙ୍କାର ଉନ୍ନତୀମୂଳକ କାର୍ଯ୍ୟ

## ବିଧାୟକଙ୍କ ମାରାଥନ ଉଦ୍‌ଘାଟନ

**ଜୟପୁର, ୨୨।୯ (ସମିସ)**



କୋରାପୁଟ ଜିଲ୍ଲା ଜୟପୁର ବ୍ଲକର ୪ଟି ଗ୍ରାମପଞ୍ଚାୟତରେ ବିଭାଗ ପକ୍ଷରୁ ନିର୍ମିତ ହୋଇଥିବା ଏକ କୋଟି ଟଙ୍କାର ୨୭ଟି ନୂତନ ନିର୍ମିତ ଉନ୍ନତୀମୂଳକ କାର୍ଯ୍ୟର ବୁଧବାର ବିଧାୟକ ମାରାଥନ ଉଦ୍ଘାଟନ କରିଛନ୍ତି । ପୂର୍ବାହ୍ନରେ ବିଧାୟକ ତାରା ପ୍ରସାଦ ବାହିନୀପତି ପ୍ରଥମେ ଜୟନ୍ତୀଗିରି ଗ୍ରାମପଞ୍ଚାୟତର ଚାର ଗାଁ, ବାଲିଗୁଡା, ଫୁଁପୁ ଗାଁରେ ପହଞ୍ଚି ସମୁଦାୟ ୬ଟି ଉଦ୍ଘାଟନୀ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ । ଏହାପରେ କେବିଡିରେ ୭ଟି, ରାଣିଗଡରେ ୬ଟି ଏବଂ ପୁଜାରିପୁଟ ୮ଟି ଏଭଳି ସମୁଦାୟ ୨୭ଟି ପ୍ରକଳ୍ପର ଉଦ୍ଘାଟନ କରିଥିଲେ । ଏହି ଉଦଘାଟନୀ ଉତ୍ସବ ପଞ୍ଚାୟତର ସଦର ଏବଂ ଅନ୍ୟାନ୍ୟ ଗ୍ରାମରେ ନବନିର୍ମିତ ଭବନ ଏବଂ ଅନ୍ୟାନ୍ୟ ଉନ୍ନତୀମୂଳକ କାର୍ଯ୍ୟର ଉଦ୍ଘାଟନ ଅନୁଷ୍ଠିତ ହୋଇଥିଲା । ଏଥିରେ ଅଙ୍ଗନବାଡି କେନ୍ଦ୍ର, ମିଶନଶକ୍ତି ଭବନ, ସାଂସ୍କୃତିକ ଭବନ,ଗୋଷ୍ଠୀ କେନ୍ଦ୍ର, ବିଦ୍ୟାଳୟର ସ୍ମାର୍ଟ ଶ୍ରେଣୀ କକ୍ଷ ପ୍ରଭୃତି ରହିଛି । ଏହି ସମସ୍ତ କାର୍ଯ୍ୟକ୍ରମ ବିଡିଓ ସୂରଜ ପଟ୍ଟନାୟକ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିବା ବେଳେ ଅନ୍ୟମାନଙ୍କ ମଧ୍ୟରେ ବ୍ଲକ ଅଧକ୍ଷା ସୁକାନ୍ତି ବାଗଦେରିଆ, ଉପାଧକ୍ଷ ଈଶ୍ୱର ଚନ୍ଦ୍ର ବାଘ, ସହକାରୀ ଯନ୍ତ୍ରୀ ବିଶ୍ୱନାଥ ପାତ୍ର, ଜିଲ୍ଲା ପରିଷଦ ସଦସ୍ୟ ବଲ୍ଲଭ ନାୟକ, ସମିତି ସଭ୍ୟ ରାଜେନ୍ଦ୍ର ସାହୁ, ବସନ୍ତ ନାୟକ, ଗୁପ୍ତପ୍ରସାଦ ଗୌଡ, ଉମା ଜାନୀ ପ୍ରମୁଖ ଉପସ୍ଥିତ ଥିଲେ ।

## ଅନ୍‌ଲାଇନ୍ ପରୀକ୍ଷା ପାଇଁ ଛାତ୍ରସଂଘର ଦାବି



**ରାୟଗଡ଼ା,୨୨।୯(ସମିସ):** ରାୟଗଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ ପକ୍ଷରୁ ଅଫଲାଇନରେ ପରୀକ୍ଷା ନିମନ୍ତେ ବିଜ୍ଞପ୍ତି ପ୍ରକାଶ ପାଇଥିବାବେଳେ ଏହାକୁ ପ୍ରତିବାଦ କରି ଅନ୍ଲାଇନରେ ପରୀକ୍ଷା କରିବା ପାଇଁ ଆଜି ମହାବିଦ୍ୟାଳୟ ଛାତ୍ରସଂଘର ଛାତ୍ରଛାତ୍ରୀମାନେ ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ସୋମନାଥ ପ୍ରଧାନଙ୍କୁ ପ୍ରଦାନ କରିଛନ୍ତି। ଅଫଲାଇନ ମାଧ୍ୟମରେ ପରୀକ୍ଷା ନ କରିବାକୁ ଛାତ୍ରସଂଘ ତରଫରୁ ପ୍ରତିବାଦ କରାଯିବା ସହ ରାୟଗଡା ସ୍ୱୟଂଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷା ଭି.ରତ୍ନଶ୍ରୀଙ୍କ ସହ ଉକ୍ତ ବିଷୟରେ ଆଲୋଚନା କରାଯାଇଥିଲା। ତେବେ ସରକାର ଯଦି ଅଫଲାଇନ ବଦଳରେ ଅନ୍ଲାଇନ ପରୀକ୍ଷା ନିମନ୍ତେ ଅନୁମତି ପ୍ରଦାନ କରନ୍ତି ତାହାହେଲେ କଲେଜ କର୍ତ୍ତୃପକ୍ଷ କିଛି ନିଷ୍ପତ୍ତି ନେବେ ବୋଲି ପ୍ରକାଶ କରିଥିବା ଛାତ୍ରମାନେ ପ୍ରକାଶ କରିଛନ୍ତି। ସେହିପରି ଚତୁର୍ଥ ସେମିଷ୍ଟାର ପରୀକ୍ଷା ସମୟକୁ ଯଦି ଘୁଞ୍ଚାଇ ଦିଆଗଲେ ମଧ୍ୟ ଆସନ୍ତା ୬ ମାସ ମଧ୍ୟରେ ଚତୁର୍ଥ, ପଞ୍ଚମ ଓ ଶେଷ ସେମିଷ୍ଟାର ଆଦି ତିନୋଟି ସେମିଷ୍ଟାରକୁ ଅଳ୍ପ ସମୟ ମଧ୍ୟରେ ପ୍ରସ୍ତୁତ ହୋଇ ପରୀକ୍ଷା ଦେବାକୁ ପଡିବ। ତେଣୁ ଜିଲ୍ଲାପାଳ ସଠିକ୍ ନିଷ୍ପତ୍ତି ଗ୍ରହଣ କରି ଅନ୍ୟ ଜିଲ୍ଲା ଭଳି ରାୟଗଡ଼ା ଜିଲ୍ଲାର ଛାତ୍ରଛାତ୍ରୀମାନଙ୍କୁ ସମାନ ସୁବିଧା ଯୋଗାଇବା ପାଇଁ ଅନୁରୋଧ କରାଯାଇଥିବା ନେଇ ଦାବିପତ୍ରରେ ଉଲ୍ଲେଖ ରହିଛି।

## ଦକ୍ଷତା ବୃଦ୍ଧି ତାଲିମ ଶିବିର

**ମୁନିଗୁଡା,୨୨।୯ (ସମିସ):** ରାୟଗଡ଼ା ଜିଲ୍ଲା ମୁନିଗୁଡାରସ୍ୱେଚ୍ଛାସେବୀ ଅନୁଷ୍ଠାନ ହର୍ଷ ଟ୍ରଷ୍ଟ କାର୍ଯ୍ୟାଳୟ ପରିସରରେ ଅଜିମ୍ ପ୍ରେମଜି ଫାଉଣ୍ଡେସନର ଆର୍ଥିକ ସହାୟତା କ୍ରମେ ଅନୁଷ୍ଠାନ ତରଫରୁ ଏମ୍ଜିଏନ୍ଆରଇଜିଏସ୍ର ଏକ ବ୍ଲକ ସ୍ତରୀୟ ଦକ୍ଷତା ବୃଦ୍ଧି ତାଲିମ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି । ହର୍ଷ ଟ୍ରଷ୍ଟ ପ୍ରକଳ୍ପର ଜିଲ୍ଲା ସଂଯୋଜକ ଶରତ କୁମାର ସାହୁ, ଏପିଏଫ୍ ପ୍ରକଳ୍ପର ବିପିସିକେ.ପି ଧ୍ରୁବଚରଣଙ୍କ ମିଳିତ ସଂଯୋଜନାରେ ଅନୁଷ୍ଠିତ ଶିବିରରେ ମୁନିଗୁଡା ବ୍ଲକ୍ ମନରେଗା ଏପି.ଓ ବିନୟ କୁମାର ପାଣି ତାଲିମ ଦାତା ଭାବେ ଯୋଗଦେଇ ତାଲିମ ପ୍ରଦାନ କରିଥିଲେ। ଉକ୍ତ ତାଲିମ ଶିବିରରେ ମୁନିଗୁଡା ଏବଂ ବିଷମକଟକ ବ୍ଲକର ଏବଂ ଜଣେ ଏମ୍ଆଇଏସ୍ ଭାବେ ନରସିଂହ ଭୋଗୀ ଏବଂ ୮ ଜଣ କମୁନିଟି ଅର୍ଗାନାଇଜର ମୁକ୍ତେଶ୍ୱର ନାୟକ, ଅଚ୍ୟୁତ ଗୌଡ଼ , ସୀମାଞ୍ଚଳ ନାଗ , ଅମିତ ହିଆଲ, ଚନ୍ଦ୍ରମଣି ଚାଲାଣ, ଟିକି କିଶୋର ରାଓ ପ୍ରମୁଖ ଅଂଶଗ୍ରହଣ କରି ତାଲିମ ନେଇଥିଲେ। ଉକ୍ତ ତାଲିମ କାର୍ଯ୍ୟକ୍ରମରେ ମନରେଗା ସମ୍ବନ୍ଧୀୟ ସମସ୍ତ ତଥ୍ୟ ଯଥା ମନରେଗାର ଆରମ୍ଭ, ତାର କାର୍ଯ୍ୟ ପ୍ରଣାଳୀ, ଜବକାର୍ଡ, ଗ୍ରାମୀଣ ଯୋଜନା, ଗ୍ରାମସଭା ଏବଂ ପଲ୍ଲୀସଭା ବିଷୟରେ ବିସ୍ତୃତ ଭାବେ ଉପସ୍ଥିତ ସମସ୍ତଙ୍କୁ ତାଲିମ ଦାତା ଶ୍ରୀ ପାଣି ବୁଝାଇଥିଲେ। ଶେଷରେ ସ୍ୱେଚ୍ଛାସେବୀ ଅନୁଷ୍ଠାନ ହର୍ଷ ଟ୍ରଷ୍ଟର ଟିମ୍ ଲିଡର ଘନଶ୍ୟାମ ବାରିକ ଉପସ୍ଥିତ ଥିବା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଜିଆରଏସ୍‌ଙ୍କ ବିରୁଦ୍ଧରେ ଫେରାଦ ହେଲେ ପଞ୍ଚାୟତବାସୀ

**କୋରାପୁଟ,୨୨।୯(ସମିସ):** କୋରାପୁଟ ଜିଲ୍ଲା ବୋରିଗୁମ୍ମା ବ୍ଲକ ରଣସପୁର ପଞ୍ଚାୟତବାସୀ ଜିଆରଏସ୍‌ଙ୍କ ମନମୁଖୀ କାର୍ଯ୍ୟପାଇଁ କୋରାପୁଟ ଜିଲ୍ଲାପାଳଙ୍କ ନିକଟରେ ଫେରାଦ ହୋଇଛନ୍ତି । ସୁମିତ ହୋତା ନାମକ ଜିଆରଏସ୍ ରଣସପୁରରେ କାର୍ଯ୍ୟରତ ଅଛନ୍ତି। ସେ ପଞ୍ଚାୟତର କୌଣସି କାମ ଠିକ ଭାବରେ କରୁନାହାନ୍ତି ବୋଲି ପଂଚାୟତବାସୀ କହିଛନ୍ତି । ଶ୍ରମିକମାନଙ୍କର ମଜୁରି ଟଙ୍କା ଠିକ ସମୟରେ ଅନ୍ଲାଇନରେ ଛାଡୁ ନ ଥିବା ବେଳେ ଦିନ ଦିନ ଧରି ଶ୍ରମିକଙ୍କୁ ନିଜର ପ୍ରାପ୍ୟ ପାଇଁ ଅପେକ୍ଷା କରିବାକୁ ପଡୁଛି । ଜିଆରଏସ୍‌ଙ୍କ ମନମୁଖୀ କାର୍ଯ୍ୟ ଉପରେ ଅତିଷ୍ଠ ହୋଇ ଆଜି କୋରାପୁଟ ଜିଲ୍ଲାପାଳଙ୍କ ପାଖରେ ପଂଚାୟତବାସୀ ଫେରାଦ ହୋଇଛନ୍ତି ।

## ଏସ୍‌ସିଏସ୍‌ଟି ଉନ୍ନୟନ ନିର୍ଦ୍ଦେଶିକାଙ୍କ କାଶୀପୁର ଗସ୍ତ

**କାଶୀପୁର, ୨୨।୯ (ସମିସ)**

ରାୟଗଡା ଜିଲ୍ଲା କାଶୀପୁର ବ୍ଲକ୍‌କୁ ଏସିଏସ୍‌ଟି ଉନ୍ନୟନ ବିଭାଗ ନିର୍ଦ୍ଦେଶିକା ଗୁହା ପୁନମ ତାପସ କୁମାରଙ୍କ ସହ ରାୟଗଡ଼ା ଜିଲ୍ଲାପାଳ ସରୋଜ କୁମାର ମିଶ୍ର ଆଜି ଗସ୍ତ କରିଛନ୍ତି। ଏହି ଗସ୍ତ ସମୟରେ ପ୍ରଥମେ କାଶୀପୁର ବିଡିଓ ଗୌରଚନ୍ଦ୍ର ପଟ୍ଟନାୟକ ଏବଂ କାଶୀପୁର ତହସିଲଦାର ଶରତ ଶବର ନିର୍ଦ୍ଦେଶିକାଙ୍କୁ ସ୍ୱାଗତ କରିଥିଲେ। ଏହାପରେ ଥୁଟିବର ସରକାରୀ ଉଚ୍ଚ ବାଳିକା ବିଦ୍ୟାଳୟ ଗସ୍ତକରି ସେଠାରେଥିବା ବାଳିକା ହଷ୍ଟେଲ ବୁଲି ଦେଖିବା ସହ ଛାତ୍ରୀଙ୍କ ସହ ଆଲୋଚନା କରିଥିଲେ। ପରେ କାଶୀପୁର ସରକାରୀ ଉଚ୍ଚ ବିଦ୍ୟାଳୟ ଗସ୍ତକରି ସରକାରଙ୍କ ୫ଟି ଦ୍ୱାରା ମୋ ସ୍କୁଲ ଅଧୀନରେ ବିଦ୍ୟାଳୟ ପରିସରରେ ଆଧୁନିକିକରଣ ପାଇଁ ଚାଲିଥିବା ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟ ବୁଲି ଦେଖିବା ସହ ଖୁସିବ୍ୟକ୍ତ କରିଥିଲେ। ବିଦ୍ୟାଳୟ ପରିସରରେ ଥିବା ହଷ୍ଟେଲ ବିଷୟରେ ବିଦ୍ୟାଳୟର ଶୀକ୍ଷକ ଶିକ୍ଷୟିତ୍ରୀଙ୍କ ସହ ଆଲୋଚନା କରି ହଷ୍ଟେଲ୍ ପରିଚାଳନା ବିଷୟରେ ପଚାରି ବୁଝିଥିଲେ। ନିର୍ଦ୍ଦେଶିକାଙ୍କ ଏହି ଗସ୍ତ ସମୟରେ ବିଦ୍ୟାଳୟ କର୍ମଚାରୀ, ବିଡିଓ, ତହସିଲଦାର ତାଙ୍କୁ ସ୍ୱାଗତ ଜଣାଇଥିଲେ। ଏହି ଗସ୍ତ ସମୟରେ କାଶୀପୁର ବିଡିଓ ଗୌରଚନ୍ଦ୍ର ପଟ୍ଟନାୟକ, ତହସିଲଦାର ଶରତ ଶବରଙ୍କ ସହ ସମସ୍ତ ବିଭାଗର ଅଧିକାରୀ ଉପସ୍ଥିତ ଥିଲେ

## ଏକତା ପରିଷଦର ପଦଯାତ୍ରା

**ମୁନିଗୁଡା, ୨୨।୯(ସମିସ):** ରାୟଗଡ଼ା ଜିଲ୍ଲା ମୁନିଗୁଡ଼ା ବ୍ଲକ୍ ଅନ୍ତର୍ଗତ ନିଆଳି ଗ୍ରାମରୁ ଜନ ସଂଗଠନ ଏକତା ପରିଷଦ ତରଫରୁ ରାଷ୍ଟ୍ରୀୟ ଅଧ୍ୟକ୍ଷ ପିଭି ରାଜଗୋପାଳଙ୍କ ଆହ୍ୱାନକ୍ରମେ ସମାଜରେ ସାମାଜିକ ନ୍ୟାୟ ଓ ଶାନ୍ତି ପ୍ରତିଷ୍ଠା ପାଇଁ ଏକ ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ସଂଯୋଜିକା ମମତା ପ୍ରଧାନଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦ ସଭ୍ୟ ରାମଚନ୍ଦ୍ର ବେହେରା, ସଂଗଠନର ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଜଗନ୍ନାଥ ନୁନ୍ଦୁକା, ସମାଜସେବୀ ଗୌରାଙ୍ଗ ଚରଣ ରାଉତ, ମନୋରଞ୍ଜନ ଦଳାଇ ପ୍ରମୁଖ ଯୋଗଦେଇ ପଦଯାତ୍ରାର ଶୁଭାରମ୍ଭ କରିଥିଲେ। ପଦଯାତ୍ରାର ଉଦ୍ଦେଶ୍ୟ ହେଉଛି ଏକତା,ସମାନତା ଓ ସାମୂହିକତା ପାଇଁ ପ୍ରଶାସନିକ ଅଧିକାରୀ, ବୁଦ୍ଧିଜୀବୀ, ଜନ ପ୍ରତିନିଧି, ଗଣମାଧ୍ୟମ ପ୍ରତିନିଧି, ଯୁବଗୋଷ୍ଠୀ ଆଗେଇ ଆସିବାକୁ ଆହ୍ୱାନ ଦିଆଯାଇ ଏହି ପଦଯାତ୍ରା କରାଯାଉଛି। ଏହି ପଦଯାତ୍ରା ଆସନ୍ତା ଅକ୍ଟୋବର ୨ ତାରିଖ ଗାନ୍ଧୀଜୟନ୍ତୀରେ ଉଦ୍ଯାପିତ ହେବ। ଉକ୍ତ କାର୍ଯ୍ୟକ୍ରମକୁ ଏକତା ପରିଷଦର ସାର ପିଡ଼ିକାକା, ଲକି ପିଡ଼ିକାକା, ସୁବାସ ପ୍ରାସକାକା, ରାମଚନ୍ଦ୍ର ପିଡ଼ିକାକା ପ୍ରମୁଖଙ୍କ ସମେତ ନିଆଳି ଗ୍ରାମବାସୀ ପରିଚାଳନା କରିଥିଲେ।

ଶ୍ରମବିଭାଗ ପାଖରେ ଖବର ନାହିଁ, ତଦନ୍ତ ଦାବି

# ଦାଦନ ଖଟିବାକୁ ଯାଇ ୧୮ ଶ୍ରମିକ ନିର୍ଯାତନାର ଶିକାର

**ଗୁଣୁପୁର,୨୨।୯(ସମିସ):** ପୁଣି ସାମନାକୁ ଆସିଛି ଦାଦନ ଦୁଃଖ। ସ୍ଥାନୀୟ ଅଞ୍ଚଳରେ କୌଣସି କାମଧନ୍ଦା ନ ପାଇ ଗୁଣୁପୁର ବ୍ଲକ୍ର ଦୁର୍ଗମ ପୁଟାସିଂ, ପିଣ୍ଡାଗୁଡି, ପଦ୍ମପୁର ଅଞ୍ଚଳର ପ୍ରାୟ ୧୮ଜଣ ଶ୍ରମିକ ଦାଦନ ଖଟିବାକୁ ଆନ୍ଧ୍ରପ୍ରଦେଶ ୱେଷ୍ଟ ଗୋଦାବରୀ ଜିଲ୍ଲା ଭୀମବାରମ ଅଞ୍ଚଳର ଜାକାରାମରେ ଥିବା ଏକ ଚିଙ୍ଗୁଡ଼ି ଉତ୍ପାଦନ ୟୁନିଟକୁ ଯାଇଥିଲେ। ସେଠାରେ ସେମାନଙ୍କୁ କାମ କରାଇ ଟଙ୍କା ନ ଦେଇ ଅକଥନୀୟ ନର୍ଯାତନା ଦେଉଥିବା ଅଭିଯୋଗ ହୋଇଛି। ଟଙ୍କା ମାଗିବାରୁ ନିର୍ଯାତନା ଦେବାର ଭିଡିଓ କିଛି ଶ୍ରମିକ ଉଠାଉଥିବା ବେଳେ, ସେମାନଙ୍କୁ ଏକ ଘରେ ପୁରାଇ ମାଡ଼ ମାରିଥିଲେ। ସେମାନଙ୍କୁ ଉଦ୍ଧାର କରିବା ପାଇଁ ଏକ ଭିଡ଼ିଓ ମାଧ୍ୟମରେ ଅନୁରୋଧ କରିଛନ୍ତି ଫସି ରହିଥିବା ଏହି ଶ୍ରମିକମାନେ। ୧୮ ଜଣ ଶ୍ରମିକ ମଧ୍ୟରେ ୪ ଜଣ ମହିଳା ଥିବା ଜଣାପଡ଼ିଛି। ଏହି



ଶ୍ରମିକମାନେ ତିନି ମାସ ତଳେ କିଛି କାମଧନ୍ଦା ନପାଇ ଦାଦନ ଖଟିବାକୁ ଯାଇଥିଲେ। ସେଠାରେ ନିର୍ଯାତନାର ଶିକାର ହେବାପରେ ପୁଟାସିଂ ଅଞ୍ଚଳର ଜଣେ ମହିଳା ତାଙ୍କ ସ୍ୱାମୀକୁ ଫୋନଯୋଗେ ସମସ୍ତ ଘଟଣା କହିଥିଲେ। ସ୍ୱାମୀ ତ୍ରିନାଥ ଦଳେଇ ପୁଟାସିଂରୁ ଆନ୍ଧ୍ରପ୍ରଦେଶ ଯାଇଥିଲେ। ସେଠାରେ ବାହାର ଲୋକଙ୍କୁ ପ୍ରବେଶ ଅନୁମତୀ ନଥିବାରୁ ତ୍ରିନାଥଙ୍କ ସ୍ତ୍ରୀ ଫ୍ୟାକ୍ଟ୍ରି ଭିତରେ ସୁପରଭାଇଜରଙ୍କୁ କହି କାମ କରିବା ସକାଶେ ତ୍ରିନାଥଙ୍କୁ ୯ ତାରିଖରେ ଭିତରକୁ ପ୍ରବେଶ କରାଇଥିଲେ। ତ୍ରିନାଥ ଦାଦନ ଖଟିବାକୁ ଯାଇଥିବା ଶ୍ରମିକଙ୍କୁ ନିର୍ଯାତନା ଦେଉଥିବା ଭିଡିଓ ମୋବାଇଲ୍ରେ ଉଠାଇଥିଲେ। ଏହି ଘଟଣା ଫ୍ୟାକ୍ଟ୍ରି ମାଲିକ ଓ ସୁପରଭାଇଜର ଜାଣି ତ୍ରିନାଥ ଦଳେଇ ଓ ଆଉଜଣେ ଶ୍ରମିକଙ୍କୁ ଗୋଟିଏ ରୁମ୍ ଭିତରେ ରଖି ଦୁଇଘଣ୍ଟା ଧରି ବାଡେଇଥିଲେ। ଏହାପରେ ରୁମ୍ ବାହାରେ କବାଟ ଦେଇ ଚାଲିଯାଇଥିଲେ। ତ୍ରିନାଥଙ୍କ ସ୍ତ୍ରୀ ରୁମ୍ ଭିତରୁ ତାଙ୍କ ସ୍ୱାମୀ ଓ ଜଣେ ଶ୍ରମିକଙ୍କୁ ମୁକୁଳାଇଥିଲେ। ସେମାନଙ୍କୁ ମାରିଦେବା ଭୟରେ ଶ୍ରମିକ ମାନେ ପାଖ ଜଙ୍ଗଲକୁ ଲୁଚିକି ପଳାଇଥିଲେ। ପରେ ଆନ୍ଧ୍ର ୧୦୦ ନମ୍ବରକୁ ଯୋଗାଯୋଗ କରି ପୁଲିସକୁ ଖବର ଦେଇଥିଲେ। ସେଠାକାର ପୁଲିସ ସମସ୍ତ ଶ୍ରମିକଙ୍କୁ ଉଦ୍ଧାର କରି ତଦନ୍ତ କରିଥିଲେ। ପରେ ଫ୍ୟାକ୍ଟ୍ରି ମାଲିକଙ୍କୁ ଶ୍ରମିକ ମାନଙ୍କ ପାରିଶ୍ରମିକ ଦେବାକୁ ପୁଲିସ୍ କହିଥିଲେ। ପୁଲିସ କହିବା ସ୍ୱତ୍ତେ ଦାଦନ ଶ୍ରମିକଙ୍କ ପ୍ରାପ୍ୟ ଟଙ୍କା ନଦେଇ କମ୍ ଟଙ୍କା ଦେଇଥିବା କହିଛନ୍ତି ଦାଦନ ଶ୍ରମିକ। ଏହି ଘଟଣା ଉପରେ ଶ୍ରମ ବିଭାଗ ପାଖରେ ଖବର ନାହିଁ। ଏନେଇ ଗୁଣୁପୁର ସହକାରୀ ଶ୍ରମ ଅଧିକାରୀଙ୍କୁ ଅବଗତ କରାଇବାରୁ କୌଣସି ଅଭିଯୋଗ ହସ୍ତଗତ ହୋଇନାହିଁ, ତଥାପି ଅନୁସନ୍ଧାନ କରି ଆବଶ୍ୟକ ପଦକ୍ଷେପ ନେବେ ବୋଲି କହିଛନ୍ତି।

## ■ ପାରିବାରିକ କଳହରୁ ଆତ୍ମହତ୍ୟା

**କୁଡୁମୁଲୁଗୁମ୍ମା, ୨୨।୯(ସମିସ):** କୁଡୁମୁଲୁଗୁମ୍ମା ଗ୍ରାମ ପଞ୍ଚାୟତ ଅନ୍ତର୍ଗତ ଗୁଣ୍ଡୁରିଗୁଡା କଲୋନୀରେ ଘଟିଯାଇଛି ଏକ ଅଘଟଣ । କୋରକୁଣ୍ଡା ଅଞ୍ଚଳର ସନିଆ ମାଢୀ, ପି-ନରସିଂ ମାଢୀ (୩୦) ନାମକ ବ୍ୟକ୍ତି ଜଣକ ନିଜ ଶ୍ୱଶୁର ଘର ଗୁଣ୍ଡୁରିଗୁଡାରେ ପ୍ରାୟ ୪ ମାସ ହେବ ବୁଲିବାକୁ ଆସିଥିଲେ । ଏହି ସମୟ ମଧ୍ୟରେ ସେ ମୁଲ ଲାଗି ସ୍ୱଳ୍ପ ରୋଜଗାର ମଧ୍ୟ କରୁଥିଲେ। କିନ୍ତୁ ଗତକାଲି ନିଜ ସ୍ତ୍ରୀକୁ କିଛି ଟଙ୍କା ଦାବି କରିଥିଲେ ଓ ସେମାନଙ୍କ ମଧ୍ୟରେ ବଚସା ମଧ୍ୟ ହୋଇଥିଲା। ଏହାର କିଛି ସମୟ ପରେ ସନିଆ ମାଢୀ ନିଜର ମାନସିକ ଭାରସାମ୍ୟ ହରାଇ ନିକଟସ୍ଥ ଆଦର୍ଶ ବିଦ୍ୟାଳୟ ପରିସରରେ ଥିବା ଏକ ମହୁଲ ଗଛ ଡାଳରେ ଦଉଡ଼ି ଲଗାଇ ଝୁଲିଯାଇଥିଲେ । ନିକଟରେ ଖେଳୁଥିବା କିଛି ପିଲା ଆସି ଗାଁ ଲୋକଙ୍କୁ ଜଣାଇଥିଲେ ଏବଂ ଗାଁ ଲୋକେ ମଧ୍ୟ ତୁରନ୍ତ ଓରକେଲ ଥାନାଧିକାରୀ ଜନ୍ କୁଜୁରଙ୍କୁ ଜଣାଇଥିଲେ । ରାତି ଅଧିକ ହୋଇଥିବାରୁ ସନିଆର ମୃତଦେହ ଆଜି ସକାଳ ୮ ଟା ସମୟରେ ଉଦ୍ଧାର କରାଯାଇ ଶବ ବ୍ୟବଚ୍ଛେଦ ପାଇଁ ପଠାଯାଇଥିବା ଆଇ.ଆଇ.ସି ଗଣମାଧ୍ୟମକୁ ସୂଚନା ଦେଇଛନ୍ତି । ସେ ଆହୁରି କହିଛନ୍ତି ଯେ, ବର୍ତ୍ତମାନ ଏକ ଅପମୃତ୍ୟୁ ମାମଲା ରୁଜୁ କରିବା ସହ କେସ ନମ୍ବର-୨୯/୨୧ ଦାୟର କରି ଘଟଣାର ସବୁ ଦିଗରୁ ଅଧିକ ତଦନ୍ତ ଜାରି ରହିଛି । ଖଇରପୁଟ ସ୍ୱାସ୍ଥ୍ୟ କେନ୍ଦ୍ରର ଡାକ୍ତର ନରସିଂଙ୍କ ମୃତଶବକୁ ବ୍ୟବଚ୍ଛେଦ କରିଛନ୍ତି ଓ ଏହା ପରେ ଉକ୍ତ ମୃତଦେହକୁ ଅନ୍ତିମ ସଂସ୍କାର ନିମନ୍ତେ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଥିବା ଜଣାପଡ଼ିଛି ।

## ■ ବିଭିନ୍ନ ଗାଁ ବୁଲିଲେ ମନ୍ତ୍ରୀଙ୍କ ପ୍ରତିନିଧି



**ଜେକେପୁର ,୨୨।୯(ସମିସ):** ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ମନ୍ତ୍ରୀ ଜଗନ୍ନାଥ ସାରାକାଙ୍କ ନିର୍ଦ୍ଦେଶକ୍ରମେ କୋଲନରା ବ୍ଲକ୍ ବଦଖିଲାପଦର ପଞ୍ଚାୟତସମିତି ସଭ୍ୟ ମାଧାରାଓ କୋଣ୍ଡାଗରୀଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ପ୍ରତି ଗାଁ କୁ ଯାଇ ଉନ୍ନୟନ କାର୍ଯ୍ୟ ପରିଦର୍ଶନ କରିବା ସହ ଲୋକଙ୍କ ସୁବିଧା ଅସୁବିଧା ପଚାରି ବୁଝିଛନ୍ତି। ମୁକୁନ୍ଦପୁର, କୈଳାସପୁର, କାଟିକଣା, ପଲଧି , କାଟୁପାଡୁ, ଚାଙ୍ଗିନୀ, ସାନ ଖିଲାପଦର, ମେଟା, ରେଖାପଦର, ଭୁଇମେଡା ଇତ୍ୟାଦି ଗ୍ରାମରେ ପହଞ୍ଚି ଗ୍ରାମବାସୀଙ୍କ ସହ ସରକାରୀ ଯୋଜନା ଗୁଡ଼ିକ ଉପଲବ୍ଧ ହେଉଛିକି ନାହିଁ ପଚାରି ବୁଝିଥିଲେ। ଗ୍ରାମର ମୁଖିଆ ଓ ବିଜେଡି କର୍ମୀ ମାନଙ୍କ ସହ ଆଲୋଚନା କରିବା ସହ ସରକାରଙ୍କ ବିଭିନ୍ନ ଉନ୍ନୟନ କାମ ଯେପରି ଲୋକଙ୍କ ପାଖରେ ପହଞ୍ଚିବ ସେ ବାବଦରେ ଆଲୋଚନା କରିଥିଲେ। ସେହିଭଳି ଗାଁରେ ଥିବା ସମସ୍ୟା ବାବଦରେ ଲୋକଙ୍କ ଠାରୁ ଶୁଣିବା ସହ ସମାଧାନ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ସମିତିସଭ୍ୟଙ୍କ ସହ ବିଜେଡି କର୍ମୀ ରାଜୁ ତାଡିଙ୍ଗି, ବିଦ୍ୟାଧର ପ୍ରଧାନୀ, ଏଙ୍କେଟି ହୁଇକା, ଜି ଶଶୀଭୂଷଣଙ୍କ ସମେତ ଅଞ୍ଚଳର ବିଜେଡି କର୍ମୀ ଏହି ଦଳରେ ସାମିଲ ହୋଇ ଗାଁ ଗୁଡିକ ପରିଦର୍ଶନ କରିଥିଲେ।

## ■ 'ଆଜାଦୀ କି ଅମୃତ ମହୋତ୍ସବ' ଏବଂ 'ଫିଟ୍ ଇଣ୍ଡିଆ' କାର୍ଯ୍ୟକ୍ରମ




**ନନ୍ଦପୁର, ୨୨।୯(ସମିସ):** ସିଦ୍ଧେଦେବୀ ସ୍ନାତକ ମହାବିଦ୍ୟାଳୟ ନନ୍ଦପୁର ଜାତୀୟ ସେବା ଯୋଜନା ଓ ନେହେରୁ ଯୁବ କେନ୍ଦ୍ର କୋରାପୁଟର ମିଳିତ ଆନୁକୁଲ୍ୟରେ ଆଜାଦୀ କି ଅମୃତ ମହୋତ୍ସବ ଏବଂ ଫିଟ୍ ଇଣ୍ଡିଆ କାର୍ଯ୍ୟକ୍ରମ ନନ୍ଦପୁରଠାରେ ଅନୁଷ୍ଠିତ ହୋଇଯାଇଛି। ସ୍ଥାନୀୟ ନେତାଜୀ ଉଦ୍ୟାନଠାରୁ ସ୍ୱେଚ୍ଛାସେବୀମାନେ ଏକ ସଚେତନତା ଶୋଭାଯାତ୍ରାରେ ବାହାରି ମହାବିଦ୍ୟାଳୟ ଠାରେ ପରିସମାପ୍ତି ହୋଇଥିଲା। ଉକ୍ତ ଶୋଭାଯାତ୍ରାକୁ ସ୍ଥାନୀୟ ତହସିଲ କାର୍ଯ୍ୟାଳୟର ଅତିରିକ୍ତ ତହସିଲଦାର ନେତାଜୀ ସୁଭାଷ ଚନ୍ଦ୍ର ବୋଷଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିବା ସହିତ ସବୁଜ ପତାକା ଦେଖାଇ ଶୋଭାଯାତ୍ରାକୁ ଉଦ୍ଘାଟନ କରିଥିଲେ। ସ୍ନାତକ ମହାବିଦ୍ୟାଳୟର ଅଧ୍ୟକ୍ଷ ଅମର କୁମାର ମହାପାତ୍ର ସ୍ୱାଧୀନତା ସଂଗ୍ରାମୀଙ୍କ ଅମର ଗାଥା ସମ୍ପର୍କରେ ନିଜ ଅଭିଭାଷଣରେ ଉପସ୍ଥାପନ କରିଥିଲେ। ବ୍ୟାୟାମ ମାଧ୍ୟମରେ କିପରି ଶରୀରକୁ ସୁସ୍ଥ ଓ ନିରୋଗ କରିହେବ ସେ ସଂପର୍କରେ ଜାତୀୟ ସେବା ଯୋଜନା ଜିଲ୍ଲା କାର୍ଯ୍ୟକ୍ରମ ଅଧିକାରୀ କିଶୋର ଚନ୍ଦ୍ର ବେହେରା ନିଜର ମତାମତ ରଖିଥିବା ବେଳେ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। କାର୍ଯ୍ୟକ୍ରମ ଅଧିକାରୀ ସନ୍ତୋଷ କୁମାର ହନ୍ତାଳ, ସୁରଭି ପାଣିଗ୍ରାହୀ, ନେହେରୁ ଯୁବ କେନ୍ଦ୍ର କୋରାପୁଟ ସ୍ୱେଚ୍ଛାସେବୀ ଧନୀ କୁମାର, ହିତେଶ ଚୈଧୁରୀ, କେଦାର ସାହୁକାର, ଅମ୍ରାନ ନାୟକ ଓ ସନ୍ତୋଷ ଦୋରା ପ୍ରମୁଖ ଉପସ୍ଥିତି ରହି ପରିଚାଳନାରେ ସହଯୋଗ କରିଥିଲେ।

## ■ କିଷାନ ରଥ ମୋବାଇଲ ଆପ୍ ଶୁଭାରମ୍ଭ

**ରାୟଗଡ଼ା,୨୨।୯(ସମିସ):** କେନ୍ଦ୍ର ସରକାରଙ୍କ କୃଷି ଓ କୃଷକ କଲ୍ୟାଣ ବିଭାଗ ଦ୍ୱାରା କିଶାନ ରଥ ମୋବାଇଲ ଆପ୍ ଆରମ୍ଭ ହୋଇଛି। ରାୟଗଡ଼ା ଜିଲ୍ଲାରେ ଏହାର ସୁବ୍ୟବସ୍ଥା ନିମନ୍ତେ ଆଜି ସ୍ଥାନୀୟ ଆର୍‌ଏମ୍‌ସି ପରିସରରେ ଉପଜିଲ୍ଲାପାଳ ପ୍ରତାପ ଚନ୍ଦ୍ର ପ୍ରଧାନ ଏବଂ ଆର୍‌ଏମ୍ସି ସମ୍ପାଦକ ବିପିନ ବିହାରି ସ୍ୱାଇଁ ଏବଂ କର୍ମଚାରୀଙ୍କ ଗହଣରେ ଏହି ମୋବାଇଲ୍ ଆପ୍‌ର ଶୁଭାରମ୍ଭ ହୋଇଛି। ଏହି ଆପ୍‌କୁ ଡାଉନଲୋଡ୍ କରି ଘରେବସି କୃଷିଜାତୀୟ ଦ୍ରବ୍ୟର ପରିବହନ, ଚାଷୀ ଓ ବ୍ୟବସାୟୀମାନେ ଏହାର ସୁଯୋଗ ନେଇପାରିବେ। ସେହିପରି ଏହି ଆପ୍ ମାଧ୍ୟମରେ ଚାଷୀ ଏବଂ ଉଦ୍ୟଗୀମାନେ କୃଷିଜାତ ଦ୍ରବ୍ୟର ପରିବହନ ନିମନ୍ତେ ସହାୟକ ହେବ। ଅତି ସହଜରେ କୃଷିଜାତୀୟ ଦ୍ରବ୍ୟକୁ ନିର୍ଦ୍ଧାରିତ ସ୍ଥାନକୁ ପହଞ୍ଚାଇ ପାରିବେ। ଚଷୀ ତଥା ବ୍ୟବସାୟୀ ମାନେ ନିଜ ଗନ୍ତବ୍ୟ ସ୍ଥଳର ସମ୍ପୂର୍ଣ୍ଣ ବିବରଣୀ ଯଥା- ରାଜ୍ୟ, ଜିଲ୍ଲା ଓ ବ୍ଲକ ନାମ ଅନୁସାରେ ପ୍ରଦାନ କରିବା ସହ ଗାଡି ସଂଖ୍ୟା ଓ ସମ୍ପୃକ୍ତ ବ୍ୟକ୍ତିର ପୁରା ଠିକଣା ଦେବେ। ବଟନ୍ କ୍ଲିକ୍ କରିବା ପରେ ଓ ଅନୁରୋଧ ନମ୍ବର ଅନୁସାରେ ସମ୍ପୂର୍ଣ୍ଣ ବିବରଣୀ ଜାଣିପାରିବେ କିମ୍ବା ରଦ୍ଦ କରିପାରିବେ ବୋଲି ଉପଜିଲ୍ଲାପାଳ ଶ୍ରୀ ପ୍ରଧାନ ପ୍ରକାଶ କରିଥିଲେ। ସେହିପରି ଚାଷ ଜମି ଉତ୍ପାଦିତ ଦ୍ରବ୍ୟକୁ ଫାର୍ମରୁ ମଣ୍ଡି ଏବଂ ଗୋଟିଏ ମଣ୍ଡିରୁ ଅନ୍ୟ ମଣ୍ଡି ମଧ୍ୟରେ ନିରନ୍ତର ଯୋଗାଣ ସଂଯୋଗ ଓ ଅନ୍ତଃରାଜ୍ୟ କ୍ରେତାମାନଙ୍କ ପରିବହନ ପାଇଁ ସୁବିଧା ଏବଂ ଦ୍ରବ୍ୟର ଅପଚୟକୁ ହ୍ରାସ କରିବାରେ ସାହାଯ୍ୟ କରିବ ବୋଲି କୁହାଯାଇଛି। ଏହି ଆପ୍ କ୍ଷୟଶୀଳ ଦ୍ରବ୍ୟର ଉନ୍ନତ ମୂଲ୍ୟ ପାଇଁ ସହାୟକ ହୋଇପାରିବ ବୋଲି ଆର୍‌ଏମ୍ସି ସମ୍ପାଦକ ଶ୍ରୀ ସ୍ୱାଇଁ କହିଥିଲେ।

## ସଂକ୍ଷେପରେ.....

### ନଦୀରେ ବୁଡ଼ି ବୃଦ୍ଧ ନିଖୋଜ

**ନବରଙ୍ଗପୁର, ୨୨।୯ (ସମିସ) :** ଗାଈ ଚରାଇବାକୁ ଯାଇଥିବା ବୃଦ୍ଧଙ୍କ ନଦୀରେ ବୁଡ଼ି ମୃତ୍ୟୁ ହୋଇଥିବା ଅଭିଯୋଗ ହୋଇଛି। ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ ଅନ୍ତର୍ଗତ ବିମଳିଗୁଡା ଗ୍ରାମର ବୃଦ୍ଧ ସଦା ପୂଜାରୀ ସବୁଦିନ ଭଳି ଗାଈ ଚରାଇବାକୁ ଯାଇଥିଲେ କିନ୍ତୁ ସନ୍ଧ୍ୟା ସମୟ ପୂର୍ବରୁ ଗାଈ ଓ ସାଙ୍ଗରେ ଯାଇଥିବା ପୋଷା କୁକୁର ଘରକୁ ଫେରିଥିବା ବେଳେ ସଦା ଆଉ ଘରକୁ ଫେରି ନ ଥିଲେ। ରାତି ହେବା ପରେ ମଧ ବୃଦ୍ଧଙ୍କ କୌଣସି ଖୋଜଖବର ନ ମିଳିବାରୁ ବାଧହୋଇ ପରିବାର ତରଫରୁ ପୋଲିସକୁ ଜଣାଯାଇଥିଲେ। ଘଟଣାସ୍ଥଳରେ ପୋଲିସ ପହଞ୍ଚିବା ସହିତ ନିକଟରେ ଯାଇଥିବା ଇନ୍ଦ୍ରାବତୀ ନଦୀକୁ କୌଣସି କାମ ପାଇଁ ଯାଇଥିବା ବେଳେ ହୁଏତ ନଦୀରେ ବୁଡି ଯାଇଥିବା ଆଶଙ୍କା ପ୍ରକାଶ କରି ନନ୍ଦାହାଣ୍ଡି ଅଗ୍ନିଶମ ବାହିନୀ ତରଫରୁ ନଦୀ ଭିତରେ ସନ୍ଧାନ ଜାରି ରହିଛି।

### ନାଳପାଣିରେ ଭାସି ବାଳିକା ମୃତ

**ଉମରକୋଟ,୨୨।୯ (ସମିସ):** ଉମରକୋଟ ବ୍ଲକ୍ ଅନ୍ତର୍ଗତ ହୀରାପୁର ପଞ୍ଚାୟତର ନାଗଝରି ଗ୍ରାମର ବିଶି ସାନ୍ତାଙ୍କ ୧୧ ବର୍ଷର ଝିଅ ଲଭଲୀ ସାନ୍ତା ଗତକାଲି ପୋଖରୀରୁ ବାହାରୁଥିବା ନାଳପାଣିରେ ଭାସିଯାଇ ମୃତ୍ୟୁବରଣ କରିଛନ୍ତି। ଲଭଲୀ ନାଗଝରୀ ଗ୍ରାମ ନିକଟସ୍ଥ ଅନ୍ୟ ଏକ ଗ୍ରାମକୁ ଫୁଟବଲ ଖେଳ ଦେଖିବାକୁ ଯାଇ ଫେରିବା ସମୟରେ ଗ୍ରାମ ନିକଟସ୍ଥ ନାଳରେ ଖସିପଡି ନିଖୋଜ ହୋଇଯାଇଥିଲା । ସେଠାରୁ ତାଙ୍କୁ ଉଦ୍ଧାର କରି ଗ୍ରାମର ଲୋକମାନେ ଉମରକୋଟ ହସ୍ପିଟାଲକୁ ନେଇଥିଲେ। ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ପରେ ପୋଲିସ ପହଞ୍ଚି ଶବ ଜବତ କରି ବ୍ୟବଚ୍ଛେଦ କରିବା ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିଲା।

### ୧୪୫ କେଜି ଗଞ୍ଜେଇ ଜବତ




**ପଦ୍ମପୁର,୨୨।୯ (ସମିସ) :** ରାୟଗଡା ଜିଲ୍ଲା ପଦ୍ମପୁର ପୋଲିସ ପକ୍ଷରୁ ବୁଧବାର ସକାଳୁ ଚଢ଼ାଉ କରାଯାଇ ପଦ୍ମପୁର ଅଞ୍ଚଳର ଏକ ଗ୍ରାମ ନିକଟରୁ ୧୪୫କେଜି ଗଞ୍ଜେଇ ଜବତ କରାଯାଇଛି। ଅଭିଯୁକ୍ତ ଜଣକ ଆଖୁସିଙ୍ଗି ପଞ୍ଚୟତର ପେରୁପାଙ୍ଗ ଗ୍ରାମର ବିନୋଦ ଲିମା ବୋଲି ପୁଲିସ ଜାଣିବାକୁ ପାଇଛି। ପେରୁପାଙ୍ଗ ଓ ସନ୍ଦିଖଳା ଗ୍ରାମ ରାସ୍ତା ମଧ୍ୟରେ ଥିବା ଏକ ଜଙ୍ଗଲରେ ୪ଟି ବସ୍ତାରେ ୧୪୫ କେଜି ଗଞ୍ଜେଇ ଗଛିତ ରଖି ବ୍ୟବସାୟ କରୁଥିଲା। ଯାହାର ଆନୁମାନିକ ମୂଲ୍ୟ ୧୪ ଲକ୍ଷ ୫୦ ହଜାର ଟଙ୍କାରୁ ଊର୍ଦ୍ଧ୍ୱହେବ ବୋଲି ଚଣାପଡ଼ିଛି। କଣସି ସୂତ୍ରରୁ ଖବର ପାଇ ପଦ୍ମପୁର ଥାନା ଅଧିକାରୀ ବିଶ୍ୱରଞ୍ଜନ ଦାଶଙ୍କ ନେତୃତ୍ୱରେ ଏକ ଟିମ୍ ଚଢେଉ କରିଥିଲେ। ଚଢଉ ସମୟରେ ଗଞ୍ଜେଇକୁ ପୁଲିସ ଜବତ କରିଥିବା ବେଳେ ପୁଲିସକୁ ଦେଖି କୋଶଳ କ୍ରମେ ଆସାମୀ ସେଠାରୁ ଚମ୍ପଟ ମାରିଥିଲା। ଏସ୍ଆଇ ହୀରଣ୍ୟ ପ୍ରସାଦ ଭାଟି ଏହାର ତଦନ୍ତ କରୁଥିବା ବେଳେ ଯଥାଶୀଘ୍ର ଫେରାର ଆସାମୀ ବିନୋଦ ଲିମା ସହ ଏଥିରେ ଅନ୍ୟ ଯେଉଁମାନେ ସମ୍ପୃକ୍ତ ଥିବେ ସେମାନଙ୍କୁ ଅତିଶୀଘ୍ର ଗିରଫ କରାଯିବ ବୋଲି ପୋଲିସ ପକ୍ଷରୁ ସୂଚନା ଦିଆଯାଇଛି।

### ଓଲଟିଲା ବନ ବିଭାଗ ଗାଡ଼ି; ଅଳ୍ପକେ ବର୍ତ୍ତିଲେ ଡ୍ରାଇଭର ଓ କର୍ମଚାରୀ



**ନନ୍ଦପୁର,୨୨।୯ (ସମିସ):** ଭାରସାମ୍ୟ ହରାଇ ଓଲଟିପଡିଲା ବନ ବିଭାଗର ଗାଡ଼ି। ଏହି ଦୁଘଟଣା ଘଟିଛି ନନ୍ଦପୁର ବ୍ଲକ ଅନ୍ତର୍ଗତ ହିକିମପୁଟ ଗ୍ରାମ ପଂଚାୟତ ମାଲିମୁଣ୍ଡା ଘାଟି ଉପରେ। ହେଲେ ସୌଭାଗ୍ୟବଶତଃ ଗାଡିରେ ବସିଥିବା କର୍ମଚାରୀ ଓ ଡ୍ରାଇଭରଙ୍କର କୌଣସି କ୍ଷତି ହୋଇ ନ ଥିବା କହିଛନ୍ତି ଫରେଷ୍ଟର ରାଜୀବ ଲୋଚନ ଖିଲ। ଗାଡିଟି ମାଲିମୁଣ୍ଡା ଦେଇ ବଣ୍ଡକାପୁଟ ପ୍ଲାଣ୍ଟେସନ ପାଇଁ ଚାରାନେଇ ଯାଉଥିବା ସମୟରେ ଏହି ଅଘଟଣ ଘଟିଥିଲା ବୋଲି କହିଛନ୍ତି ଫରେଷ୍ଟର ଶ୍ରୀ ଖିଲ। ତେବେ ସେପଟେ ଗାଡିର ଡ୍ରାଇଭର କହିଛନ୍ତି, ଘାଟି ଉଠୁଥିବା ବେଳେ ହଠାତ୍ ଗାଡି ତଳକୁ ଖସିଆସିଲା । ବହୁ ଚେଷ୍ଟା ସତ୍ତ୍ୱେ ଗାଡିଟି ଓଲଟି ପଡିଲା। ହେଲେ ଗାଡିରେ ଚାରିଜଣ ବସିଥିଲେ, କାହାରିକୁ କିଛି ହୋଇନାହିଁ ବୋଲି ସେ କହିଛନ୍ତି।

# କାମରେ ଆସୁନି ମାର୍କେଟ କମ୍ପ୍ଲେକ୍ସ



**ପାଲଟିଛି ମଦ୍ୟପଙ୍କ ଆଡ୍ଡାସ୍ଥଳୀ**

**ପଦ୍ମପୁର,୨୨।୯ (ସମିସ)**

ପଦ୍ମପୁର ବ୍ଲକ୍ ସଦର ପଞ୍ଚାୟତରେ ନିର୍ମିତ ମାର୍କେଟ କମ୍ପେକ୍ସ ଲୋକଙ୍କ କାମରେ ଲାଗୁନି। ଉପଯୁକ୍ତ ଅଞ୍ଚଳରେ ଏହାକୁ ନିର୍ମାଣ କରାଯାଇ ନଥିବା ବେଳେ ଏହା କାର୍ଯ୍ୟକ୍ଷମ ହୋଇପାରୁ ନଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି। ସୂଚନା ଅନୁଯାୟୀ, ଏହି ମାର୍କେଟ କମ୍ପ୍ଲେକ୍ସ ୨୦୦୭-୦୮ ଆର୍ଥିକ ବର୍ଷରେ ନିର୍ମାଣ କରାଯାଇଥିବା ବେଳେ ଏଥିରେ ୨୦ ଟି ଦୋକାନ ଗୃହ ରହିଛି। ଆଦିବାସୀ ଜନଜାତି କିଭଳି ସାବଲମ୍ବୀ ହେବେ ତାହାକୁ ଦୃଷ୍ଟିରେ ରଖି ଏହି ମାର୍କେଟ କମ୍ପ୍ଲେକ୍ସ ନିର୍ମାଣ କରାଯାଇଥିଲା। ବର୍ତ୍ତମାନ ଏହା ଅସାମାଜିକ ବ୍ୟକ୍ତିଙ୍କ ଆଡ୍ଡାସ୍ଥଳୀ ପାଲଟିଛି। ମଦ୍ୟପମାନେ ଏହି ମାର୍କେଟ କମ୍ପ୍ଲେକ୍ସକୁ ବ୍ୟବହାର କରୁଥିବା ଅଭିଯୋଗ ହୋଇଛି। ବର୍ତ୍ତମାନ ଏଠାରେ ଏକ କୃତ୍ରିମ ପୋଖରୀ ସୃଷ୍ଟି ହୋଇଛି। ପ୍ରତିବର୍ଷ ବର୍ଷାଦିନେ ସେଠାରେ ପାଣି ଜମିରହି ଦୁର୍ଗନ୍ଧମୟ ପରିବେଶ ସୃଷ୍ଟି ହୋଇଛି। ରାୟଗଡ଼ା ଜିଲ୍ଲାରେ ବର୍ତ୍ତମାନ ବହୁଲୋକ ଡେଙ୍ଗୁ ରୋଗରେ ପୀଡିତ ଥିବାବେଳେ ଲୋକଙ୍କୁ ଡେଙ୍ଗୁର ଭୟ ଲାଗିରହିଛି। ତେବେ ପ୍ରଶାସନ ଏଠି ଡେଙ୍ଗୁଚାଷ କରୁଛି ବୋଲି ଚର୍ଚ୍ଚା ହେଉଛି। ଏହି ମାର୍କେଟ କମ୍ପ୍ଲେକ୍ସ କିପରି କାର୍ଯ୍ୟକ୍ଷମ ହେବ ଓ ସେଠାରେ ପାଣି କିଭଳି ଜମି ନରହିବ ତାହାର ସ୍ଥାୟୀ ପ୍ରତିକାର କରିବା ପାଇଁ ପ୍ରଶାସନକୁ ଦୃଷ୍ଟିଦେବାକୁ ବୁଦ୍ଧିଜୀବୀ ମାନେ ମତବ୍ୟକ୍ତ କରିଛନ୍ତି।

■ ଜାଲ୍ ଜାତିଗତ ପ୍ରମାଣପତ୍ରରେ ଅଙ୍ଗନବାଡ଼ି ଚାକିରି ଘଟଣା

# ତହସିଲଦାରଙ୍କୁ ତଦନ୍ତ ଦାୟିତ୍ୱ

**ଜୟପୁର,୨୨।୯ (ସମିସ)**

କୋରାପୁଟ ଜିଲ୍ଲା ଜୟପୁର ବ୍ଲକର ବାରିଣିପୁଟ ପଞ୍ଚାୟତର ନୂଆଗୁଡା ଗ୍ରାମରେ ଜାଲ ଅନୁସୂଚିତ ଜାତି ପ୍ରମାଣପତ୍ର ପ୍ରଦାନ କରି ଜଣେ ଅଙ୍ଗନବାଡି ମହିଳା କର୍ମୀ ଭାବେ ଚାକିରି ପାଇଥିବା ଉପଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଥିଲା । ଏହି ଅଭିଯୋଗ ଏକ ସମ୍ବେଦନଶୀଳ ଘଟଣା ହୋଇଥିବା ଯୋଗୁଁ ଜୟପୁର ଉପଜିଲ୍ଲାପାଳ ହେମକାନ୍ତ ସୟ ସ୍ଥାନୀୟ ତହସିଲଦାରଙ୍କୁ ତୁରନ୍ତ ତଦନ୍ତ କରିବା ସହିତ ଏକ ରିପୋର୍ଟ ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ତଦନ୍ତବେଳେ ଅଭିଯୋଗର ସତ୍ୟାସତ୍ୟ ନେଇ ପ୍ରମାଣିତ ହେଲେ ଆଇନ ଅନୁଯାୟୀ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଉପଜିଲ୍ଲାପାଳ ସୟ ସୂଚନା ଦେଇଛନ୍ତି । ପ୍ରକାଶ ଯେ, ଜୟପୁର ବ୍ଲକ ଓ ପୌରଞ୍ଚଳର ୧୧ଟି ଅଙ୍ଗନବାଡି କେନ୍ଦ୍ରରେ ମହିଳା କର୍ମୀ ପାଇଁ ଗତ ଜୁଲାଇ ୭ ତାରିଖରେ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ଏଥିରେ ସ୍ପଷ୍ଟ ଭାବେ ଉଲ୍ଲେଖ ରହିଥିବା ପ୍ରଥମେ ଅନୁସୂଚିତ ଜନଜାତିର ମହିଳା ପ୍ରାର୍ଥୀଙ୍କୁ ଅଗ୍ରାଧିକାର ଦିଆଯିବ। କିନ୍ତୁ ଉପଯୁକ୍ତ ପ୍ରାର୍ଥୀ ନ ମିଳିଲେ ପର୍ଯ୍ୟାୟ କ୍ରମେ ଅନୁସୂଚିତ ଜାତି, ପଛୁଆବର୍ଗ ଏବଂ ସାଧାରଣ ବର୍ଗ ମହିଳା ପ୍ରାର୍ଥୀଙ୍କୁ ଚୟନ କରାଯିବ । କିନ୍ତୁ ନୂଆଗୁଡା ଗ୍ରାମରେ ଜୋଲି ଖୋସଲା ଓରଫ ହିଆଲ ନାମ୍ନୀ ଜଣେ ମହିଳା ପ୍ରାର୍ଥିନୀ ଜଣେ ପଛୁଆବର୍ଗର ମହିଳା ହୋଇଥିବା ବେଳେ ବେଆଇନ ଭାବେ ଅନୁସୂଚିତ ଜାତିର ପ୍ରମାଣପତ୍ର ଯୋଗାଡ କରି ଗ୍ରାମର ଅଙ୍ଗନବାଡ଼ି କେନ୍ଦ୍ରର ମହିଳା କର୍ମୀ ଚାକିରି ହାତେଇ ନେଇଥିଲେ। ପ୍ରଥମେ ଏନେଇ ଅନ୍ୟତମ ଆବେଦନକାରୀ ପ୍ରାର୍ଥିନୀ ପଦ୍ମା ହରିଜନ ଏବଂ ଗ୍ରାମବାସୀ ସମନ୍ୱିତ ଶିଶୁ ବିକାଶ ଅଧିକାରୀ, ବିଡିଓଙ୍କ ନିକଟରେ ଅଭିଯୋଗ କରିଥିଲେ । କିନ୍ତୁ ଏଥିନେଇ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିଲା । ଶେଷରେ ଗତ ସୋମବାର ଜିଲ୍ଲା ଡମ ସଂଗଠନର ସାଧାରଣ ସମ୍ପାଦକ ମଙ୍ଗଳଦାନ ଖିଲଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ଉପଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରିଥିଲେ । ଏଥିନେଇ ବୁଧବାର ଦୈନିକ 'ସକାଳ' ଖବରକାଗଜରେ ବିସ୍ତୃତ ଭାବେ ଖବର ପ୍ରକାଶିତ ହୋଇଥିଲା। ଘଟଣାଟି ଅଧିକ ସମ୍ବେଦନଶୀଳ ହୋଇଥିବା ଯୋଗୁଁ ଉପଜିଲ୍ଲାପାଳ ତୁରନ୍ତ ଏଥିନେଇ ତହସିଲଦାରଙ୍କୁ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି ।

# ବିଦ୍ୟାଳୟ ପରିସରରୁ ଚନ୍ଦନ ଗଛ ଚୋରି

**ବିଷମ କଟକ,୨୨।୯ (ସମିସ):** ରାୟଗଡ଼ା ଜିଲ୍ଲା ବିଷମ କଟକ ଥାନା ସଦର ମହକୁମାରେ ଥିବା ସହକାରୀ ଉଚ୍ଚ ବିଦ୍ୟାଳୟ ପରିସରେ ଥିବା ଚନ୍ଦନ ଗଛ ଚୋରି ହୋଇଛି।। ବିଷମ କଟକ ସହକାରୀ ଉଚ୍ଚ ବିଦ୍ୟାଳରେ ଥିବା ୪୦ ବର୍ଷର ପୁରାତନ ଚନ୍ଦନ ଗଛକୁ ଚେର ସହ ଉପାଡ଼ି ନେଇଛନ୍ତି ଚୋରମାନେ। ଖବର ନେବାରୁ ଜଣା ପଡ଼ିଛି ଗତ ସମବାର ରାତିରେ ଏହି ଚନ୍ଦନଗଛ ଚୋରି ହୋଇଛି। ଦୁର୍ବୃତ୍ତ ମାନେ ପ୍ରାୟ ୩ ଫୁଟ ଗାତଖୋଳି ଏହି ପୁରାତନ ଚନ୍ଦନ ଗଛକୁ ଚୋରିକରି ନେଇଯାଇଛନ୍ତି । ଏହି ସହକାରୀ ଉଚ୍ଚ ବିଦ୍ୟାଳୟର ସୁରକ୍ଷା ପାଇଁ ଜଣେ କର୍ମଚାରୀଙ୍କୁ ନିଯୁକ୍ତି ମଧ ମିଳିଛି। ଜଣେ ସୁରକ୍ଷା କର୍ମଚାରୀ ନିଯୁକ୍ତି ଥିବାବେଳେ ଚନ୍ଦନଗଛ ଚୋରିହେବା ଜାଣି ପାରିଲେ ନାହିଁ କେମିତି। ମୁଖ୍ୟ ରାସ୍ତାର ଜନଗହଳି ସ୍ଥାନରେ ଥିବା ଏହି ସହକାରୀ ଉଚ୍ଚ ବିଦ୍ୟାଳୟରୁ ଚନ୍ଦନଗଛ ଗାଏବ ହେବା ଏବେ ସାଧାରଣ ଲୋକଙ୍କୁ ଆଶ୍ଚର୍ଯ୍ୟ ଚକିତ କରିଛି। ପୂର୍ବରୁ ରାଧାକୃଷ୍ଣ ମନ୍ଦିର , ଡୁକୁମ ରଡ଼ ଓ ସହରକୁ ଲାଗି ରହିଥିବା ଜଙ୍ଗଲରେ ଶତାଧିକ ଚନ୍ଦନଗଛ ଚୋରି ହୋଇଥିବା ନଜିର ରହିଛି। ଏଭଳି ଘଟଣା ବାରମ୍ବାର ଘଟୁଥିବା ବେଳେ ଏହି ଅଞ୍ଚଳରେ ଚନ୍ଦନକାଠ ମାଫିଆ ସକ୍ରିୟ ଥିବା ଜଣା ପଡୁଛି। ଚନ୍ଦନଗଛ ଚୋରିହେବା ଦୁଇଦିନ ବିତିଯାଇଥିଲେ ମଧ ଏନେଇ ଥାନାରେ କିମ୍ବା ବନ ବିଭାଗ ନିକଟରେ କୌଣସି ଅଭିଯୋଗ ହୋଇ ନଥିବା ଜଣା ପଡ଼ିଛି। ତେବେ ଏନେଇ ପ୍ରଧାନ ଶିକ୍ଷକଙ୍କ କୌଣସି ପତିକ୍ରିୟା ମିଳିପାରି ନାହିଁ। ଏହି ଅଞ୍ଚଳରେ ଗୋଟିଏ ପରେ ଗୋଟିଏ ମୂଲ୍ୟବାନ ଚନ୍ଦନଗଛ ଚୋରି ହେଉଥିବା ବେଳେ ଏହି ଘଟଣାକୁ ତଦନ୍ତ କରି ଚନ୍ଦନ କାଠ ମାଫିଆଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି।

# ସ୍ୱାସ୍ଥ୍ୟ ସଚେତନତା କାର୍ଯ୍ୟକ୍ରମ



**ଜେକେପୁର,୨୨।୯ (ସମିସ)**

ରାୟଗଡା ଜିଲ୍ଲା ସଦର ବ୍ଲକ୍ କୁମୁଟଲପେଣ୍ଟା ଗ୍ରାମରେ ୩ ଡେଙ୍ଗୁରୋଗୀ ଚିହ୍ନଟ ହେବାପରେ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଗ୍ରାମରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଗ୍ରାମର ବିଭିନ୍ନ ନାଳ ନର୍ଦ୍ଦମା ସଫା କରାଯିବା ସହ ବିଶୋଧନ କରାଯାଇଛି। ପାଣି ଜମିରହିଥିବା ସ୍ଥାନରେ ବ୍ଲିଚିଙ୍ଗ ପକାଇ ପରିଷ୍କାର କରାଯାଇଥିଲା। ମଶାବଂଶ ବୃଦ୍ଧି ନହେବା ପାଇଁ ନିକଟରେ ଥିବା ବୁଦାଗୁଡ଼ିକୁ ସଫା କରାଯାଇଥିଲା। ସେହିଭଳି ଜ୍ୱରରେ ପୀଡିତ ଲୋକଙ୍କ ସ୍ୱାସ୍ଥ୍ୟପରୀକ୍ଷା କରାଯିବା ସହ ରକ୍ତ ନମୁନା ସଂଗ୍ରହ କରାଯାଇଥିଲା। ବିଭିନ୍ନ ସାହିବସ୍ତି ବୁଲି ଡେଙ୍ଗୁ ଓ ମ୍ୟାଲେରିଆ ରୋଗରୁ କିଭଳି ସତର୍କ ରହିବେ ସେନେଇ ସଚେତନ କରାଯାଇଥିଲା। ଜେମାଦେଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଏମ୍ପିଏସ୍ ମନୋଜ ପଣ୍ଡା , ସ୍ଥାନୀୟ ସ୍ୱାସ୍ଥ୍ୟକର୍ମୀ ଦୀପ୍ତି ମହାନ୍ତି, ଆଶାକର୍ମୀ ବି,ସୁଗାନା ଓ ନର୍ସ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# କ୍ଲଷ୍ଟରସ୍ତରୀୟ ପ୍ରଶିକ୍ଷଣ ଶିବିର

**ଲମତାପୁଟ,୨୨।୯ (ସମିସ):** ଆଜି ଲମତାପୁଟ ଡିଗ୍ରୀ କଲେଜ ତରଫରୁ ଆୟୋଜିତ ହୋଇଛି ତିନିଦିନିଆ କ୍ଲଷ୍ଟରସ୍ତରୀୟ ପ୍ରଶିକ୍ଷଣ ଶିବିର । ଏଠାରେ ଲମତାପୁଟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଇନ୍ଚାର୍ଜ ଡାକ୍ତର ଦେବାଶିଷ ବେହେରା ମୁଖ୍ୟ ଅତିଥି, ନନ୍ଦପୁର ଏସ୍ଡିପିଓ ସଞ୍ଜୟ କୁମାର ମହାପାତ୍ର ସମ୍ମାନିତ ଅତିଥି , ମୁଖ୍ୟବକ୍ତା ଦୁଷ୍ମନ୍ତ କୁମାର ଚୌଧୁରୀ, ସିନିଅର ଇଂଲିଶ ଅଧାପକ ଡ଼. ଭୀମ ରାଓ ଆମ୍ବେଦକର ମହାବିଦ୍ୟାଳୟ, କନକଲତା ମହାପାତ୍ର, ସିନିଅର ଇତିହାସ ଅଧାପିକା, ମହିଳା ମହାବିଦ୍ୟାଳୟ, ଜୟପୁର ସହିଦ ଲକ୍ଷ୍ମଣ ନାୟକ ଡିଗ୍ରୀ କଲେଜ ବୈପାରୀଗୁଡା, ନିମନ୍ତ୍ରିତ ଅତିଥି ସାଗର କୁମାର ବେହେରା ଆଦର୍ଶ ବିଦ୍ୟାଳୟ ଲମତାପୁଟ, ଏସ କେ ବେହେରା ଅଗ୍ନିଶମ ବାହିନୀ , ଏନ ସାହୁ , ପି ଭୂୟାଁ, ଜି ବି ଭାଇଁସାଲ, ବି ବେହେରା, ଡ଼ି ପାତ୍ର, ପ୍ରବୀଣ ବିଶୋଇ କୁଳପତି ଲମତାପୁଟ ଡିଗ୍ରୀ କଲେଜ, ଅନାମ ଖିଲ ଏଜୁକେସନ ଅଧାପକ, ମଧୁସୂଦନ ଖିଲ ରାଜନୀତି ବିଜ୍ଞାନ ଅଧାପକ, ଭାରତୀ ପଟ୍ଟନାୟକ ଅର୍ଥନୀତି ଅଧାପିକା, ସାଗରୀକା ପାତ୍ର ,ଓଡ଼ିଆ ଅଧାପିକା, ଅସିତ କୁମାର ଗିରି ପି.ଟି. ଅଧାପକ, ଦୀପ୍ତିମୟୀ ମାଝୀ, ଇତିହାସ ଅଧାପିକା, ଦିପ୍ତୀଶିଖା ମହାନ୍ତି, ଲାଇବ୍ରେରୀଆନ, ଦୀପକ କୁମାର ଟାକ୍ରୀ( ୟୁ ଡ଼ି ସି ), ଲିପ୍ସା ପାଲକା (ଏଲ ଡ଼ି ସି )ଏବଂ ଡିଗ୍ରୀ କଲେଜର ସମସ୍ତ ଛାତ୍ରଛାତ୍ରୀ ଉପସ୍ଥିତ ରହି କ୍ଲଷ୍ଟର ପ୍ରଶିକ୍ଷଣ ବିଷୟରେ ଆଲୋଚନା କରିଥିଲେ। ଶେଷରେ ଲମତାପୁଟ ଅଗ୍ନିଶମ ବାହିନୀ ତରଫରୁ ନିଆଁକୁ କିପରି ଆୟତ୍ତ କରାଯିବ ତାହା ବୁଝାଇଥିଲେ ଏବଂ ଗୁରୁବାର ଦିନ କଲେଜରେ ରକ୍ତଦାନ ଶିବିର କରାଯିବ ବୋଲି ସୂଚନା ଦେଇଥିଲେ । ସମସ୍ତ ଜନସାଧାରଣଙ୍କୁ ସ୍ୱଇଚ୍ଛାରେ ରକ୍ତଦାନ କରିବା ପାଇଁ ଅନୁରୋଧ କରିଥିଲେ।

**ଠିକାସଂସ୍ଥା ବିରୁଦ୍ଧରେ ଜିଲ୍ଲାପାଳଙ୍କୁ ଅଭିଯୋଗ**

# ୮ ମାସ ହେଲା କୋଲାବ ଜଳଭଣ୍ଡାର ସୁରକ୍ଷାକର୍ମୀଙ୍କୁ ଦରମା ମିଳିନି

**କୋରାପୁଟ,୨୨।୯ (ସମିସ)**

୮ମାସ ହେଲା ଦରମା ପାଇନାହାନ୍ତି କୋଲାବ ଜଳ ଭଣ୍ଡାରର ସୁରକ୍ଷା କର୍ମଚାରୀ । କରୋନା ମହାମାରୀ ସମୟରେ ମାନବ ସମାଜର ଆର୍ଥିକ ମାନଦଣ୍ଡ ଭୁଶୁଡି ପଡିଥିବା ବେଳେ ୮ମାସର ଦରମା ନ ପାଇ ସେମାନେ ପରିବାରର ଲାଳନ ପାଳନ ପାଇଁ ନାନାଦି ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ୨୦୧୩ ମସିହାରୁ କୋଲାବ ଜଳ ଭଣ୍ଡାରର ସୁରକ୍ଷା ଦାୟିତ୍ୱରେ ୫୬ ଜଣ କାର୍ଯ୍ୟରତ ଅଛନ୍ତି । ସେଥିରେ ୪୧ ଜଣ ଗାର୍ଡ ଓ ୧୭ଜଣ ଗନ୍ମ୍ୟାନ ରହିଛନ୍ତି । କିନ୍ତୁ ସେମାନେ ଦୀର୍ଘ ଆଠମାସ ହେବ ଦରମା ପାଇନାହାନ୍ତି । ପ୍ରଥମେ ଜଗନ୍ନାଥ ସିକ୍ୟୁରିଟି ଏଜେନ୍ସି ୪ମାସ ୧୫ ଦିନର ଦରମା ଦେଇ ନ ଥିବା ବେଳେ ବର୍ତ୍ତମାନ ନୂତନ ଭାବେ ଦାୟିତ୍ୱ ନେଇଥିବା ଡ୍ରିମ ପାୱାର ସିକ୍ୟୁରିଟି ଏଜେନ୍ସି ୩ମାସ ହେଲା ଦରମା ଦେଇ ନ ଥିବା ଗାର୍ଡମାନେ ଦାବିପତ୍ରରେ ଉଲ୍ଲେଖ କରିଛନ୍ତି । ଏ ସଂପର୍କରେ କୋଲାବ ଜଳଭଣ୍ଡାରର ନିର୍ବାହୀ ଯନ୍ତ୍ରୀଙ୍କୁ ବାରମ୍ବାର ଜଣାଇବା ପରେ ମଧ କୌଣସି ସୁଫଳ ମିଳି ନ ଥିବା ସେମାନେ କହିଛନ୍ତି । ପ୍ରତାରଣା କରୁଥିବା ସେହି ସିକ୍ୟୁରିଟି ଠିକା ସଂସ୍ଥା ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ନେବା ସହ ଯଥାଶୀଘ୍ର ଦରମା ପ୍ରଦାନ କରିବା ନେଇ ଆଜି ରାଜୁ ନାଗ, ଡଙ୍ଗୁରୁ ଖୋସ୍ଲା, ନିରଂଜନ ପାଇକ ଓ କମ୍ବଲୁ ମାଦଳଙ୍କ ସମେତ ଅନେକ ସିକ୍ୟୁରିଟି ଗାର୍ଡ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ଦାବିପତ୍ର ପ୍ରଦାନ କରିଥିବା ଜଣାପଡିଛି ।

# ସ୍ମାର୍ଟ ବିଦ୍ୟାଳୟ କାର୍ଯ୍ୟକ୍ରମର ସମୀକ୍ଷାକଲେ ଜିଲ୍ଲାପାଳ

**ଚିତ୍ରକୋଣ୍ଡା, ୨୨।୯ (ସମିସ)**



ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକର ସରକାରୀ ବାଳକ ଉଚ୍ଚ ବିଦ୍ୟାଳୟକୁ ସ୍ମାର୍ଟ ସ୍କୁଲରେ ପରିଣତ କରିବା ପାଇଁ ମାର୍ଚ୍ଚ ମାସରେ ସରକାର ଘୋଷଣା କରିଥିଲେ। ଏହାପରେ ବିଦ୍ୟାଳୟକୁ ନୂତନ ରୂପ ଦେବା ପାଇଁ ଜିଲ୍ଲା ପ୍ରଶାସନ ଓ ବ୍ଲକ ପ୍ରଶାସନ କାମ ଚଳାଇଛନ୍ତି। ଯାହା ଏବେ ଶେଷ ପର୍ଯ୍ୟାୟରେ ପହଞ୍ଚିଲାଣି। ଆସନ୍ତା ଅକ୍ଟୋବର ୨ ତାରିଖ ଗାନ୍ଧୀ ଜୟନ୍ତୀରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏହି ସ୍ମାର୍ଟ ସ୍କୁଲର ଶୁଭାରମ୍ଭ କରିବେ।

ସେହି ସ୍ମାର୍ଟ ବିଦ୍ୟାଳୟ କାର୍ଯ୍ୟକ୍ରମର ସମୀକ୍ଷା କରିବା ପାଇଁ ଆଜି ମାଲକାନଗିରି ଜିଲ୍ଲାପାଳ ବିଶାଳ ସିଂ ବିଦ୍ୟାଳୟରେ ପହଞ୍ଚି ସମସ୍ତ କାର୍ଯ୍ୟର ସମୀକ୍ଷା କରିଥିଲେ। ରାଜ୍ୟ ସରକାରଙ୍କ ୫ଟି କାର୍ଯ୍ୟକ୍ରମ ମାଧମରେ ଚିତ୍ରକୋଣ୍ଡା ସରକାରୀ ବାଳକ ଉଚ୍ଚ ବିଦ୍ୟାଳୟରେ ଆକର୍ଷଣୀୟ ସ୍ମାର୍ଟ କ୍ଲାସ ରୁମ ନିର୍ମାଣ ଚାଲିଛି। ଇ- ଲାଇବ୍ରେରୀ, ଲାବ୍ରୋଟରି, ୨ ଟି ସ୍ମାର୍ଟ କ୍ଲାସ୍ରୁମ୍,ଖେଳପଡିଆ, ସାଂସ୍କୃତିକ ମଣ୍ଡପ, ବଗିଚା କାମ ଜାରିରହିଛି। ଏହା ସହ ଜିଲ୍ଲାପାଳ ଚିତ୍ରକୋଣ୍ଡା ଖେଳପଡିଆରେ ଚାଲିଥିବା ଉନ୍ନତିକରଣ କାର୍ଯ୍ୟକୁ ବୁଲି ଦେଖିଥିଲେ। ଜିଲ୍ଲାପାଳଙ୍କ ସହ ଚିତ୍ରକୋଣ୍ଡା ବିଡିଓ ରାହୁଲ ମଣ୍ଡଳ,ସ୍କୁଲର ପ୍ରଧାନ ଶିକ୍ଷୟିତ୍ରୀ ଜାନକୀ ହନ୍ତାଳ ଉପସ୍ଥିତ ଥିଲେ। ଏହି ସ୍କୁଲକୁ ଜିଲ୍ଲାର ଏକ ପ୍ରମୁଖ ଶିକ୍ଷାନୁଷ୍ଠାନ ଭାବରେ ଗଢି ତଳିବାକୁ ରାଜ୍ୟ ସରକାର ଯେଁଉ ସଂକଳ୍ପ ନେଇଛନ୍ତି, ତାକୁ କିପରି ସାକାର କରାଯାଇପାରିବ ଓ ପଛୁଆ ଅଞ୍ଚଳର ଏହି ଶିକ୍ଷାନୁଷ୍ଠାନ କିପରି ସମଗ୍ର ଜିଲ୍ଲାର ଟେକ ରଖିବ ତାହା ଉପରେ ଜୋର ଦିଆଯାଇ କାମ କରାଯାଉଥିବ ସୂଚନା ମିଳିଛି।

# ପାନୀୟଜଳ ସମସ୍ୟା ପାଇଁ ବିଡିଓଙ୍କୁ ଦାବିପତ୍ର

**କୋରୁକୋଣ୍ଡା,୨୨।୯ (ସମିସ)**

ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ନୀଳାକାମ୍ବେରୁ ପଞ୍ଚାୟତ ଅଧୀନସ୍ଥ ସୋଲକୋଣ୍ଡା ଗ୍ରାମର ମହିଳା ଆଜି ପାନୀୟ ଜଳ ସମସ୍ୟା ଦୂରୀକରଣ ପାଇଁ ବିଡିଓଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ସୂଚନା ଅନୁଯାୟୀ ସୋଲକୋଣ୍ଡା ଗ୍ରାମରେ ପ୍ରାୟ ଦୁଇଶହ ପରିବାର ରହି ଆସୁଥିବା ବେଳେ ସେଠାରେ ଦେଖାଦେଇଛି ଜଳ ସମସ୍ୟା । ଦୁଇଶହଟି ପରିବାରକୁ ପାନୀୟ ଜଳ ଯୋଗାଇବା ପାଇଁ ସରକାରଙ୍କ ପକ୍ଷରୁ ତିନୋଟି ନଳକୂପ ଖନନ କରଯାଇଥିଲା ,କିନ୍ତୁ ସେଗୁଡ଼ିକ ଅଚଳ ଅବସ୍ଥାରେ ପଡ଼ିରହିଛି । ସୂଚନା ଅନୁଯାୟୀ ନଳକୂପକୁ ମରାମତି କଲେ ମଧ ସେଥିରୁ ଲୁହାଗୁଣ୍ଡ ମିଶ୍ରିତ ଦୂଷିତ ଜଳ ବାହାରୁଛି ଯାହାକି ପାନୀୟ ଉପଯୋଗୀ ନୁହେଁ ବୋଲି ଗ୍ରାମର ମହିଳା କହିଛନ୍ତି । ଗ୍ରାମରେ ସୋଲାର ସଂଯୋଗ ପାଣିଟାଙ୍କି ଥିଲେ ମଧ ତାହା ପର୍ଯ୍ୟାପ୍ତ ପରିମାଣରେ ଗ୍ରାମବାସୀଙ୍କୁ ପାନୀୟ ଜଳ ଯୋଗାଇ ପାରୁନାହିଁ ବୋଲି ଗ୍ରାମର ମହିଳା ଅଭିଯୋଗ କରିଛନ୍ତି। ଯାଦ୍ୱାରା ଗ୍ରାମବାସୀ ଡ୍ୟାମ୍ ଜଳକୁ ପାନୀୟ ଜଳ ରୂପେ ବ୍ୟବହାର କରିବାକୁ ବାଧ ହେଉଛନ୍ତି । ସୂଚନା ଅନୁଯାୟୀ ଜଳ ସମସ୍ୟାକୁ ନେଇ ଗ୍ରାମବାସୀ ବହୁବାର ପ୍ରଶାସନକୁ ଜଣାଇବା ସତ୍ତ୍ୱେ ପ୍ରଶାସନ କୌଣସି ପଦକ୍ଷେପ ନେଉ ନ ଥିବା ଗ୍ରାମର ମହିଳା ଅଭିଯୋଗ କରିଛନ୍ତି । ପାନୀୟ ଜଳ ସମସ୍ୟାର ସମାଧାନ ତୁରନ୍ତ କରା ନ ଗଲେ, ଆଗାମୀ ଦିନରେ ବ୍ଲକ କାର୍ଯ୍ୟାଳୟ



ସମ୍ମୁଖରେ ଗ୍ରାମବାସୀଙ୍କ ପକ୍ଷରୁ ସମୂହ ଧାରଣା ପ୍ରଦର୍ଶନ କରାଯିବ ବୋଲି ଗ୍ରାମର ମହିଳାମାନେ ମତ ପ୍ରକାଶ କରିଛନ୍ତି ।

# ବିପଦସଙ୍କୁଳ ଅବସ୍ଥାରେ ବିଦ୍ୟୁତ୍ ଟ୍ରାନ୍ସଫର୍ମର



**କଲ୍ୟାଣସିଂହପୁର,୨୨।୯ (ସମିସ)**

ରାୟଗଡ଼ା ଜିଲା କଲ୍ୟାଣସିଂହପୁର ବ୍ଲକ୍ ସଦର ମହକୁମାରେ ତିନୋଟି ବିଦ୍ୟୁତ୍ ଟ୍ରାନ୍ସଫର୍ମର୍ ବିପଦସଙ୍କୁଳ ଅବସ୍ଥାରେ ବହୁଦିନ ଧରି ରହିଥିଲେ ମଧ ବିଭାଗୀୟ ଅଧିକାରୀ ସବୁଜାଣି ଚୁପ ବସିଛନ୍ତି। ଗୋଟିଏ ଟ୍ରନ୍ସଫରମର ଲମ୍ବତାସାହି ରାସ୍ତା କଡ଼ରେ ବିପଦସଙ୍କୁଳ ଅବସ୍ଥାରେ ରହିଥିବା ଦେଖିବାକୁ ମିଳିଥିବା ବେଳେ ଅନ୍ୟଟି ରଥ ପଡ଼ିଆରେ ରହିଛି। ସେହିଭଳି ଆଉ ଏକ ଟ୍ରାନ୍ସଫର୍ମର୍ ସରକାରୀ ଉଚ୍ଚ ବିଦ୍ୟାଳୟର ପାଚେରିକୁ ଲାଗି ବିପଦସଙ୍କୁଳ ଅବସ୍ଥାରେ ରହିଛି। ଲମ୍ବତାସାହି ରାସ୍ତା କଡ଼ରେ ଥିବା ଟ୍ରନ୍ସଫରମରର ଅଳ୍ପ ଦୂରରେ ଏକ ପାଦଚଲା ରାସ୍ତା ରହିଛି ଓ ସେହି ରାସ୍ତାଦେଇ ଅନେକ ଲୋକ ଯାତାୟାତ କରିଥାନ୍ତି। ଖାଲି ଏତିକି ନୁହଁ ଉକ୍ତ ଟ୍ରାନ୍ସଫରମର ପାଖରେ ଏକ ପଡ଼ିଆ ଥିବାରୁ ଗାଈଗୋରୁ ବହୁ ସଂଖ୍ୟାରେ ଚରନ୍ତି। ସେହିଭଳି ବିଦ୍ୟାଳୟ ନିକଟରେ ଥିବା ଟ୍ରାନ୍ସଫର୍ମର୍ ଟି ବିପଦସଂଙ୍କୁଳ ଅବସ୍ଥାରେ ରହିଛି। ଏହା ନିକଟରେ ଛାତ୍ରଛାତ୍ରୀମାନେ ଖେଳକୁଦ କରିଥାନ୍ତି। ତିନୋଟି ଟ୍ରାନ୍ସଫର୍ମର ବିପଦସଙ୍କୁଳ ଅବସ୍ଥାରେ ଥିଲେମଧ ବିଭାଗ ପକ୍ଷରୁ କୌଣସି ତାରବାଡ଼ କରାଯାଇନି। ଏମିତି ମୁକୁଳା ହୋଇ ରହିଥିବାରୁ କେତେବେଳେ ଅଘଟଣ ଘଟିବ ତାହା କହି ହବନି। ରଥ ପଡିଆରେ ଯେଉଁ ଟ୍ରାନ୍ସଫର୍ମର୍ ରହିଛି ପୁଣି ଏବେ ସେଠାରେ ଏକ ନୂଆ ୧୧ କେଭିର ବଡ଼ ଟ୍ରାନ୍ସଫରମର ରଖାଯାଇଛି। ଯଦି ସେଇ ଜାଗାରେ ଉକ୍ତ ଟ୍ରାନ୍ସଫରମର ଟି ରହିବ ତାହାହେଲ ରଥଯାତ୍ରା ସମୟରେ ରଥ ଟାଣିବାରେ ବାଧା ସୃଷ୍ଟି ହେବ। ତୁରନ୍ତ ରଥ ପଡ଼ିଆରେ ଥିବା ଟ୍ରାନ୍ସଫରମରଟିକୁ ଅନ୍ୟ ସ୍ଥାନକୁ ସ୍ଥାନାନ୍ତର କରିବା ପାଇଁ ଜଗନ୍ନାଥ ମନ୍ଦିର ପରିଚାଳନା କମିଟି ଦାବି କରିଛନ୍ତି। ବିପଦସଙ୍କୁଳ ଅବସ୍ଥାରେ ଥିବା ଟ୍ରାନ୍ସଫର୍ମର ଗୁଡିକୁ ବାଡ଼ ଦେବାପାଇଁ ସାଧାରଣରେ ଦାବି ହୋଇଛି।



## ‘ସିଡୁ୍ୟଲ-୧’ ସାମୁଦ୍ରିକ ଜୀବଙ୍କ ସୁରକ୍ଷା ପାଇଁ ପଦକ୍ଷେପ

# ପୁରୀ ବେଳାଭୂମିରୁ ୬ କିଗ୍ରା କୋରାଲ ଜବତ

ପୁରୀ,୨୨।୯ (ସମିସ): ବନ୍ୟପ୍ରାଣୀ ଆଇନ-୧୯୭୨ ଅନୁଯାୟୀ ସିଡୁ୍ୟଲ-୧ ଶ୍ରେଣୀଭୁକ୍ତ ସାମୁଦ୍ରିକ ଜୀବଙ୍କୁ ଧରିବା ଏବଂ ବିକ୍ରି କରିବା ଦଣ୍ଡନୀୟ ଅପରାଧ। କିନ୍ତୁ ସଚେତନତା ଅଭାବ ଏବଂ ବନ୍ୟପ୍ରାଣୀ ଆଇନ ବିଷୟରେ ଅନେକ ଜାଣି ନ ଥିବାରୁ ଖୋଲାଖୋଲି ସିଡୁ୍ୟଲ-୧ ଜୀବଙ୍କୁ ବିକ୍ରି କରାଯାଉଛି। ରାଜ୍ୟର ୪୮୦ କିମି ବେଳାଭୂମିରେ ଏମିତି ଖୁଲମଖୁଲା ବନ୍ୟପ୍ରାଣୀ ଆଇନକୁ ଉଲ୍ଲଂଘନ ହେଉଛି। ବିଶେଷକରି ଯେଉଁ ବେଳାଭୂମିକୁ ଅଧିକ ସଂଖ୍ୟାରେ ପର୍ଯ୍ୟଟକ ଆସୁଛନ୍ତି ସେହିଠାରେ ଅନେକ ବ୍ୟବସାୟୀ ଏହାକୁ ବିକ୍ରି କରୁଛନ୍ତି। ଏ ନେଇ ‘ସକାଳ’ରେ ତଥ୍ୟ ଭିତ୍ତିକ ଖବର ପ୍ରକାଶ ପରେ ଓଡ଼ିଶା ବନ ବିଭାଗ ସିଡୁ୍ୟଲ-୧ ସାମୁଦ୍ରିକ ଜୀବ ଜବତ କରିବା ଦିଗରେ ଆଗ୍ରହ ଦେଖାଇଛି। ପ୍ରଥମଥର ପାଇଁ ପୁରୀ ବନଖଣ୍ଡ ଅଧିକାରୀ (ଡିଏଫ୍‌ଓ) ପି. ରାମାସ୍ୱାମୀ ଏ ଦିଗରେ ତତ୍ପରତା ଦେଖାଇଛନ୍ତି। ପ୍ରାଥମିକ ପର୍ଯ୍ୟାୟରେ ବୁଧବାର ପୁରୀ ବନ୍ୟପ୍ରାଣୀ ଡିଭିଜନ ବେଳାଭୂମିରୁ ୬ କିଗ୍ରା କୋରାଲ ଜବତ କରିଛି। ତେବେ କେଉଁଠାରୁ ବ୍ୟବସାୟୀମାନେ କୋରାଲ ପାଉଛନ୍ତି ଏ ଦିଗରେ ଅନୁସନ୍ଧାନ ଚାଲିଛି ବୋଲି ଡିଏଫ୍‌ଓ ସୂଚନା ଦେଇଛନ୍ତି।

ୱାର୍ଲ୍ଡ ୱାଇଲ୍ଡ ଫଣ୍ଡର ତଥ୍ୟ ଅନୁସାରେ ଭାରତରେ ସାମୁଦ୍ରିକ ଜୀବମାନଙ୍କ ସଂଗ୍ରହ ଓ ବିକ୍ରି





@PCCFWL_Odisha
@cmo @OdishaMarineWL
@AdityaPanda @biswajitmohanty

ରାଜ୍ୟ ଖବର

ପୁରୀ ବେଳାଭୂମିରେ ‘ସିଡୁ୍ୟଲ୍ ୧’ ଜୀବ ବିକ୍ରି

DFO PURI WL @dfopuriwl · 3h
Replying to @PratvaGhosh @PCCFWL_Odisha and 4 others
Today 6kg of Corals seized by Staffs of Puri WL divison which sold in Sea Beach, Puri. Enquiry is going on to trace out the source of corals.
@Puri_Official @PCCFWL_Odisha @AdityaPanda

‘ସକାଳ’ ପ୍ରଭାବ

ଗତ କିଛିବର୍ଷ ହେବ ବୃଦ୍ଧି ପାଇଛି। ଏହାର ପ୍ରତିଫଳନ ଓଡ଼ିଶାର ଉପକୂଳ ସମୁଦ୍ରତଟରେ ଦେଖିବାକୁ ମିଳୁଛି। ପୁରୀ ହେଉ କି ଗୋପାଳପୁର ଏମିତି ଅନେକ ବେଳାଭୂମିରେ ସିଡୁ୍ୟଲ-୧ ସାମୁଦ୍ରିକ ଜୀବ ବିକ୍ରି କରାଯାଉଛି। ଫଳରେ ବିପଦରେ ଏବେ ବିଲୁପ୍ତପ୍ରାୟ ଏହି ସାମୁଦ୍ରିକ ଜୀବ। ବାଘ, ହାତୀ ଭଳି ସିଡୁ୍ୟଲ-୧ ବନ୍ୟପ୍ରାଣୀଙ୍କ ସୁରକ୍ଷା ଏବଂ ସଂରକ୍ଷଣ ପାଇଁ ଯେଉଁ ଆଇନ କାନୁନ ରହିଛି ସାମୁଦ୍ରିକ ଜୀବଙ୍କ କ୍ଷେତ୍ରରେ ବି ଏହା ଲାଗୁ ହେବ କଥା। ଉଲ୍ଲଂଘନକାରୀଙ୍କୁ ଆର୍ଥିକ ଜରିମାନା ସହ ୭ ବର୍ଷ ଜେଲ୍‌ଦଣ୍ଡର ପ୍ରାବଧାନ ରହିଛି। ହେଲେ ଏ ଦିଗରେ ସଚେତନତା କରାଯାଉ ନ ଥିବାରୁ ଶଙ୍ଖ, ଶାମୁକା ଭଳି ଖୋଲାଖୋଲି ବେଳାଭୂମିରେ ବିକ୍ରି ହେଉଛି। ଫଳରେ ଏହି ଶ୍ରେଣୀର ସାମୁଦ୍ରିକ ଜୀବ ଏବେ ଧୀରେ ଧୀରେ ହଜିଯିବାକୁ ବସିଲେଣି। ତେବେ ପୁରୀ ବନ୍ୟପ୍ରାଣୀ ଡିଭିଜନ ପକ୍ଷରୁ ଏହି ସାମୁଦ୍ରିକ ଜୀବଙ୍କ ସୁରକ୍ଷା ଦିଗରେ ଆରମ୍ଭ ହୋଇଥିବା ପଦକ୍ଷେପକୁ ବିଭିନ୍ନ ମହଲରେ ପ୍ରଶଂସା କରାଯାଇଛି।

ସବୁଠୁ ଖୁସିର କଥା ହେଉଛି ସିଡୁ୍ୟଲ-୧ ସାମୁଦ୍ରିକ ବନ୍ୟପ୍ରାଣୀ ସୁରକ୍ଷା ଏବଂ ସଂରକ୍ଷଣ ଦିଗରେ ବନ ବିଭାଗ ଏବେ ଆଗ୍ରହ ଦେଖାଇଛି। ଗୋପାଳପୁରସ୍ଥିତ ଜୁଲୋଜିକାଲ ସର୍ଭେ ଅଫ୍ ଇଣ୍ଡିଆ ସହ ମିଶି ବିଭାଗୀୟ କର୍ମଚାରୀଙ୍କୁ ତାଲିମ ପ୍ରଦାନ କରାଯିବ। କେଉଁ ପ୍ରଜାତି କ’ଣ ବୋଲି ତାହା ସେମାନଙ୍କୁ ଚିହ୍ନାଯିବ।

ଗୋପାଳାପୁରସ୍ଥିତ ଜୁଲୋଜିକାଲ ସର୍ଭେ ଅଫ୍ ଇଣ୍ଡିଆର ବରିଷ୍ଠ ବୈଜ୍ଞାନିକ ଅନୀଲ ମହାପାତ୍ର କହିଛନ୍ତି, ପୁରୀ ବନ୍ୟପ୍ରାଣୀ ଡିଭିଜନର ଏହା ଏକ ଭଲ ପଦକ୍ଷେପ। ଓଡ଼ିଶାରେ ଏମିତି କୋରାଲ ଜବତ କରିବା ଦିଗରେ ବନ ବିଭାଗ ଆଗ୍ରହ ପ୍ରକାଶ କରିବା ସାମୁଦ୍ରିକ ଜୀବଙ୍କ ସୁରକ୍ଷା ଦିଗରେ ଏକ ଭଲ ସଙ୍କେତ। ସବୁଠୁ ଉଦ୍‌ବେଗର ବିଷୟ ହେଉଛି ଗୋପାଳପୁର ବେଳାଭୂମିରେ ସିଡୁ୍ୟଲ-୧ ଶ୍ରେଣୀର ଗର୍ଗନିଆ ମଧ ଖୋଲାଖୋଲି ବିକ୍ରି କରାଯାଉଛି। ଗୋପାଳପୁର ବନ ବିଭାଗ ଏ ଦିଗରେ ପଦକ୍ଷେପ ନେବ ବୋଲି ଆଶା କରୁଛୁ। ଏହାଦ୍ୱାରା ଓଡ଼ିଶାର ବିଭିନ୍ନ ବେଳଭୂମିରୁ ଏଭଳି ସାମୁଦ୍ରିକ ଜୀବଙ୍କ ବିକ୍ରି ବନ୍ଦ ହୋଇପାରିବ।

# ଭୂମିହୀନ କୁଷ୍ଠ ରୋଗୀଙ୍କୁ ମିଳିବ ଘର ଡିହ

ଭୁବନେଶ୍ୱର,୨୨।୯ (ସମିସ): କୁଷ୍ଠ ରୋଗୀ କଲୋନୀରେ ରହୁଥିବା ଭୂମିହୀନ ପରିବାର ଗୁଡ଼ିକୁ ବସୁନ୍ଧରା ଯୋଜନାରେ ଘର ଡିହ ଯୋଗାଇ ଦିଆଯିବ। ସେଥିପାଇଁ ରାଜସ୍ୱ ବିଭାଗ ତରଫରୁ ଆଶ୍ୟକୀୟ ବିଜ୍ଞପ୍ତି ଜାରି କରିବାକୁ ସମ୍ପୃକ୍ତ ବିଭାଗକୁ ନିବେଦନ କରାଯାଇଛି। ସାମାଜିକ ସୁରକ୍ଷା ବିଭାଗ ତରଫରୁ କୁଷ୍ଠ ରୋଗୀଙ୍କୁ ଗ୍ରେଡ୍-୨ ଏମସିଆର୍ ଚପଲ ଦେବାକୁ ଅତିରିକ୍ତ ଶାସନ ସଚିବ ମଧୁମିତା ନାୟକ ପ୍ରତିଶ୍ରୁତି ଦେଇଥିଲେ। ଏଥିପାଇଁ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସମ୍ବଲପୁର ଓ ଭଦ୍ରକକୁ ଆବଶ୍ୟକୀୟ ଅର୍ଥ ମଞ୍ଜୁର କରାଯାଇଥିବା ରାଜ୍ୟ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ଶସକ୍ତିକରଣ ବିଭାଗ, ରାଜ୍ୟ ବୈଷୟିକ କମିଟିର ୩ୟ ବୈଠକରେ ଆଲୋଚନା ହୋଇଛି। ବିଭାଗର ନିର୍ଦ୍ଦେଶିକା ବ୍ରତତୀ ହରିଚନ୍ଦନଙ୍କ ଅଧକ୍ଷତାରେ ଭିଡିଓ କନଫରେନ୍ସ ମାଧ୍ୟମରେ ଅନୁଷ୍ଠିତ ଏହି ବୈଠକରେ କୁଷ୍ଠ ରୋଗୀ ମୁକ୍ତ ବ୍ୟକ୍ତି ଓ ସେମାନଙ୍କ ପରିବାର ସଦସ୍ୟଙ୍କ ଥଇଥାନ ନିମନ୍ତେ ନିଆଯାଉଥିବା ପଦକ୍ଷେପ ସମ୍ପର୍କରେ ଆଲୋଚନ ହୋଇଥିଲା।

ବିଭାଗର ଅତିରିକ୍ତ ଶାସନସଚିବ ଅଭୟ ନାୟକ, ଜାତୀୟ ସ୍ୱାସ୍ଥ୍ୟ ମିଶନ ଯୁଗ୍ମ ନିର୍ଦ୍ଦେଶକ ଡ. ନିରୋଜ କୁମାର ସାହୁ, ରାଜ୍ୟ ସ୍ୱାସ୍ଥ୍ୟ ବିଭାଗର ଅତିରିକ୍ତ ନିର୍ଦ୍ଦେଶକ ତଥା କୁଷ୍ଠରୋଗ ବିଭାଗର ସଞ୍ଚାଳକ ଡ. ରାଜେନ୍ଦ୍ର ପତି, ଜାତୀୟ କୁଷ୍ଠ ନିରାକରଣ କାର୍ଯ୍ୟକ୍ରମର ପରାମର୍ଶଦାତା ଡ. ଡମ୍ବରୁଧର ଭୂୟାଁ ଯୋଗଦେଇ ହାଇକୋର୍ଟଙ୍କ ନିର୍ଦ୍ଦେଶକ୍ରମେ କୁଷ୍ଠରୋଗ ବ୍ୟକ୍ତିମାନଙ୍କ କଲ୍ୟାଣ, ଥଇଥାନ ଓ ଚିକତ୍ସା ନିମନ୍ତେ ନିଜ ନିଜ ବିଭାଗର ଯୋଜନା ସମ୍ପର୍କରେ ସୂଚନା ଦେଇଥିଲେ। ରାଜ୍ୟ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ଅତିରିକ୍ତ ଶାସନସଚିବ ସୁଶାନ୍ତ ମିଶ୍ର ଯୋଗଦେଇ କୁଷ୍ଠ କଲୋନୀ ମାନଙ୍କରେ ପାନୀୟ ଜଳ ଓ ପାଇଖାନା ବନ୍ଦୋବସ୍ତ କରିବାକୁ ପ୍ରତିଶ୍ରୁତି ଦେଇଥିବା ବେଳେ ରାଜ୍ୟ ପଞ୍ଚାୟତରାଜ ଓ ପାନୀୟ ଜଳ ଯୋଗାଣ

- ବସୁନ୍ଧରା ଯୋଜନାରେ ବ୍ୟବସ୍ଥା
- ରାଜ୍ୟ ବୈଷୟିକ କମିଟିରେ ସର୍ବମତ

ବିଭାଗ ଉପ ଶାସନସଚିବ ଗୃହ ନିର୍ମାଣ ଯୋଜନାରୁ ଗ୍ରାମାଞ୍ଚଳରେ ଯେଉଁ କୁଷ୍ଠରୋଗୀ ପରିବାର ବାସଗୃହ ପାଇବାରୁ ବଞ୍ଚିତ ହୋଇଛନ୍ତି ସେମାନଙ୍କୁ ଆଗ୍ରାଧିକାର ଭିତ୍ତିରେ ବାସଗୃହ ଯୋଗାଇ ଦେବାକୁ ରାଜ୍ୟ ପଞ୍ଚାୟତରାଜ ବିଭାଗ ଉଦ୍ୟମ କରିବ ବୋଲି କହିଥିଲେ। ତାଲିମପ୍ରାପ୍ତ କୁଷ୍ଠ କର୍ମୀମାନଙ୍କୁ ପ୍ରତ୍ୟେକ ବ୍ଲକ ଓ ନଗରପାଳିକାରେ ଥିବା ଡାକ୍ତରଖାନା ମାନଙ୍କରେ ନିଯୁକ୍ତି ଦେଇ ସୁପ୍ରିମ କୋର୍ଟ ଦେଇଥିବା ନିର୍ଦ୍ଦେଶକୁ ତୁରନ୍ତ କାର୍ଯ୍ୟକାରୀ କରିବା ସହ କୁଷ୍ଠରୋଗୀଙ୍କୁ ଦିଆଯାଉଥିବା ମାସିକ ଭତ୍ତା ଦିଲ୍ଲୀ ଓ ହରିୟାଣା ସରକାରଙ୍କ ପରି ମାସିକ ୫ଶହରୁ ୩ହଜାର ଟଙ୍କାକୁ ବୃଦ୍ଧି କରିବାକୁ ରାଜ୍ୟ ସଭାପତି ଉମେଶ ଚନ୍ଦ୍ର ନାୟକ ଦାବି କରିଥିଲେ। ବୈଠକରେ କମିଟିର ଆବାହକ ତଥା ସାମାଜିକ ସୁରକ୍ଷା ଅଧିକାରୀ ମୁଖ୍ୟାଳୟ, ସନ୍ନ୍ୟାସୀ ବେହେରାଙ୍କ ସମେତ କଟକ, ସମ୍ବଲପୁର, ବାରିପଦା, ବରଗଡ଼, ବାଲେଶ୍ୱର, ମୟୁରଭଞ୍ଜ, ଖୋର୍ଦ୍ଧା ଆଦି ଜିଲ୍ଲାର କୁଷ୍ଠ କଲୋନୀ ପ୍ରତିନିଧିମାନେ ଯୋଗଦେଇ ସମସ୍ୟା ସମ୍ପର୍କରେ ଆଲୋଚନା କରିଥିଲେ।

# ତ୍ୱରାନ୍ୱିତ ହେବ ଆକାଂକ୍ଷୀ ଜିଲ୍ଲାର ବିକାଶ

ଭୁବନେଶ୍ୱର,୨୨।୯ (ସମିସ): ଆକାଂକ୍ଷୀ ଜିଲ୍ଲାର ବିକାଶ ତ୍ୱରାନ୍ୱିତ କରିବା ଉପରେ ରାଜ୍ୟ ସରକାର ଗୁରୁତ୍ୱ ଦେଉଛନ୍ତି। ଜଣେ ଲେଖାଏଁ ବରିଷ୍ଠ ଅଧିକାରୀଙ୍କୁ ଗୋଟିଏ ଲେଖାଏଁ ଆକାଂକ୍ଷୀ ଜିଲ୍ଲା ଦାୟିତ୍ୱ ପ୍ରଦାନ କରାଯାଇ ଥିବା ବେଳେ ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ ପ୍ରମୁଖ ସଚିବ ଅଶୋକ କୁମାର ମୀନାଙ୍କୁ ମୁଖ୍ୟ ନୋଡାଲ ଅଧିକାରୀ ଭାବେ ଦାୟିତ୍ୱ ପ୍ରଦାନ କରାଯାଇଛି। ଶ୍ରୀ ମୀନା ସାମଗ୍ରୀକ ଭାବେ ଆକାଂକ୍ଷୀ ଜିଲ୍ଲାରେ ବିଭିନ୍ନ କାର୍ଯ୍ୟକ୍ରମ ତଦାରଖ କରିବେ। ନିଜ ବିଭାଗର ସହିତ ଆକାଂକ୍ଷୀ ଜିଲ୍ଲାର ଅତିରିକ୍ତ ଦାୟିତ୍ୱ ତୁଲାଇବେ। ଶ୍ରୀ ମୀନା ରାଜ୍ୟ ସରକାର, ନୀତି ଆୟୋଗ ଏବଂ ସମ୍ପୃକ୍ତ ୧୦ଟି ଆକାଂକ୍ଷୀ ଜିଲ୍ଲା ମଧ୍ୟରେ ସମନ୍ୱୟ ରକ୍ଷା କରିବେ ବୋଲି ଜଣାପଡ଼ିଛି। ଯୋଜନା ଓ ସଂଯୋଜନ ବିଭାଗ ରାଜ୍ୟ ନୋଡାଲ ଅଧିକାରୀ ଶ୍ରୀ ମୀନାଙ୍କୁ ସହାୟତା ପ୍ରଦାନ କରିବ। ଭାରତ ସରକାରଙ୍କ ଆକାଂକ୍ଷୀ ଜିଲ୍ଲା ମଧ୍ୟରେ ବଲାଙ୍ଗିର, ରାୟଗଡ଼ା, କୋରାପୁଟ, ଗଜପତି, ନୂଆପଡ଼ା, କନ୍ଧମାଳ, ନବରଙ୍ଗପୁର, କଳାହାଣ୍ଡି, ଢେଙ୍କାନାଳ ଓ ମାଲକାନଗିରି ଜିଲ୍ଲା ରହିଛି।

# ‘ଓଡ଼ିଶା-ମୋ ପରିବାର’ର ମହନୀୟତା

## ନୂଆଦିଲ୍ଲୀରୁ ଆସିଲା ଶ୍ରମିକଙ୍କ ପାର୍ଥିବ ଶରୀର

ଭୁବନେଶ୍ୱର,୨୨।୯ (ସମିସ): ଏକ ଦୁର୍ଘଟଣାର ଶିକାର ହୋଇ ନୂଆଦିଲ୍ଲୀରେ ପ୍ରାଣ ହରାଇଥିବା ଓଡ଼ିଆ ଶ୍ରମିକଙ୍କ ମୃତ ଦେହକୁ ଫେରାଇ ଆଣିବାରେ ସହଯୋଗ କରିଛି ‘ଓଡ଼ିଶା-ମୋ ପରିବାର’। ହସ୍ତଗତ ସୂଚନା ଅନୁସାରେ କେନ୍ଦ୍ରାପଡ଼ା ପଟ୍ଟାମୁଣ୍ଡାଇ ତନୁପୁର ଗ୍ରାମର ୫୮ ବର୍ଷୀୟ ବିଚିତ୍ରାନନ୍ଦ ପାତ୍ର ନୂଆଦିଲ୍ଲୀରେ ରହି ପାଣି ପାଇପ୍ ମିସ୍ତ୍ରୀ ଭାବେ କାମ କରୁଥିଲେ। ଗତ ୨୦ ତାରିଖରେ ଘରେ ପୂଜା କରୁଥିବା ସମୟରେ ତଳେ ପଡ଼ିଯିବାରୁ ତାଙ୍କ ମୁଣ୍ଡରେ ଆଘାତ ଲାଗିଥିଲା ଏବଂ କିଛି ସମୟ ମଧ୍ୟରେ ତାଙ୍କର ମୃତ୍ୟୁ ହୋଇଥିଲା। କିନ୍ତୁ ସେଠାରେ ଆଇନଗତ ପ୍ରକ୍ରିୟା ଶେଷ କରି ମୃତଦେହକୁ ଓଡ଼ିଶା ଫେରାଇ ଆଣିବା ପାଇଁ ବିଚିତ୍ରନନ୍ଦଙ୍କ ପରିବାର ଲୋକ ଅସମର୍ଥ ଥିଲେ। ଏହି ଖବର ମୁଖ୍ୟମନ୍ତ୍ରୀଙ୍କ ଆବାସିକ କାର୍ଯ୍ୟାଳୟକୁ ଆସିବା ପରେ ଏ ସମ୍ପର୍କରେ ଓଡ଼ିଶା-ମୋ ପରିବାରକୁ ଅବଗତ କରାଯାଇ ସହାୟତା ପାଇଁ ନିର୍ଦ୍ଦେଶ ଦିଆଯାଇଥିଲା। ନୂଆଦିଲ୍ଲୀ ଓଡ଼ିଆ ମହାମଞ୍ଚର ନିର୍ଦ୍ଦେଶକ ଗୋବର୍ଦ୍ଧନ ଧଳ ଏବଂ ସେଠାରେ ଓଡ଼ିଶା-ମୋ ପରିବାରର ସଦସ୍ୟ ଅକ୍ଷୟ ସାମଲଙ୍କ ସହ ସମନ୍ୱୟ ରକ୍ଷା କରି ସ୍ୱର୍ଗତ ବିଚିତ୍ରନନ୍ଦଙ୍କର ନୂଆଦିଲ୍ଲୀ ଏମ୍ସରେ ଶବ ବ୍ୟବଚ୍ଛେଦ



କରାଇଥିଲେ। ଓଡ଼ିଶା-ମୋ ପରିବାର ସମସ୍ତ ଖର୍ଚ୍ଚ ବହନ କରି ବିମାନରେ ମୃତଦେହ ଓଡ଼ିଶାକୁ ଆଣିବା ପାଇଁ ବ୍ୟବସ୍ଥା କରାଯାଇଥିଲା। ମଙ୍ଗଳବାର ନୂଆଦିଲ୍ଲୀରୁ ବିମାନରେ ମୃତଦେହ ଆସି ବିଜୁ ପଟ୍ଟନାୟକ ଅନ୍ତଜାତୀୟ ବିମାନବନ୍ଦରରେ ପହଞ୍ଚି ଥିଲା। ଏଠାରେ ଓଡ଼ିଶା-ମୋ ପରିବାର ଯୁଗ୍ମ ସମ୍ପାଦକ ରୁଦ୍ର ନାରାୟଣ ସାମନ୍ତରାୟ, ସମୀର ପ୍ରଧାନ, ଉପଦେଷ୍ଟା ସତ୍ୟଜିତ ଦାଶ, ସିଇଓ ଆଦିତ୍ୟ ଦାସ ପ୍ରମୁଖ ଉପସ୍ଥିତ ରହି ମୃତଦେହ ଗ୍ରହଣ କରିବା ସହ ତାଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିଲେ। ପରେ ଏକ ଆମ୍ବୁଲାନ୍ସ ବ୍ୟବସ୍ଥା କରାଯାଇ ବିଚିତ୍ରାନନ୍ଦଙ୍କ ଅନ୍ତିମ ସଂସ୍କାର ପାଇଁ ପରୀ ସ୍ୱର୍ଗ ଦ୍ୱାରକୁ ନିଆଯାଇଥିଲା।

## ଓମାନରୁ ଫେରିଲା ଓଡ଼ିଆ ଯୁବକଙ୍କ ମୃତଦେହ

ଭୁବନେଶ୍ୱର,୨୨।୯ (ସମିସ): ସୁଦୂର ଓମାନରେ ଫସିଥିବା ଜଣେ ଓଡ଼ିଆ ଶ୍ରମିକଙ୍କ ମୃତଦେହ ତାଙ୍କ ଜନ୍ମ ମାଟିକୁ ଫେରାଇ ଆଣିବାରେ ସହାୟତାର ହାତ ବଢ଼ାଇଛି ଓଡ଼ିଶା-ମୋ ପରିବାର। ସୂଚନା ଅନୁସାରେ ଗଞ୍ଜାମ ଜିଲ୍ଲା ଖଲ୍ଲିକୋଟ ଅନ୍ତର୍ଗତ କମଳାପଦର ଗ୍ରାମର ପ୍ରଦୀପ ପାହନ ଓମାନ୍‌ର ରାଜଧାନୀ ମସ୍କାଟ୍‌ରେ ଏକ କମ୍ପାନୀରେ କାମ କରୁଥିଲେ। ତେବେ ଗତ ୧୪ ତାରିଖ ଦିନ ଏକ ସଡ଼କ ଦୁର୍ଘଟଣାରେ ତାଙ୍କର ମୃତ୍ୟୁ ହୋଇଥିଲା। ସେଠାରେ ତାଙ୍କର ଶବ ବ୍ୟବଚ୍ଛେଦ ପରେ ଓଡ଼ିଶାକୁ ଫେରାଇ ଆଣିବା ପାଇଁ ବାହାରିନ ଓଡ଼ିଶା-ମୋ ପରିବାର ସ୍ପକ୍ (ସିଙ୍ଗଲ୍ ପଏଣ୍ଟ ଅଫ୍ କଣ୍ଟାକ୍ଟ) ଡ଼ ଅରୁଣ ପ୍ରହରାଜ ଭାରତୀୟ ଦୂତାବାସ, ବୈଦେଶିକ ବ୍ୟାପାର ମନ୍ତ୍ରାଳୟ ଏବଂ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ଅନୁରୋଧ କରାଯାଇଥିଲା। ରାଜ୍ୟସଭା ସାଂସଦ ଡ. ସସ୍ମିତ ପାତ୍ର ଏହି ସୂଚନା ପାଇବା ପରେ ମୃତଦେହ ଆଣିବା ପ୍ରକ୍ରିୟା ତ୍ୱରାନ୍ୱିତ କରିବା ପାଇଁ ବୈଦେଶିକ ବ୍ୟାପାର ମନ୍ତ୍ରାଳୟର ସହଯୋଗ ଲୋଡ଼ିଥିଲେ। ପରେ ପ୍ରଦୀପଙ୍କ



ପାର୍ଥବ ଶରୀର ଓମାନରୁ ଭାୟା ମୁମ୍ବଇ ଦେଇ ବିଜୁ ପଟ୍ଟନାୟକ ଅନ୍ତର୍ଜାତୀୟ ବିମାନବନ୍ଦରରେ ପହଞ୍ଚିଥିଲା। ସେଠାରେ ଓଡ଼ିଶା-ମୋ ପରିବାରର ଆବାହକ ଅରୂପ ପଟ୍ଟନାୟକ, ଯୁଗ୍ମ ସମ୍ପାଦକ ରୁଦ୍ର ନାରାୟଣ ସାମନ୍ତରାୟ, ସମୀର ପ୍ରଧାନ, ବରିଷ୍ଠ ବିଜେଡି ନେତା ଭରଦ୍ୱାଜ ମିଶ୍ର, ଓଡ଼ିଶା-ମୋ ପରିବାରର ସ୍ୱାସ୍ଥ୍ୟ ଉପଦେଷ୍ଟା ସତ୍ୟଜିତ ଦାଶ ପ୍ରମୁଖ ଉପସ୍ଥିତ ରହି ବିମାନବନ୍ଦର କର୍ତ୍ତୃପକ୍ଷଙ୍କ ଠାରୁ ପ୍ରଦୀପଙ୍କ ମୃତଦେହ ଗ୍ରହଣ କରିଥିଲେ। ମୃତଦେହ ପରିବାର ସଦସ୍ୟଙ୍କୁ ହସ୍ତାନ୍ତର କରାଯିବା ପରେ ଏକ ଆମ୍ବୁଲାନ୍ସ ଯୋଗାଡ଼ କରାଯାଇ ତାଙ୍କ ଗ୍ରାମକୁ ପଠା ଯାଇଥିଲା।

# କୀଟନାଶକ ପିଇ ଚାଷୀ ଆତ୍ମହତ୍ୟା

ଅଠାବିରା,୨୨।୯ (ସମିସ): ଅଠାବିରା ବ୍ଲକ ଅନ୍ତର୍ଗତ ହିଲ୍ଲିପାଲି ପଞ୍ଚାୟତ ଟାଙ୍ଗରଟିକ୍ରାର ଚାଷୀ ବୃନ୍ଦାବନ ଭୁଏ (୬୨) ମଙ୍ଗଳବାର କୀଟନାଶକ ପିଇ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। ତାଙ୍କୁ ପ୍ରଥମେ ଗୋଡଭଗା ଓ ପରେ ଅବସ୍ଥା ସଂକଟାପନ୍ନ ହେବାରୁ ବୁର୍ଲା ଭୀମସାରରେ ଭର୍ତ୍ତି କରାଯାଇଥିଲା; ହେଲେ ଗତକାଲି ବିଳମ୍ବିତ ରାତିରେ ତାଙ୍କ ମୃତ୍ୟୁ ହୋଇଥିବା ନେଇ ତାଙ୍କ ମଝିଆ ପୁଅ ଗଣନାଥ ଭୁଏ କହିଛନ୍ତି। ଗତ ଖରିଫ ଋତୁରେ ପ୍ରାୟ ୧୦ ଏକର ନିଜ ଜମିରେ ଧାନ ଚାଷ କରିଥିଲେ। ଟୋକନ ସମସ୍ୟା କାରଣରୁ ତାଙ୍କର ୧୦୦ ବସ୍ତା ଧାନ ଆଜିଯାଏଁ ବିକ୍ରି ନ ହୋଇ ଖଳାରେ ପଡ଼ିରହିଛି। ଚାଷ ପାଇଁ ସୋସାଇଟିରୁ ୩ ଲକ୍ଷ ଟଙ୍କା ଋଣ ଏବଂ ମହାଜନୀ ଋଣକୁ ନେଇ ସେ ସର୍ବଦା ଚିନ୍ତିତ ଥିଲେ। ତେଣୁ ସେ କିପରି ପରିବାର ପ୍ରତିପୋଷଣ କରିବେ ସେହି ଚିନ୍ତାରେ ମାନସିକ ଭାରସାମ୍ୟ ହରାଇ କୀଟନାଶକ ପିଇ ଆତ୍ମହତ୍ୟା କରିଛନ୍ତି ବୋଲି ତାଙ୍କ ପୁଅ ପ୍ରକାଶ କରିଛନ୍ତି। ତାଙ୍କର ୩ ପୁଅ ଓ ଦୁଇ ଝିଅ ଅଛନ୍ତି। ବଡପୁଅ ତାମିଲନାଡୁ ଦାଦନ ଖଟିବାକୁ ଯାଇଥିବାବେଳେ ସାନପୁଅ ମାଟ୍ରିକ ପଢ଼ି ଘରେ ରହିଛନ୍ତି।

# ନବରଙ୍ଗପୁର ଜିଲ୍ଲା ବିଜେଡି କମିଟି କର୍ମକର୍ତ୍ତା ମନୋନୀତ

ଭୁବନେଶ୍ୱର,୨୨।୯ (ସମିସ): ବିଜୁ ଜନତା ଦଳ ନବରଙ୍ଗପୁର ଜିଲ୍ଲା କମିଟିର କର୍ମକର୍ତ୍ତାଙ୍କ ନାମ ଘୋଷଣା କରାଯାଇଛି। ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ଅନୁମୋଦନକ୍ରମେ ଜିଲ୍ଲା ସଭାପତି ନୂତନ କର୍ମକର୍ତ୍ତାଙ୍କୁ ନିଯୁକ୍ତି ଦେଇଥିବା ଦଳର ସାଧାରଣ ସମ୍ପାଦକ (ଗଣମାଧ୍ୟମ ବ୍ୟାପାର) ମାନସ ରଞ୍ଜନ ମଙ୍ଗରାଜ ସୂଚନା ଦେଇଛନ୍ତି। ଜିଲ୍ଲା କମିଟିରେ ୧୨ ଜଣ ଉପସଭାପତି, ୧୩ ଜଣ ସାଧାରଣ ସମ୍ପାଦକ, ୧୪ ଜଣ ସମ୍ପାଦକ ଏବଂ ଜଣେ କୋଷାଧ୍ୟକ୍ଷଙ୍କୁ ନିଯୁକ୍ତି ମିଳିଛି।

ହସ୍ତଗତ ସୂଚନା ଅନୁସାରେ ନବରଙ୍ଗପୁର ବିଜେଡି ଜିଲ୍ଲା କମିଟିରେ ଉପ ସଭାପତି ଭାବେ ବଦ୍ରିନାରାୟଣ ସିଂହ, ଝାଡ଼େଶ୍ୱର ମହାନ୍ତି, ମୋତିରାମ ନାୟକ, ରବି ପଟ୍ଟନାୟକ, ସ୍ୱାଧୀନ ପଟ୍ଟନାୟକ, ମଧୁସୂଦନ ନାଗେଶ ଦାୟିତ୍ୱ ପାଇଛନ୍ତି। ସେହିପରି ଶୁକଦେବ ଗୋଣ୍ଡ, ରମେଶ ସାହୁ, ରଜନୀକାନ୍ତ ପଟ୍ଟନାୟକ, ଉଦ୍ଧବ ନାୟକ, ଇନ୍ଦ୍ର ଭତ୍ରା ଏବଂ ଦିବ୍ୟାନନ୍ଦ ସୁନାଙ୍କୁ ଉପ ସଭାପତି ଦାୟିତ୍ୱ ମିଳିଛି। ଜିଲ୍ଲା କମିଟିରେ ସାଧାରଣ ସମ୍ପାଦକ ଭାବେ ଆଶିଷ ରଞ୍ଜନ ପଟ୍ଟନାୟକ, ପଦମ ମାଳି, ପ୍ରଫୁଲ୍ଲ ପଣ୍ଡା, ଏମ୍ ବୁଲୁ ରାଓ, ଅବ୍ଦୁଲ ତାଜୁଦ୍ଦିନ୍, ମୋହନ ମାଝୀ, ଡମ୍ବରୁ ଭତ୍ରା, ଜତୀନ୍ଦ୍ର ଗୋଣ୍ଡ, ମୋହନ ପ୍ରଧାନୀ, ସୁବୋଧ ଚନ୍ଦ୍ର ବେନିଆ, ବୀରସିଂ ମାଝୀ, ମୃତ୍ୟୁଞ୍ଜୟ ସିଂହ ଏବଂ ସାରସ ଚନ୍ଦ୍ର ଜାଲଙ୍କୁ ନିଯୁକ୍ତି ମିଳିଛି। ଅପରପକ୍ଷେ ନବ ନିଯୁକ୍ତ ସମ୍ପାଦକ ମାନଙ୍କ ମଧ୍ୟରେ ତ୍ରିନାଥ ପ୍ରଧାନ, ତାରିକ୍ ହୁସେନ୍ ଖାନ୍, ସୁଧୀର ଖୁରା, ଯୁଗେଶ୍ୱର ନାଗ, ପ୍ରଶାନ୍ତ ସାହୁ, ସନ୍ତୋଷ ଷଡ଼ଙ୍ଗୀ, କମଳ ବଛର, ପ୍ରଣବ ଭୂୟାଁ, ଜଗା ଗୋଣ୍ଡ, ସହଦେବ ସାହୁ, ସନ୍ତୋଷ ମିଶ୍ର, ସନ୍ତୋଷ ପରିଛା, ତ୍ରିନାଥ ଭଟ୍ଟ ଏବଂ ପଦ୍ମନ ସନ୍ତ ରହିଛନ୍ତି। ଚିତ୍ତ ରଞ୍ଜନ ଗୋଣ୍ଡ ଜିଲ୍ଲା କମିଟିରେ କୋଷାଧକ୍ଷ ଦାୟିତ୍ୱରେ ରହିବେ ବୋଲି ଦଳ ପକ୍ଷରୁ ଜାରି ପ୍ରେସ୍ ବିଜ୍ଞପ୍ତିରେ କୁହାଯାଇଛି।

## ଚୂଡ଼ାନ୍ତ ତାରିଖରେ ହଠାତ ପରିବର୍ତ୍ତନ

# ପ୍ରଫେସର ପଦ ପାଇଁ ଆବେଦନରୁ ବଞ୍ଚିତହେଲେ ପ୍ରାର୍ଥୀ

କଟକ,୨୨।୯ (ସମିସ): ଓଡ଼ିଶା ଲୋକସେବା ଆୟୋଗ(ଓପିଏସସି)ର ବିଚିତ୍ର ନିଷ୍ପତ୍ତି ଯୋଗୁଁ ବହୁ ପ୍ରାର୍ଥୀ ବିଭିନ୍ନ ବିଶ୍ୱବିଦ୍ୟାଳୟ ପାଇଁ ଥିବା ପ୍ରଫେସର ପଦରେ ଆବେଦନ କରିବାରୁ ବଞ୍ଚିତ ହୋଇଛନ୍ତି। ଅନଲାଇନ ମାଧ୍ୟମରେ ପଞ୍ଜିକୃତ ଆବେଦନପତ୍ରର ଚୂଡ଼ାନ୍ତ ଦାଖଲ ତାରିଖ ଅକ୍ଟୋବର ୧ ବଦଳରେ ସେପ୍ଟେମ୍ବର ୨୧ ତାରିଖକୁ ହ୍ରାସ କରାଯାଇଥିଲା। ଏ ସମ୍ପର୍କରେ ବହୁ ପ୍ରାର୍ଥୀ ଜାଣି ନଥିବା କହିଛନ୍ତି। ଏହି ପଦ ପାଇଁ ସେମାନେ ଆବେଦନ କରିଥିଲେ ମଧ ଆବେଦନ ପତ୍ରକୁ ଚୂଡ଼ାନ୍ତ ଦାଖଲ କରିନାହାନ୍ତି। କିଛି ମଧ ଫି’ ଦେଇନାହାନ୍ତି। ଓପିଏସସିର ଏଭଳି ନିଷ୍ପତ୍ତି ଯୋଗୁଁ ପ୍ରଫେସର ପଦ ପାଇଁ ପରୀକ୍ଷା ଦେବାରୁ ଶତାଧିକ ପ୍ରାର୍ଥୀ ବଞ୍ଚିତ ହେବେ ବୋଲି ଜଣାପଡ଼ିଛି। କିଛି ପ୍ରାର୍ଥୀ ଓପିଏସ୍‌ସିର ଚେୟାରମ୍ୟାନ ସତ୍ୟଜିତ ମହାନ୍ତିଙ୍କୁ ଟୁଇଟ କରି ଅଭିଯୋଗ ଜଣାଇଛନ୍ତି। ଏନେଇ ଓପିଏସସି ସଚିବ ଅଶୋକ କୁମାର ଦାଶଙ୍କ ସହ ଯୋଗାଯୋଗ ହୋଇପାରିନାହିଁ।

ମିଳିଥିବା ସୂଚନା ମୁତାବକ, ଓପିଏସସି ପକ୍ଷରୁ ରାଜ୍ୟରେ ଥିବା ବିଶ୍ୱବିଦ୍ୟାଳୟଗୁଡ଼ିକରେ ବିଭିନ୍ନ ବିଷୟରେ ପ୍ରାୟ ୧୮୩ଟି ପ୍ରଫେସର ପଦ ପାଇଁ ଗତ ଜୁନ ୨୬ ତାରିଖରେ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ଉକ୍ତ ବିଶ୍ୱବିଦ୍ୟାଳୟଗୁଡିକ ମଧ୍ୟରୁ ଉତ୍କଳ ବିଶ୍ୱବିଦ୍ୟାଳୟରେ ୩୬ଟି ପ୍ରଫେସର ପଦ ରହିଥିବାବେଳେ ସମ୍ବଲପୁର ବିଶ୍ୱବିଦ୍ୟାଳୟରେ ୧୩ଟି ପଦ ରହିଥିଲା। ସେହିଭଳି ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରେ ୧୨ଟି, ଫକୀର ମୋହନ ବିଶ୍ୱବିଦ୍ୟାଳୟରେ ୧୨ଟି, ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟରେ ୧୫ଟି, ରେଭେନ୍ସା ବିଶ୍ୱବିଦ୍ୟାଳୟରେ ୨୬ଟି, ରମାଦେବୀ ବିଶ୍ୱବିଦ୍ୟାଳୟରେ ୯ଟି, ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟରେ ୧୯ଟି, ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟରେ ୧୮ଟି, କଳାହାଣ୍ଡି ବିଶ୍ୱବିଦ୍ୟାଳୟରେ ୧୬ଟି, ଶ୍ରୀ ଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟରେ ୭ଟି ପ୍ରଫେସର ପଦ ପୂରଣ ପାଇଁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ପ୍ରାର୍ଥୀମାନେ ସେପ୍ଟେମ୍ବର ୨୪ ତାରିଖ ପର୍ଯ୍ୟନ୍ତ ଆବେଦନ, ପଞ୍ଜୀକରଣ ଏବଂ ଫି’ ପ୍ରଦାନ କରିପାରିବେ ବୋଲି ବିଜ୍ଞପ୍ତିରେ ଦର୍ଶାଯାଇଥିଲା। ଅନଲାଇନ ମାଧ୍ୟମରେ ପଞ୍ଜିକୃତ ଆବେଦନପତ୍ରର ଚୂଡ଼ାନ୍ତ ଦାଖଲ ତାରିଖ ଅକ୍ଟୋବର ୧ ତାରିଖ ପର୍ଯ୍ୟନ୍ତ ରହିଥିଲା। ମାତ୍ର ଓପିଏସସି ପକ୍ଷରୁ ହଠାତ ତାରିଖରେ ପରିବର୍ତ୍ତନ କରାଯାଇଥିଲା।

## ମିଶନ ଶକ୍ତି ବଦଳାଇଦେଲା ଭାଗ୍ୟ

# ଅଣ୍ଡାଦିଆ କୁକୁଡ଼ା ଚାଷକରି ସ୍ୱାବଲମ୍ବୀ ମହିଳା ଗୋଷ୍ଠୀ

ମୋହନା, ୨୨।୯ (ସମିସ): ଦିନ ଥିଲା ଚୁଲି ମୁଣ୍ଡରେ ଜୀବନ ବିତୁଥିଲା; କିନ୍ତୁ ରାଜ୍ୟ ସରକାରଙ୍କ ମିଶନ ଶକ୍ତି ସେମାନଙ୍କୁ ଗାଁ ଦାଣ୍ଡକୁ ବାହାର କରିଛି। ମିଶନଶକ୍ତିର ସହଯୋଗ ଓ ରାଜ୍ୟ ସରକାରଙ୍କ ପ୍ରାଣୀ ସମ୍ପଦ ବିଭାଗର ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଅଣ୍ଡାଦିଆ କୁକୁଡ଼ା ଚାଷ କରି ସ୍ୱାବଲମ୍ବୀ ହୋଇପାରିଛନ୍ତି ମହିଳା ଗୋଷ୍ଠୀ। ଏବେ କୁକୁଡ଼ା ଏବଂ ଅଣ୍ଡା ବିକ୍ରି କରି ରୋଜଗାରକ୍ଷମ ହେବା ସହ ପରିବାର ପ୍ରତିପୋଷଣ ମଧ କରିପାରୁଛନ୍ତି। କ୍ଷେତ ମଝିରେ କୁକୁଡ଼ା ଫାର୍ମ ଏବଂ ଫାର୍ମଟିକୁ ଚଳାଉଛନ୍ତି କିଛି ମହିଳା।

ଆଦିବାସୀ ଅଧ୍ୟୁଷିତ ଗଜପତି ଜିଲ୍ଲା ଅନ୍ତର୍ଗତ ଉପାନ୍ତ ମୋହନା ବ୍ଲକର ପିଣ୍ଡିକି ଗ୍ରାମର ମା’ ସିଦ୍ଧେଶ୍ୱରୀ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟମାନେ ଅଣ୍ଡାଦିଆ କୁକୁଡ଼ା ଚାଷ କରି ସ୍ୱାବଲମ୍ବୀ ହୋଇପାରିଛନ୍ତି। ରାଜ୍ୟ ସରକାରଙ୍କ ମିଶନଶକ୍ତି ଜରିଆରେ ଏବଂ ବ୍ଲକ ପ୍ରାଣୀସମ୍ପଦ ବିକାଶ ବିଭାଗର ସହାୟତାରେ ଏହି ସଫଳତା ପାଇପାରିଛନ୍ତି ମହିଳାମାନେ। କୁକୁଡ଼ା ଫାର୍ମ ଟି ନିର୍ମାଣ କରିବା ପାଇଁ ଖର୍ଚ୍ଚ ହୋଇଛି ଦୁଇ ଲକ୍ଷ ଟଙ୍କା। ସେଥିରୁ ଏକ ଲକ୍ଷ ଟଙ୍କାର ସରକାରୀ ରିଆତି ମିଳିଥିବା ବେଳେ ବ୍ୟାଙ୍କରୁ ଏକ ଲକ୍ଷ ଟଙ୍କାର ଲୋନ୍ ଆଣିଛନ୍ତି ମହିଳା ଗୋଷ୍ଠୀ। ଏଥି





ନିମନ୍ତେ ରାଜ୍ୟ ସରକାରଙ୍କ ଭୁବନେଶ୍ୱରସ୍ଥିତ ଓଡ଼ିଶା ପୋଲଟ୍ରି ଫେଡରେସନ୍ ଲିମିଟେଡ୍, ରୋଡ୍ ଆଇଲାଣ୍ଡ ରେଡ୍ (ଆରଆଇଆର) ପ୍ରଜାତିର କୁକୁଡ଼ା ଯୋଗାଇ ଦେଇଛି। ସ୍ଥାନୀୟ ପ୍ରାଣୀ ସମ୍ପଦ ବିଭାଗ ପ୍ରତିଦିନ କୁକୁଡ଼ା ଗୁଡିକର ସ୍ୱାସ୍ଥ୍ୟ ଯାଞ୍ଚ କରିବା ସହ ଆବଶ୍ୟକୀୟ ଔଷଧ ଏବଂ ଟିକା ଯୋଗାଇ ଦେଉଛନ୍ତି। ବର୍ତ୍ତମାନ ଫାର୍ମରେ ୧୫୦ରୁ ଉର୍ଦ୍ଧ୍ୱ କୁକୁଡ଼ା ରହିଛନ୍ତି। ପ୍ରତ୍ୟେକ ଦିନ ୬୦ରୁ ୭୦ ଅଣ୍ଡା ଉତ୍ପାଦନ ହେଉଛି। ଅଣ୍ଡା ଗୁଡିକ ଦେଖିବା ପାଇଁ ଅବିକଳ ଦେଶୀ କୁକୁଡ଼ାର ଅଣ୍ଡା ଭଳି। ତେଣୁ ଏହାର ବଜାର ଚାହିଦା ମଧ ଭଲ ରହିଛି। ଗୋଟିଏ ଅଣ୍ଡା ୬ରୁ ୭ ଟଙ୍କାରେ ବିକ୍ରି କରାଯାଉଛି। ଏହାସହ ଗଞ୍ଜା କୁକୁଡ଼ାକୁ ଗୋଟା ପିଛା ୫୦୦ରୁ ୬୦୦ ଟଙ୍କାରେ ବିକ୍ରି କରାଯାଉଛି। ମୋହନା ସମେତ ଚନ୍ଦ୍ରଗିରି, ମହେନ୍ଦ୍ରଗଡ଼ ଏବଂ ବ୍ରହ୍ମପୁର ବଜାରକୁ ବିକ୍ରି ପାଇଁ ପଠାଯାଉଛି ଅଣ୍ଡା। ମହିଳା ସଙ୍ଘର ସଦସ୍ୟାମାନେ ପ୍ରତ୍ୟେକ ଦିନ ପାଳିକରି କୁକୁଡ଼ା ଫାର୍ମକୁ ସଫାସୁତରା କରିବା ସହ କୁକୁଡ଼ାଗୁଡିକୁ ଦାନା ଏବଂ ପାଣି ଦେଇ ସେମାନଙ୍କ ଲାଳନପାଳନ କରୁଛନ୍ତି। ଦିନେ ଘର ଖର୍ଚ୍ଚ ପାଇଁ ମୁରବିଙ୍କ ହାତକୁ ଚାହିଁ ରହୁଥିବା ମହିଳାମାନେ ଏବେ ଅଣ୍ଡା ଏବଂ କୁକୁଡ଼ା ବିକ୍ରି କରି ଆର୍ଥିକ ସ୍ୱାବଲମ୍ବୀ ହେବା ସହ ପରିବାର ପ୍ରତିପୋଷଣ କରିବାରେ ମୁଖ୍ୟ ଭୂମିକା ତୁଲାଉଛନ୍ତି। ସିଦ୍ଧେଶ୍ୱରୀ ସ୍ୱୟଂସହାୟକ ଗୋଷ୍ଠୀର ଏସବୁ ସମ୍ଭବ ହୋଇପାରିଛି ରାଜ୍ୟ ସରକାରଙ୍କ ମିଶନ ଶକ୍ତି ପାଇଁ। ଆଗକୁ କିଭଳି ଅଧିକରୁ ଅଧିକ ଏହି ଅଣ୍ଡାଦିଆ କୁକୁଡ଼ା ଚାଷ କରି ମହିଳାମାନଙ୍କୁ ଆର୍ଥିକ ରୋଜଗାରକ୍ଷମ କରାଯାଇପାରିବ ସେଥିନିମନ୍ତେ ପ୍ରୟାସ ଚାଲିଥିବା ସୂଚନା ଦେଇଛନ୍ତି ମୋହନା ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ବୀରେନ୍ଦ୍ର ପଣ୍ଡା। ଆଗାମୀ ଦିନରେ ଏହାର ସଫଳ ରୂପାୟନ ହୋଇପାରିଲେ ଜିଲ୍ଲାର ଆଦିବାସୀ ଅଧ୍ୟୁଷିତ ଅଞ୍ଚଳର ମହିଳାମାନେ ନିଶ୍ଚିତ ଭାବେ ଉପକୃତ ହୋଇପାରିବେ।

## ଗହନା ବଶିଷ୍ଠଙ୍କ ଗିରଫ ଉପରେ ରୋକ ଲଗାଇଲେ ସୁପ୍ରିମକୋର୍ଟ

**ନୂଆଦିଲ୍ଲୀ, ୨୨।୯(ଏଜେନ୍ସି):** ପର୍ଣ୍ଣ ଫିଲ୍ମ(ଅଶ୍ଳୀଳ ଚଳଚ୍ଚିତ୍ର) ମାମଲାରେ ଅଭିନେତ୍ରୀ ଗହନା ବଶିଷ୍ଠଙ୍କୁ ବଡ ଆଶ୍ୱସ୍ତି ମିଳିଛି। ଏହି ମାମଲାରେ ତାଙ୍କ ଗିରଫଦାରୀ ଉପରେ ସୁପ୍ରିମକୋର୍ଟ ରୋକ ଲଗାଇଛନ୍ତି। ଏହା ପୂର୍ବରୁ ବମ୍ବେ ହାଇକୋର୍ଟ ଗହନାଙ୍କ ଆଗୁଆ ଜାମିନ ଆବେଦନକୁ ଖାରଜ କରିଦେଇଥିଲେ। ପରେ ସେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ତେବେ ସର୍ବୋଚ୍ଚ ନ୍ୟାୟାଳୟ ହାଇକୋର୍ଟଙ୍କ ନିର୍ଦ୍ଦେଶ ଉପରେ ରୋକ ଲଗାଇ ଦେଇଛନ୍ତି ଏବଂ ତଦନ୍ତରେ ସହଯୋଗ କରିବାକୁ ଅଭିନେତ୍ରୀଙ୍କୁ କହିଛନ୍ତି। ସୂଚନାଯୋଗ୍ୟ ଯେ ଏକ ୱେବସାଇଟରେ ଅଶ୍ଳୀଳ ଭିଡିଓ ଅପଲୋଡ ଏବଂ ସୁଟିଂ ଅଭିଯୋଗରେ ଗହନାଙ୍କୁ କ୍ରାଇମବ୍ରାଞ୍ଚ ଗିରଫ କରିଥିଲା। ମାଲୱାନୀ ଥାନାରେ ରୁଜୁ ମାମଲାକୁ ମୁମ୍ବଇ କ୍ରାଇମବ୍ରାଞ୍ଚକୁ ହସ୍ତାନ୍ତର କରାଯାଇଥିଲା। ପର୍ଣ୍ଣ ଭିଡିଓ ମାମଲାରେ ଅଭିନେତ୍ରୀ ଶିଳ୍ପା ସେଟ୍ଟୀଙ୍କ ବ୍ୟବସାୟୀ ପତି ରାଜ କୁନ୍ଦ୍ରାଙ୍କ ସହିତ ତାଙ୍କ କମ୍ପାନୀର ୩ରୁ ୪ ଫିଲ୍ମ ନିର୍ମାତାଙ୍କ ବିରୋଧରେ ଜଣେ ମଡେଲ ଏଫଆଇଆର ରୁଜୁ କରିଥିଲେ। ରାଜ କୁନ୍ଦ୍ରାଙ୍କ ପୂର୍ବରୁ ଫେବୃଆରୀରେ ଅଶ୍ଳୀଳ ଚଳଚ୍ଚିତ୍ର ମାମଲାରେ ଗହନା ବଶିଷ୍ଠଙ୍କୁ ଗିରଫ କରାଯାଇଥିଲା। ଅଶ୍ଳୀଳ ଚଳଚ୍ଚିତ୍ର ମାମଲାରେ ତାଙ୍କ ବିରୋଧରେ ରୁଜୁ ଏଫଆଇଆରରେ ଗରିଫ ଭୟରେ ସେ ଆଗୁଆ ଜାମିନ ଆବେଦନ କରିଥିଲେ। ତେବେ ସେସନ କୋର୍ଟ ଏବଂ ବମ୍ବେ ହାଇକୋର୍ଟ ଏହାକୁ ଖାରଜ କରିଦେଇଥିଲେ।



## ଜମ୍ମୁ-କାଶ୍ମୀରର ୬ କର୍ମଚାରୀ ବହିଷ୍କୃତ

**ଶ୍ରୀନଗର,୨୨।୯(ଏଜେନ୍ସି):** ଜମ୍ମୁ-କାଶ୍ମୀରରେ ୬ ଜଣ ସରକାରୀ କର୍ମଚାରୀଙ୍କୁ ଚାକିରୀରୁ ବହିଷ୍କାର କରିଦିଆଯାଇଛି । ଆତଙ୍କବାଦୀ ସଙ୍ଗଠନ ସହ ସମ୍ପର୍କରେ ଥିବା ଅଭିଯୋଗରେ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଏହି ୬ କର୍ମଚାରୀଙ୍କ ମଧ୍ୟରେ ଜମ୍ମୁ-କାଶ୍ମୀର ପୁଲିସର ଦୁଇ ଅଧିକାରୀ ମଧ୍ୟ ସାମିଲ ଅଛନ୍ତି। ରିପୋର୍ଟ ଅନୁଯାୟୀ ଆତଙ୍କବାଦୀ ଲିଙ୍କର ତଦନ୍ତ ଲାଗି କେନ୍ଦ୍ରଶାସିତ ପ୍ରଦେଶ ସରକାରଙ୍କ ଦ୍ୱାରା ଏଥିପାଇଁ ଏକ କମିଟି ଗଠନ କରାଯାଇଥିଲା। ଏହି କମିଟିର ସୁପାରିଶ କ୍ରମେ ଏହି କର୍ମଚାରୀଙ୍କୁ ଚାକିରିରୁ ବିଦା କରାଯାଇଛି। ଭାରତୀୟ ପିଙ୍ଗଳ କୋଡର ଧାରା ୩୧୧ (୨)(c) ଅନୁଯାୟୀ ଏହି କମିଟି ଗଠନ ହୋଇଥିଲା। ଏହା ପୂର୍ବରୁ ଜୁଲାଇରେ ୧୧ ଜଣ କର୍ମଚାରୀଙ୍କୁ ଚାକିରୀରୁ ବିହିଷ୍କାର କରାଯାଇଥିଲା। ସେମାନଙ୍କ ମଧ୍ୟରେ ଆତଙ୍କବାଦୀ ସଂଗଠନ ମୁଜାହିଦ୍ଦିନର କମାଣ୍ଡର ସୟଦ ସଲାହୁଦ୍ଦିନଙ୍କ ପୁଅ ସାମିଲ ଥିଲା।

## କେନ୍ଦ୍ର ଆବେଦନକୁ ଖାରଜ କଲେ ସୁପ୍ରିମକୋର୍ଟ

# ନଭେମ୍ବରରୁ ମହିଳାଙ୍କୁ ଏନ୍‌ଡିଏରେ ସାମିଲ କର

**ନୂଆଦିଲ୍ଲୀ,୨୨।୯(ଏଜେନ୍ସି)**

ଚଳିତ ବର୍ଷ ନ୍ୟାସନାଲ ଡିଫେନ୍ସ ଏକାଡେମି(ଏନଡିଏ) ପ୍ରବେଶିକା ପରୀକ୍ଷାରେ ମହିଳାଙ୍କୁ ଅନୁମତି ଦେବା ନିଷ୍ପତ୍ତିକୁ ପ୍ରତ୍ୟାହାର କରିବା ପାଇଁ ସୁପ୍ରିମକୋର୍ଟ ମନା କରିଦେଇଛନ୍ତି। ଏବେ ଆସନ୍ତା ନଭେମ୍ବର ମାସରୁ ମହିଳା ଏନଡିଏ ପ୍ରବେଶିକା ପରୀକ୍ଷା ଦେଇପାରିବେ। ସର୍ବୋଚ୍ଚ ନ୍ୟାୟାଳୟ କହିଛନ୍ତି ଯେ ସଶସ୍ତ୍ର ବାହିନୀ ଜରୁରୀକାଳୀନ ସ୍ଥିତିକୁ ମୁକାବିଲା କରିବାରେ ସକ୍ଷମ। ଆମେ ମହିଳାଙ୍କୁ ଏନଡିଏରେ ପ୍ରବେଶ କରାଇବା ସମୟକୁ ଏକ ବର୍ଷ ପାଇଁ ସ୍ଥଗିତ ରଖିପାରିବୁ ନାହିଁ। ଏହା କହି କେନ୍ଦ୍ରର ଆବେଦନକୁ ସୁପ୍ରିମକୋର୍ଟ ଖାରଜ କରିଦେଇଥିଲେ। ସୁପ୍ରିମକୋର୍ଟର ଜଷ୍ଟିସ ଏସକେ କାଉଲଙ୍କ ନେତୃତ୍ୱାଧିନ ଖଣ୍ଡପୀଠଙ୍କ ନିକଟରେ ସରକାର ଚଳିତ ବର୍ଷ ଏନଡିଏ ପରୀକ୍ଷାରେ ମହିଳାଙ୍କୁ ପ୍ରବେଶ କରାଇବା ନିଷ୍ପତ୍ତିକୁ ସ୍ଥଗିତ ରଖିବାକୁ ନିବେଦନ କରିଥିଲେ। ନଭେମ୍ବର ୧୪ରେ ଆଗାମୀ ପ୍ରବେଶିକା ପରୀକ୍ଷା ହେବାକୁ ଯାଉଛି। ଏଥିରେ ମହିଳାଙ୍କୁ ଅନୁମତି ଦିଆ ନଯିବା ଉଚିତ ବୋଲି ପ୍ରତିରକ୍ଷା ମନ୍ତ୍ରାଳୟ ପକ୍ଷରୁ କୁହାଯାଇଥିଲା। କାରଣ ଏବେ ପ୍ରଶିକ୍ଷଣ ପାଇଁ ମାନଦଣ୍ଡ ଧାର୍ଯ୍ୟ କରାଯାଇନାହିଁ। ଏହା ପ୍ରସ୍ତୁତ କରିବାକୁ ୨୦୨୨ ମେ ପର୍ଯ୍ୟନ୍ତ ସମୟ ଲାଗିବ। ତେବେ ସୁପ୍ରିମକୋର୍ଟ ଝିଅମାନଙ୍କୁ ଚଳିତ ବର୍ଷରୁ ଏହି ପରୀକ୍ଷାରେ ସାମିଲ କରାଇବା ପାଇଁ କେନ୍ଦ୍ରକୁ ନିର୍ଦ୍ଦେଶ ଦେଇଛନ୍ତି ସୁପ୍ରିମକୋର୍ଟ। କୋର୍ଟ କହିଛନ୍ତି ଯେ ୨୦୨୧ ନଭେମ୍ବରରେ ହେବାକୁ ଥିବା ପ୍ରବେଶିକା ପରୀକ୍ଷାରେ ମହିଳାମାନଙ୍କୁ ପ୍ରବେଶ ଅନୁମତି ଦିଆଯିବା ଆବଶ୍ୟକ। ଗୋଟିଏ ବର୍ଷ ପାଇଁ ଏହାକୁ ସ୍ଥଗିତ କରିହେବ ନାହିଁ। ଡାକ୍ତରୀ ମାନକକୁ ପରୀକ୍ଷାମୂଳକ ଭାବରେ ସୂଚିତ କରାଯିବା ଉଚିତ୍। ୟୁପିଏସସି ନଭେମ୍ବରରେ ହେବାକୁ ଥିବା ପରୀକ୍ଷା ପାଇଁ ସଂଶୋଧିତ ବିଜ୍ଞପ୍ତି ଜାରି କରୁ।ସୂଚନା ମୁତାବକ ଏହା ପୂର୍ବରୁ ପ୍ରତିରକ୍ଷା ମନ୍ତ୍ରୀ ୨୦୨୨ରେ ହେବାକୁ ଥିବା ଏନ୍‌ଡିଏ ପରୀକ୍ଷାରେ ଝିଅମାନଙ୍କୁ ସାମିଲ କରାଇବା ପାଇଁ କୋର୍ଟକୁ କହିଥିଲେ। ଏନେଇ ସୁପ୍ରିମକୋର୍ଟରେ ଏକ ସତ୍ୟପାଠ ମଧ୍ୟ ଦାଖଲ କରାଯାଇଥିଲା। ସେଥିରେ କୁହାଯାଇଥିଲା ଯେ



ଯୋଗ୍ୟତା ପର୍ଯ୍ୟାୟରେ ଫିଜିକାଲ ଫିଟନେସର ମାନଦଣ୍ଡ ରହିବା ସହ ସେମାନଙ୍କ ପାଇଁ ଉପଯୁକ୍ତ ତାଲିମ ବ୍ୟବସ୍ଥା ଏବଂ ଆବଶ୍ୟକ ଭିତ୍ତିଭୂମି ନିର୍ମାଣ କରାଯିବ। ବିଶେଷକରି ମେଡିକାଲ୍ ଫିଟ୍ ପ୍ରାର୍ଥୀମାନଙ୍କୁ ଅନୁମତି ଦିଆଯିବ। ଯେମିତି ପୁରୁଷ କ୍ୟାଡେଟଙ୍କ ପାଇଁ ମାନଦଣ୍ଡ ଅଛି ସେହିପରି ମହିଳାଙ୍କ ପାଇଁ ଉପଯୁକ୍ତ ମାନକ ପ୍ରସ୍ତୁତ କରାଯିବ। ତେବେ ସବୁ ମହିଳାଙ୍କ ପାଇଁ ଏକ ସମାନ୍ତରାଳ ଶାରୀରିକ ମାନଦଣ୍ଡ ରହିବ ନାହିଁ ଏବଂ ସେଥିପ୍ରତି ମଧ୍ୟ ଧ୍ୟାନ ଦିଆଯିବ ବୋଲି କେନ୍ଦ୍ର ସରକାରଙ୍କ ପକ୍ଷରୁ କୁହାଯାଇଥିଲା।ତେବେ ଏହି ପ୍ରସ୍ତାବକୁ ସୁପ୍ରିମକୋର୍ଟ ଖାରଜ କରିଦେଇଛନ୍ତି। କୋର୍ଟ କହିଛନ୍ତି ଯେ ଚଳିତ ବର୍ଷ ଠାରୁ ଝିଅମାନେ ଏହି ପରୀକ୍ଷାରେ ସାମିଲ ହେବେ। ପରୀକ୍ଷା ପରେ ଯଦି କୌଣସି ସମସ୍ୟା ଆସୁଛି ତେବେ କେନ୍ଦ୍ର ସରକାର କୋର୍ଟକୁ ଜଣାଇବେ। ଏକ ବର୍ଷ ବିଳମ୍ବ ହେବା ଅର୍ଥ ସବୁକିଛି ଶେଷ କରିଦେବ। ଆଜି କୌଣସି ପରୀକ୍ଷା ନାହିଁ, କାଲି ପରୀକ୍ଷା ହେବା' ଏହା ମହିଳାଙ୍କ ଆକାଂକ୍ଷା ବିରୋଧରେ ଯିବ। ମହିଳାଙ୍କ ଅଧିକାରକୁ ସ୍ଥଗିତ ରଖାଯାଇପାରିବ ନାହିଁ। ସରକାର ଏହା ଭାବିବା ଉଚିତ। ପରୀକ୍ଷାକୁ ସ୍ଥଗିତ ରଖିବା କିମ୍ବା ଟାଳିବା ଏକ ସଠିକ୍ ସଙ୍କେତ ହେବ ନାହିଁ, ଏହାକୁ ଚଳିତ ବର୍ଷଠାରୁ ଆରମ୍ଭ କରିବାକୁ କେନ୍ଦ୍ରକୁ କହିଛନ୍ତି।

## ଭାରତର ଚେତାବନୀ ପରେ କୋଭିସିଲ୍ଡକୁ ମଞ୍ଜୁରି ଦେଲା ବ୍ରିଟେନ

**ଲଣ୍ଡନ,୨୨।୯(ଏଜେନ୍ସି):** ଭାରତର ଚେତାବନୀ ପରେ ବ୍ରିଟେନ ନିଜର ଟିକା ନୀତିରେ ପରିବର୍ତ୍ତନ କରିଛି। ଏବେ ସଂଶୋଧିତ ଯାତ୍ରା ନିୟମରେ ସେରମ୍ ଇନଷ୍ଟିଚ୍ୟୁଟ୍ ଅଫ୍ ଇଣ୍ଡିଆର କରୋନା ଟିକା 'କୋଭିଶିଲ୍ଡ' କୁ ବ୍ରିଟେନ ମଞ୍ଜୁରି ଦେଇଛି। ତେବେ ଭାରତର ଟିକା ପ୍ରମାଣପତ୍ରକୁ ସ୍ୱୀକୃତି ମିଳିନାହିଁ । ଏହା ଉପରେ ଭରଷା କରାଯାଇପାରିବ ନାହିଁ ବୋଲି ବ୍ରିଟେନ ପକ୍ଷରୁ କୁହାଯାଇଛି। ଏଥିଯୋଗୁଁ ବ୍ରିଟେନ ଗସ୍ତ କରୁଥିବା ଭାରତୀୟମାନଙ୍କୁ ସେଠାରେ ୧୦ ଦିନ ପର୍ଯ୍ୟନ୍ତ ସଙ୍ଗରୋଧରେ ରହିବାକୁ ପଡିବ ଏବଂ ପରୀକ୍ଷା କରାଇବାକୁ ହେବ। ବ୍ରିଟେନର ଏହି ନିଷ୍ପତ୍ତି ବର୍ଣ୍ଣବୈଷମ୍ୟ ଆଧାରିତ ବୋଲି ଭାରତୀୟ ନାଗରିକ କହିଥିଲେ। ଭାରତ ସରକାର ମଧ୍ୟ ବ୍ରିଟେନର ନୂଆ ଟିକା ନୀତିକୁ ତୀବ୍ର ବିରୋଧରେ କରିଥିଲେ ଏବଂ 'ଯେସାକୁ ତେସା' ନୀତି ଗ୍ରହଣ କରାଯିବ ବୋଲି ବୈଦେଶିକ ମନ୍ତ୍ରୀ ଏସ ଜୟଶଙ୍କର ଚେତାବନୀ ଦେଇଥିଲେ। ବ୍ରିଟେନର ସଂଶୋଧିତ ନିର୍ଦ୍ଦେଶାବଳୀରେ ଉଲ୍ଲେଖ ରହିଛି ଯେ ଅକ୍ଟୋବର ୪ରୁ ବ୍ରିଟେନ, ୟୁରୋପ, ଆମେରିକା ତଥା ଅନ୍ୟ କିଛି ଦେଶ ଦ୍ୱାରା ଅନୁମତି ପାଇଥିବା ଟିକାର ଦୁଇଟି ଡୋଜ୍ ନେଇଥିବା ଲୋକଙ୍କୁ ଦେଶରେ ପ୍ରବେଶ ପାଇଁ ଅନୁମତି ମିଳିବ। ଏବେ ଆଉ କିଛି ଟିକାକୁ ସ୍ୱୀକୃତିପ୍ରାପ୍ତ ତାଲିକାରେ ସାମିଲ କରାଯାଉଛି। ସେଗୁଡିକ ମଧ୍ୟରେ ଅଷ୍ଟ୍ରାଜେନେକା କୋଭିସିଲ୍ଡ, ଅଷ୍ଟ୍ରାଜେନେକା ଭାକ୍ସଜେଭରିଆ ଓ ମଡର୍ଣ୍ଣା ଟାକେଟା ସାମିଲ ରହିଛି। ଏହି ଟିକାର ଉଭୟ ଡୋଜ୍ ନେଇଥିଲେ ବ୍ରିଟେନରେ ପ୍ରବେଶ ପାଇଁ ଅନୁମତି ମିଳିବ। ତେବେ ମାର୍ଗଦର୍ଶିକାରେ କୁହାଯାଇଛି ଯେ କୋଭିସିଲ୍ଡର ଉଭୟ ଡୋଜ୍ ନେଇଥିଲେ ମଧ୍ୟ ଭାରତୀୟଙ୍କୁ ସଙ୍ଗରୋଧରେ

### ଟିକା ପ୍ରମାଣପତ୍ରକୁ ଦେଲାନି ସ୍ୱୀକୃତି

ରହିବାକୁ ପଡ଼ିବ। କୋଭିସିଲ୍ଡକୁ ନେଇ ଆମର କୌଣସି ଅସୁବିଧା ନାହିଁ। କିନ୍ତୁ ଭାରତରେ ଦିଆଯାଉଥିବା ଟିକା ପ୍ରମାଣପତ୍ର ଉପରେ ସନ୍ଦେହ ରହିଛି। ଭାରତ ସରକାରଙ୍କ ସହ ଟିକା ପ୍ରମାଣପତ୍ରର ମାନ୍ୟତାର ସୀମା ବୃଦ୍ଧି କରିବାକୁ କାର୍ଯ୍ୟ କରୁଛୁ।

ଭାରତୀୟ ବାୟୁସେନାର ପରବର୍ତ୍ତୀ ମୁଖ୍ୟ ହେବାକୁ ଯାଉଥିବା ଏୟାର ମାର୍ଶାଲ ଭିଆର୍ ଚୌଧୁରୀ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହଙ୍କୁ ନୂଆଦିଲ୍ଲୀରେ ଭେଟିଛନ୍ତି



■ ପଶ୍ଚିମବଙ୍ଗ ନିର୍ବାଚନ ପରବର୍ତ୍ତୀ ହିଂସା

## ଆଉ ଜଣେ ବିଜେପି ନେତାଙ୍କ ମୃତ୍ୟୁ

**କଲକାତା,୨୨।୯(ଏଜେନ୍ସି):** ପଶ୍ଚିମବଙ୍ଗ ବିଧାନସଭା ନିର୍ବାଚନ ପରେ ହୋଇଥିବା ହିଂସାରେ ଆହତ ହୋଇ ଚିକିତ୍ସିତ ହେଉଥିବା ମଥୁରାପୁର ବିଜେପି ଉପାଧ୍ୟକ୍ଷ ମାନସ ଶାହା ବୁଧବାର ପ୍ରାଣ ହରାଇଛନ୍ତି। ନିର୍ବାଚନ ଫଳାଫଳ ଘୋଷଣା ହେବା ଦିନ ଅର୍ଥାତ୍ ମେ' ୨ ତାରିଖରେ ମାନସ ଶାହା ସମେତ ବିଜେପି କର୍ମୀ ଓ ସମର୍ଥକଙ୍କ ଉପରେ ତୃଣମୂଳ କଂଗ୍ରେସ(ଟିଏମସି) ସମର୍ଥକମାନେ ଆକ୍ରମଣ କରିଥିଲେ। ଡାଇମଣ୍ଡ ହାର୍ବର କଲେଜ ମତଗଣନା କେନ୍ଦ୍ରରୁ ଫେରିବା ସମୟରେ ଏହି ଆକ୍ରମଣ ହୋଇଥିଲା। ଏଥିରେ ମାନସ ଗୁରୁତର ଅସୁସ୍ଥ ଥିଲେ।



ବିଜେପି ପକ୍ଷରୁ ଜାରି ବିବୃତ୍ତିରେ କୁହାଯାଇଛି ଯେ ମାନସ ଶାହାଙ୍କୁ ବୁଧବାର ସକାଳେ ଠାକୁରପୁକୁରର ନର୍ସିଂହୋମକୁ ନିଆଯାଇଥିଲା। ସେଠାରେ ତାଙ୍କର ମୃତ୍ୟୁ ହୋଇଛି। ବିଜେପି ସାଂସଦ ଅର୍ଜୁନ ସିଂ ହସ୍ପିଟାଲରେ ପହଞ୍ଚି ତାଙ୍କ ପରିବାର ସଦସ୍ୟ ଓ ବିଜେପି କର୍ମଚାରୀଙ୍କ ସହ କଥା ହୋଇଥିଲେ। ବିଜେପି ନେତାଙ୍କ ପରିବାର ସଦସ୍ୟ ପୁଲିସ ଏଫଆଇଆର ଦାଖଲ କଲେ ମାମଲାକୁ ସିବିଆଇକୁ ହସ୍ତାନ୍ତର କରାଯିବ ବୋଲି ସେ କହିଥିଲେ। ଅନ୍ୟପକ୍ଷରେ ନିର୍ବାଚନ ପରବର୍ତ୍ତୀ ହିଂସା ମାମଲାରେ ଆଉ ଏକ ଏଫ୍‌ଆଇଆର୍ ରୁଜୁ କରିଛି। ଏ ପର୍ଯ୍ୟନ୍ତ ମୋଟ ୩୯ ଏଫଆଇଆର ରୁଜୁ କରାଗଲାଣି।

## ଦିନକରେ ୨୬ ୯ ୬୪ ନୂଆ ସଂକ୍ରମିତ

**ନୂଆଦିଲ୍ଲୀ,୨୨।୯(ଏଜେନ୍ସି):** ଭାରତରେ କରୋନା ସଂକ୍ରମଣ କ୍ରମାଗତ ଭାବେ ହ୍ରାସ ପାଇବାରେ ଲାଗିଛି। ଗତ ୨୪ ଘଣ୍ଟା ମଧ୍ୟରେ ଦେଶରୁ ୨୬୯୬୪ ନୂଆ ସଂକ୍ରମିତ ଚିହ୍ନଟ ହୋଇଛନ୍ତି। ଏହି ସମୟରେ ୩୮୩ ଆକ୍ରାନ୍ତ ମଧ୍ୟ ପ୍ରାଣ ହରାଇଛନ୍ତି। ଏହା ସହିତ ମୋଟ ମୃତ୍ୟୁସଂଖ୍ୟା ୪୪୫୭୬୮କୁ ଏବଂ ମୋଟ ସଂକ୍ରମିତଙ୍କ ସଂଖ୍ୟା ୩୩୫୩୧୪୯୮କୁ ବୃଦ୍ଧି ପାଇଛି। ଏବେ ୩,୦୧,୯୮୯ ରୋଗୀ ଚିକିତ୍ସିତ ହେଉଛନ୍ତି। ଏହା ୧୮୬ ଦିନରେ ସର୍ବନିମ୍ନ। ମୋଟ ସଂକ୍ରମଣରେ ସକ୍ରିୟ ରୋଗୀସଂଖ୍ୟା ୦.୯୦ ପ୍ରତିଶତ ରହିଛି। ଏହା ଗତ ବର୍ଷ ମାର୍ଚ୍ଚ ମାସ ପରଠାରୁ ସବୁଠାରୁ କମ। ଏହି ସମୟରେ ୩୪,୧୬୭ ରୋଗୀ ମଧ୍ୟ ସୁସ୍ଥ ହୋଇଛନ୍ତି। ଏବେ ଦୈନିକ ସଂକ୍ରମଣ ହାର ୧.୬୯ ପ୍ରତିଶତ ଏବଂ ସାପ୍ତାହିକ ସଂକ୍ରମଣ ହାର ୨.୦୮ ପ୍ରତିଶତ ରହିଛି। ଆରୋଗ୍ୟ ହାର ୯୭.୭୭ ପ୍ରତିଶତ ଥିବା କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରାଳୟ ପକ୍ଷରୁ ସୂଚନା ଦିଆଯାଇଛି। ଗତ ୨୪ ଘଣ୍ଟା ମଧ୍ୟରେ ୧୫୯୨୩୯୫ ନମୁନା ପରୀକ୍ଷା କରାଯାଇଛି। ଏ ପର୍ଯ୍ୟନ୍ତ ମୋଟ ୫୫୬୭୫୪୨୮୨ ନମୁନା ପରୀକ୍ଷା କରାଗଲାଣି।

- ସକ୍ରିୟ ରୋଗୀସଂଖ୍ୟା ୧୮୪ ଦିନରେ ସର୍ବନିମ୍ନ
- ଦୈନିକ ସଂକ୍ରମଣ ହାର ୧.୬୯%

■ ଆମେରିକା ଗଲେ ପ୍ରଧାନମନ୍ତ୍ରୀ

## ଆଫଗାନିସ୍ତାନ ଦେଇ ଗଲାନି ମୋଦୀଙ୍କ ବିମାନ




**ନୂଆଦିଲ୍ଲୀ, ୨୨।୯(ଏଜେନ୍ସି):** ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ବୁଧବାର ଆମେରିକା ଗସ୍ତରେ ଯାଇଛନ୍ତି। ତେବେ ଆଫଗାନିସ୍ତାନ ବାୟୁସୀମା ଦେଇ ତାଙ୍କ ବିମାନ ଯାଇନାହିଁ। ସୁରକ୍ଷା କାରଣରୁ ଏହି ନିଷ୍ପତ୍ତି ନିଆଯାଇଛି। ସେ ଆମେରିକା ଯିବା ପାଇଁ ପାକିସ୍ତାନ ବାୟୁସୀମାକୁ ବ୍ୟବହାର କରିଛନ୍ତି। ପ୍ରଧାନମନ୍ତ୍ରୀଙ୍କ ସହ ଏୟାରଫୋର୍ସ ୱାନରେ ଏନଏସଏ ଅଜିତ ଡୋଭାଲ, ବୈଦେଶିକ ସଚିବ ହର୍ଷବର୍ଦ୍ଧନ ଶ୍ରୀଙ୍ଗଲାଙ୍କ ସମେତ ବରିଷ୍ଠ ଅଧିକାରୀ ଆମେରିକା ଗସ୍ତରେ ଯାଇଛନ୍ତି। ସୂଚନା ଅନୁଯାୟୀ ପ୍ରଧାନମନ୍ତ୍ରୀଙ୍କ ବିମାନ ଲାଗି ପାକିସ୍ତାନ ବାୟୁସୀମା ବ୍ୟବହାର ଲାଗି ଅନୁମତି ମଗା ଯାଇଥିଲା। ଇସଲାମାବାଦ ଏ ନେଇ ମଞ୍ଜୁରୀ ଦେଇଥିଲା। ଭାରତରୁ ଆମେରିକା ଯିବା ପାଇଁ ପାକିସ୍ତାନ କିମ୍ବା ଆଫଗାନ ବାୟୁସୀମା ଦେଇ ଯିବାକୁ ପଡିଥାଏ। ଏହା ପରେ ବିମାନ ତାଜାକିସ୍ତାନ ସୀମା ଦେଇ ଉତ୍ତର ଆଟଲାଣ୍ଟିକ ସାଗର ଉପରେ ଯାଇଥାଏ। ତେବେ ଅନ୍ୟ ଆମେରିକୀୟ ସହରକୁ ଯିବାକୁ ହେଲେ ଯାତ୍ରାପଥରେ ପରିବର୍ତ୍ତନ ହୋଇଥାଏ। ନୂଆଦିଲ୍ଲୀରୁ ଆମେରିକା ପହଞ୍ଚିବା ଲାଗି ପ୍ରଧାନମନ୍ତ୍ରୀଙ୍କ ବିମାନକୁ ୧୫ ଘଣ୍ଟା ଲାଗିବ। ତେବେ ଆଫଗାନ ଦେଇଗଲେ ଅଧିକ ସମୟ ଲାଗିଥାଏ। ଆଫଗାନକୁ କବ୍‌ଜା କରିବା ପରେ ତାଲିବାନ ଅଗଷ୍ଟ ୧୬ରେ ବାଣିଜ୍ୟିକ ଉଡାଣ ପାଇଁ ନିଜ ବାୟୁସୀମାକୁ ବନ୍ଦ କରିଦେଇଥିଲା। ଭାରତ ସରକାର ମଧ୍ୟ ଏୟାରଲାଇନ କମ୍ପାନୀଗୁଡିକୁ ଆଫଗାନ ବାୟୁସୀମା ବ୍ୟବହାର ନ କରିବାକୁ କହିଥିଲେ। ଏହା ପୂର୍ବରୁ ୨୦୧୯ ରେ ରାଷ୍ଟ୍ରପତି ରାମନାଥ କୋବିନ୍ଦ ଏବଂ ପ୍ରଧାନମନ୍ତ୍ରୀ ମୋଦୀଙ୍କ ବିମାନକୁ ନିଜ ବାୟୁସୀମା ବ୍ୟବହାର ପାଇଁ ପାକିସ୍ତାନ ଅନୁମତି ଦେଇନଥିଲା। ଭାରତ ଏହି ପ୍ରସଙ୍ଗ ସିଭିଲ ଆଭିଏସନ ଅର୍ଗାନାଇଜେସନ(ଆଇସିଏଓ)ରେ ଉଠାଇଥିଲା।

ପ୍ରଧାନମନ୍ତ୍ରୀ ମୋଦୀ ଏହି ୪ ଦିନିଆ ଗସ୍ତରେ ଆମେରିକା ରାଷ୍ଟ୍ରପିତ ଜୋ ବାଇଡେନ, ଉପରାଷ୍ଟ୍ରପତି କମଳା ହ୍ୟାରିସଙ୍କୁ ଭେଟି ଦ୍ୱିପାକ୍ଷିକ ଆଲୋଚନା କରିବା ସହିତ ୟୁଏନଜିଏ ବୈଠକକୁ ସମ୍ବୋଧନ କରିବେ। ସେ କ୍ୱାଡ ରାଷ୍ଟ୍ରଗୁଡିକର ସମ୍ମିଳନୀରେ ମଧ୍ୟ ସାମିଲ ହେବେ। ଏହି ଗସ୍ତ ପୂର୍ବରୁ ମୋଦୀ କହିଛନ୍ତି ଯେ ସେ ବାଇଡେନଙ୍କ ଆମନ୍ତ୍ରଣରେ ୨୦୨୧ ସେପ୍ଟେମ୍ବର ୨୨ରୁ ୨୫ ତାରିଖ ପର୍ଯ୍ୟନ୍ତ ଆମେରିକା ଗସ୍ତରେ ଯିବେ । ଏହି ଅବସରରେ ବାଇଡେନଙ୍କ ସହ ଭାରତ-ଆମେରିକା ବ୍ୟାପକ ଅନ୍ତର୍ଜାତୀୟ ରଣନୀତିକ ସହଯୋଗିତା ଓ ପରସ୍ପର ସ୍ୱାର୍ଥ ସହ ଜଡ଼ିତ ଆଞ୍ଚଳିକ ଓ ଅନ୍ତର୍ଜାତୀୟ ପ୍ରସଙ୍ଗ ଉପରେ ଆଲୋଚନା କରିବେ । ସେ ଉପରାଷ୍ଟ୍ରପତି କମଳା ହାରିସଙ୍କୁ ସାକ୍ଷାତ କରି ଉଭୟ ଦେଶ ମଧ୍ୟରେ ନିର୍ଦ୍ଦିଷ୍ଟ ଭାବେ ବିଜ୍ଞାନ ଓ ପ୍ରଯୁକ୍ତି କ୍ଷେତ୍ରରେ ସହଯୋଗର ସମ୍ଭାବନା ଉପରେ ଆଲୋଚନ କରିବେ । ଏହା ବ୍ୟତୀତ ବାଇଡେନ, ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ ସ୍କଟ ମୋରିସନ ଏବଂ ଜାପାନ ପ୍ରଧାନମନ୍ତ୍ରୀ ୟୋଶିହିଦେ ସୁଗାଙ୍କ ସହ ବ୍ୟକ୍ତିଗତ ଭାବେ ପ୍ରଥମ କ୍ୱାଡ ନେତା ଶିଖର ସମ୍ମିଳନୀରେ ସାମିଲ ହେବେ । ଏହି ସମ୍ମିଳନୀରେ ଚଳିତବର୍ଷ ମାର୍ଚ୍ଚରେ ହୋଇଥିବା ନିର୍ଣ୍ଣୟସଗୁଡ଼ିକର ପ୍ରଗତି ସଂକ୍ରାନ୍ତରେ ବିଚାରବିମର୍ଶ କରାଯିବ। ଏହା ଭାରତ-ପ୍ରଶାନ୍ତ ମହାସାଗର କ୍ଷେତ୍ର ନିମନ୍ତେ ମିଳିତ ଦୃଷ୍ଟିକୋଣ ଆଧାରରେ ଭବିଷ୍ୟତ କାର୍ଯ୍ୟକଳାପର ପ୍ରାଥମିକତାଗୁଡ଼ିକୁ ରେଖାଙ୍କିତ ପାଇଁ ସୁଯୋଗ ପ୍ରଦାନ କରିବ ।ଏହି ଗସ୍ତରେ ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ ମୋରିସନ ଓ ଜାପାନ ପ୍ରଧାନମନ୍ତ୍ରୀ ସୁଗାଙ୍କୁ ମଧ୍ୟ ମୋଦୀ ସାକ୍ଷାତ କରି ଦ୍ୱିପାକ୍ଷିକ ସମ୍ପର୍କ ବାବଦରେ ତଥା ଆଞ୍ଚଳିକ ଏବଂ ଅନ୍ତର୍ଜାତୀୟ ପ୍ରସଙ୍ଗ ସହ ଜଡ଼ିତ ପ୍ରସଙ୍ଗରେ ଆଲୋଚନା କରିବେ।

### ୟୁଏନଜିଏରେ କାଶ୍ମୀର ପ୍ରସଙ୍ଗ ଉଠାଇଲା ତୁର୍କୀ

# ସାଇପ୍ରସକୁ ନେଇ କଡ଼ା ଜବାବ ଦେଲେ ଜୟଶଙ୍କର

**ନ୍ୟୁୟର୍କ, ୨୨।୯(ଏଜେନ୍ସି)**

ମିଳିତ ଜାତିସଂଘ ମହାସଭା (ୟୁଏନଜିଏ) ର ୭୬ତମ ଅଧିବେଶନରେ ତୁର୍କୀକୁ କଡ଼ା ଜବାବ ଦେଇଛି ଭାରତ। ତୁର୍କୀ ରାଷ୍ଟ୍ରପତି ରେସେପି ତାଇପେ ଏରୋଡଗାନ ୟୁଏନଜିଏରେ ଅଭିଭାଷଣ ରଖି କାଶ୍ମୀର ପ୍ରସଙ୍ଗ ଉଠାଇବାରୁ ଏହାର କଡା ଜବାବ ଦେଇଥିଲେ ଭାରତର ବୈଦେଶିକ ମନ୍ତ୍ରୀ ଏସ ଜୟଶଙ୍କର। ସେ ସାଇପ୍ରସ ପ୍ରସଙ୍ଗ ଉଲ୍ଲେଖ କରି ତୁର୍କୀକୁ ଘେରିଥିଲେ। ତୁର୍କୀ ଅନେକ ଦଶନ୍ଧି ହେଲା ସାଇପ୍ରସର ସିଂହ ଭାଗକୁ ବେଆଇନ ଭାବେ କବ୍‌ଜା କରିନେଇଛି। ଏହି ପ୍ରସଙ୍ଗରେ ଜାତିସଂଘରେ ମଧ୍ୟ ପ୍ରସ୍ତାବ ପାରିତ ହୋଇଛି। କିନ୍ତୁ ତୁର୍କୀ ଏହାକୁ ମାନୁନାହିଁ। ଜୟଶଙ୍କର ନିଜର ସାଇପ୍ରସ ସମକକ୍ଷ ନିକୋସ କ୍ରିଷ୍ଟୋଡୌଲାଇଡ୍ସଙ୍କ ସହ ଦ୍ୱିପାକ୍ଷିକ ଆଲୋଚନା କରିଛନ୍ତି। ଏହି ସମୟରେ ସେ ମିଳିତ ଜାତିସଂଘ ସୁରକ୍ଷା ପରିଷଦ(ୟୁଏନଏସସି)ରେ ସାଇପ୍ରସ ପ୍ରସଙ୍ଗରେ ପାରିତ ପ୍ରସ୍ତାବ ପାଳନର ଆବଶ୍ୟକତା ଉପରେ ଜୋର ଦେଇଥିଲେ। ଜୟଶଙ୍କର ବୁଧବାର ଟ୍ୱିଟ କରି କହିଛନ୍ତି ଯେ ଉଭୟ ଦେଶ ଆର୍ଥିକ ସମ୍ବନ୍ଧକୁ ଆହୁରି ବୃଦ୍ଧି କରିବା ପାଇଁ କାର୍ଯ୍ୟ କରୁଛନ୍ତି। ଜୟଶଙ୍କର କ୍ରିଷ୍ଟୋଡୌଲାଇଡ୍ସଙ୍କ ଆଞ୍ଚଳିକ ଜ୍ଞାନକୁ ପ୍ରଶଂସା କରିଛନ୍ତି। ସମସ୍ତେ ସାଇପ୍ରସ ପ୍ରସଙ୍ଗରେ ପାରିତ ପ୍ରସ୍ତାବକୁ ପାଳନ କରିବା ଉଚିତ ବୋଲି ସେ କହିଥିଲେ।




ଏରୋଡଗାନ ମଙ୍ଗଳବାର ୟୁଏନଜିଏରେ କହିଥିଲେ ଯେ କାଶ୍ମୀରକୁ ନେଇ ୭୪ ବର୍ଷ ହେଲା ଜାରି ରହିଥିବା ସମସ୍ୟାକୁ ଉଭୟ ରାଷ୍ଟ୍ର ଆଲୋଚନା ତଥା ଜାତିସଂଘର ପ୍ରାସଙ୍ଗିକ ପ୍ରସ୍ତାବ ମାଧ୍ୟମରେ ସମାଧାନ କରିବା ଉଚିତ। ଏହା ପୂର୍ବରୁ ମଧ୍ୟ ସେ ଜାତିସଂଘରେ କାଶ୍ମୀର ପ୍ରସଙ୍ଗ ଉଠାଇଥିଲେ। ତେବେ ଭାରତ ଏହାକୁ କଡା ବିରୋଧ କରିଥିଲା। ସୂଚନାଯୋଗ୍ୟ ଯେ ୧୯୭୪ରେ ୟୁନାନ ସରକାରର ସମର୍ଥନରେ ସେନା କ୍ଷମତା ଦଖଲ କରିବା ପରଠାରୁ ସାଇପ୍ରସରେ ସଂଘର୍ଷ ଆରମ୍ଭ ହୋଇଥିଲା। ଏହା ପରେ ତୁର୍କୀ ୟୁନାନର ଉତ୍ତର ଭାଗରେ ଆକ୍ରମଣ କରିଥିଲା। ଭାରତ ଜାତିସଂଘ ପ୍ରସ୍ତାବ ମାଧ୍ୟମରେ ଏହି ମାମଲାର ଶାନ୍ତିପୂର୍ଣ୍ଣ ସମାଧାନ ଦାବି କରିଛି। ପାକିସ୍ତାନ ପରେ ତୁର୍କୀ ଭାରତ ବିରୋଧୀ କାର୍ଯ୍ୟକଳାପର କେନ୍ଦ୍ର ବନିଯାଇଛି। ରିପୋର୍ଟ ଅନୁଯାୟୀ କେରଳ ଏବଂ କାଶ୍ମୀର ସମେତ ଦେଶର ଅନେକ ଭାଗରେ ଚାଲିଥିବା ଚରମପନ୍ଥୀ କାର୍ଯ୍ୟକଳାପ ପାଇଁ ତୁର୍କୀ ପାଣ୍ଠି ଯୋଗାଉଛି। ତୁର୍କୀ ଭାରତରେ ମୁସଲମାନଙ୍କ ମଧ୍ୟରେ ଚରମପନ୍ଥୀ ଚିନ୍ତାଧାର ବୃଦ୍ଧି କରୁଛି ଏବଂ ସେମାନଙ୍କୁ ନିଯୁକ୍ତି କରିବାକୁ ପ୍ରୟାସ କରୁଛି। ଦକ୍ଷିଣ ଏସିଆର ମୁସଲମାନଙ୍କ ମଧ୍ୟରେ ପ୍ରଭାବ ବିସ୍ତାର କରିବା ପାଇଁ ତୁର୍କୀ ଏପରି କରୁଛି।

## ଜାତିସଂଘ ପ୍ରତିନିଧିଙ୍କ ନାମ ଘୋଷଣା କଲା ତାଲିବାନ


**କାବୁଲ, ୨୨।୯(ଏଜେନ୍ସି):** ଆଫଗାନିସ୍ତାନକୁ କବ୍‌ଜା କରି ସରକାର ଗଠନ କରିବା ପରେ ତାଲିବାନ ବିଶ୍ୱ ସମୁଦାୟର ସ୍ୱୀକୃତି ପାଇବା ଉଦ୍ୟମ ଆରମ୍ଭ କରିଛି। ତାଲିବାନ ଏଥିପାଇଁ ବିଶ୍ୱ ନେତାଙ୍କୁ ସମ୍ବୋଧନ କରିବାକୁ ଚାହୁଁଛି। ମିଳିତ ଜାତିସଂଘ ମହାସଭା(ୟୁଏନଜିଏ)ରେ କହିବା ପାଇଁ ଏହି ଚରମପନ୍ଥୀ ସଂଗଠନ ଅନୁମତି ମାଗିଛି। ତାଲିବାନର ମୁଖପାତ୍ର ସୁହେଲ ସାହିନକୁ ଜାତିସଂଘ ପାଇଁ ରାଷ୍ଟ୍ରଦୂତ ଭାବରେ ଘୋଷଣା କରିଛି। ତାଲିବାନକୁ ବୟକଟ୍ ନ କରିବା ପାଇଁ ବିଶ୍ୱ ନେତାଙ୍କୁ କତାରର ଏମିର(ମୁଖ୍ୟ ଶାସକ) ତମିମ ବିନ ହମଦ ଅଲ ଥାନି ନିବେଦନ କରିଛନ୍ତି। ଏଭଳି କରିବା ଦ୍ୱାରା କୌଣସି ସମଧାନ ହେବ ନାହିଁ। ବିଶ୍ୱ ତାଲିବାନକୁ ମାନ୍ୟତା ଦେଉ ବୋଲି ସେ ଚାହୁଁଛନ୍ତି। ତେବେ ତାଲିବାନ ସହ ଆଲୋଚନା କରିବାକୁ ଚାହୁଁନଥିବା ରାଷ୍ଟ୍ରମାନଙ୍କ ଉଦ୍ଦେଶ୍ୟରେ ସେ ଏପରି କହିଛନ୍ତି।

ସୋମବାର ତାଲିବାନର ବୈଦେଶିକ ମନ୍ତ୍ରୀ ଜାତିସଂଘ ମହାସଚିବ ଆଣ୍ଟୋନିଓ ଗୁତରେସେଙ୍କୁ ଚିଠି ଲେଖି ୟୁଏନଜିଏ ଉଚ୍ଚସ୍ତରୀୟ ବୈଠକରେ ସମ୍ବୋଧନ ଲାଗି ଅନୁମତି ଦେବାକୁ ଅନୁରୋଧ କରିଛନ୍ତି। ଏହି ଚିଠି ଗୁତରେସେ ପାଇଥିବା ମଧ୍ୟ କହିଛନ୍ତି। ଆଫଗାନର ପୂର୍ବତନ ରାଷ୍ଟ୍ରଦୂତ ଗୁଲାମ ଏସ ଇସାକଜଇଙ୍କୁ ତାଲିବାନ ହଟାଇବାକୁ ଚାହୁଁଛି। ତେବେ ଏହି ଅନୁରୋଧ ଉପରେ କମିଟି ନିଷ୍ପତ୍ତି ନେବ ବୋଲି ମହାସଚିବଙ୍କ ମୁଖପାତ୍ର କହିଛନ୍ତି।



ସକାଳ
THE SAKALA

# ସଂପାଦକୀୟ



ବିଶ୍ୱ ଇତିହାସରେ ସବୁବେଳେ ସତ୍ତାଧାରୀ ଶକ୍ତି ଓ ସାମାଜିକ ନ୍ୟାୟ ମଧ୍ୟରେ ହିଁ ସଂଘର୍ଷ ହୋଇଆସିଛି
-ବିଶ୍ୱବିଖ୍ୟାତ ଐତିହାସିକ ଆର୍ନଲ୍ଡ ଟୟନବି

### ଓଡ଼ିଶାରେ କୋଭିଡ୍ ଟିକାକରଣ କାର୍ଯ୍ୟକ୍ରମ

## ଡିସେମ୍ବର ସୁଦ୍ଧା ସମସ୍ତଙ୍କୁ ପ୍ରଥମ ପାନ

ଓଡ଼ିଶାରେ କରୋନା ସଂକ୍ରମଣ କମିଛି ସତ; କିନ୍ତୁ ଏହା ସମ୍ପୂର୍ଣ୍ଣଭାବେ ନିୟନ୍ତ୍ରଣକୁ ଆସିନାହିଁ। ଦୈନିକ ସଂକ୍ରମଣ ସଂଖ୍ୟା କ୍ରମାଗତ ଭାବେ କିଛିଦିନ ଧରି ୫୦୦ ତଳେ ରହୁଛି। ଏବେ କେବଳ ଖୋରଧା ଜିଲ୍ଲାର ସଂକ୍ରମଣସ୍ଥିତି ଚିନ୍ତାଜନକ ଅଛି। ଏଠାରେ ସଂକ୍ରମିତଙ୍କ ହାର ମୋଟ ରାଜ୍ୟ ସଂକ୍ରମିତଙ୍କ ହାରର ପ୍ରାୟ ୪୦ ଶତାଂଶ। ରାଜଧାନୀ ଭୁବନେଶ୍ୱର ଭଳି ଜନବହୁଳ ସହର ପାଇଁ ଖୋରଧା ଜିଲ୍ଲାରେ ଯେ ସଂକ୍ରମଣ ହାର ଅଧିକ ରହୁଛି ଏହା ସ୍ପଷ୍ଟ। ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ କେବଳ ଭୁବନେଶ୍ୱର ନଗରୀ ଉପରେ ଦୃଷ୍ଟି କେନ୍ଦ୍ରୀତ କରିନାହାନ୍ତି, ଅନ୍ୟାନ୍ୟ ସଂକ୍ରମଣ ପ୍ରବଣ ଜିଲ୍ଲା ଓ ସହର ଉପରେ ମଧ୍ୟ ଧ୍ୟାନ ଦେଇ କାମ କରୁଛନ୍ତି। ଇତିମଧ୍ୟରେ ରାଜ୍ୟ ସରକାର ଘୋଷଣା କରିଛନ୍ତି ଯେ ଆସନ୍ତା ଡିସେମ୍ବର ମାସ ସୁଦ୍ଧା ରାଜ୍ୟର ସବୁ ବୟସବର୍ଗର ଲୋକଙ୍କୁ ଅତିକମ୍‌ରେ ଗୋଟିଏ ଡୋଜ୍ ଟିକା ଦେବେ। ସମୟ କମ୍ ଥିବା ଦୃଷ୍ଟିରୁ ଲକ୍ଷ୍ୟ ବଡ଼ ଲାଗୁଛି; କିନ୍ତୁ ଅସମ୍ଭବ ନୁହେଁ। ଆବଶ୍ୟକୀୟ ଦ୍ରୁତ ଟିକାକରଣ ପାଇଁ ରାଜ୍ୟରେ ଯଥେଷ୍ଟ ପ୍ରଶିକ୍ଷିତ କର୍ମଚାରୀ ଅଛନ୍ତି ଏବଂ ଏହା ଆଗରୁ ମଧ୍ୟ ଦୈନିକ ରେକର୍ଡ ଟିକାଦାନ ସଂଖ୍ୟା ହାସଲ କରାଯାଇପାରିଛି। ଆଗଭଳି ଏବେ ଆଉ ଟିକା ନେବା ପାଇଁ ଲୋକଙ୍କ ମନରେ ଦ୍ୱିଧା ନାହିଁ।

ଚଳିତବର୍ଷ ଜାନୁଆରୀ ୧୬ ତାରିଖରୁ ରାଜ୍ୟରେ ଟିକାକରଣ ଆରମ୍ଭ ହୋଇଥିଲା। ଏ ପର୍ଯ୍ୟନ୍ତ ୨.୮୩ କୋଟିରୁ ଅଧିକ ଡୋଜ୍ ଟିକା ଦିଆଯାଇସାରିଲାଣି। ବ୍ୟକ୍ତି ହିସାବରେ ଗଣନା କଲେ ୨.୦୮ କୋଟି ଲୋକ ରାଜ୍ୟରେ ପ୍ରଥମ ଡୋଜ୍ ଟିକା ନେଇଛନ୍ତି ଓ ମାତ୍ର ୭୫ ଲକ୍ଷଙ୍କୁ ସମ୍ପୂର୍ଣ୍ଣ (ଦୁଇଡୋଜ୍) ଟିକା ଦିଆଯାଇଛି। ଅବଶ୍ୟ ଆମକୁ ମନେ ରଖିବାକୁ ପଡ଼ିବ ଯେ ଏବେ ମଧ୍ୟ ରାଜ୍ୟର ପ୍ରାୟ ୩ କୋଟି ଲୋକ ପ୍ରଥମ ଡୋଜ୍ ଟିକା ଅପେକ୍ଷାରେ ଅଛନ୍ତି। ଏଥିରେ ୧୮ ବର୍ଷରୁ ତଳ କିଶୋର,କିଶୋରୀ ଓ ଶିଶୁ ସାମିଲ୍ ଅଛନ୍ତି। ରାଜ୍ୟରେ ଯେଉଁ ବେଗ ଓ ଗତିରେ ଟିକାଦାନ ଚାଲିଥିଲା କେନ୍ଦ୍ରରୁ ଟିକା ମିଳିବାରେ ବିଳମ୍ବ ଯୋଗୁଁ ତାହା ଧିମେଇ ଯାଇଥିଲା। ଏବେ ଟିକା ଯୋଗାଣ ବଢ଼ିବା ପରେ ପୁନର୍ବାର ସେ କାମ ତ୍ୱରାନ୍ୱିତ ହେଉଛି। ସଂକ୍ରମଣ ଧିମେଇବା ସତ୍ତ୍ୱେ ଟିକାଦାନ କେନ୍ଦ୍ରରେ ଲୋକଙ୍କର ଅସମ୍ଭବ ଭିଡ଼ ହେଉଛି ଏବଂ କେତେକ ସ୍ଥାନରେ ଗଣ୍ଡଗୋଳ ମଧ୍ୟ ଘଟୁଛି। ତେଣୁ ଏହି ଟିକାଦାନ ପ୍ରକ୍ରିୟାକୁ ଅଧିକ ସୁସଂହତ ତଥା ଶୃଙ୍ଖଳିତ କରିବାର ଆବଶ୍ୟକତା ରହିଛି।

ରାଜ୍ୟ ପାଖରେ ଗତ ମଙ୍ଗଳବାର ସୁଦ୍ଧା ୨୦.୫୧ ଲକ୍ଷ ଡୋଜ୍ କୋଭିସିଲ୍ଡ ଓ ୧.୮୪ ଲକ୍ଷ ଡୋଜ୍ କୋଭାକ୍ସିନ୍ ଟିକା ମହଜୁଦ୍ ଥିଲା। ଟିକାର ଅଭାବ ନଥିବାରୁ ରେକର୍ଡ ୪.୧୬ ଲକ୍ଷ ଲୋକଙ୍କୁ ଗୋଟିଏ ଦିନରେ ଟିକା ପ୍ରଦାନ କରାଯାଇପାରିଛି। ଏହି ହାର ଅବ୍ୟାହତ ରହିଲେ ରାଜ୍ୟ ସରକାର ଯେଉଁ ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି ତାହା ପୂରଣ ହେବା ଅସମ୍ଭବ ମନେ ହୁଏ ନାହିଁ। ଏହାସହିତ ପିଲାଙ୍କ ପାଇଁ ଯଦି କୋଭିଡ୍ ଟିକା ଶୀଘ୍ର ଆସିଯାଏ, ତା'ହେଲେ ଟିକାଦାନ କ୍ଷେତ୍ରରେ ଏହି ସମୟରେ ଅତିରିକ୍ତ ଚାପ ନିଶ୍ଚିତ ପଡ଼ିବ।

ଟିକା ନେଲେ ଯେ କରୋନା ହେବ ନାହିଁ- ଏ କଥା ନୁହେଁ, କିନ୍ତୁ ଗୋଟିଏ ହେଉ ଅବା ଦୁଇଟି ଡୋଜ୍ ଟିକା ନେଇଥିବା ଲୋକ ସଂକ୍ରମିତ ହେଲେ ରୋଗ ବିଶେଷ ପ୍ରଭାବ ଦେଖାଇ ପାରୁନାହିଁ ଓ ମୃତ୍ୟୁ ଆଶଙ୍କା ଅନେକାଂଶରେ ଦୂର ହେଉଛି। ସେଥିପାଇଁ ଟିକା ନେବାକୁ ଲୋକଙ୍କ ମଧ୍ୟରେ ବିଶେଷ ଆଗ୍ରହ ପ୍ରକାଶ ପାଉଛି। ଟିକା କ୍ଷେତ୍ରରେ ଦେଶ ଆତ୍ମନିର୍ଭରସ୍ତରରେ ପହଞ୍ଚିଲାଣି। ଆସନ୍ତା ମାସରୁ କେନ୍ଦ୍ର ସରକାର ବିଦେଶକୁ ଟିକା ରପ୍ତାନୀ କରିବାକୁ ନିଷ୍ପତ୍ତିରୁ ପ୍ରତୀୟମାନ ହେଉଛି ଯେ ଆଉ ରାଜ୍ୟମାନଙ୍କୁ ଟିକା ଯୋଗାଣରେ ଅସୁବିଧା ହେବ ନାହିଁ। ଏବେ ଦୁଇ ଡୋଜ୍ ଟିକା ନେବା ମଧ୍ୟରେ ଯେଉଁ ବ୍ୟବଧାନ ରହିଥିଲା ତାହା ମଧ୍ୟ କମିବା ଉଚିତ୍। ତାହା ହେଲେ ଟିକାଦାନ ପ୍ରକ୍ରିୟାର ଗତି ତ୍ୱରାନ୍ୱିତ ହେବ।

ଗୋଟିଏ ଦିନରେ ରେକର୍ଡ ଚାରିଲକ୍ଷରୁ ଅଧିକ ଡୋଜ୍ ଟିକା ଦିଆଯିବା ପରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ରାଜ୍ୟ ପ୍ରଶାସନ ଓ ସ୍ୱାସ୍ଥ୍ୟସେବା କର୍ମଚାରୀଙ୍କୁ ପ୍ରଶଂସା କରି ସେମାନଙ୍କର ଉତ୍ସାହ ବଢ଼ାଇଛନ୍ତି। ଏହି ସଫଳତା ପ୍ରମାଣିତ କରିଛି ଯେ ଆମର ବହୁ ଅଧିକ ଟିକା ଦେବାର ସାମର୍ଥ୍ୟ ରହିଛି। ତେଣୁ ସମ୍ଭାବ୍ୟ ତୃତୀୟ ଲହର ଆସୁ କି ନ ଆସୁ ଆମେ ସମସ୍ତେ ଯେତେଶୀଘ୍ର ଅତିକମ୍‌ରେ ଗୋଟିଏ ଡୋଜ୍ ଟିକା ନେଇପାରିବା ସେତେ ଭଲ ହେବ।

ଟିକାଦାନ ତ୍ୱରାନ୍ୱିତ ବେଗରେ ଚାଲୁ; ଏଥିସହିତ ସାଧାରଣ କୋଭିଡ୍ ନିୟମ ପାଳନ ମଧ୍ୟ ଜାରି ରହୁ। ଆମେ ଦେଖୁଛନ୍ତି ଯେ ଭିଡ଼, ଗହଳି, ଅସାବଧାନତା ଓ ତ୍ରୁଟିବିଚ୍ୟୁତିର ସୁଯୋଗ ନେଇ କରୋନା ନୂଆ ରୂପରେ ଆକ୍ରମଣ କରୁଛି। ଆସନ୍ନ ପାର୍ବଣ ସମୟ ସେ ଦୃଷ୍ଟିରୁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଏଥିପାଇଁ ସରକାର ଓ ଜନସାଧାରଣ ଉଭୟଙ୍କୁ ବିଶେଷ ସତର୍କ ରହିବାକୁ ପଡ଼ିବ। ●

### ତାଲିବାନ୍ କବଳରେ ଆଫଗାନିସ୍ତାନ

# ଭାରତୀୟ କୂଟନୀତି ପାଇଁ ଜଟିଳ ପ୍ରଶ୍ନ



ସନ୍ତୋଷ କୁମାର ମିଶ୍ର
କଟକ, ମୋ: ୯୪୩୭୦୧୨୮୪୬୪

ଆଫଗାନିସ୍ତାନରୁ ମାର୍କିନ ସୈନ୍ୟ ପ୍ରତ୍ୟାହୃତ ହେବା ପରେ ତାଲିବାନ ପୁଣି ଥରେ ସେଠାରେ ଶାସନ କ୍ଷମତା ଦଖଲ କରିଛି। ବିଗତ ୨୦ ବର୍ଷ ଧରି କିଛିଟା ଆଶ୍ୱସ୍ତ ଥିବା ଆଫ୍‌ଗାନିସ୍ତାନବାସୀ ପୁଣି ଥରେ ଆତଙ୍କିତ ଓ ଅସ୍ଥିର ଅବସ୍ଥାରେ ରହିଛନ୍ତି। ଆଫ୍‌ଗାନିସ୍ତାନ ତାଲିବାନୀ ହାତକୁ ଆସିବା ପରେ କେବଳ ସେଠାରେ ଶାନ୍ତି ଓ ସ୍ଥିରତା ବ୍ୟାହତ ହୋଇନାହିଁ, ବରଂ ଦକ୍ଷିଣ-ମଧ୍ୟ-ଏସିଆରେ ରାଜନୀତି ଓ କୂଟନୀତିର ନୂଆ ସମୀକରଣ ସୃଷ୍ଟି ହୋଇଛି।

୨୦୦୧ରେ ଆତଙ୍କବାଦୀ ସଂଗଠନ ଅଲକାଏଦାର ଭୟଙ୍କର ଆକ୍ରମଣରେ ଆମେରିକାର ବିଶ୍ୱ ବାଣିଜ୍ୟ କେନ୍ଦ୍ରର ଦୁଇଟି ନଭଶ୍ଚୁମ୍ବୀ ଅଟ୍ଟାଳିକା ଧୂଳିସାତ ହେବା ପରେ ଆମେରିକୀୟ ଓ ନାଟୋ ମେଣ୍ଟର ମିଳିତ ସେନାବାହିନୀ ଆଫ୍‌ଗାନିସ୍ତାନରେ ଆକ୍ରମଣ କରି ତାଲିବାନକୁ ସେଠାକାର ଶାସନ କ୍ଷମତାରୁ ବିତାଡ଼ିତ କରିଥିଲେ। ଘନଘନ ବୋମା ଓ କ୍ଷେପଣାସ୍ତ୍ର ମାଡ଼ରେ ସେତେବେଳେ ଆଫଗାନିସ୍ତାନରେ ଶିକ୍ଷା, ସ୍ୱାସ୍ଥ୍ୟ, ବିଦ୍ୟୁତ ଯୋଗାଣ, ପାନୀୟ ଜଳଯୋଗାଣ ସହିତ ରେଳ ଓ ସଡ଼କ ପଥଗୁଡ଼ିକ ଧ୍ୱଂସ ହୋଇଯାଇଥିଲା। ତେଣୁ ଆଫ୍‌ଗାନିସ୍ତାନର ପୁନଃନିର୍ମାଣ ସହିତ ସେଠାରେ ଗଣତାନ୍ତ୍ରିକ ସରକାର ପ୍ରତିଷ୍ଠା ଥିଲା ମୁଖ୍ୟ ଆହ୍ୱାନ। ଏହାର ଭାର ଆମେରିକା ନେଇଥିଲେ ହେଁ ଆଫ୍‌ଗାନିସ୍ତାନ ପୁନଃନିର୍ମାଣରେ ଭାରତର ଅବଦାନକୁ ମଧ୍ୟ ଅସ୍ୱୀକାର କରାଯାଇପାରିବ ନାହିଁ।

ଭାରତ ଓ ଆଫଗାନିସ୍ତାନ ସମ୍ପର୍କ ବହୁ ପୁରାତନ। ତେଣୁ ଯୁଦ୍ଧବିଧ୍ୱସ୍ତ ଆଫ୍‌ଗାନିସ୍ତାନରେ କେବଳ ପରିଯୋଜନାର ରୂପରେଖ ପ୍ରସ୍ତୁତ କରିବା କିମ୍ବା ପୁଞ୍ଜି ବିନିଯୋଗରେ ଭାରତର ଭୂମିକା ସୀମିତ ନ ଥିଲା। ତିନି ଶହରୁ ଅଧିକ ଭାରତୀୟ ଯନ୍ତ୍ରୀ ଓ ୧୫୦୦ରୁ ଅଧିକ ଶ୍ରମିକ ଆଫଗାନିସ୍ତାନରେ ଦିବାରାତ୍ର ଅକ୍ଲାନ୍ତ ପରିଶ୍ରମ କରି ଏହାକୁ ଆଧୁନିକ ମାନବ ବାସ ଉପଯୋଗୀ କରିବାକୁ ଚେଷ୍ଟା କରିଥିଲେ। ଭାରତର ରାଷ୍ଟ୍ରଦୂତ ଓ ଉନ୍ନୟନ ଅଧିକାରୀମାନେ ମୁଖ୍ୟତଃ ଆଫ୍‌ଗାନିସ୍ତାନର ଦାରିଦ୍ର୍ୟ ଦୂରୀକରଣ, ଜୀବନ ଶୈଳୀରେ ଉନ୍ନତିକରଣ, ନାରୀଶିକ୍ଷା ଓ ମହିଳାଙ୍କ ସଶକ୍ତୀକରଣ ଦିଗରେ ଅଧିକ ଧ୍ୟାନ ଦେଇଥିଲେ। ଭାରତ ସରକାରଙ୍କ ଏହି ଉଦ୍ୟମ ବେଶ୍ ସଫଳ ମଧ୍ୟ ହୋଇଥିଲା ଏବଂ ଭାରତ-ଆଫ୍‌ଗାନିସ୍ତାନ ଦ୍ୱିପାକ୍ଷିକ ସମ୍ପର୍କ ଅଧିକ ଦୃଢ଼ ହୋଇଥିଲା।

୨୦୨୦, ନଭେମ୍ବର ୨୦୨୦ରେ ଜେନେଭାଠାରେ ଅନୁଷ୍ଠିତ ସମ୍ମିଳନୀରେ ଭାରତର ବୈଦେଶିକ ମନ୍ତ୍ରୀ ସୁବ୍ରମନ୍ୟମ ଜୟଶଙ୍କର ସୂଚନା ଦେଇଥିଲେ ଯେ ଆଫଗାନିସ୍ତାନର ୩୪ଟି ପ୍ରଦେଶରେ ଭାରତର ଚାରିଶହରୁ ଅଧିକ ଯୋଜନା ଚାଲିଛି। ଭାରତ ସରକାର ଆଫଗାନିସ୍ତାନର ବିଭିନ୍ନ ଭିତ୍ତିଭୂମି ବିକାଶ ଯୋଜନାରେ ତିନିଶହ କୋଟି ଡଲାରରୁ ଅଧିକ ନିବେଶ କରିଛନ୍ତି। ଅନ୍ୟ ଦେଶର ଭିତ୍ତିଭୂମି ବିକାଶ ପାଇଁ ଏଯାବତ ଭାରତ ସରକାରଙ୍କ ଏହା ସର୍ବବୃହତ୍ ପୁଞ୍ଜି ବିନିଯୋଗ ରୂପେ ପରିଗଣିତ ହୋଇ ଆସୁଛି। ଭାରତ ୨୦୦୩ରୁ ସ୍କୁଲ ବହି ଛାପି ଆଫ୍‌ଗାନିସ୍ତାନରେ ମାଗଣାରେ ବିତରଣ କରିବାଠାରୁ ଆରମ୍ଭ କରି ନଦୀ ବନ୍ଧ ନିର୍ମାଣ କାର୍ଯ୍ୟ ପର୍ଯ୍ୟନ୍ତ କୌଣସି କ୍ଷେତ୍ରରେ ଆର୍ଥିକ ଓ ବୈଷୟିକ ସହାୟତା ଯୋଗାଇ ଦେବାକୁ କୁଣ୍ଠାବୋଧ କରିନାହିଁ। ଆଫଗାନିସ୍ତାନର



ବିଦ୍ୟାଳୟ, ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟରେ ତାଲିବାନୀମାନେ ନିଜର ଶିବିର ସ୍ଥାପନ କରି ନିଜ ଅକ୍ତିଆରରେ ରଖିଥିଲେ। ଆମେରିକୀୟ ସୈନିକମାନେ ସେଠାରୁ ତାଲିବାନୀମାନଙ୍କୁ ଘଉଡ଼ାଇ ଦେଇଥିଲେ ମଧ୍ୟ ସେଠାରେ ପୂର୍ବପରି ଶିକ୍ଷାଦାନ ବ୍ୟବସ୍ଥା ବାହଲ କରିବା ସମ୍ଭବ ହୋଇ ପାରି ନ ଥିଲା। କୋଠା, ବେଞ୍ଚ, ଟେବୁଲ, ପରୀକ୍ଷାଗାର ସରଞ୍ଜାମ ସବୁ ନଷ୍ଟ ହୋଇସାରିଥିଲା। ତାଲିବାନୀମାନେ ଶୀତ ଋତୁରେ ନିଜନିଜର କକ୍ଷକୁ ଉଷ୍ମ ରଖିବା ପାଇଁ ବିଶ୍ୱବିଦ୍ୟାଳୟର ପାଠାଗାରର ପୁସ୍ତକସବୁକୁ ଜାଳି ଦେଉଥିଲେ। ଆଫ୍‌ଗାନିସ୍ତାନର ଧ୍ୱଂସପ୍ରାପ୍ତ ଅନେକ ବିଶ୍ୱବିଦ୍ୟାଳୟର ଅଟ୍ଟାଳିକାକୁ ଭାରତ ସରକାର ପୁନଃନିର୍ମାଣ କରିବା ସହିତ ପରୀକ୍ଷାଗାର ଓ ପାଠାଗାରର ପୁନରୁଦ୍ଧାର କରିଥିଲେ। ଶିକ୍ଷକ, ଶିକ୍ଷୟିତ୍ରୀ ଅନ୍ୟ କର୍ମଚାରୀମାନଙ୍କୁ ପ୍ରଶିକ୍ଷଣ ଦେଇଥିଲେ। ଛାତ୍ର ବୃତ୍ତି ମାଧ୍ୟମରେ ପ୍ରତିବର୍ଷ ଦୁଇହଜାର ଛାତ୍ରଛାତ୍ରୀଙ୍କୁ ଭାରତର ବିଭିନ୍ନ ବିଶ୍ୱବିଦ୍ୟାଳୟରେ ଅନେକ ବିଷୟରେ ଉଚ୍ଚଶିକ୍ଷା ନିମନ୍ତେ ସୁଯୋଗ ପ୍ରଦାନ କରୁଛନ୍ତି। ସେଠାକାର ଚିକିତ୍ସାଳୟର ପୁନଃନିର୍ମାଣ, ଉପକରଣ ଯୋଗାଣ ଓ ପ୍ରଶିକ୍ଷଣ ପ୍ରଦାନ କରିବାରେ ମଧ୍ୟ ଭାରତ ଉଲ୍ଲେଖନୀୟ ଯୋଗଦାନ କରିଥିଲା। ଏତଦ୍‌ବ୍ୟତୀତ ବିଦ୍ୟୁତ ଶକ୍ତି ଯୋଗାଣ ନିମନ୍ତେ ଗ୍ରୀଡ୍ ଓ ସବ୍‌ଷ୍ଟେସନ ନିର୍ମାଣ, ଅକ୍ଷୟ ଶକ୍ତି ଉତ୍ପାଦନ ପାଇଁ ମଧ୍ୟ ଆବଶ୍ୟକ ଭିତ୍ତିଭୂମି ବିକାଶରେ ଭାରତ ଉଲ୍ଲେଖନୀୟ ଭୂମିକା ନିର୍ବାହ କରିଥିଲା।

୨୦୧୧ରେ ଭାରତ ଓ ଆଫଗାନିସ୍ତାନ ମଧ୍ୟରେ କୂଟନୈତିକ ଭାଗୀଦାରୀ ଚୁକ୍ତିନାମା ସ୍ୱାକ୍ଷରିତ ହୋଇଥିଲା। ଏହି ଚୁକ୍ତିନାମା ଫଳରେ ଭାରତର ଦାୟିତ୍ୱ ଅଧିକ ବଢ଼ି ଥିଲା। ୪୨ ମେଗା ୱାଟ ବିଶିଷ୍ଟ ସଲମା ଡ୍ୟାମ ନିର୍ମାଣ ୨୦୧୬ରେ ସମ୍ପୂର୍ଣ୍ଣ ହୋଇଛି। ଏହି ଡ୍ୟାମଟି ଭାରତ-ଆଫଗାନିସ୍ତାନ ବନ୍ଧୁତ୍ୱ ଡ୍ୟାମ ନାମରେ ପରିଚିତ। ଜଳବିଦ୍ୟୁତ ଶକ୍ତି ଉତ୍ପାଦନ ସହିତ ଏହି ଡ୍ୟାମ ମାଧ୍ୟମରେ ଜଳସେଚନ ପ୍ରଣାଳୀକୁ ମଧ୍ୟ ଅଧିକ କ୍ରିୟାଶୀଳ କରାଯାଇଛି। ସଡ଼କ ପଥରେ ଗମନାଗମନ ବ୍ୟବସ୍ଥାକୁ ସୁଧାରିବା ପାଇଁ ଭାରତ ଜରଞ୍ଜ ଓ ଡେଲାରାମ ମଧ୍ୟରେ ୨୦୧୮ରେ ୨୧୮ କିଲୋମିଟରର ସୁଗମ୍ୟ ରାଜପଥ ନିର୍ମାଣ ସମ୍ପୂର୍ଣ୍ଣ କରିଛି। ଜରଞ୍ଜ ଇରାନର ସୀମା ପାଖର ସହର ହୋଇଥିବାରୁ ଭାରତ ଭବିଷ୍ୟତରେ ଚାବାହାର ବନ୍ଦର ଜରିଆରେ ବାଣିଜ୍ୟ କାରବାରକୁ ବୃଦ୍ଧି କରିବାକୁ ସେଠାରେ ୧୧୨୫ କୋଟି ଟଙ୍କା ପୁଞ୍ଜି ବିନିଯୋଗ କରିଥିଲା। ଏଥିସହିତ ଆଫଗାନିସ୍ତାନରେ ସାଧାରଣ ନାଗରିକଙ୍କ ଯାତାୟାତକୁ ସହଜ କରିବା ପାଇଁ ଚାରିଶହ ବଡ଼ ବସ୍ ଓ ୨୦୦ଟି ଛୋଟ ବସ୍ ପର୍ଯ୍ୟାୟକ୍ରମେ ଆଫଗାନିସ୍ତାନକୁ ପ୍ରଦାନ କରିଥିଲା। ସେଠାକାର ବିଭିନ୍ନ ପ୍ରଦେଶରେ ଥିବା ପୌରସଂସ୍ଥାକୁ ଭାରତ ୧୫୦ଟି ବିଭିନ୍ନ ପ୍ରକାର ଯାନବାହନ ପ୍ରଦାନ କରିଥିଲା। ଆଫଗାନ ସୈନିକମାନଙ୍କୁ ମଧ୍ୟ ୨୮୫ଟି ବିଭିନ୍ନ ପ୍ରକାର ଯାନବାହନ ସହିତ ଚାରୋଟି ମି-୨୫ ଲଢୁଆ ବିମାନ ମଧ୍ୟ ଭାରତ ଉପହାର ଭାବେ ଦେଇଛି।

ଦୁଇ ଦେଶ ମଧ୍ୟରେ ସମ୍ପର୍କ କିପରି ଗଭୀର ହେବ ସେ ଦିଗରେ ଭାରତ ଚେଷ୍ଟା ଜାରି କରିଛି। ଆଫ୍‌ଗାନିସ୍ତାନର ପ୍ରାଚୀନ ଐତିହାସିକ ଷ୍ଟୋର ରାଜମହଲକୁ ଆଗା ଖାନ ସଂସ୍ଥା ସହାୟତାରେ ଭାରତ ନବୀକରଣ କରାଇଥିଲା। ସେଠାକାର ସଂସଦ ଭବନକୁ ୯୭୦ କୋଟି ଟଙ୍କା ବ୍ୟୟ କରି ଆଧୁନିକୀକରଣ କରିଥିଲା। ଆଫଗାନିସ୍ତାନରେ ବିମାନ ସେବା ପ୍ରଦାନ କରୁଥିବା ଆରିଆନା ଆଫ୍‌ଗାନ ଏୟାରଲାଇନସକୁ ଏକ ବିମାନ ଉପହାର ସ୍ୱରୂପ ପ୍ରଦାନ କରିଥିଲା। ପୂର୍ବରୁ କେବଳ କାନ୍ଦାହର ସହର ସହିତ ବିମାନ ସେବା ଉପଲବ୍ଧ ଥିବା ବେଳେ କାବୁଲ ଓ ହେରତରେ ମଧ୍ୟ ବିମାନ ବନ୍ଦର ନିର୍ମାଣ କରାଯାଇ ବିମାନ ଚଳାଚଳ ଆରମ୍ଭ ହୋଇଥିଲା। ଏଥିରେ ଭାରତ ଆର୍ଥିକ ଓ ବୈଷୟିକ ସହାୟତା ଯୋଗାଇ ଦେଇଥିଲା। କାବୁଲ ନଦୀ ଉପରେ ଶାହାତୁତ ନଦୀ ବନ୍ଧ ପରିଯୋଜନାରେ ପ୍ରାୟ ୧୭୬୦ କୋଟି ଟଙ୍କା ବ୍ୟୟ କରିବା ପାଇଁ ଭାରତ ଲକ୍ଷ୍ୟ ଧାର୍ଯ୍ୟ କରିଥିଲା। ଏହି ନଦୀ ବନ୍ଧ ମାଧ୍ୟମରେ ଆଫଗାନିସ୍ତାନରେ ପାନୀୟ ଜଳ ଯୋଗାଣ ବ୍ୟବସ୍ଥାର ଆଧୁନିକୀକରଣ କରାଯିବା ପାଇଁ ଲକ୍ଷ୍ୟ ରଖା ଯାଇଥିଲା। ଭାରତ ଓ ଆଫଗାନିସ୍ତାନ ମଧ୍ୟରେ ଗତ ବର୍ଷ ତିନି ବିଲିୟନ ଡଲାରର ବାଣିଜ୍ୟ କାରବାର ହୋଇଥିଲା।

ଆଫଗାନିସ୍ତାନରେ ତାଲିବାନ ଯେ ପୁନର୍ବାର କ୍ଷମତା ଦଖଲ କରିବା ପାଇଁ ଅହରହ ଚେଷ୍ଟା କରି ଆସୁଛି, ଏକଥା ପ୍ରତି ଭାରତ ସରକାର ସଚେତନ ଥିଲେ। ତେଣୁ ବୈଦେଶିକ ମନ୍ତ୍ରୀ ଜୟଶଙ୍କର ପୂର୍ବରୁ ବିଶ୍ୱସମୁଦାୟକୁ ସୂଚାଇ ଦେଇଥିଲେ ଯେ ତାଲିବାନକୁ ପ୍ରତିରୋଧ କରାଯାଉ; ଅନ୍ୟଥା ସେଠାରେ ଭାରତ ସରକାରଙ୍କ ବିକାଶମୂଳକ କାର୍ଯ୍ୟ ବାଧା ପ୍ରାପ୍ତ ହେବ।

ଏହାସତ୍ତ୍ୱେ ଭାରତ ଆଫ୍‌ଗାନିସ୍ତାନରେ ପୁନଃନିର୍ମାଣ ଓ ଭିତ୍ତିଭୂମି ପ୍ରକଳ୍ପ ଜାରି ରଖିଥିଲା। ଏହାର ପ୍ରଥମ କାରଣ ହେଉଛି ସେଠାରେ ଉପଯୁକ୍ତ ସାମାଜିକ ଓ ଆର୍ଥିକ ବିକାଶ ଘଟିଲେ ତାଲିବାନର ପ୍ରତ୍ୟାବର୍ତ୍ତନ ସମ୍ଭବପର ହେବ ନାହିଁ ବୋଲି ଭାରତ ବିଶ୍ୱାସ ରଖିଥିଲା। ଏହାଦ୍ୱାରା କେବଳ ଆଫ୍‌ଗାନିସ୍ତାନରେ ସ୍ଥିରତା ଆସିବ ନାହିଁ, ବରଂ ଦକ୍ଷିଣ-ଏସିଆରେ ଶାନ୍ତି ପ୍ରତିଷ୍ଠା ସମ୍ଭବ ହେବାର ସମ୍ଭାବନା ଥିଲା। ଦ୍ୱିତୀୟ କାରଣଟି ହେଉଛି ଆଫଗାନିସ୍ତାନ ଦୁର୍ଲ୍ଲଭ ଖଣିଜ ସମ୍ପଦରେ ଭରପୂର। କ୍ରମାଗତ ଗୃହଯୁଦ୍ଧ ଫଳରେ ତାହାର ସଦୁପଯୋଗ ହୋଇପାରୁ ନାହିଁ। ଏହି ଦୁର୍ଲ୍ଲଭ ଖଣିଜକୁ ସଂଗ୍ରହ କରିବା ପାଇଁ ଚୀନ ତାଲିବାନକୁ ପ୍ରସ୍ତାବ ଦେଇଛି। ଏହାପରେ ତାଲିବାନ ପାଇଁ ଅର୍ଥ ପ୍ରତିବନ୍ଧକ ହେବ ନାହିଁ। ଭାରତ ଯେଉଁ କଥାକୁ ଡରୁଥିଲା ଶେଷରେ ତାହା ହିଁ ହେବାକୁ ଯାଉଛି। ଭାରତ ଲକ୍ଷ୍ୟ ରଖିଥିଲା ଯେ ଖଣିଜ ଉତ୍ତୋଳନ ଓ ରପ୍ତାନି ଜରିଆରେ ଆଫଗାନିସ୍ତାନ ନିଜର ଆର୍ଥିକ ସ୍ଥିତିକୁ ବିଶ୍ୱବଜାରରେ ଅଧିକ ମଜ୍‌ଭୁତ କରି ପାରିବ। ଏଥିପାଇଁ ଧାନବାଦ ସ୍ଥିତ ଭାରତୀୟ ଖଣିଜ ସଂସ୍ଥାନରେ ପଚାଶ ଜଣ ଆଫଗାନ ଛାତ୍ରଙ୍କୁ ଖଣି ବିଷୟରେ ଉଚ୍ଚ ଶିକ୍ଷା ପ୍ରଦାନ କରାଯାଇଛି।

ଗତ କୋଡ଼ିଏ ବର୍ଷ ଧରି ଆଫଗାନିସ୍ତାନକୁ ନିଜ ଗୋଡ଼ରେ ଠିଆ କରାଇବା ପାଇଁ ଭାରତ ଆପ୍ରାଣ ଚେଷ୍ଟା କରିଆସୁଛି। କିନ୍ତୁ ତାଲିବାନର ପ୍ରତ୍ୟାବର୍ତ୍ତନ ଫଳରେ ଭାରତର ଆର୍ଥିକ କ୍ଷତି ହେବା ସହିତ ରାଜନୈତିକ ଓ କୂଟନୈତିକ ସମ୍ପର୍କ ମଧ୍ୟ ପ୍ରଭାବିତ ହେବ ବୋଲି ଆଶଙ୍କା ପ୍ରକାଶ ପାଇଛି। ତେଣୁ ଭାରତ ପାଇଁ ଅପେକ୍ଷା କରିବା ବ୍ୟତୀତ ଅନ୍ୟ କୌଣସି ବିକଳ୍ପ ପନ୍ଥା ଏବେ ଖୋଲା ନଥିବା ଜଣାପଡୁଛି। ଆଜିର ଆଫ୍‌ଗାନିସ୍ତାନ ଭାରତ ପାଇଁ ପ୍ରକୃତରେ ହୋଇଛି କୂଟନୀତିର ଏକ ଜଟିଳ ପ୍ରଶ୍ନ। ●

## ପତ୍ନୀ ଧର୍ମ

ସାମ୍ୟବାଦର ପ୍ରବକ୍ତା ହେଉଛନ୍ତି କାର୍ଲମାକ୍ସ। ତାଙ୍କ ଜୀବନର ଅମର କୃତି ହେଉଛି ତାଙ୍କ ଦ୍ୱାରା ଲିଖିତ ଏକ ପୁସ୍ତକ ଯାହାର ନାମ ହେଉଛି 'ଦାସ କ୍ୟାପିଟାଲ୍'। ଜର୍ମାନର ଏହି ବିଶିଷ୍ଟ ଦାର୍ଶନିକ ତଥା ସର୍ବକାଳୀନ ମହାନ୍ ଅର୍ଥନୀତିଜ୍ଞ ୧୮୬୭ ମସିହାରେ ଏହି ପୁସ୍ତକଟି ରଚନା କରିଥିଲେ। ବିଚିତ୍ର କଥା ହେଉଛି ଯେ ଏହି ପୁସ୍ତକଟିକୁ ଲେଖିବାକୁ କାର୍ଲମାକ୍ସଙ୍କୁ ପ୍ରାୟ ୩୦ ବର୍ଷ ଲାଗିଥିଲା। ଏଥିରେ ଇତିହାସ, ଅର୍ଥନୀତି ଏବଂ ସାମାଜିକ ବିଜ୍ଞାନକୁ ଭିତ୍ତିକରି ତିନିଟି ବିଭାଗ ଅଛି। 'ଦାସ୍ କ୍ୟାପିଟାଲ୍' ରଚନା କରିବା ପାଇଁ କାର୍ଲମାକ୍ସଙ୍କୁ ଯେତିକି ପରିଶ୍ରମ କରିବାକୁ ନ ପଡ଼ିଛି, ତତୋଧିକ ପରିଶ୍ରମ ଏବଂ ଦୁଃଖ ଭୋଗିବାକୁ ପଡ଼ିଛି ତାଙ୍କ ପତ୍ନୀଙ୍କୁ।

କଥାରେ ଅଛି ଲେଖକଟିଏ ହେବାକୁ ହେଲେ ପ୍ରଥମେ ଜଣେ ପାଠକ ହେବାକୁ ପଡ଼ିବ। ପାଠକ ହୋଇ ପଢୁଥିବାବେଳେ ପୁସ୍ତକ ସହିତ ଏକାକାର ହୋଇଯିବାକୁ ପଡ଼ିବ। ସେତେବେଳେ 'ମୁଁ ଯେ ଲେଖକଟିଏ ହେବି ବା ହେବାକୁ ଯାଉଛି'- ଏ ଭାବନା ମନରୁ ପରିହାର କରିବାକୁ ପଡ଼ିବ। ପାଠକଟିଏ ପଢ଼ିବାର ନିଘାରେ ପଢ଼ିଗଲେ ତା' ଅଜ୍ଞାତରେ ତା' ନିଜ ଭିତରେ ଲେଖକୀୟ ସତ୍ତାଟିର ଅଙ୍କୁରୋଦ୍‌ଗମ ହୋଇଯାଇଥାଏ। ତା'ପରେ ଯେଉଁ ସୃଷ୍ଟିର ସର୍ଜନା ହୁଏ, ତାହା କାଳଜୟୀ ହୋଇଥାଏ। ତେଣୁ ଲେଖକୀୟ ଗୁଣ ହେଉଛି ଏକ ସାଧନା। ତେଣୁ ଲେଖକଟିଏ ହେବାର କଳା ବା ସାଧନା କାର୍ଲମାକ୍ସଙ୍କଠାରୁ ଶିଖିବାକୁ ମିଳେ।

ଜ୍ଞାନାଞ୍ଜନ

ପରିବ୍ରାଜକ

କାର୍ଲମାକ୍ସ ସବୁବେଳେ ପଢ଼ାପଢ଼ିରେ ବ୍ୟସ୍ତ। କେତେବେଳେ ପାଠାଗାରରେ ଯାଇ ପଢ଼ନ୍ତି ତ ଆଉ କେତେବେଳେ ଘରେ ପଢ଼ନ୍ତି। ତାଙ୍କର ଦିନ ଆରମ୍ଭ ହୁଏ ପଢ଼ାରୁ ଶେଷ ହୁଏ ମଧ୍ୟ ପଢ଼ାରେ। ଏମିତି କଲେ ପରିବାର କେମିତି ଚାଲିବ? ପିଲାଛୁଆର ପରିବାର ପାଳିତ କିପରି ହେବେ; କିନ୍ତୁ ପଢ଼ାପଢ଼ିରେ ନିମଗ୍ନ କାର୍ଲମାକ୍ସ ପରିବାର କଥା ସମ୍ପୂର୍ଣ୍ଣ ଭୁଲି ଯାଇଥିଲେ। ଏପରି ସ୍ଥିତିରେ ଅନ୍ୟ କେଉଁ ମହିଳା ଥିଲେ ସେ ସ୍ୱାମୀଙ୍କୁ ଛାଡ଼ପତ୍ର ଦେଇ ପଳାଇଯାଇଥା'ନ୍ତା। କିନ୍ତୁ କାର୍ଲମାକ୍ସଙ୍କ ପତ୍ନୀ ସେପରି ନଥିଲେ। ପତିଙ୍କର ଏପରି ଅବସ୍ଥା ଏବଂ ପରିବାରର ଦାରିଦ୍ର୍ୟତାକୁ ଦେଖି ପତ୍ନୀ ଜେନି ଘରୁ ଗୋଡ଼ କାଢ଼ିଲେ। ପିଲାଛୁଆ କ'ଣ ଖାଇବେ, କ'ଣ ପିନ୍ଧିବେ, କିପରି ରହିବେ- ଏ ବାବଦରେ ପଦୁଟିଏ ବି ସ୍ୱାମୀଙ୍କୁ କହିଲେନି କି ତାଙ୍କୁ ବିଚଳିତ କରିବାକୁ ଚାହିଁଲେନି। ଜେନି ନିଜେ ଗୋଟିଏ ଛୋଟ ବ୍ୟବସାୟ ଆରମ୍ଭ କଲେ। ତାଙ୍କ ଦେଶର କବାଡ଼ିଆ ଦୋକାନମାନଙ୍କ ପାଖକୁ ଯାଇ ସେଠାରୁ ପୁରୁଣା ଓ ଚିରା କୋଟ୍‌ମାନ ଆଣି ସେଗୁଡ଼ିକୁ ସଫା କରି ସେଥିରୁ ଛୋଟ ଛୋଟ ପିଲାମାନଙ୍କ ପାଇଁ ପୋଷାକ ତିଆରି କରି ବିକ୍ରି କରିବା ଆରମ୍ଭ କଲେ। ଏଥିରୁ ବେଶୀ ଆୟ ନ ହେଉଥିଲେ ବି ପରିବାର ଏକପ୍ରକାର ଚଳିଯାଉଥିଲା। ହୁଏତ ଏମିତି ବି କୁହାଯାଇ ପାରେ ଯେ 'ଦାସ କ୍ୟାପିଟାଲ୍' ପରି ପ୍ରସିଦ୍ଧ ପୁସ୍ତକଟିର ଶ୍ରେୟ ଯେତିକି କାର୍ଲମାକ୍ସଙ୍କୁ ଦିଆଯିବ, ତତୋଧିକ ଶ୍ରେୟ ତାଙ୍କ ପତ୍ନୀଙ୍କ ପାଖକୁ ମଧ୍ୟ ଯିବ। ସେ ଦୁଃଖ କଷ୍ଟ ସହି ନଥିଲେ ଏପରି ପୁସ୍ତକଟିଏ ରଚନା କରିବାକୁ କାର୍ଲମାକ୍ସ ହୁଏତ ସକ୍ଷମ ହୋଇପାରି ନଥା'ନ୍ତେ। ●

# 'ମୃତ-ସାଗର'ର ସଞ୍ଜୀବନୀ



ଡ. ପ୍ରମୋଦ କୁମାର ମହାପାତ୍ର
କଟକ, ମୋ: ୯୮୬୧୨୪୯୨୦୨

ବିନା ଜଳରେ ଜୀବନ ତିଷ୍ଠିରହିବା ଆଶା କରାଯାଇପାରେ ନାହିଁ। ଆମର ସୌଭାଗ୍ୟ ଯେ ପୃଥିବୀ ଜଳଗର୍ଭା। ଏହାର ପୃଷ୍ଠଦେଶର ତିନି-ଚତୁର୍ଥାଂଶ ଅଞ୍ଚଳରେ ରହିଛି ନୀଳସାଗର। ଏହା ବ୍ୟତୀତ ସ୍ଥଳଭାଗରେ ଅନେକ ନଦୀ, ହ୍ରଦର ଉପସ୍ଥିତି ପୃଥିବୀ ପାଇଁ ଆଣିପାରିଛି ଏକ ସ୍ୱତନ୍ତ୍ର ପରିଚୟ। ତେବେ ଅନେକ ବିସ୍ମୟର କ୍ଷେତ୍ର ପୃଥିବୀ ପୃଷ୍ଠରେ ସମସ୍ତଙ୍କୁ ଆଶ୍ଚର୍ଯ୍ୟାନ୍ୱିତ କରିବା ଭଳି ଜଳପୂର୍ଣ୍ଣ ଏକ ସାଗର ରହିଛି ଯେଉଁଠାରେ ଆଦୌ ଜଳଚର ଜୀବ ନାହାନ୍ତି। ଏହି ସାଗରରେ କୌଣସି ଜୀବ ନଥିବାରୁ ଏହାର ନାମ 'ମୃତ ସାଗର' ବା 'ଡେଡ୍ ସି'। ମଧ୍ୟପ୍ରାଚ୍ୟର ଇସ୍ରାଏଲ୍ ଓ ଜୋର୍ଡାନ୍ ଦେଶର ମଧ୍ୟବର୍ତ୍ତୀ ସ୍ଥାନରେ ଲୁଣା ଜଳ ଥିବା ଏହି ସାଗର ଅବସ୍ଥିତ। ଏହାର ଲମ୍ବା ୭୭ କିଲୋମିଟର ହୋଇଥିବା ବେଳେ ପ୍ରସ୍ଥ ବିଭିନ୍ନ ସ୍ଥାନରେ ୫ରୁ ୧୮ କିଲୋମିଟର। ଏହି ସାଗରର ସବୁଠାରୁ ଆଶ୍ଚର୍ଯ୍ୟଜନକ ତଥା ଉଲ୍ଲେଖନୀୟ ବିଷୟ ହେଉଛି ଏହାର ଜଳସ୍ତର ସାରା ପୃଥିବୀର ସମସ୍ତ ସାଗର, ହ୍ରଦ ଓ ଜଳଭାଗର ସ୍ତରଠାରୁ ସର୍ବନିମ୍ନ ଗଭୀରତାରେ ରହିଛି, ଯାହାକି ସାଧାରଣ ସମୁଦ୍ର ପତ୍ତନଠାରୁ ପ୍ରାୟ ୪୦୦ ମିଟର ବା ୧୩୦୦ ଫୁଟ୍ ଖାଲ ବା ନିମ୍ନରେ।

ଗବେଷକଙ୍କ ମତରେ ପ୍ରାୟ ୧୦ ଲକ୍ଷ ବର୍ଷ ତଳେ ଏହି ମୃତ ସାଗରର ଜଳସ୍ତର ବର୍ତ୍ତମାନର ସ୍ତରଠାରୁ ପ୍ରାୟ ୧୪୦୦ ମିଟର ଉଚ୍ଚତାରେ ରହିଥିଲା। କ୍ରମାଗତ ଅନାବୃଷ୍ଟି ପାଇଁ ଏହି ମୃତ ସାଗରର ଜଳ ଶୁଖିଯାଇ ଏଭଳି ଅବସ୍ଥାରେ ଆସି ପହଞ୍ଚିଛି। ଅନ୍ୟ ଏକ ବିସ୍ମୟ ହେଉଛି କେବଳ ଜୋର୍ଡାନ ନଦୀ ବ୍ୟତୀତ ଅନ୍ୟ କୌଣସି ପ୍ରମୁଖ ଜଳବାହୀ ନଦୀ ଏହି ସାଗରରୁ ସୃଷ୍ଟି ହୋଇନାହାନ୍ତି। ତେବେ ସେ ସମୟରେ ପ୍ରମୁଖଭାବେ ଜୋର୍ଡାନ ନଦୀ ଓ ଅନ୍ୟ କେତୋଟି ଛୋଟ ଜଳଧାରା ଦ୍ୱାରା ଧୋଇ ହୋଇ ଆସିଥିବା ଦ୍ରବୀଭୂତ ଖଣିଜ ପଦାର୍ଥ ଓ କେତେକ ଲବଣ ଇତ୍ୟାଦି ଏଠାରେ ଜମା ହୋଇଛି। ପୃଥିବୀ ପୃଷ୍ଠର ଯେ କୌଣସି ସମୁଦ୍ର ଜଳରେ ଲବଣାଂଶ ସାଧାରଣତଃ ୪ ରୁ ୬ ଭାଗ ରହିଥିବାବେଳେ ମୃତ ସାଗରର ଜଳରେ ଲବଣାଂଶ ଭାଗ ୨୩ରୁ ୨୫ ଭାଗ। ତେଣୁ ଏହି ବହଳିଆ ଜଳରେ କୌଣସି ଜୀବଜନ୍ତୁ ତ ନାହାନ୍ତି, ପରନ୍ତୁ ଏଠାରେ ଅନ୍ୟ ଜଳାଶୟ ପରି ମଣିଷ ବୁଡ଼ିଯିବାର ଆଶଙ୍କା ମଧ୍ୟ ନାହିଁ। ଯେ କୌଣସି ବ୍ୟକ୍ତି ଏଥିରେ ପଡ଼ିଗଲେ ଭାସି ରହିବ। ଏହି ଜଳରେ ପଟାସ, ମ୍ୟାଗ୍ନେସିୟମ କ୍ଲୋରାଇଡ୍, କ୍ୟାଲସିୟମ କ୍ଲୋରାଇଡ୍, ବ୍ରୋମିନ ଓ ଅନ୍ୟ କେତେକ ଖଣିଜ ପଦାର୍ଥ ଓ ଲବଣ ବହୁଳଭାବେ ଥିବାର ପରୀକ୍ଷାରୁ ଜଣାପଡ଼ିଛି। ତେବେ ପଟାସର ମାତ୍ରା ଏହି ଜଳରେ ସର୍ବାଧିକ।

ମୃତ ସାଗର ଅଞ୍ଚଳର ତାପମାତ୍ରା ବର୍ଷ ସାରା ୩୮ ଡିଗ୍ରୀ ବା ତା'ଠାରୁ ଅଳ୍ପ କମ୍ ରହୁଥିବାରୁ ଏଠାରେ ଅନେକ ପର୍ଯ୍ୟଟକଙ୍କ ଭିଡ଼ ଜମେ। ଏହି ସ୍ଥାନର ଆକର୍ଷଣୀୟ ତଥା ଉଲ୍ଲେଖନୀୟ ଦୃଶ୍ୟ ହେଲା ପଙ୍କ ଚିକିତ୍ସା। ଅଧିକାଂଶ ଗୋରା ପର୍ଯ୍ୟଟକ ହ୍ରଦର କଳା ପଙ୍କ ସାରା ଦେହ, ମୁହଁରେ ବୋଳି ହୋଇ ଚିକିତ୍ସିତ ହେଉଥିବା ଦୃଶ୍ୟ ବାସ୍ତବିକ ବିରଳ। ହ୍ରଦ କୂଳରେ ଅନ୍ୟ ହ୍ରଦ ଭଳି ବାଲି ଭର୍ତ୍ତି ଉପକୂଳ ନଥାଇ ରହିଛି ଜଳକୁ ସ୍ପର୍ଶ କରୁଥିବା କଳା ପଙ୍କ ବା କାଦୁଅର ଉପକୂଳ। ସୂର୍ଯ୍ୟସ୍ନାନ, ପଙ୍କ ସ୍ନାନ ତଥା ବହଳିଆ ଖଣିଜପଦାର୍ଥ ଓ ଲବଣପୂର୍ଣ୍ଣ ଜଳରେ ସମୁଦ୍ର ସ୍ନାନ ହିଁ ଏହି ସ୍ଥାନରେ ପର୍ଯ୍ୟଟକମାନଙ୍କ ପାଇଁ ସବୁଠାରୁ ଆକର୍ଷଣୀୟ। ହ୍ରଦଟି ନିମ୍ନ ସ୍ଥଳଭାଗରେ ଥିବାରୁ ସୂର୍ଯ୍ୟରଶ୍ମି ଅନ୍ୟ ସ୍ଥାନ ତୁଳନାରେ ଏଠାରେ ଅଧିକ ସ୍ୱଚ୍ଛ ବା ଛାଣି ହୋଇ ମଣିଷର ଚର୍ମ ପାଇଁ ଅତ୍ୟନ୍ତ ଉପକାରୀ ସାବ୍ୟସ୍ତ ହୋଇଥାଏ। ହ୍ରଦର ପଙ୍କ ନିଜ ଦେହରେ ବୋଳି ହେବା ମାଧ୍ୟମରେ ଏହା ଶରୀରର ଚର୍ମ ଓ ସମସ୍ତ ଗଣ୍ଠି ପାଇଁ ଅତ୍ୟନ୍ତ ଉପକାରୀ ହୋଇଥାଏ। ତେବେ ଅଳ୍ପ ସମୟ ପାଇଁ ଏହି ଜଳରେ ଭାସି ରହିବା ହିଁ ବିଜ୍ଞତାର କାରଣ। ନଚେତ୍ ଅଧିକ ସମୟ ଏହି ଜଳରେ କଟାଇବା ଦ୍ୱାରା ଚର୍ମରେ ଅନେକ ମନ୍ଦା ମନ୍ଦା କଷ୍ଟଦାୟକ କ୍ଷତ ଭଳି ଅବସ୍ଥା ସୃଷ୍ଟି ହେବାର ସମ୍ଭାବନା ରହିଛି। ଲୋକମାନଙ୍କୁ ମୃତ ସାଗର ଜଳର ସୁଚିକିତ୍ସା ପ୍ରଦାନ କରିବା ପାଇଁ ଏଠାରେ ଅନେକ ସ୍ୱାସ୍ଥ୍ୟକେନ୍ଦ୍ର ମଧ୍ୟ ଖୋଲିଛି। ହୃଦ୍‌ରୋଗ, ଶ୍ୱାସ ଜନିତ ସମସ୍ୟାର ଆରୋଗ୍ୟ ପାଇଁ ମୃତ ସାଗରର ଜଳ ଉପକାରୀ ବୋଲି କୁହାଯାଏ।

ଡେଡ୍ ସି ବା ମୃତ ସାଗରର ଅବସ୍ଥିତି, ପ୍ରକୃତି ଓ ଏହା ଜଳର ଆଶ୍ଚର୍ଯ୍ୟଜନକ ଔଷଧୀୟ ଗୁଣ ନିଶ୍ଚିତଭାବେ ପୃଥିବୀ ପୃଷ୍ଠର ଏକ ବିସ୍ମୟ। ଏହା କୂଳରେ ଇଚ୍ଛାକୃତ ଭାବେ କଳା ପାଲଟୁଥିବା ଧଳା ମଣିଷମାନଙ୍କୁ ଦେଖିଲେ ଓ ଏମାନଙ୍କଠାରୁ ବହୁବିଧି ହ୍ରଦଜଳର ଉପକାର ସମ୍ପର୍କରେ ଶୁଣିଲେ ସ୍ୱତଃ ମୃତ ସାଗରର ଗୁରୁତ୍ୱକୁ ଆମେ ଉପଲବ୍ଧି କରିଥାଉ। ଜୀବନର ଧାରକ ଜଳ ଗର୍ଭରେ ଗୋଟିଏ ହେଲେ ଜୀବନ ନଥିବା କଥା ଶୁଣିଲେ ଆମେ ହୁଏତ ପ୍ରଥମେ ବିଶ୍ୱାସ କରିପାରିବା ନାହିଁ, ମାତ୍ର ଲକ୍ଷ ଲକ୍ଷ ଜୀବନଧାତ୍ରୀ ଧରିତ୍ରୀର ଅବିଶ୍ୱସନୀୟ ବୈଚିତ୍ର୍ୟ ସମ୍ପର୍କରେ ଆଲୋଚନା କଲେ ଆମେ ଏହାକୁ ସହଜରେ ବିଶ୍ୱାସକୁ ନେଇ ଏହାର ଉପାଦେୟତାକୁ ନିଶ୍ଚୟ ସ୍ୱୀକାର କରିବା। ●



### ଘୋଷଣା

ଦୈନିକ **'ସକାଳ'** ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

ଲେଖା ଓ ଲୋକମତ ପାଇଁ: sakalaeditorial@gmail.com

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୭୩.୧୫ ● ପାଉଣ୍ଡ ୧୦୧.୨୧
- ୟୁରୋ ୮୬.୯୦ ● ୟେନ୍ ୦.୬୬

### ସୁନାରୁପା ଦର



୧୦ ଗ୍ରାମ ପିଛା (ଟଙ୍କାରେ)

- ସୁନା : ୪୫,୬୬୦ (ଭୁବନେଶ୍ୱର)
- ରୁପା : ୬୩,୦୦୦ (କେଜି)



### ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)



- ସେନ୍‌ସେକ୍ସ ୫୮,୯୨୭.୦୦
- ନିଫ୍ଟି ୧୭,୫୪୭.୦୦

### ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)



- ପେଟ୍ରୋଲ୍- ୧୦୧.୧୯ (ନୂଆଦିଲ୍ଲୀ)
- ଡିଜେଲ୍ - ୮୮.୬୨

## ଆଉ ଏକ ଲେହମ୍ୟାନ୍ ବ୍ରଦର୍ସ ଭଳି ସ୍ଥିତି


# ଏଭରଗ୍ରାଣ୍ଡ ସଙ୍କଟ

- ଦିନକରେ ୫୦୦ ଧନୀ ହରାଇଲେ ୧୩୫ ବିଲିୟନ୍ ଡଲାର
- ମୂଲ୍ୟ ମୁକେଶ ଅମ୍ବାନୀଙ୍କ ସମ୍ପତ୍ତି ପରିମାଣଠାରୁ ଦେଢ଼ ଗୁଣ ଅଧିକ
- ସର୍ବାଧିକ କ୍ଷତି ସହିଲେ ଏଲନ୍ ମସ୍କ, ବାଦ୍ ପଡ଼ିଲେନି ଜେଫ୍ ବେଜୋସ୍
- ଚାଇନାର ରିଏଲ୍ ଇଷ୍ଟେଟ୍ କମ୍ପାନୀ ଏଭରଗ୍ରାଣ୍ଡ ଦେବାଳିଆ
- ଭାରତର ଅନେକ କମ୍ପାନୀ ପ୍ରତ୍ୟକ୍ଷ କିମ୍ବା ପରୋକ୍ଷରେ ପ୍ରଭାବିତ

ନୂଆଦିଲ୍ଲୀ,୨୨।୯ (ଏଜେନ୍ସି)

କୋଭିଡ୍ ମହାମାରୀ ଯୋଗୁ ଚାରିଆଡେ ଆର୍ଥିକ କାରବାର ମାନ୍ଦା ରହିଥିବାବେଳେ ଏଭଳି ସମୟରେ ଆଉ ଏକ ଲେହମ୍ୟାନ୍ ବ୍ରଦର୍ସ ଭଳି ସ୍ଥିତି ସୃଷ୍ଟି ହୋଇଛି। ଏଭରଗ୍ରାଣ୍ଡ ଦେବାଳିଆ ପରିସ୍ଥିତିକୁ ଆସିଯାଇଥିବାରୁ ସମଗ୍ର ବିଶ୍ୱ ଉପରେ ଏବେ ଆଉ ଏକ ଆର୍ଥିକ ମାନ୍ଦାବସ୍ଥା ମାଡ଼ିଆସିଛି। ଏଭରଗ୍ରାଣ୍ଡ ହେଉଛି ଚାଇନାର ଦ୍ୱିତୀୟ ବୃହତ୍ ରିଏଲ୍ ଇଷ୍ଟେଟ୍ କମ୍ପାନୀ। କମ୍ପାନୀ ଉପରେ ଏବେ ପ୍ରାୟ ୩୦୦ ବିଲିୟନ ଡଲାରର ଋଣ ବୋଝ। ଏଭରଗ୍ରାଣ୍ଡ ଏହି ଋଣ ପରିଶୋଧ କରିବା ସ୍ଥିତିରେ ନାହିଁ। ଚୀନ୍‌ର ବୈଦେଶିକ ବଣ୍ଡରେ କମ୍ପାନୀର ପ୍ରାୟ ୯ ପ୍ରତିଶତ ଅଂଶଧନ ରହିଛି। ଏଭରଗ୍ରାଣ୍ଡ ସଙ୍କଟର ପ୍ରଭାବ ବିଶ୍ୱର ପୁଞ୍ଜି ବଜାରଗୁଡିକ ଉପରେ ପଡ଼ିବା ଆରମ୍ଭ ହୋଇଯାଇଛି। ଏଥିରେ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଯେ, ଏଭରଗ୍ରାଣ୍ଡ ସଙ୍କଟ ଯୋଗୁ ସୋମବାର ଦିନ ସାରା ବିଶ୍ୱରେ ଷ୍ଟକ୍ ବଜାର କାରବାରରେ ହ୍ରାସ ଘଟିଛି। ଏମିତିକି ମାତ୍ର ଦିନକର କାରବାରରେ ୫୦୦ ଧନୀ ହରାଇଛନ୍ତି ୧୫୦ କୋଟି ଡଲାର ମୂଲ୍ୟର ସମ୍ପତ୍ତି। ଏହି ଧନୀମାନେ ହରାଇଥିବା ସମ୍ପତ୍ତି ପରିମାଣ ଏସିଆର ସବୁଠୁ ଧନୀ ଭାରତର କୁବେରପତି ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ମୁଖ୍ୟ ମୁକେଶ ଅମ୍ବାନୀଙ୍କ ସମ୍ପତ୍ତି ପରିମାଣଠାରୁ ଦେଢ଼ ଗୁଣ ଅଧିକ। ଏହାର ପରିମାଣ ପ୍ରାୟ ୧୩୫ ବିଲିୟନ୍ ଡଲାର ହେବ। ତେବେ ଧନୀମାନଙ୍କ ମଧ୍ୟରେ ସର୍ବାଧିକ କ୍ଷତି ସହିଛନ୍ତି ଟେସ୍‌ଲା ମୁଖ୍ୟ ଏଲନ୍ ମସ୍କ। ଅନ୍ୟପକ୍ଷରେ ପୁଞ୍ଜି ବଜାରର ଏହି ଘାଟାରୁ ବାଦ୍ ପଡ଼ିନାହାନ୍ତି ଆମାଜନ ପ୍ରତିଷ୍ଠାତା ଜେଫ୍ ବେଜୋସ୍। ଏଭରଗ୍ରାଣ୍ଡ ଦେବାଳିଆ ପ୍ରଭାବରେ ଭାରତର ଅନେକ କମ୍ପାନୀ ପ୍ରତ୍ୟକ୍ଷ କିମ୍ବା ପରୋକ୍ଷରେ ପ୍ରଭାବିତ ହୋଇଥିବା ଜଣାଯାଇଛି।

କେତେକ ଆର୍ଥିକ ବିଶେଷଜ୍ଞ ଆଶଙ୍କା କରିଛନ୍ତି ଯେ, ଏଭରଗ୍ରାଣ୍ଡ ସଙ୍କଟ ଚାଇନାରେ ୨୦୦୮ ରେ ବିଶ୍ୱରେ ଆମେରିକାର ଲେହମାନ ବ୍ରଦର୍ସ ଯୋଗୁ ସୃଷ୍ଟି ହୋଇଥିବା ପରିସ୍ଥିତି ସୃଷ୍ଟି କରିପାରେ। ଏହାର ଅର୍ଥ ହେଉଛି ଆର୍ଥିକ ବିଶେଷଜ୍ଞମାନେ ବର୍ତ୍ତମାନ ଲେହମାନ ବ୍ରଦର୍ସ ସଙ୍କଟର ପୁନରାବୃତ୍ତି ଆଶଙ୍କା କରୁଛନ୍ତି। ଏ ସମ୍ପର୍କରେ ଭେଟେରାନ ବ୍ୟାଙ୍କର ଉଦୟ କୋଟାକ୍ କହିଛନ୍ତି ଯେ, ଏଭରଗ୍ରାଣ୍ଡ ସଙ୍କଟ ଲେହମାନ ସଙ୍କଟର ସ୍ମାରକ। ଯଦିଓ କେତେକ ବିଶେଷଜ୍ଞଙ୍କ ମତରେ ଏଭରଗ୍ରାଣ୍ଡ ସଙ୍କଟ ଚୀନ୍ ପାଇଁ ଏକ ବଡ଼ ଏବଂ ଗୁରୁତର ପରୀକ୍ଷା, ଏହା



ଲେହମାନ ସଙ୍କଟ ସହିତ ସମାନ ନୁହେଁ। ଆମେରିକାର ବ୍ୟାଙ୍କିଙ୍ଗ ସଂସ୍ଥା ଲେହମାନ୍ ବ୍ରଦର୍ସ ୧୫ ସେପ୍ଟେମ୍ବର ୨୦୦୮ରେ ଆନୁଷ୍ଠାନିକ ଭାବରେ ଦେବାଳିଆ ଘୋଷିତ ହୋଇଥିଲା। ଏହାର ପ୍ରଭାବ ବିଶ୍ୱ ଅର୍ଥନୀତି ଉପରେ ଅନୁଭୂତ ହୋଇଥିଲା। ଏହି ଘଟଣାର ଦୀର୍ଘ ୧୩ ବର୍ଷ ପରେ ବର୍ତ୍ତମାନ ଏଭରଗ୍ରାଣ୍ଡ ଜରିଆରେ ଚାଇନାରୁ ଏକ ବିଶ୍ୱରେ ଆର୍ଥିକ ମାନ୍ଦାବସ୍ଥାର ପଦଧ୍ୱନୀ ଶୁଣିବାକୁ ମିଳୁଛି। ଏଭରଗ୍ରାଣ୍ଡ କାରଣରୁ ଗୋଟିଏ ଦିନରେ ଦୁନିଆର ୫୦୦ ଧନୀ ବ୍ୟକ୍ତିଙ୍କୁ ୧୩୫ ବିଲିୟନ ଡଲାର ହରାଇବାକୁ ପଡ଼ିଛି। ମୁକେଶ ଅମ୍ବାନୀଙ୍କ ମୋଟ ସମ୍ପତ୍ତି ପରିମାଣ ୯୨.୨ ବିଲିୟନ ଡ଼ଲାର ରହିଥିବାବେଳେ ୫୦୦ ଧନୀଙ୍କ କ୍ଷତି ପରିମାଣ ଏହାରଦେଢ଼ଗୁଣରୁ ଅଧିକ ହେବ ବୋଲି ଆକଳନ କରାଯାଇଛି। ଇଲେକ୍‌ଟ୍ରିକ୍ କାର ନିର୍ମାତା ଟେସଲା ମାଲିକ ଏଲୋନ୍ ମସ୍କ ଗୋଟିଏ ଦିନରେ ତାଙ୍କ ସମ୍ପତ୍ତିର ୭.୨ ପ୍ରତିଶତ ହରାଇଛନ୍ତି। ଜେଫ୍ ବେଜୋସ୍‌ଙ୍କ ନେଟ୍ ସମ୍ପତ୍ତିରେ ମଧ୍ୟ ସୋମବାର ୫.୬ ବିଲିୟନ ଡ଼ଲାରରେ ହ୍ରାସ ପାଇଛି। ବର୍ତ୍ତମାନ ସେ ୧୯୪ ବିଲିୟନ ଡଲାରର ସମ୍ପତ୍ତି ସହିତ ବିଶ୍ୱ ଧନୀ ତାଲିକାରେ ଦ୍ୱିତୀୟ ସ୍ଥାନରେ ଅଛନ୍ତି। ଏଭରଗ୍ରାଣ୍ଡ କହିଛି ଯେ, ନଗଦ ଅର୍ଥ ହ୍ରାସ ପାଇଁ ସମାଧାନ ଖୋଜିବାଲାଗି ଏହା ଆର୍ଥିକ ପରାମର୍ଶଦାତାଙ୍କୁ ନିୟୋଜିତ କରିଛି। କିନ୍ତୁ ଏହା ମଧ୍ୟ କହିଛି ଯେ, ଏଭଳି କମ୍ପାନୀର ର ଆର୍ଥିକ ଦାୟିତ୍ୱ ପୂରଣ କରିବାରେ ସକ୍ଷମ ହେବ ବୋଲି କୌଣସି ଗ୍ୟାରେଣ୍ଟି ନାହିଁ। ଏଠାରେ ସୂଚନାଯୋଗ୍ୟ, ଚାଇନାର ସମଗ୍ର ସମ୍ପତ୍ତି ବଜାରର ୬.୫ ପ୍ରତିଶତ ଭାଗ ହେଉଛି ଏଭରଗ୍ରାଣ୍ଡର। କମ୍ପାନୀର ଗ୍ରେଣ୍ଡର ଷ୍ଟକ୍ ଚଳିତବର୍ଷ ପ୍ରାୟ ୮୦ ପ୍ରତିଶତ ହ୍ରାସ ପାଇଛି। ୨୦ ସେପ୍ଟେମ୍ବର ୨୦୨୧ରେ ଏହା ୧୧ ବର୍ଷର ସର୍ବନିମ୍ନ ସ୍ତରରେ ରହିଥିଲା। ଏଭରଗ୍ରାଣ୍ଡର ପ୍ରାୟ ୩୫୫ ବିଲିୟନ ଡଲାରର ସମ୍ପତ୍ତି ରହିଛି। ତଥାପି କମ୍ପାନୀ ଦେବାଳିଆ ପଥରେ ରହିଛି। ଏହାର ଆକ୍ରମଣାତ୍ମକ ରଣନୀତି ଯୋଗୁଁ ଏଭରଗ୍ରାଣ୍ଡର ଋଣ ଭାର ବୃଦ୍ଧି ପାଇଛି। ବ୍ୟାଙ୍କଗୁଡିକରୁ ବହୁ ମାତ୍ରାରେ ଋଣ ନେଇ କମ୍ପାନୀ ପ୍ରକଳ୍ପ ସମ୍ପ୍ରସାରଣ ଲକ୍ଷ୍ୟ ରଖି ଋଣ ପରିଶୋଧ କରି ନ ଥିଲା। ତେବେ ଏଭରଗ୍ରାଣ୍ଡ ଚାଲାକି କରି ଚୀନ୍ ସମେତ ବିଶ୍ୱ ବଜାରକୁ କମ୍ପାନୀ ଆଦୌ ଋଣଗ୍ରସ୍ତ ଥିବା ଅନୁଭବ କରିବାକୁ ଦେଇ ନ ଥିଲା। ଯେତେବେଳେ ବଜାର ନିୟମ ପରିବର୍ତ୍ତନ ହେଲା ସେତେବେଳେ ଚୀନ୍ ସରକାର ଏହି ସମ୍ପର୍କର ଜାଣିବାକୁ ପାଇଥିଲେ। ପ୍ରଥମ ଥର ପାଇଁ ଏଭରଗ୍ରାଣ୍ଡ ଆନୁଷ୍ଠାନିକ ଭାବେ ୩୦୦ ବିଲିୟନ ଡଲାରରୁ ଅଧିକ ଋଣ ଚାପରେ ଥିବା ସ୍ୱୀକାର କରିଛି। ଏଭରଗ୍ରାଣ୍ଡ ଗ୍ରୁପ୍ ଚାଇନାରେ ୧୩୦୦ରୁ ଅଧିକ ସମ୍ପତ୍ତିର ମାଲିକ ଏବଂ ପ୍ରାୟ ୨୮୦୦ ରିଅଲ୍ ଇଷ୍ଟେଟ୍ ପ୍ରକଳ୍ପ ପରିଚାଳନା କରିଥାଏ। କମ୍ପାନୀରେ ପ୍ରାୟ ୨ ଲକ୍ଷ କର୍ମଚାରୀ ନିଯୁକ୍ତି ପାଇଛନ୍ତି। କମ୍ପାନୀ ପ୍ରତିବର୍ଷ ଚାଇନାରେ ପ୍ରାୟ ୩୮ ଲକ୍ଷ ନିଯୁକ୍ତି ସୃଷ୍ଟି କରୁଥିଲା। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏଭରଗ୍ରାଣ୍ଡର ୮୦୦ ରିଅଲ ଇଷ୍ଟେଟ୍ ପ୍ରକଳ୍ପ ଅସମ୍ପୂର୍ଣ୍ଣ ରହିଛି। ଯଦି ଏଭରଗ୍ରାଣ୍ଡ ଦେବାଳିଆ ହୋଇଯାଏ, ଯେଉଁମାନେ ଏହାର ପ୍ରକଳ୍ପରେ ଟଙ୍କା ଖଟାଇଛନ୍ତି ସେମାନଙ୍କୁ ବଡ଼ ଧରଣର ଆର୍ଥିକ କ୍ଷତି ସହିବାକୁ ପଡ଼ିବ। ଏଥିରେ ବ୍ୟାଙ୍କ, ଆର୍ଥିକ ସଂସ୍ଥା, ଯୋଗାଣକାରୀ ଏବଂ ଘର କ୍ରେତା ସମସ୍ତେ ପ୍ରଭାବିତ ହେବେ। ଏହା ବ୍ୟତୀତ, ଏଭରଗ୍ରାଣ୍ଡ ସହ ବ୍ୟବସାୟ କରୁଥିବା କମ୍ପାନୀଗୁଡିକ ମଧ୍ୟ ବଡ କ୍ଷତି ସହିବା ଆଶଙ୍କା ରହିଛି। ଏହା ସହିତ ଅନ୍ୟ କେତେକ କମ୍ପାନୀ ମଧ୍ୟ ବୁଡ଼ିଯାଇପାରନ୍ତି।

ଭାରତର ଅନେକ କମ୍ପାନୀ ମଧ୍ୟ ପ୍ରତ୍ୟକ୍ଷ କିମ୍ବା ପରୋକ୍ଷ ଭାବରେ ଏଭରଗ୍ରାଣ୍ଡ ସହିତ ବ୍ୟବସାୟିକ ଦୃଷ୍ଟିରୁ ଜଡିତ। ବିଶେଷକରି ଇସ୍ପାତ, ରାସାୟନିକ ପଦାର୍ଥ ଏବଂ ଧାତୁ କ୍ଷେତ୍ରର କମ୍ପାନୀଗୁଡିକ କମ୍ପାନୀ ସହ ବ୍ୟବସାୟ କରିଥାନ୍ତି। ଏଭରଗ୍ରାଣ୍ଡ ଦେବାଳିଆ ହେବାର ପ୍ରଭାବରେ ଘରୋଇ ଷ୍ଟକ ବଜାର ସେନସେକ୍ସ ଭୁଷୁଡ଼ିଛି। ଏହା ବ୍ୟତୀତ ଅନ୍ୟ ଦେଶଗୁଡିକର ଷ୍ଟକ୍ ମାର୍କେଟ ମଧ୍ୟ ଏଥିରେ ପ୍ରଭାବିତ ହୋଇଥିବା ଜଣାପଡିଛି।

## ଆକାଶ ଇନ୍‌ଷ୍ଟିଚ୍ୟୁଟ ପକ୍ଷରୁ ଜାତୀୟ ସ୍କଲାରସିପ୍ ଏଏନ୍‌ଟିଏଚ୍‌ଇ ୨୦୨୧

ଭୁବନେଶ୍ୱର,୨୨।୯(ସମିସ): ଆକାଶ ନ୍ୟାସନାଲ୍ ଟ୍ୟାଲେଣ୍ଟ ହଣ୍ଟ ପରୀକ୍ଷା (ଏଏନ୍‌ଟିଏଚ୍‌ଇ) ୨୦୨୧, ଆକାଶ ଏଡୁକେସନାଲ୍ ସର୍ଭିସେସ୍ ଲିମିଟେଡ୍ (ଏଇଏସଏଲ୍)ର ଦ୍ୱାଦଶ ସଂସ୍କରଣ। ଏହା ୭ମ-୧୨ଶ ଶ୍ରେଣୀର ଆଶାୟୀ ଡାକ୍ତର ଓ ଇଞ୍ଜିନିୟର ଛାତ୍ରମାନଙ୍କୁ ନିଟ୍ ଓ ଆଇଆଇଟି-ଜେଇଇ କୋଚିଂ ପ୍ରୋଗ୍ରାମ ପାଇଁ ୧୦୦% ସ୍କଲାରସିପ ପ୍ରଦାନ କରିବାକୁ ଯାଉଛି। ଏଏନଟିଏଚଇ ୨୦୨୧ ଉଭୟ ଅନଲାଇନ୍ ଓ ଅଫଲାଇନ ମାଧ୍ୟମରେ ଆସନ୍ତା ଡିସେମ୍ବର ୪ରୁ ୧୨ ମଧ୍ୟରେ ସାରା ଦେଶରେ ୨୪ ଟି ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳରେ କରାଯିବ। ଟ୍ୟୁସନ ଫି’ରେ ସ୍କଲାରସିପ ସହିତ, ଟପ୍ ସ୍କୋରଧାରୀମାନଙ୍କୁ ଗଦ ଅର୍ଥ ପୁରସ୍କାର ପ୍ରଦାନ କରାଯିବ। ଚଳିତ ବର୍ଷ ସମସ୍ତ ଗ୍ରେଡର ୫ ଜଣ ପ୍ରତିଭାବାନ ଛାତ୍ରଙ୍କୁ ଜଣେ ଲେଖାଏଁ ଅଭିଭାବକଙ୍କ ସହିତ ନାସାକୁ ମାଗଣାରେ ଯାତ୍ରା ସୁଯୋଗ ପୁରସ୍କାର ଭାବରେ ପ୍ରଦାନ କରାଯିବ। ଅତିରିକ୍ତ ଲାଭ ଭାବରେ, ଏଏନଟିଏଚଇ ପାଇଁ ଯୋଗ୍ୟ ବିବେଚିତ ହୋଇଥିବା ଛାତ୍ରମାନେ ମାଗଣାରେ ମେରିଟନେସନ ସ୍କୁଲ ବୁଷ୍ଟର ପାଇବେ। ଏହି ଏକ ଘଣ୍ଟିଆ ପରୀକ୍ଷା ଏଏନଟିଏଚଇ ଅନଲାଇନ୍ ସକାଳ ୧୦ଟା ରୁ ଅପରାହ୍ନ ୭.୦୦ ଘଣ୍ଟା ମଧ୍ୟରେ ସମସ୍ତ ପରୀକ୍ଷା ଦିବସରେ କରାଯିବ। ଏହା ସହିତ ଅଫଲାଇନ୍ ପରୀକ୍ଷା ଡିସେମ୍ବର ୫ ଓ ୧୨ରେ ରେ ଦୁଇଟି ସିଫ୍ଟରେ ସକାଳ ୧୦ଟା ୩୦ ମିନିଟ୍‌ରୁ ୧୧ଟା ୩ରୁ ଓ ଅପରାହ୍ନ ୪ଟାଠାରୁ ୫ଟା ମଧ୍ୟରେ ସାରା ଦେଶରେ ଥିବା ଆକାଶ ଇନଷ୍ଟିଚ୍ୟୁଟର ୨୧୫ରୁ ଅଧିକ ସେଣ୍ଟରରେ କରାଯିବ। ଏହି ସମୟରେ ପ୍ରଯୁଜ୍ୟ ରାଜ୍ୟ/ କେନ୍ଦ୍ର ଶାସିତ ଅଞ୍ଚଳର କୋଭିଡ-୧୯ର ଅନୁପାଳନ କରାଯିବ। ଛାତ୍ରମାନେ ସେମାନଙ୍କ ପାଇଁ ଉପଯୋଗୀ ଏକ ଘଣ୍ଟିଆ ସ୍ଲଟ୍‌କୁ ବାଛିପାରିବେ।


## ୨୫ରୁ ଆଇଫୋନ୍ ୧୩ ସିରିଜ୍ ବିକ୍ରି ଆରମ୍ଭ

ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି)

ଆପଲ୍ ଆଇଫୋନ ୧୩ ସିରିଜ୍‌ର ବିକ୍ରି ସେପ୍ଟେମ୍ବର ୨୫ରୁ ଆରମ୍ଭ ହେବ। ଯେଉଁ ଗ୍ରାହକମାନେ ଏହାକୁ ପ୍ରି-ବୁକ୍ କରିଥିଲେ ସେମାନଙ୍କ ପାଇଁ କମ୍ପାନୀ ୨୪ ସେପ୍ଟେମ୍ବରରୁ ଡେଲିଭରି ଆରମ୍ଭ କରିବ। ତେବେ କଥା ହେଉଛି କମ୍ପାନୀ ଏହି ସିରିଜ୍‌ର ସ୍ମାର୍ଟଫୋନରେ କୌଣସି ଫ୍ଲାଟ ରିଆତି ଦେଉନାହିଁ। ତଥାପି ଏହାକୁ ଆପଣ ୬୦୦୦ ଟଙ୍କା କ୍ୟାସବ୍ୟାକ୍‌ରେ କିଣାଯାଇପାରିବ। ତେବେ ଆଇଫୋନ ୧୩ ସିରିଜ୍‌ର ମୂଲ୍ୟ ଆଇଫୋନ ୧୨ ଭଳି ରହିବ। ଗତବର୍ଷ ବଜାରକୁ ଆସିଥିବା ଆଇଫୋନ ୧୨ ତୁଳନାରେ ଚଳିତବର୍ଷ ଆସିଥିବା ଆଇଫୋନ ୧୩ ସିରିଜ୍‌ର ମୂଲ୍ୟ କମ୍ପାନୀ ପରିବର୍ତ୍ତନ କରିନାହିଁ। ଏହା ସତ୍ତ୍ୱେ ବି ଗ୍ରାହକଙ୍କ ପାଇଁ ଆଇଫୋନ ୧୩ ସିରିଜ୍‌ର ଯେକୌଣସି ବି ଫୋନ କିଣିବା ମହଙ୍ଗା ପଡ଼ିବ।

### କ୍ରେଡିଟ୍ କିମ୍ବା ଡେବିଟ୍ କାର୍ଡରେ ପେମେଣ୍ଟ କଲେ କ୍ୟାସବ୍ୟାକ୍

ଆଇଫୋନ ୧୩ ସିରିଜ୍‌ରେ କମ୍ପାନୀ ୪ଟି ମଡେଲ୍‌ର ସ୍ମାର୍ଟଫୋନ ଯଥା- ଆଇଫୋନ



୨୪ରୁ ଡେଲିଭରି

୧୩, ଆଇଫୋନ ୧୩ ମିନି, ଆଇଫୋନ ୧୩ ପ୍ରୋ, ଆଇଫୋନ ୧୩ ପ୍ରୋ ମାକ୍ସ ବଜାରକୁ ଛାଡିଛି। ଏଥିରୁ କୌଣସି ବି ସ୍ମାର୍ଟଫୋନକୁ ଗ୍ରାହକ ୬୦୦୦ ଟଙ୍କା କ୍ୟାସବ୍ୟାକ ସହିତ କିଣିପାରିବେ। ୬୦୦୦ ଟଙ୍କାର କ୍ୟାସବ୍ୟାକ ପାଇଁ ଆପଣଙ୍କୁ ଏଚ୍‌ଡିଏଫ୍‌ସି ବ୍ୟାଙ୍କର କ୍ରେଡିଟ୍ କିମ୍ବା ଡେବିଟ୍ କାର୍ଡ ବ୍ୟବହାର କରିବା ପାଇଁ ପଡ଼ିବ। ଆଇଫୋନ ୧୩ରେ ମିଳୁଥିବା ଏହି କ୍ୟାସବ୍ୟାକ ପ୍ରି-ବୁକ କରୁଥିବା ଗ୍ରାହକମାନଙ୍କ ପାଇଁ ଉପଲବ୍ଧ। ଏହାର ଶେଷ ତାରିଖ ସେପ୍ଟେମ୍ବର ୨୩ ପର୍ଯ୍ୟନ୍ତ ରହିଛି। ବର୍ତ୍ତମାନ ଆଇଫୋନ ୧୩ ଓ ଆଇଫୋନ ୧୩ ମିନିର ୧୨୮ ଜିବି ଭାରିଆଣ୍ଟର ଫୋନ ପ୍ରି ବୁକିଙ୍ଗ ପାଇଁ ଉପଲବ୍ଧ ନାହିଁ। କମ୍ପାନୀ ବିକ୍ରି ପାଇଁ ଆଇଫୋନ ୧୩ ପ୍ରୋ ଓ ପ୍ରୋମାକ୍ସକୁ ଉପଲବ୍ଧ କରିଛି। କିନ୍ତୁ ଏହି ଦୁଇଟି ମଡେଲ ବର୍ତ୍ତମାନ ଉପଲବ୍ଧ ନାହିଁ। ଏହି ଦୁଇଟି ଫୋନ ବଜାରକୁ ଆସିବା ପାଇଁ ୫ ରୁ ୬ ସପ୍ତାହ ସମୟ ଲାଗିବ।

## ଏୟାର ଇଣ୍ଡିଆ ସିଏମଡି ବେସାମରିକ ବିମାନ ଚଳାଚଳ ମନ୍ତ୍ରାଳୟ ସଚିବ



ନୂଆଦିଲ୍ଲୀ,୨୨।୯ (ଏଜେନ୍ସି): ସରକାର ବୁଧବାର ରାଜୀବ ବନସଲ୍‌ଙ୍କୁ କେନ୍ଦ୍ର ବେସାମରିକ ବିମାନ ଚଳାଚଳ ମନ୍ତ୍ରାଳୟର ସଚିବ ଭାବେ ନିଯୁକ୍ତ କରିଛନ୍ତି। ବନସଲ୍ ବର୍ତ୍ତମାନ ସରକାରୀ ବିମାନ କମ୍ପାନୀ ଏୟାର ଇଣ୍ଡିଆର ସିଏମ୍‌ଡି ଭାବରେ କାର୍ଯ୍ୟ କରୁଛନ୍ତି। ଏହାପୂର୍ବରୁ ସେ ପେଟ୍ରୋଲିୟମ ଏବଂ ପ୍ରାକୃତିକ ଗ୍ୟାସ ମନ୍ତ୍ରାଳୟର ପରାମର୍ଶଦାତା ରହିଥିଲେ। ବନସଲ୍ ପ୍ରଦୀପ ସିଂ ଖରୋଲାଙ୍କ ସ୍ଥାନରେ ସଚିବ ଭାବେ ନିଯୁକ୍ତି ପାଇଛନ୍ତି, ଯେ କି ଚଳିତ ମାସ ଶେଷ ଅବସରରେ ଅବସର ଗ୍ରହଣ କରିବେ। ବନସଲ୍ ନାଗାଲାଣ୍ଡ କ୍ୟାଡରର ୧୯୮୮ ବ୍ୟାଚ୍ ଆଇଏଏସ୍ ଅଧିକାରୀ। ସେ ଏହା ପୂର୍ବରୁ ୨୦୦୬ ରୁ ୨୦୦୮ ମଧ୍ୟରେ ବେସାମରିକ ବିମାନ ଚଳାଚଳ ମନ୍ତ୍ରାଳୟରେ କାର୍ଯ୍ୟ କରିଥିଲେ।

## ବିଦେଶୀ ନିବେଶକ ଏଲ୍‌ଆଇସି ଆଇପିଓରେ ୨୦% ଅଂଶଧନ କିଣିପାରିବେ

ନୂଆଦିଲ୍ଲୀ,୨୨।୯ (ଏଜେନ୍ସି): ଏଣିକି ବିଦେଶୀ ନିବେଶକମାନେ ରାଷ୍ଟ୍ରାୟତ୍ତ ଭାରତୀୟ ଜୀବନ ବୀମା ନିଗମ (ଏଲ୍‌ଆଇସି)ର ପ୍ରାରମ୍ଭିକ ପବ୍ଲିକ୍ ଅଫର (ଆଇପିଓ)ର ୨୦% ପର୍ଯ୍ୟନ୍ତ ସେୟାର କିଣିପାରିବେ। କାରଣ କେନ୍ଦ୍ର ସରକାର ଏଥିପାଇଁ ଅନୁମତି ଦେବାକୁ ବିଚାର କରୁଛନ୍ତି। ଏଲ୍‌ଆଇସିର ଅଂଶଧନ ବିକ୍ରୟରୁ ସରକାର ୯୦୦ ବିଲିୟନ ଟଙ୍କା (୧୨.୨ ବିଲିୟନ ଡ଼ଲାର୍) ସଂଗ୍ରହ କରିବାକୁ ସରକାର ଲକ୍ଷ୍ୟ ରଖିଛନ୍ତି। ବର୍ତ୍ତମାନ ସୁଦ୍ଧା ଯଦିଓ ବିଦେଶୀ ସଂସ୍ଥାଗତ ନିବେଶକମାନଙ୍କୁ ବେସରକାରୀ ବୀମା କମ୍ପାନୀରେ ୭୪% ଏବଂ ରାଷ୍ଟ୍ରାୟତ୍ତ ବ୍ୟାଙ୍କରେ ୨୦% ପର୍ଯ୍ୟନ୍ତ ଅଂଶଧନ କ୍ରୟ ଅନୁମତି ଦିଆଯାଇଛି। ଏହାକୁ ସକ୍ଷମ କରିବା ଦ୍ୱାରା ବିଦେଶୀ ପେନ୍‌ସନ୍ ପାଣ୍ଠି, ବୀମା କମ୍ପାନୀ ଏବଂ ମ୍ୟୁଚୁଆଲ୍ ଫଣ୍ଡ ଭାରତର ବୃହତ ଜୀବନ ବୀମାକାରୀଙ୍କ ଆଇପିଓରେ ଅଂଶଗ୍ରହଣ କରିବାକୁ ଅନୁମତି ଦେବ।

## ସୋନୀ ପିକ୍‌ଚର୍ସ ସହ ଜୀ ଏଣ୍ଟରଟେନ୍‌ମେଣ୍ଟର ହେବ ମିଶ୍ରଣ

ମୁମ୍ବାଇ ୨୨।୯ (ଏଜେନ୍ସି): ସୋନୀ ପିକଚର୍ସ ଇଣ୍ଡିଆ ସହ ସହ ଜୀ ଏଣ୍ଟରଟେନମେଣ୍ଟର ହେବ ମିଶ୍ରଣ। ସୋନୀ ଗ୍ରୁପର ଭାରତୀୟ ୟୁନିଟ୍ ଦେଶର ସର୍ବ ବୃହତ ଟେଲିଭିଜନ ନେଟୱାର୍କ ଜି ଏଣ୍ଟରଟେନମେଣ୍ଟ ଏଣ୍ଟରପ୍ରାଇଜର୍ସ କ୍ରୟ ଲାଗି ଏକ ରାଜିନାମା ସ୍ୱାକ୍ଷର କରିଛି। ସଂସ୍ଥାର ପ୍ରମୁଖ ଅଧିକାରୀଙ୍କ ଅପସାରଣ ଲାଗି ଅଂଶୀଦାରଙ୍କ ଆଡୁ ଦାବି ହେବାପରେ ଏହି ପଦକ୍ଷେପ ନିଆଯାଇଛି। ଫଳରେ ସଂସ୍ଥାର ୫୩ ପ୍ରତିଶତ ଅଂଶଧନ ସୋନୀ ଇଣ୍ଡିଆ ମାଲିକାନାକୁ ଆସିଥିବା ବେଳେ ବଳକା ଅଂଶ ସେୟାରଧାରୀଙ୍କ ଅଧୀନରେ ରହିବ ବୋଲି ବୁଧବାର ଏକ ମିଳିତ ବିବୃତ୍ତିରେ କୁହାଯାଇଛି। ସୋନୀର ଏହି ୟୁନିଟ୍‌ରେ ଅଂଶୀଦାରମାନେ ପୁଞ୍ଜିନିବେଶ କରିବେ। ଫଳରେ ମୋଟ ପୁଞ୍ଜିର ପରିମାଣ ୧.୫୮ ବିଲିୟନ ଡଲାରରେ ପହଞ୍ଚିବ। ତେବେ ବୋର୍ଡର ଅଧିକାଂଶ ପଦପଦବୀ ସୋନୀ ହାତରେ ରହିବ। ରାଜିନାମାରେ ଉଭୟ କମ୍ପାନୀଙ୍କୁ ୯୦ ଦିନିଆ ଅବଧି ଦିଆଯାଇଛି। ଏହି ଅବଧି ଉଭୟ କମ୍ପାନୀ ବାଇଣ୍ଡିଂ ଏଗ୍ରିମେଣ୍ଟ ଲାଗି ସ୍ୱତନ୍ତ୍ର ଆଲୋଚନା କରିବେ। ଏହି ସମୟରେ ୟୁନିଟର ନେତୃତ୍ୱ ଜୀ ଏଣ୍ଟରଟେନମେଣ୍ଟର ସିଇଓ ପୁନିତ ଗୋୟଙ୍କା ନେବେ। ଗତ ସପ୍ତାହରେ ଜୀ ନେଟୱାର୍କରେ ୧୭.୯ ପ୍ରତିଶତ ସେୟାରର ମାଲିକ ଇନଭେସ୍କୋ ଡେଭଲପିଙ୍ଗ ମାର୍କେଟ ଫଣ୍ଡ ଏବଂ ଓଏଫଆଇ ଗ୍ଲୋବାଲ ଚାଇନା ଫଣ୍ଡ ଏଲଏଲସି ଗୋୟଙ୍କାଙ୍କ ସମେତ ଅନ୍ୟ ୨ ଜଣଙ୍କ ବହିଷ୍କାର ଲାଗି ଏକ ସ୍ୱତନ୍ତ୍ର ବୈଠକ ଆହ୍ୱାନ କରିଥିଲେ। ଫଳରେ ସଂକଟଗ୍ରସ୍ତ ଜୀରେ ନୂଆ ମୋଡ ଆସିଛି। ୧୯୯୨ରେ ସ୍ଥାପିତ କମ୍ପାନୀରେ ସୁଭାଷ ଚନ୍ଦ୍ରା ଓ ତାଙ୍କ ପରିବାରଙ୍କ କର୍ତ୍ତୃତ୍ୱ ସମାପ୍ତ କରିବା ଲାଗି ନିବେଶକଙ୍କ ଏହା ଏକ ଉଦ୍ୟମ ଥିବାବେଳେ ବୋର୍ଡର ୨ ଜଣ ସଦସ୍ୟ ତତ୍କାଳ ଇସ୍ତଫା ଦେଇଥିଲେ। ମିଡ଼ିଆ ବାଦ୍‌ଶାହା ଏକଦା ଜୀ ରୁପର୍ଟ ମୋଡ୍ରକଙ୍କ ଭାରତୀୟ ଅଂଶୀଦାର ରହିଥିଲା।

## ବିନା ଇଣ୍ଟରନେଟ୍‌ରେ କେମିତି କରିବେ ୟୁପିଆଇ ପେମେଣ୍ଟ




ନୂଆଦିଲ୍ଲୀ ୨୨।୯ (ଏଜେନ୍ସି)

ସ୍ମାର୍ଟଫୋନ୍ ୟୁଜର୍ସଙ୍କ ପାଇଁ ୟୁପିଆଇ ମାଧ୍ୟମରେ ପେମେଣ୍ଟ କରିବା ଏବେ ଏକ ସୁବିଧାଜନକ ମାଧ୍ୟମ। ଏହା ଜରିଆରେ ୟୁଜର୍ସ ଯେକୌଣସି ସ୍ଥାନରେ ପାଖରେ ଟଙ୍କା ନ ଥିଲେ ବି ଟଙ୍କା ପୈଠ କରିପାରୁଛନ୍ତି। ୟୁପିଆଇ ପେମେଣ୍ଟ କରିବାକୁ ହେଲେ ଫୋନ୍‌ରେ ଇଣ୍ଟରନେଟ୍ ସଂଯୋଗ ଥିବା ଜରୁରୀ। ଅନେକ ସମୟରେ ଇଣ୍ଟରନେଟ ସଂଯୋଗ ନ ଥିଲେ କିମ୍ବା ମନ୍ଥର ଥିଲେ ଅନ୍‌ଲାଇନ୍ ପେମେଣ୍ଟ କରିବା ମୁସ୍କିଲ ହୋଇଯାଏ। ଯଦି କୌଣସି ସମୟରେ ଆପଣ ଏମିତି କିଛି ଅସୁବିଧାର ସମ୍ମୁଖୀନ ହେଉଛନ୍ତି ତେବେ ଆପଣଙ୍କୁ କିଛି ଖାସ୍ ଟ୍ରିକ୍ ଜାଣିବାକୁ ହେବ। ଏହି ଟ୍ରିକ୍ ଜରିଆରେ ଫୋନ୍‌ରେ ଇଣ୍ଟରନେଟ୍ ସଂଯୋଗ ନ ଥିଲେ ମଧ୍ୟ ଆପଣ ୟୁପିଆଇ ପେମେଣ୍ଟ କରିପାରିବେ।

### *୯୯# ସର୍ଭିସ୍ ମାଧ୍ୟମରେ ୟୁପିଆଇ ପେମେଣ୍ଟ

ୟୁପିଆଇ ପେମେଣ୍ଟ କରିବାକୁ ହେଲେ ସବୁଠୁ ଜରୁରୀ ଆପଣଙ୍କ ବ୍ୟାଙ୍କରେ ପଞ୍ଜୀକୃତ ଏବଂ ୟୁପିଆଇ ସହ ଲିଙ୍କ୍ ହୋଇଥିବା ଫୋନ୍ ନମ୍ବର ଦରକାର। ଏହାପରେ ଆପଣଙ୍କ ଫୋନ୍‌ରେ *୯୯# ସର୍ଭିସ୍ ଆକ୍ଟିଭ୍ ଅଛି କି ନାହିଁ ଯାଞ୍ଚ କରିନିଅନ୍ତୁ। *୯୯# ଡାଏଲର କୋଡ୍ ଭାରତରେ ସମସ୍ତ ମୋବାଇଲ୍ ୟୁଜର୍ସଙ୍କ ପାଇଁ ଆରମ୍ଭ କରାଯାଇଥିଲା। ଏହାର ଅର୍ଥ ଆପଣ ୟୁପିଆଇ ଇକୋସିଷ୍ଟମର ଏକ ଅଂଶ।

### ବିନା ଇଣ୍ଟରନେଟ୍‌ରେ କିଭଳି କରିବେ ପେମେଣ୍ଟ

- ସର୍ବପ୍ରଥମେ ଫୋନ୍‌ରେ *୯୯# ଡାଏଲ କରନ୍ତୁ।
- ଏହାପରେ ଆପଣଙ୍କୁ ଅନେକ ମେନ୍ୟୁ ଦେଖାଯିବ। ଏଥିରେ ଆପଣ ପ୍ରଥମ ମେନ୍ୟୁ (ସେଣ୍ଡ ମନି) ଉପରେ କ୍ଲିକ୍ କରନ୍ତୁ।
- ଯାହାଙ୍କୁ ଟଙ୍କା ପଠାଇବେ ତାଙ୍କର ସବିଶେଷ ତଥ୍ୟ ଦିଅନ୍ତୁ।
- ୟୁପିଆଇ ଆକାଉଣ୍ଟ ସହ ଲିଙ୍କ୍ ନମ୍ବର ଦିଅନ୍ତୁ।
- କେତେ ଟଙ୍କା ପଠାଇବେ ଟାଇପ୍ କରନ୍ତୁ। ପରେ ସେଣ୍ଡ ଉପରେ କ୍ଲିକ୍ କରନ୍ତୁ।
- ଟ୍ରାଞ୍ଜାକ୍ସନ ପୂରା କରିବାକୁ ଆପଣଙ୍କୁ ୟୁପିଆଇ ପିନ୍ ଦେବାକୁ ହେବ।



# ଡଃ ରାଜେନ୍ଦ୍ର ପ୍ରସାଦ ମିଶ୍ର ପାଇବେ ଗଙ୍ଗା ଶରଣ ସିଂହ ପୁରସ୍କାର

ଭୁବନେଶ୍ୱର ୨୨।୯ (ସମିସ): ଆଗ୍ରାସ୍ଥିତ ଭାରତ ସରକାରଙ୍କ ପ୍ରଖ୍ୟାତ ହିନ୍ଦୀ ପ୍ରଶିକ୍ଷଣ ସଂସ୍ଥା 'କେନ୍ଦ୍ରୀୟହିନ୍ଦୀସଂସ୍ଥାନ' ୨୦୧୮ ବର୍ଷ ପାଇଁ ସମ୍ମାନଜନକ 'ହିନ୍ଦୀ ସେବୀ ସମ୍ମାନ' ପୁରସ୍କାର ଘୋଷଣା କରିଛି। ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ହିନ୍ଦୀ ଭାଷାର ବିକାଶ, ପ୍ରଚାର ପ୍ରସାର ଓ ପ୍ରୋତ୍ସାହନ ନିମନ୍ତେ କାର୍ଯ୍ୟରତ ୧୨ଟି ଶ୍ରେଣୀର ୨୬ ଜଣ ବିଦ୍ୱାନ ଲେଖକଲେଖିକାଙ୍କୁ ଏଥିରେ ପୁରସ୍କୃତ କରାଯିବ। ତନ୍ମଧ୍ୟରୁ ହିନ୍ଦୀ ଭାଷାର ପ୍ରଚାର, ପ୍ରସାର ତଥା ଶିକ୍ଷଣ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ଓଡ଼ିଶାର ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁରର ଡଃ



ରାଜେନ୍ଦ୍ର ପ୍ରସାଦ ମିଶ୍ରଙ୍କୁ 'ଗଙ୍ଗା ଶରଣ ସିଂହ' ପୁରସ୍କାରରେ ସମ୍ମାନିତ କରାଯିବ। ଏହି ସମ୍ମାନ ପ୍ରଦାନ ଅବସରରେ ରାଷ୍ଟ୍ରପତି ତାଙ୍କୁ ନଗଦ ପାଞ୍ଚ ଲକ୍ଷ ଟଙ୍କା ସହ ମାନପତ୍ର ଓ ଉପଢ଼ୌକନ ପ୍ରଦାନ କରିବେ।

ଡଃ ପ୍ରସାଦ ନୂଆଦିଲ୍ଲୀସ୍ଥିତ ଜବାହରଲାଲ ନେହରୁ ବିଶ୍ୱବିଦ୍ୟାଳୟରେ ୧୯୯୬ରୁ ୧୯୯୭ ପର୍ଯ୍ୟନ୍ତ ସହକାରୀ ପ୍ରାଧ୍ୟାପକ ଭାବେ କାର୍ଯ୍ୟ କରିଥିଲେ। ଡଃ ମିଶ୍ର ଏନ୍‌ଟିପିସିର ମହାପ୍ରବନ୍ଧକ(ମାନବସମ୍ବଳ-ରାଜଭାଷା) ଭାବେ ମଧ୍ୟ ସୁଚାରୁରୂପେ କାର୍ଯ୍ୟ ତୁଲାଇଛନ୍ତି। ସେ ବିଶ୍ୱ ହିନ୍ଦୀ ସଚିବାଳୟ ମରିସସ୍ ପକ୍ଷରୁ ପ୍ରକାଶିତ ତ୍ରୟମାସିକ ହିନ୍ଦୀ ପତ୍ରିକା 'ବିଶ୍ୱ ହିନ୍ଦୀ ସମାଚାର' ଓ ବାର୍ଷିକ ହିନ୍ଦୀ ପତ୍ରିକା 'ବିଶ୍ୱ ହିନ୍ଦୀ'ର ସଂପାଦନା ଦାୟିତ୍ୱ ନିର୍ବାହ କରିଛନ୍ତି। ଏହାବାଦ୍ ସେ ୯୭ରୁ ଅଧିକ ଓଡ଼ିଆ ପୁସ୍ତକକୁ ହିନ୍ଦୀରେ ଅନୁବାଦ କରିଛନ୍ତି। ସାହିତ୍ୟ ଓ ଅନୁବାଦ କ୍ଷେତ୍ରରେ ଅତୁଳନୀୟ ଅବଦାନ ରଖିଥିବା ଡଃ ମିଶ୍ରଙ୍କୁ 'ସାହିତ୍ୟ ଅକାଦେମି', 'ଅଣହିନ୍ଦୀ ଲେଖକ ସମ୍ମାନ', 'ସୌହାର୍ଦ୍ଦ ପୁରସ୍କାର', 'ସଂହତି ପୁରସ୍କାର', 'ସେତୁବନ୍ଧ ପୁରସ୍କାର', 'ବଙ୍କିମ ଚନ୍ଦ୍ର ପୁରସ୍କାର' ପ୍ରଭୃତି ଏକାଧିକ ସମ୍ମାନରେ ସମ୍ମାନିତ କରାଯାଇଛି।

ଉଲ୍ଲେଖନୀୟ ଯେ ହିନ୍ଦୀ ସେବୀ ସମ୍ମାନ ଯୋଜନା ୧୯୮୯ ମସିହାରୁ ଆରମ୍ଭ ହୋଇଥିଲା। ଉକ୍ତ ଅନୁଷ୍ଠାନ ପ୍ରତିବର୍ଷ ୨୬ ଜଣ ଲେଖକ ଲେଖିକାଙ୍କୁ ଏହି ସମ୍ମାନରେ ସମ୍ମାନିତ କରି ଆସୁଛି।

### ନବୀକରଣ ଯୋଗ୍ୟ ଶକ୍ତି , ଯନ୍ତ୍ରାଂଶ ନିର୍ମାଣ, ପ୍ରସାରଣ ଏବଂ ଆବଣ୍ଟନ

# ୨୦ ବିଲିୟନ୍ ଡଲାର ନିବେଶ କରିବ ଆଦାନୀ ଗ୍ରୁପ

ଭୁବନେଶ୍ୱର,୨୨।୯ (ସମିସ): ନବୀକରଣ ଯୋଗ୍ୟ ଶକ୍ତି , ଯନ୍ତ୍ରାଂଶ ନିର୍ମାଣ, ପ୍ରସାରଣ ଏବଂ ଆବଣ୍ଟନ କ୍ଷେତ୍ରରେ ଆସନ୍ତା ୧୦ ବର୍ଷରେ ୨୦ ବିଲିୟନ୍ ଡଲାର ନିବେଶ କରିବ ଆଦାନୀ ଗ୍ରୁପ। ଗ୍ରୁପ ଗ୍ରୀନ୍ ଟେକ୍ନୋଲୋଜି କ୍ଷେତ୍ରରେ ରଖିଥିବା ନିଜର ଲକ୍ଷ୍ୟ ସ୍ପଷ୍ଟ କରିବାକୁ ଯାଇ ଜେପି ମୋର୍ଗାନ୍ ଇଣ୍ଡିଆ ନିବେଶକ ସମ୍ମିଳନୀରେ ଆଦାନୀ ଗ୍ରୁପ ଅଧ୍ୟକ୍ଷ ଗୌତମ ଆଦାନୀ ଏହା କହିଛନ୍ତି। ଗ୍ରୁପ ୨୦୨୫ ସୁଦ୍ଧା ଗ୍ରୀନ୍ ଟେକ୍ନୋଲୋଜି କ୍ଷେତ୍ରରେ ୭୫ ପ୍ରତିଶତରୁ ଅଧିକ ପୁଞ୍ଜି ବ୍ୟୟ ଲକ୍ଷ୍ୟ ରଖିଛି। ଆସନ୍ତା ୪ବର୍ଷରେ ଗ୍ରୁପ ନବୀକରଣ ଯୋଗ୍ୟ ଶକ୍ତି କ୍ଷେତ୍ରରେ ଉତ୍ପାଦନ କ୍ଷମତାକୁ ଦୁଇଗୁଣ କରିବ ବୋଲି କହିଛି। ବିଶ୍ୱର କୌଣସି ବି କମ୍ପାନୀ ଏହି ଭଳି ମାଇଲଖୁଣ୍ଟ ପ୍ରତିଷ୍ଠା କରିପାରିବନାହିଁ। କମ୍ପାନୀ ଏହି ଉତ୍ପାଦନ କ୍ଷମତାକୁ ୨୧ ପ୍ରତିଶତରୁ



୬୩ ପ୍ରତିଶତକୁ ବୃଦ୍ଧି ଘଟାଇଛି। ୨୦୩୦ ସୁଦ୍ଧା ଆଦାନୀ ପ୍ରଥମ ଭାରତୀୟ କମ୍ପାନୀ ଭାବେ ତାହାର ସମସ୍ତ ଡାଟା କେନ୍ଦ୍ରକୁ ନବୀକରଣ ଯୋଗ୍ୟ ଶକ୍ତି ଦ୍ୱାରା ପରିଚାଳିତ କରିବ। ସ୍କାନ୍ ଡାଟା ସେଣ୍ଟର, ଇଣ୍ଡଷ୍ଟ୍ରିଆଲ କ୍ଲାଉଡ୍ ଏବଂ ଆଦାନୀ ଡିଜିଟାଲ ଲ୍ୟାବ୍ ଭଳି କେତେକ ଡିଜିଟାଲ ସମ୍ପର୍କିତ ଉଦ୍ୟୋଗ ଜରିଆରେ ଗ୍ରୁପ ଦେଶରେ ଡିଜିଟାଲ କ୍ଷେତ୍ରକୁ ପ୍ରୋତ୍ସାହିତ କରୁଥିବା ସେ କହିଛନ୍ତି। ଭାରତ କୋଭିଡ୍ ମହାମାରୀର ସବୁଠାରୁ ଖରାପ ସମୟ ମୁକାବିଲା କରିଛି। ଭାରତ ଯେଉଁଭଳି ଭାବେ ଏହାର ଟିକାକରଣ କାର୍ଯ୍ୟକ୍ରମକୁ ଆଗେଇ ନେଇଛି ତାହା ଅତୁଳନୀୟ ବୋଲି ଆଦାନୀ କହିଛନ୍ତି।

# ଶିକ୍ଷୟିତ୍ରୀଙ୍କ ଗଳାକାଟି ହତ୍ୟା ଉଦ୍ୟମ; ସ୍ୱାମୀ ଅଟକ

ବଲାଙ୍ଗିର,୨୨।୯ (ସମିସ): ବଲାଙ୍ଗିର ଜିଲ୍ଲା ପୁଇଁତଳା ଥାନା ଅନ୍ତର୍ଗତ ଦୁର୍ଗାପାଲି ଗାଁରେ ଜଣେ ଶିକ୍ଷୟିତ୍ରୀଙ୍କୁ ଗଳାକାଟି ହତ୍ୟା ଉଦ୍ୟମ କରାଯାଇଥିବା ଅଭିଯୋଗ ହୋଇଛି। ଶିକ୍ଷୟିତ୍ରୀ ଜଣକ ଦୁର୍ଗାପାଲି ସରକାରୀ ଉଚ୍ଚବିଦ୍ୟାଳୟର ସଂସ୍କୃତ ଶିକ୍ଷୟିତ୍ରୀ ସଞ୍ଜୁରାଣୀ ଦେବତା ବୋଲି ଜଣାପଡ଼ିଛି। ତାଙ୍କୁ ଭୀମଭୋଇ ମେଡିକାଲରେ ଭର୍ତ୍ତି କରାଯାଇଛି। ଯୌତୁକ ନିର୍ଯାତନା ଦେଇ ତାଙ୍କ ସ୍ୱାମୀ ଏଭଳି କାଣ୍ଡ ଭିଆଇଥିବା ସେ ଅଭିଯୋଗ କରିଛନ୍ତି। ଅପରପକ୍ଷେ ଅଭିଯୁକ୍ତ ସ୍ୱାମୀ ପ୍ରଦୀପ ପଣ୍ଡା ଟିଟିଲାଗଡ଼ସ୍ଥିତ ସିଲୁଁଆ ଉଚ୍ଚ ବିଦ୍ୟାଳୟରେ ଶିକ୍ଷକ ଥିବା ସୂଚନା ମିଳିଛି।



ସୂଚନା ଅନୁସାରେ ସଞ୍ଜୁ ବଲାଙ୍ଗିର ଜିଲ୍ଲା ଆଗଲପୁର ବ୍ଲକ ଅନ୍ତର୍ଗତ ବଣ୍ଡାବାହାଲ ଗାଁର ପ୍ରଦୀପ ପଣ୍ଡାଙ୍କୁ ଏକ ବର୍ଷ ତଳେ ବିବାହ କରିଥିଲେ। ତେବେ ସେ କମ୍ ଯୌତୁକ ଆଣିଥିବା ଯୋଗୁଁ ବିବାହର ମାତ୍ର ୫ ଦିନ ପରେ ପ୍ରଦୀପ ତାଙ୍କୁ ମାଡ ମାରିଥିଲେ। ବିବାହର ଏକ ବର୍ଷ ମଧ୍ୟରେ ସବୁବେଳେ ତାଙ୍କ ସହିତ ଝଗଡ଼ା କରିବାରୁ ସେ ତାଙ୍କ ସ୍ୱାମୀଙ୍କୁ ଛାଡପତ୍ର ଦେବାକୁ ନିଷ୍ପତ୍ତି ନେଇଥିଲେ। ଏଥିପାଇଁ ସେ ତାଙ୍କ ସ୍କୁଲ ନିକଟରେ ଏକ ଭଡା ଘର ନେଇ ରହୁଥିଲେ। ଅଲଗା ରହିବା ଦିନଠାରୁ ତାଙ୍କ ସ୍ୱାମୀ ତାଙ୍କୁ ହତ୍ୟା ଧମକ ଦେଉଥିବା ସେ କହିଛନ୍ତି। ବୁଧବାର ପୂର୍ବାହ୍ନ ପ୍ରାୟ ୧୧ଟାରେ ପ୍ରଦୀପ ଦୁର୍ଗାପାଲି ସ୍କୁଲକୁ ଆସି ସଞ୍ଜୁଙ୍କୁ ସାକ୍ଷାତ କରିବାକୁ କହିଥିଲେ। ସଞ୍ଜୁ କଥା ହେବାକୁ ମନା କରିବାରୁ ଏକ ଧାରୁଆ ଛୁରୀରେ ତାଙ୍କୁ ଆକ୍ରମଣ କରିଥିଲେ। ପ୍ରଦୀପ ତାଙ୍କ ଗଳା କାଟି ହତ୍ୟା କରିବାକୁ ଉଦ୍ୟମ କରୁଥିବାବେଳେ କୌଶଳକ୍ରମେ ସେ ଖସି ପଳାଇଆସିଥିଲେ। ତାଙ୍କ ଗଳାରେ କ୍ଷତ ହୋଇଥିଲା। ପରେ ଗ୍ରାମବାସୀ ପ୍ରଦୀପଙ୍କୁ କାବୁ କରି ପୁଇଁତଳା ପୁଲିସକୁ ଖବର ଦେଇଥିଲେ। ପୁଲିସ ପହଞ୍ଚି ପ୍ରଦୀପଙ୍କୁ ଥାନା ଅଟକ ରଖିଛି। ତେବେ ଏହାକୁ ଯୌତୁକଜନିତ ହତ୍ୟା ଉଦ୍ୟମ ହୋଇଥିବାରୁ ତାଙ୍କ ସ୍ୱାମୀ ବିରୋଧରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଛନ୍ତି।

### ■ ଇଞ୍ଜିନରେ ଯାନ୍ତ୍ରିକ ତ୍ରୁଟି

# ବେତନଟୀ ଷ୍ଟେସନରେ ୩ ଘଣ୍ଟା ଅଟକିଲା ଡିଏମ୍ୟୁ



ବେତନଟୀ,୨୨।୯ (ସମିସ): ଯାନ୍ତ୍ରିକ ତ୍ରୁଟି ଯୋଗୁ ବୁଧବାର ବେତନଟୀ ରେଳ ଷ୍ଟେସନରେ ୩ ଘଣ୍ଟା ଅଟକିଗଲା ବାଙ୍ଗିରିପୋଷି -ରୁପ୍ସା ମଧ୍ୟରେ ଚଳାଚଳ କରୁଥିବା ଡିଏମ୍ୟୁ ଟ୍ରେନ। ଧାର୍ଯ୍ୟ ସମୟ ଅନୁସାରେ ବୁଧବାର ଅପରାହ୍ନ ୧ଟା ୪୫ରେ ରୁପ୍ସା ଯିବାପାଇଁ ବେତନଟୀ ଷ୍ଟେସନରେ ପହଞ୍ଚିଥିଲା ଏହି ଡ଼ିଏମ୍ୟୁ ଟ୍ରେନ, ମାତ୍ର ଇଞ୍ଜିନରେ କୌଣସି ଯାନ୍ତ୍ରିକ ସମସ୍ୟା ପାଇଁ ଷ୍ଟାର୍ଟ ବନ୍ଦ ହୋଇଯିବା ସହିତ ଟ୍ରେନ ୩ଘଣ୍ଟାରୁ ଅଧିକ ସମୟ ଧରି ବେତନଟୀ ଷ୍ଟେସନରେ ଅଟକି ରହିଥିଲା। ଯଦ୍ୱାରା ଶତାଧିକ ଯାତ୍ରୀ ନାହିଁନଥିବା ଅସୁବିଧାର ସମ୍ମୁଖୀନ ହୋଇଥିଲେ। କିଛି ଯାତ୍ରୀ ଅଟୋ ଏବଂ ବସ ଯୋଗେ ଯାଇଥିବା ବେଳେ ଅଧିକାଂଶ ଯାତ୍ରୀ ବେତନଟୀ ଷ୍ଟେସନରେ ଅଟକି ରହିଥିଲେ। ତେବେ ୩ଘଣ୍ଟା ଧରି ମରାମତି ପରେ ଅପରାହ୍ନ ୪ଟା ୪୮ରେ ଡ଼ିଏମ୍ୟୁ ଟ୍ରେନ ନିଜର ଲକ୍ଷ୍ୟସ୍ଥଳ ରୁପ୍ସା ଅଭିମୁଖେ ଯାତ୍ରା କରିଥିଲା।


**DISTRICT EDUCATION OFFICE, MALKANGIRI**

**Notification**

Applications are invited for procurement of materials for Girls' Hostel of Odisha Adarsh Vidyalayas Four Nos. of Odisha Adarsh Vidyalayas i.e. 1. Julunibahal of Mathili Block, 2. Gunduriguda of Kudumulugumma Block and 3. Podaghat of Khairput Block and 4. Gandhipally of Malkangiri Block of Malkangiri district. The application forms and guidelines are available in the district website "**www.malkangiri.nic.in.**

Sd/-
District Education Officer,
Malkangiri

OIPR-15016/11/0003/2122 F-145


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ମା' ଓ ଦୁଇ...

କୌଣସି ଶବ୍ଦ ଆସି ନଥିଲା। ବାହାର କବାଟ ଖୋଲା ଥିବା ବେଳେ କ୍ଷୀର ନେବାକୁ କେହି ନ ଆସିବାରୁ ସନ୍ଦେହରେ ସେ ଘର ଭିତରକୁ ଦେଖିଥିଲେ। ଘର ଚଟାଣରେ ୩ ଜଣଙ୍କ ମୃତ ଶରୀର ଦେଖି ସେ ଗ୍ରାମବାସୀଙ୍କୁ ଖବର ଦେଇଥିଲେ। ଘରେ ନାରାୟଣ ନ ଥିବାବେଳେ ମା' ଓ ୨ ଝିଅଙ୍କ ମୃତଦେହ ପଡ଼ିଥିବା ଦେଖି ଗ୍ରାମବାସୀ ପୁଲିସକୁ ଖବର ଦେଇଥିଲେ। ବ୍ରଜରାଜନଗର ଆଇଆଇସି ବୈକୁଣ୍ଠ ସେଠ୍ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲେ। ଖବରପାଇ ଝାରସୁଗୁଡ଼ା ଏସ୍‌ପି ବିକାଶ କୁମାର ଦାଶ, ଅତିରିକ୍ତ ଏସ୍‌ପିଙ୍କ ସମେତ ବରିଷ୍ଠ ପୁଲିସ ଅଧିକାରୀମାନେ ସାଇଣ୍ଟିଫିକ୍ ଦଳ ସହିତ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ୩ ମୃତ ଶରୀରକୁ ଆଜି ବ୍ୟବଚ୍ଛେଦ କରାଯାଇଛି। ବ୍ୟବଚ୍ଛେଦ ରିପୋର୍ଟ ଆସିଲେ ମୃତ୍ୟୁ ରହସ୍ୟ ଉନ୍ମୋଚନ ହେବ ବୋଲି ପୁଲିସ ପକ୍ଷରୁ କୁହାଯାଉଛି। ମୃତ ମହିଳାଙ୍କ ସ୍ୱାମୀ ନାରାୟଣ ଫେରାର୍ ଥିବାରୁ ତାଙ୍କୁ ଧରିବା ପାଇଁ ଉଦ୍ୟମ ଜାରି ରହିଥିବା ତଦନ୍ତକାରୀ ଥାନା ଆଇଆଇସି ଶ୍ରୀ ସେଠ୍ କହିଛନ୍ତି। ଅନ୍ୟପକ୍ଷ୍ୟରେ ମୃତ ମହିଳାଙ୍କ ମା' ସଙ୍ଗୀତା ମୁଣ୍ଡା କହିଛନ୍ତି ପରିବାର ଲୋକେ ଚକ୍ରାନ୍ତ କରି ତାଙ୍କ ଝିଅକୁ ମାରି ଦେଇଛନ୍ତି। ବିଭିନ୍ନ ସମୟରେ ସ୍ୱାମୀ ଓ ଦିଅର ତାଙ୍କ ଝିଅକୁ ନିର୍ଯ୍ୟାତନା ଦେଉଥିବା ମଧ୍ୟ ଅଭିଯୋଗ ଆଣିଛନ୍ତି। ପ୍ରକାଶ ଯେ, ପୂର୍ବରୁ ମୃତ ମହିଳାଙ୍କୁ ତାଙ୍କ ଦିଅର ଦୁଷ୍କର୍ମ ଉଦ୍ୟମ କରି ଗିରଫ ହୋଇଥିଲେ। ୩ ମାସରୁ ଉର୍ଦ୍ଧ୍ୱ ହେବ ସେ ଖଲାସ ହୋଇ ଘରକୁ ଫେରିଥିଲେ।

### କୂଳ ଲଂଘିଲା...

ବନ୍ୟାଞ୍ଚଳ ଗସ୍ତ କରିଛନ୍ତି। ବନ୍ୟା ମୁକାବିଲା ପାଇଁ ବିଡିଓ ଏବଂ ତହସିଲଦାରଙ୍କୁ ସତର୍କ ରହିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ଜିଲ୍ଲାପାଳଙ୍କ ନିର୍ଦ୍ଦେଶରେ ବସ୍ତାରେ ଅଗ୍ନିଶମ ଓ ଓଡ୍ରାଫର ଏକାଧିକ ଟିମକୁ ନିୟୋଜିତ କରାଯାଇଛି। ପାଣିଘେରରେ ରହିଥିବା ଲୋକଙ୍କୁ ଓଡ୍ରାଫ ଓ ଅଗ୍ନିଶମ ବିଭାଗର ଉଦ୍ଧାରକାରୀ ଦଳ ଦ୍ୱାରା ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଉଛି। ଜଳକା ବନ୍ୟା ଯୋଗୁଁ ବସ୍ତା ଓ ସଦର ବ୍ଲକର ପତ୍ରଝଡ଼ା, ସଦାନନ୍ଦପୁର, ବ୍ରହ୍ମଣଦା, ରସୁଲପୁର, ଶ୍ରୀରାମପୁର ଆଦି ପଞ୍ଚାୟତ ସମ୍ପୂର୍ଣ୍ଣ ବାହ୍ୟ ଜଗତରୁ ବିଚ୍ଛିନ୍ନ ହୋଇଛି। ସଦାନନ୍ଦପୁର ପଞ୍ଚାୟତର ବିଭିନ୍ନ ଗାଁରେ ବହୁ କଚ୍ଚା ଘର ଧରାଶାୟୀ ହୋଇଛି। ସେହିପରି ଖରସ୍ରୋତା ସୁବର୍ଣ୍ଣରେଖା ବନ୍ୟା ସ୍ଥିତି ନିୟନ୍ତ୍ରଣକୁ ଆସୁଥିବା ବେଳେ ନଦୀର ଉପର ମୁଣ୍ଡ ବର୍ଷା ସହ ଗାଲୁଡିହି ବ୍ୟାରେଜରୁ ପାଣି ନିଷ୍କାସନ ଯୋଗୁଁ ପୁଣି ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି।

ଗତକାଲି ସକାଳ ୮ ଠାରୁ ଆଜି ସକାଳ ୮ ଟା ମଧ୍ୟରେ ଅର୍ଥାତ ଏହି ୨୪ ଘଣ୍ଟାରେ ଜାମସେଦପୁର ରେ ୪୪.୨ ଏମଏମ, ଫେକଘାଟରେ ୧୯୨.୨ ଏମଏମ, ଘାଟଶୀଳାରେ ୫୪.୦ ଏମଏମ, ଜାମଶୋଳା ଘାଟରେ ୧୫୭.୬ ଏମଏମ ଓ ରାଜଘାଟ ରେ ୩.୨ ଏମଏମ ବର୍ଷା ହୋଇଥିବାର ରେକର୍ଡ କରାଯାଇଛି। ଗତକାଲି ମଧ୍ୟାହ୍ନରେ ଗାଲୁଡିହି ବ୍ୟାରେଜ ୧୦୦୦ କ୍ୟୁମେକ ପାଣି ନଦୀକୁ ନିଷ୍କାସିତ କରିଥିବା ବେଳେ ପୁଣି ପ୍ରବଳ ବର୍ଷା ଯୋଗୁଁ ସୁବର୍ଣ୍ଣରେଖାର ଜଳପତ୍ତନ ଆଜି ଅକସ୍ମାତ ବୃଦ୍ଧି ପାଇବାରେ ଲାଗିଛି।ରାଜଘାଟ ରେଳବାଇ ପୋଲ ନିକଟରେ ନଦୀର ଜଳପତ୍ତନ ଅପରାହ୍ନ ୩ ଟା ସୁଦ୍ଧା ସତର୍କ ସଙ୍କେତ ଉପରେ ଅର୍ଥାତ ୯.୯୧ ମିଟରରେ ପ୍ରବାହିତ ହେଉଛି।ଗାଲୁଡିହି ବ୍ୟାରେଜର ସମସ୍ତ ଗେଟକୁ ବନ୍ଦ କରାଯାଇଥିବା ବେଳେ ଆଗକୁ ଯଦି ବର୍ଷା ନ ହୁଏ ତେବେ ସୁବର୍ଣ୍ଣରେଖା ବନ୍ୟା ସ୍ଥିତି ନିୟନ୍ତ୍ରଣରେ ରହିବ ବୋଲି ଜଳସେଚନ ବିଭାଗ ତରଫରୁ କୁହାଯାଇଛି। ବୁଢ଼ାବଳଙ୍ଗ ନଦୀର ଜଳପତ୍ତନ ମଧ୍ୟ ଫୁଲୁଛି। ବୁଢ଼ାବଳଙ୍ଗ ନଦୀର ଅବବାହିକା ବାଲିମୁଣ୍ଡାଳୀରେ ୪୪ ଏମଏମ, ବାରିପଦାରେ ୨୦.୬ ଏମଏମ, ଜୟପୁର ରେ ୩୧.୬ ଏମଏମ, ଏନଏଚ-୫ ରେ ୬ ଏମଏମ ଓ ବାଲେଶ୍ୱରରେ ୭.୦ ଏମଏମ ବର୍ଷା ହୋଇଛି ବୋଲି ସରକାରୀ ଭାବେ କୁହାଯାଇଛି। ଏନଏଚ-୫ ଠାରେ ନଦୀର ବିପଦ ସଙ୍କେତ ୮.୧୩ ଥିବାବେଳେ ଅପରାହ୍ନ ୨ଟା ସୁଦ୍ଧା ୬ ମିଟରରେ ନଦୀ ପ୍ରବାହିତ ହେଉଛି।

### ବଲାଙ୍ଗିରରେ ବିକାଶର...

ମୁଖ୍ୟମନ୍ତ୍ରୀ ସ୍ୱାସ୍ଥ୍ୟ କାର୍ଡ଼ ବଣ୍ଟନ କରିଛନ୍ତି। ଏହି ସ୍ୱାସ୍ଥ୍ୟ କାର୍ଡ଼ ଯୋଗୁଁ ଜିଲ୍ଲାର ସାଢ଼େ ଚାରି ଲକ୍ଷ ପରିବାର ସିଧାସଳଖ ଭାବେ ଉପକୃତ ହେବେ। ଏହି ଗସ୍ତ ସମୟରେ ମୁଖ୍ୟମନ୍ତ୍ରୀ ଜିଲ୍ଲାର ୨୦୦ କୋଟି ଟଙ୍କାର ଉନ୍ନୟନମୂଳକ ପ୍ରକଳ୍ପର ଉଦ୍‌ଘାଟନ କରିବା ସହିତ ୫୯୭ କୋଟି ଟଙ୍କାର ପ୍ରକଳ୍ପ ପାଇଁ ଭିତ୍ତିପ୍ରସ୍ତର ରଖିଥିଲେ। ସେହିପରି ପାଟଣାଗଡ଼ରେ ମୁଖ୍ୟମନ୍ତ୍ରୀ ହରିଶଙ୍କର ପୀଠର ବିକାଶ ପାଇଁ ମଧ୍ୟ ଭିତ୍ତିପ୍ରସ୍ତର ରଖିଥିଲେ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ସଭିଙ୍କୁ ନୂଆଖାଇ ଜୁହାର କରିବା ସହ ବଲାଙ୍ଗୀର ଗସ୍ତ କରିଥିବାରୁ ନିଜର ଆନନ୍ଦବ୍ୟକ୍ତ କରିଛନ୍ତି। ସେ କହିଛନ୍ତି ଯେ ସ୍ମାର୍ଟ ହେଲ୍‌ଥ କାର୍ଡର ବ୍ୟବସ୍ଥା ସାଧାରଣ ଲୋକଙ୍କର ଚିକିତ୍ସା ବ୍ୟବସ୍ଥାରେ ରୂପାନ୍ତର ଆଣିପାରିବ। ଦେଶର ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ଏହା ଏକ ମାଇଲଖୁଣ୍ଟ ସାବ୍ୟସ୍ତ ହେବ। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ବିଜୁ ସ୍ୱାସ୍ଥ୍ୟ

କଲ୍ୟାଣ ଯୋଜନାକୁ ନୂଆ ରୂପରେ କାର୍ଯ୍ୟକାରୀ କରାଯାଇ ଜାତୀୟ ଓ ରାଜ୍ୟ ଖାଦ୍ୟ ସୁରକ୍ଷା ଯୋଜନାର ସବୁ ହିତାଧିକାରୀଙ୍କୁ ସ୍ମାର୍ଟ କାର୍ଡ ଦିଆଯାଉଛି। ଏଭଳି ବ୍ୟବସ୍ଥା କରିବାରେ ଓଡ଼ିଶା ସାରା ଦେଶର ଏକମାତ୍ର ରାଜ୍ୟ। ସମଗ୍ର ଓଡ଼ିଶାରେ ୯୬ ଲକ୍ଷ ପରିବାର ଏହି ସୁବିଧା ପାଉଥିବା ବେଳେ, ବଲାଙ୍ଗୀର ଜିଲ୍ଲାର ସାଢ଼େ ଚାରି ଲକ୍ଷ ପରିବାର ଏହି ସୁବିଧା ପାଇବେ। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହି କାର୍ଡ ପାଖରେ ରହିଲେ, ଚିକିତ୍ସା ପାଇଁ କୌଣସି ଡକୁମେଣ୍ଟ ଦରକାର ନାହିଁ। କେବଳ କାର୍ଡଟିକୁ ନେଇ ଲୋକମାନେ ଦେଶର ୨୦୦ ବଡ ବଡ ହସପିଟାଲରେ ବିନା ଖର୍ଚ୍ଚରେ ଗୁଣାତ୍ମକ ଚିକିତ୍ସା ପାଇପାରିବେ। ପରିବାର ପାଇଁ ବର୍ଷକୁ ୫ ଲକ୍ଷ ଟଙ୍କା ଏବଂ ମହିଳା ମାନଙ୍କ ପାଇଁ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଚିକିତ୍ସା ସୁବିଧା ମିଳିପାରିବ। ଚିକିତ୍ସା ପାଇଁ କିଏ ସୁନା ବିକେ, କିଏ ଶଙ୍ଖା। ସେଥିପାଇଁ ମତେ ବହୁତ ଦୁଃଖ ଲାଗେ। ଏହି ଦୁଃଖ ଦୂର କରିବାରେ ଏହି କାର୍ଡ ସାହାଯ୍ୟ କରିବ। ସଞ୍ଚୟ କରିଥିବା ଟଙ୍କା ପରିବାରର ବିକାଶ ଓ ପିଲାଙ୍କ ପାଠ ପଢ଼ାରେ ଖର୍ଚ୍ଚ କରିପାରିବେ। ଟଙ୍କା ପାଇଁ କେହି ଉତ୍ତମ ଚିକିତ୍ସା ସୁବିଧାରୁ ବଞ୍ଚିତ ନ ହୁଅନ୍ତୁ, ଏହା ହିଁ କାର୍ଯ୍ୟକ୍ରମର ଲକ୍ଷ୍ୟ ବୋଲି ସେ କହିଥିଲେ। ପ୍ରତିଟି ଜୀବନ ତାଙ୍କ ପାଇଁ ମୂଲ୍ୟବାନ ବୋଲି ପ୍ରକାଶ କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ସମସ୍ତେ ସୁସ୍ଥରେ ରହିଲେ ହିଁ ରାଜ୍ୟର ପ୍ରଗତି ହୋଇପାରିବ।

ମୁଖ୍ୟମନ୍ତ୍ରୀ ପ୍ରଥମେ ଟିଟିଲାଗଡ଼ ଗସ୍ତ କରି ସେଠାରେ ଅନେକ ନୂଆ ପ୍ରକଳ୍ପ ଆରମ୍ଭ କରିଥିଲେ। ଟିଟିଲାଗଡ଼-ସଇଁତଳା ବ୍ଲକରେ ସମ୍ପୂର୍ଣ୍ଣ ହୋଇଥିବା ପାଇପ ପାଣି ପ୍ରକଳ୍ପର ଉଦ୍‌ଘାଟନ କରିବା ସହିତ ଟିଟିଲାଗଡ଼ ଟାଉନ୍‌କୁ ସବୁ ଘରକୁ ପାଇପ ପାଣି ପ୍ରକଳ୍ପର ଭିତ୍ତିପ୍ରସ୍ତର ରଖିଥିଲେ। ପାଟଣାଗଡ଼ରେ ମୁଖ୍ୟମନ୍ତ୍ରୀ ଅନେକ ପ୍ରକଳ୍ପ ମଧ୍ୟରେ ପ୍ରସିଦ୍ଧ ହରିଶଙ୍କର ପୀଠର ବିକାଶ ପାଇଁ ଭିତ୍ତିପ୍ରସ୍ତର ରଖିଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ହରିଶଙ୍କର ପୀଠ ରାଜ୍ୟର ଏକ ଗୁରୁତ୍ୱପୂର୍ଣ୍ଣ ତୀର୍ଥକ୍ଷେତ୍ର ଓ ଏହାର ପ୍ରାକୃତିକ ସୌନ୍ଦର୍ଯ୍ୟ ଅତି ମନୋରମ। ଏଠାକୁ ଆସୁଥିବା ଭକ୍ତମାନଙ୍କୁ ଏକ ସୁନ୍ଦର, ଆଧ୍ୟାତ୍ମିକ ଅନୁଭୂତି ଦେବା ପାଇଁ '୫-ଟି' କାର୍ଯ୍ୟକ୍ରମରେ ଏହି ପୀଠର ବିକାଶ କରାଯାଉଛି। ଏହାଦ୍ୱାରା ଏ ଅଞ୍ଚଳର ଧାର୍ମିକ ଓ ସାଂସ୍କୃତିକ ପରମ୍ପରାର ପ୍ରଚାର ପ୍ରସାର ବୃଦ୍ଧି ହେବ ବୋଲି ସେ ମତବ୍ୟକ୍ତ କରିଥିଲେ। ଶେଷରେ ମୁଖ୍ୟମନ୍ତ୍ରୀ ବଲାଙ୍ଗୀର ଗସ୍ତ କରି ସେଠାରେ ମଧ୍ୟ ଅନେକ ପ୍ରକଳ୍ପର ଶୁଭାରମ୍ଭ କରିଥିଲେ। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଶିକ୍ଷା ଓ ସ୍ୱାସ୍ଥ୍ୟ ହେଉଛି ଆମ ସବୁ ବିକାଶର ମୂଳଦୂଆ। ସେଥିପାଇଁ '୫-ଟି' କାର୍ଯ୍ୟକ୍ରମରେ ଏହି ଦୁଇଟି କ୍ଷେତ୍ରର ବିକାଶ ପାଇଁ ରାଜ୍ୟ ସରକାର ସର୍ବାଧିକ ଗୁରୁତ୍ୱ ଆରୋପ କରୁଛନ୍ତି। ରାଜ୍ୟରେ ସ୍ୱାସ୍ଥ୍ୟ ଭିତ୍ତିଭୂମିର ଉନ୍ନତି ସହିତ ସବୁ ସରକାରୀ ହସ୍‌ପିଟାଲରେ ସମ୍ପୂର୍ଣ୍ଣ ଚିକିତ୍ସା ଖର୍ଚ୍ଚ ରାଜ୍ୟ ସରକାର ବହନ କରୁଛନ୍ତି। '୫-ଟି'ରେ ରାଜ୍ୟର ସ୍କୁଲ ଗୁଡିକର ରୂପାନ୍ତର କରାଯାଉଛି ଓ ପ୍ରଥମ ପର୍ଯ୍ୟାୟରେ ୧୦୭୨ଟି ସ୍କୁଲର ରୂପାନ୍ତର କରାଯାଉଛି ବୋଲି ସେ କହିଥିଲେ।

ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟ ଉପରେ ଆଲୋକପାତ କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ସନ୍ଥ ଭୀମଭୋଇ ମେଡିକାଲ କଲେଜ ପରେ ଏହା ହେଉଛି ଜିଲ୍ଲାର ଦ୍ୱିତୀୟ ଗୁରୁତ୍ୱପୂର୍ଣ୍ଣ ଅନୁଷ୍ଠାନ। ଏହାକୁ ଏକ ଆଦର୍ଶ ବିଶ୍ୱବିଦ୍ୟାଳୟ ରୂପେ ଗଢ଼ିତୋଳିବା ପାଇଁ ରାଜ୍ୟ ସରକାର ସବୁ ସହଯୋଗ ଯୋଗାଇ ଦେବେ ବୋଲି ମୁଖ୍ୟମନ୍ତ୍ରୀ ପ୍ରତିଶ୍ରୁତି ଦେଇଥିଲେ। ରାଜ୍ୟର ବିକାଶରେ ମୁଖ୍ୟମନ୍ତ୍ରୀ ଲୋକଙ୍କ ସହଯୋଗ କାମନା କରି ଏହାଦ୍ୱାରା ବିକାଶ ଓ ସେବା ପାଇଁ ତାଙ୍କର ସଂକଳ୍ପ ଆହୁରି ମଜବୁତ ହେବ ବୋଲି ପ୍ରକାଶ କରିଥିଲେ। ଏହି କାର୍ଯ୍ୟକ୍ରମରେ ରାଜ୍ୟ ମନ୍ତ୍ରୀ ମଣ୍ଡଳର ସଦସ୍ୟ ବିକ୍ରମ କେଶରୀ ଆରୁଖ, ନିରଞ୍ଜନ ପୂଜାରୀ, ପଦ୍ମନାଭ ବେହେରା, ସୁଶାନ୍ତ ସିଂ, ନବ ଦାସ, ଟୁକୁନି ସାହୁ ଦିବ୍ୟଶଙ୍କର ମିଶ୍ର, ସାଂସଦ ସଙ୍ଗୀତା ସିହଦେଓ, ବିଧାୟକ ନରସିଂହ ମିଶ୍ର, ସରୋଜ ମେହେର, ସନ୍ତୋଷ ସିଂ ସାଲୁଜା, ମୁକେଶ ମହାଲିଙ୍ଗ, ଓଟିଡିସିର ଅଧ୍ୟକ୍ଷା ଶ୍ରମତୀ ଶ୍ରୀମୟୀ ମିଶ୍ର ଏବଂ ଅନେକ ବରିଷ୍ଠ ନେତୃବୃନ୍ଦ ଯୋଗ ଦେଇଥିଲେ।

### ୨୪ରେ ସୃଷ୍ଟି ହେବ...

ଆଶଙ୍କା ରହିଛି। ବର୍ତ୍ତମାନ ପର୍ଯ୍ୟନ୍ତ ନଦୀଗୁଡ଼ିକରେ ଜଳସ୍ତର ହ୍ରାସ ପାଇ ନ ଥିବା ବେଳେ ପୁଣି ଏକ ଲଘୁଚାପ ବନ୍ୟା ଆଶଙ୍କା ବଢ଼ାଇବ ବୋଲି ଆକଳନ କରାଯାଉଛି। ବର୍ତ୍ତମାନ ଥିବା ଲଘୁଚାପ ଝାଡ଼ଖଣ୍ଡକୁ ଚାଲିଯାଇଥିବାରୁ ଗୁରୁବାର ଓ ଶୁକ୍ରବାର ପାଇଁ ରାଜ୍ୟର କୌଣସି ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇ ନାହିଁ। କିନ୍ତୁ ୨୪ ତାରିଖ ଲଘୁଚାପ ଯୋଗୁଁ ପୁଣି ବର୍ଷା ଥିବାରୁ ୨୫ ତାରିଖଠାରୁ ବିଭିନ୍ନ ଜିଲ୍ଲା ପାଇଁ ୟେଲୋ ଆଲର୍ଟ ଜାରି କରାଯାଇଛି। ପାଣିପାଗ କେନ୍ଦ୍ରର ବୈଜ୍ଞାନିକ ଉମାଶଙ୍କର ଦାସ କହିଛନ୍ତି ଯେ ମ୍ୟାଁମାର ଉପକୂଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି। ଏହା ଉତ୍ତର ପଶ୍ଚିମ ଦିଗରେ ଗତି କରିବ। ଏହା ପ୍ରଭାବରେ ଉତ୍ତରପୂର୍ବ ତତସଲଗ୍ନ ପୂର୍ବକେନ୍ଦ୍ରୀୟ ବଙ୍ଗୋପସାଗରେ ୨୪ ତାରିଖ ସନ୍ଧ୍ୟା ସୁଦ୍ଧା ଏକ ଲଘୁଚାପ ସୃଷ୍ଟି ହେବ। ୪୮ ଘଣ୍ଟା ମଧ୍ୟରେ ଏହା ଓଡ଼ିଶା ଉପକୂଳକୁ ଗତି କରିବାର ସମ୍ଭାବନା ଥିବାରୁ ରାଜ୍ୟରେ ଏହାର ପ୍ରଭାବ ବଢ଼ିବ।

୨୫ ତାରିଖଠାରୁ ଏହାର ପ୍ରଭାବ ଓଡ଼ିଶା ଉପରେ ଥିବା ବେଳେ ସେହିଦିନ ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡ଼ା ଓ ଜଗତସିଂହପୁର ଜିଲ୍ଲାରେ ପ୍ରବଳ ବର୍ଷା ହେବ। ସେହିପରି ଏହି ଜିଲ୍ଲାଗୁଡ଼ିକ ସମେତ କଟକ, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ, ଗଜପତି, କେନ୍ଦୁଝର ଓ ମୟୂରଭଞ୍ଜରେ ବିଜୁଳି ଘଡ଼ଘଡ଼ି ସହିତ ବର୍ଷା ହେବ। ଏହାକୁ ଦୃଷ୍ଟିରେ ରଖି ଉପରୋକ୍ତ ଜିଲ୍ଲାଗୁଡ଼ିକ ପାଇଁ ୟେଲୋ ଆଲର୍ଟ ଜାରି କରାଯାଇଛି। ଅନ୍ୟପଟେ ଗତ ୨୪ ଘଣ୍ଟାରେ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ହୋଇଛି। ଚାନ୍ଦବାଲିରେ ସର୍ବାଧିକ ୪୭ ମିମି ବର୍ଷା ହୋଇଥିବା ବେଳେ ବାଲେଶ୍ୱରରେ ୩୬ ମିମି ବର୍ଷା ରେକର୍ଡ କରାଯାଇଛି। ବାରିପଦାରେ ମଧ୍ୟ ୧୭ ମିମି ବର୍ଷା ହୋଇଛି ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି।

### ମୁଖ୍ୟମନ୍ତ୍ରୀଙ୍କୁ ପ୍ରଶଂସା କଲେ...

ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଦିନିକିଆ ବଲାଙ୍ଗିର ଗସ୍ତ ଅବସରରେ ଶ୍ରୀ ସାଲୁଜା କହିଛନ୍ତି ଯେ ଆୟୁଷ୍ମାନ ଯୋଜନା ପରିବର୍ତ୍ତେ ରାଜ୍ୟ ସରକାର ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାରେ ଯେଉଁ ସ୍ମାର୍ଟ କାର୍ଡ଼ ବାଣ୍ଟୁଛନ୍ତି ତାହା ସାଧାରଣ ଲୋକଙ୍କ କାମରେ ଆସିବ। ରାଜ୍ୟରେ ଆୟୁଷ୍ମାନ ଯୋଜନା ଲାଗୁ କରାଯିବାର କୌଣସି ଆବଶ୍ୟକତା ନାହିଁ। ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ଲାଗୁ କରିଥିବାରୁ ମୁଖ୍ୟମନ୍ତ୍ରୀଙ୍କୁ ଏହି ଅବସରରେ ଶ୍ରୀ ସାଲୁଜା ଧନ୍ୟବାଦ ଦେଇଛନ୍ତି। ଅନ୍ୟପକ୍ଷରେ ଅନ୍ୟତମ ବିଧାୟକ ତଥା କଂଗ୍ରେସ ବିଧାୟକ ଦଳ ନେତା ନରସିଂହ ମିଶ୍ର ମଧ୍ୟ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାକୁ ପ୍ରଶଂସା କରିବା ସହ ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଜ୍ଞାପନ କରିଛନ୍ତି। ସେ କହିଛନ୍ତି ଯେ ସ୍ୱାସ୍ଥ୍ୟ ସେବା ନିମନ୍ତେ ସରକାର ଯେଉଁ ରୂପରେଖ ପ୍ରସ୍ତୁତ କରିଛନ୍ତି ତାହା ଠିକ୍ ବାଟରେ ଚାଲିଲେ ଯୋଜନା ସଫଳ ହେବ। ମୁଖ୍ୟମନ୍ତ୍ରୀ ଆମ ଅଞ୍ଚଳର ବିକାଶ ପାଇଁ ଆସିଛନ୍ତି ବୋଲି ଉଲ୍ଲେଖ କରି ନରସିଂହ ବଲାଙ୍ଗିରରେ କୃଷି ବିଶ୍ୱବିଦ୍ୟାଳୟ ସ୍ଥାପନ ନିମନ୍ତେ ଦାବି କରିଛନ୍ତି।

### ରଣକ୍ଷେତ୍ର ପାଲଟିଲା...

ପରିବେଶ ପ୍ରଦୂଷଣ ନିୟନ୍ତ୍ରଣ ବିଭାଗ ଦ୍ୱାରା ବୁଧବାର ଏକ ଜନଶୁଣାଣି ଶିବିର ଆୟୋଜନ ହୋଇଥିଲା। ଉକ୍ତ ଶିବିରରେ ଉପଜିଲ୍ଲାପାଳ ଲଳିତ କୁମାର କହର , ଅତିରିକ୍ତ ଜିଲ୍ଲାପାଳ ଦେବେନ୍ଦ୍ର ପ୍ରଧାନ , ପରିବେଶ ପ୍ରଦୂଷଣ ନିୟନ୍ତ୍ରଣ ଅଧିକାରୀ ପ୍ରସନ୍ନ କରଙ୍କ ସହିତ ହିଣ୍ଡାଲ୍‌କୋ ଓ ମୈତ୍ରୀର ଉଚ୍ଚସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ। ୧୧ ଘଟିକା ସମୟରେ ସମାବେଶ ଆରମ୍ଭ ହୋଇଥିବା ବେଳେ ବିପକ୍ଷବାଦୀ ବହୁସଂଖ୍ୟାରେ ସଭାସ୍ଥଳକୁ ପଶି ଅଧିକାରୀମାନଙ୍କ ଉପରେ ଆକ୍ରମଣ କରିବା ପାଇଁ ଚେଷ୍ଟା କରିଥିଲେ। ଯାହାଫଳରେ ଅଧିକାରୀମାନେ ସେଠାରୁ ପଳାଇଯିବାକୁ ଚେଷ୍ଟା କରୁଥିବା ବେଳେ ଶତାଧିକ ବିପକ୍ଷବାଦୀ ଅଧିକାରୀଙ୍କୁ ଧସ୍ତାଧସ୍ତି କରିଥିଲେ ଏବଂ ସଭାସ୍ଥଳରେ ଥିବା ଚେୟାର, ଟେବୁଲ୍, ଟେଣ୍ଟ, ମାଇକ ସେଟ୍ ଆଦିକୁ ଭଙ୍ଗାରୁଜା କରିଥିଲେ। ପୁଲିସ୍ ଉକ୍ତ ଅଧିକାରୀମାନଙ୍କୁ ରକ୍ଷାକରି ସୁରକ୍ଷିତ ଭାବେ କୋରାପୁଟରେ ପହଞ୍ଚାଇଥିଲା।

ହିଣ୍ଡାଲ୍‌କୋର ଉଚ୍ଚସ୍ତରୀୟ ଅଧିକାରୀଙ୍କ ଉପରେ କିଛିଲୋକ ଆକ୍ରମଣ କରିଥିବା ବେଳେ ସେ ଆହତ ହୋଇଥିବା ଜଣାପଡ଼ିଛି। ଉତ୍ତେଜନାମୂଳକ ପରିସ୍ଥିତି ସୃଷ୍ଟି ହେବାରୁ ଜନଶୁଣାଣି ବାତିଲ ହୋଇଥିଲା। ଶତାଧିକ ସଂଖ୍ୟାରେ ବିପକ୍ଷବାଦୀ ଗୋଷ୍ଠୀର ଲୋକମାନେ ଉକ୍ତ ସ୍ଥାନରେ ହିଣ୍ଡାଲ୍‌କୋ , ମୈତ୍ରୀ, ଜିଲ୍ଲା ପ୍ରଶାସନ ବିରୋଧରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ବକ୍ସାଇଟ୍ ଖନନ କରିବା ପାଇଁ ଦିଆଯିବ ନାହିଁ ଏବଂ ଏହି ପର୍ବତ ଅଞ୍ଚଳର ଆଦିବାସୀଙ୍କ ଜୀବନଜୀବିକା ହୋଇଥିବାରୁ ଏହି ପର୍ବତକୁ ବଞ୍ଚାଇ ରଖିବୁ ବୋଲି ଜଣାଇଛନ୍ତି। ଏହି ଅବସରରେ ମାଳି ପର୍ବତ ସୁରକ୍ଷା ସମିତି ସଭାପତି ବିଜୟ ଖିଲ ସାମ୍ବାଦିକଙ୍କ ନିକଟରେ ଦୁଃଖ ପ୍ରକାଶ କରି କହିଛନ୍ତି ଯେ, ବକ୍ସାଇଟ୍ ଖନନ ସହ ବାହାର କମ୍ପାନୀକୁ ବିକ୍ରି କରିବା ପାଇଁ ଜିଲ୍ଲା ପ୍ରଶାସନ ଯୋଜନା କରିଛି। ରାଜନେତା, ଜିଲ୍ଲା ପ୍ରଶାସନିକ ଅଧିକାରୀ ଏବଂ ସ୍ଥାନୀୟ ବିଧାୟକ ପିତମ ପାଢ଼ି ବିକ୍ରି ହୋଇଥିବା ସେ ଅଭିଯୋଗ କରିଥିଲେ। ଚାରୋଟି ପଞ୍ଚାୟତର ୧୮ଟି ଗ୍ରାମବାସୀଙ୍କ ସହିତ ଆଖପାଖ ଅଞ୍ଚଳରୁ ଶତାଧିକ ଲୋକ ମଧ୍ୟ ବକ୍ସାଇଟ୍ ଖନନକୁ ବିରୋଧ କରି ଏହି ଜନ ଆନ୍ଦୋଳନରେ ସାମିଲ ହୋଇଥିବା ସେ କହିଥିଲେ। ଡାଲିଆମ୍ବ ନିକଟରେ ସପକ୍ଷବାଦୀ ଓ ବିପକ୍ଷବାଦୀ କିଛି ସମୟ ମୁହାଁମୁହିଁ ହୋଇଥିବା ବେଳେ ପୋଲିସ ଉଭୟଙ୍କୁ ବୁଝାଶୁଝା କରିଥିଲା। ଅତିରିକ୍ତ ପୋଲିସ ଅଧିକାରୀ ଉତ୍କଳ ରାଜନଙ୍କ ନେତୃତ୍ୱରେ ସେମିଳିଗୁଡା, ପଟାଙ୍ଗି , ନନ୍ଦପୁର , ପଡୁଆ ,ସୁନାବେଡା ,କୋରାପୁଟ ଥାନା ଅଧିକାରୀ ଏବଂ ୭ ପ୍ଲାଟୁନ ପୋଲିସ୍ ଫୋର୍ସ ମୁତୟନ ହୋଇଥିଲେ। ମାଳି ପର୍ବତ ଆଖ ପାଖ ଅଞ୍ଚଳରେ ଉତ୍ତେଜନାମୂଳକ ପରିସ୍ଥିତି ରହିଥିବାରୁ ପୋଲିସ୍ କଡ଼ା ନଜର ରଖିଛି। ନିର୍ଦ୍ଧାରିତ ସମୟ ପୂର୍ବରୁ ଜନଶୁଣାଣି ଶିବିର ଆରମ୍ଭ କରିଥିବାରୁ ଉତ୍ତେଜନାମୂଳକ ପରିସ୍ଥିତି ସୃଷ୍ଟିହୋଇଥିବା ବିପକ୍ଷବାଦୀ ଅଭିଯୋଗ କରିଥିବା ବେଳେ ବାହାର ଅଞ୍ଚଳର ଲୋକ ଆସି ଶିବିରରେ ପସି ଏହି ପରିସ୍ଥିତି ସୃଷ୍ଟି କରିଥିବା ସପକ୍ଷବାଦୀ ଓଲଟା ଅଭିଯୋଗ କରିଛନ୍ତି।


**AFFIDAVIT**

By virtue of an affidavit sworn before the Notary Public, Bhubaneswar, in consequence upon my marriage with Binay Charan Dixit, I, Urmila Debi, has changed my surname from Debi to Dixit. Henceforth, I shall be known as **Urmila Dixit** for all purposes.

**AFFIDAVIT**

By an affidavit before Notary Public, BBSR dt. 21.09.2021, **I Pratham Priyadarshan Mohapatra,** S/o: Bishnu Charan Mohapatra, At-Darakhapatna, Po- Kalyani Nagar, Ps.- Madhupatna, Dist.-Cuttack declared that first name of my son has changed **Debansu Mohapatra to Debanshu Mohapatra** for all purposes.

**ତହସିଲ କାର୍ଯ୍ୟାଳୟ, ବୋଡେନ, ଜିଲ୍ଲା: ନୂଆପଡା**

F-146 ଇସ୍ତାହାର ସଂଖ୍ୟା ୨୫୮୪ / ତାରିଖ ୨୧.୦୯.୨୦୨୧

**ଲଘୁଖଣିଜ ଉତ୍ସ (ପଥରଖାଦାନ) ପାଞ୍ଚ ବର୍ଷିଆ ଲିଜ୍ ନିମନ୍ତେ ଜମମୁଦ ଟେଣ୍ଡର ଆହ୍ୱାନ**

ଏତଦ୍ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇଦିଆଯାଉଅଛି ଯେ, ବୋଡେନ ତହସିଲ ଅନ୍ତର୍ଗତ ବିଭିନ୍ନ ମୌଜା ସ୍ଥିତ ଲଘୁ ଖଣିଜ ଉତ୍ସ (ପଥରଖାଦାନ) ଗୁଡିକ ଟେଣ୍ଡର ମାଧ୍ୟମରେ ଦୀର୍ଘ ମିଆଦ ସୂତ୍ରରେ ୫ ବର୍ଷ ପାଇଁ ଲିଜ୍ ନିମନ୍ତେ ଜଉମୁଦ ଟେଣ୍ଡର ଆହ୍ୱାନ କରାଯାଉଛି। ଏଥି ପାଇଁ ଇଚ୍ଛୁକ ବ୍ୟକ୍ତି ବିଶେଷ ନିର୍ଦ୍ଦିଷ୍ଟ ଫର୍ମରେ ଆବେଦନ କରିପାରିବେ। ଟେଣ୍ଡର ଫର୍ମ (ସମସ୍ତ ବିବରଣୀ, ଓଡିଶା ଲଘୁ ଖଣିଜ ଦ୍ରବ୍ୟ ରିହାତି ଆଇନ, ୨୦୧୬ ଅନୁଯାୟୀ ନିର୍ଦ୍ଦିଷ୍ଟ ଫର୍ମରେ "M" ଟ. ୨୦୦୦ଙ୍କା ମୂଲ୍ୟରେ ତହସିଲ କାର୍ଯ୍ୟାଳୟ ରୁ ତା.୨୩.୦୯.୨୦୨୧ରିଖ ଠାରୁ ତା.୦୭.୧୦.୨୦୨୧ରିଖ ଘ. ୫.୩୦ଘଟିକା ପର୍ଯ୍ୟନ୍ତ କେବଳ ସରକାରୀ କାର୍ଯ୍ୟଦିବସ ସମୟରେ ଉପଲବ୍ଧ ହେବ। ଉକ୍ତ ରାଶି ଫେରସ୍ତ ହେବ ନାହିଁ।

ସବିଶେଷ ବିବରଣୀ ନିମନ୍ତେ ତହସିଲଦାରଙ୍କ କାର୍ଯ୍ୟାଳୟ, ବୋଡେନ ତହସିଲ ଅନ୍ତର୍ଗତ ସମସ୍ତ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟରୁ କାର୍ଯ୍ୟଦିବସରେ ପାଇପାରିବେ ତଥା ନୂଆପଡା ଜିଲ୍ଲା ୱେବସାଇଟ (www.nuapada.nic.in)ରେ ମଧ୍ୟ ଉପଲବ୍ଧ ଅଟେ।

OIPR-24214/11/0002/2122 ସା/- ତହସିଲଦାର, ବୋଡେନ

**JAN SHIKSHAN SANSTHAN-MAYURBHANJ**
(MINISTRY OF SKILL DEVELOPMENT & ENTREPRENEURSHIP, GOVT. OF INDIA)
Skill India

**ADVERTISEMENT**

We are working in the field of Literacy linked vocational skill development training to non/neo literates & rudimentary level education. We are looking for dynamic staff.

| Post | Eligible | Minimum Experience | Openings |
|---|---|---|---|
| Director | Graduate & desirable vocational degree/diploma/experience in skill development sector | 7 years | 1 |
| Programme Officer | Graduate & desirable vocational degree/diploma with experience in skill development sector | 5years | 1 |
| Assistant Project Officer | Graduation or Post graduate (NSQF Level-7) with Experience | 3years | 1 |
| Accountant-Cum-Manager | | 3years | 1 |
| Computer Operator | Intermediate/ Diploma/Graduation | 3Years | 1 |
| Field Assistant-Cum-Clerk | Post Graduation course in information Technology/Computer Science (NSQF Level-5) with Experience | 3years | 1 |
| Driver-Cum-Attendance | School Level Education (NSQF Level-2) | 3years | 1 |

Term and condition: the position shall be filled on contract basis for period of ordinarily not exceeding five years out of which the first year of the first term will be the probation period. Applicant exceeding 55 years may not apply. The board of Management may consider renewal of the contract/extension of the contract period of Director for a further period of five years on expiry of each five year tenure or termination of the scheme whichever is earlier. Outstanding candidates call for interview. Interested candidate apply online by Dt. 27.09.2021 and the shortlisted candidate walk an interview on Dt. 29.09.2021 at 11AM at JSS-Mayurbhanj office.

(*) Trainer required in following sector on contractual basis:

| Sl. No. | Name of Sector | Opening |
|---|---|---|
| 1 | Self Employed Tailor | 2 |
| 2 | Taxi Driver | 1 |
| 3 | Assistant Beauty Therapist | 1 |
| 4 | Beekeeper | 1 |
| 5 | Mushroom Grower (small entrepreneur) | 1 |
| 6 | Electrical Technician | 1 |
| 7 | Jam, Jelly and ketchup Processing Technician | 1 |
| 8 | Bamboo Basket Maker | 1 |
| 9 | Frontline health Worker | 1 |
| 9 | Domestic data entry operator | 1 |
| 10 | Hand Spinning Operator (Traditional Charkha/New Model Charkha/Solar Operated New Model Charkha) | 1 |
| 11 | Field Technician-(Home Appliance) | 1 |

- Candidates have experience on skill development sector.
- Candidates have communication skill on writing and oral.
- Interested candidates have send your Bio-Data form in our Mail Id-jssmayurbhanj@gmail.com and also submit your bio-data in our office **Jan Shikshan Sansthan-Mayurbhanj, At Raghunathpur (Near-Tulasi Mandap) , Baripada, Mayurbhanj-757001 (Odisha)**

Chairman
Jan Shikshan Sansthan
Mayurbhanj

## ● ନାବାଳକର ଆତ୍ମହତ୍ୟା

**ଚନ୍ଦାହାଣ୍ଡି, ୨୨।୯ (ସମିସ):** ନବରଙ୍ଗପୁର ଜିଲ୍ଲା ଚନ୍ଦାହାଣ୍ଡି ବ୍ଲକ ଜୁନପାଣି ଗ୍ରାମରେ ବୁଧବାର ଦିନ ହୃଷୀକେଶ ମାଝି ନାମକ ଜଣେ ୧୭ ବର୍ଷିୟ ନାବାଳକ ବେକରେ ଦୌଡି ଦେଇ ଆତ୍ମହତ୍ୟା କରିଥିବା ନାବାଳକର ବାପା ଶିବଶଙ୍କର ମାଝି ଚନ୍ଦାହାଣ୍ଡି ଥାନାରେ ଏକ ଲିଖିତ ଅଭିଯୋଗ କରିଥିବା ଚନ୍ଦାହାଣ୍ଡି ଭାରପ୍ରାପ୍ତ ଥାନା ଅଧିକାରୀ ବିଜୁରାମ ବାଘ ପ୍ରକାଶ କରିଛନ୍ତି। ନାବାଳକଙ୍କ ବାପାଙ୍କ ଏତଲାକୁ ଭିତ୍ତିକରି ଚନ୍ଦାହାଣ୍ଡି ଥାନା ୟୁଡି କେସ ନଂ ୧୧/୨୧ ଅନୁସାରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଏହାର ତଦନ୍ତ ଦାୟିତ୍ୱ ଏଏସ୍ଆଇ ଲଳିତ ମୋହନ ପଣ୍ଡାକୁ ଦିଆଯାଇଥିବା ସେ ସୂଚନା ଦେଇଛନ୍ତି । ମାନସିକ ଭାରସାମ୍ୟ ହରାଇ ନାବାଳକ ଆତ୍ମ ହତ୍ୟା କରିଥିବା ତାଙ୍କ ପିତା ଏତଲାରେ ଦର୍ଶାଇଥିବା ଜଣାପଡ଼ିଛି ।

## ● ସିକ୍ୟୁରିଟି ଗାର୍ଡ ଓ କ୍ଲିନିକ କର୍ମଚାରୀଙ୍କ ବୈଠକ

**କୋରାପୁଟ,୨୨।୯ (ସମିସ):** କୋରାପୁଟ ଶହୀଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ଓ ହସ୍ପିଟାଲରେ କାର୍ଯ୍ୟରତ ସିକ୍ୟୁରିଟି ଗାର୍ଡ ଓ କ୍ଲିନିକ କର୍ମଚାରୀମାନଙ୍କୁ ନେଇ ପ୍ରଥମ ଥର ବୈଠକ ସୋସାଇଟି ରେଜିଷ୍ଟ୍ରେସନ ମାଧ୍ୟମରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ପଞ୍ଜୀକୃତ ହୋଇ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ସଂଗଠନର ସଭାପତି ଜଲେନ୍ଦ୍ର ତୁରୁକ, ଉପସଭାପତି ତପନ ଭତ୍ରା, ସଂପାଦକ ମନୋଜ ହିଆଲ, ସହ ସଂପାଦକ କୃଷ୍ଣ ବାଘ, କୋଷାଧ୍ୟକ୍ଷ ମୁଦୁଲି ଓ ଉପଦେଷ୍ଟା ଭାବରେ ବରିଷ୍ଠ ସମାଜସେବୀ ତଥା ବରିଷ୍ଠ ଓକିଲ ମନୋଜ ଆଚାର୍ଯ୍ୟ ରହିଛନ୍ତି। ଆଜିର ସଭାର ମୁଖ୍ୟ ଅତିଥି ପୂର୍ବତନ ବିଧାୟକ ନିମାଇଁ ଚନ୍ଦ୍ର ସରକାର, ଅତିଥି କୋରାପୁଟ ପୌର ପରିଷଦର ପୂର୍ବତନ ଅଧ୍ୟକ୍ଷ ଭଗବାନ ବାହିନିପତି, ପୂର୍ବତନ ଜିଲ୍ଲା କଂଗ୍ରେସ କମିଟି କାର୍ଯ୍ୟକାରୀ ସଭାପତି ରୂପକ ତୁରୁକ ସହ ସମସ୍ତ କାର୍ଯ୍ୟକର୍ତ୍ତା ଓ ସଭ୍ୟ ଉପସ୍ଥିତ ଥିଲେ। ଉପ ସଭାପତି ତପନ ଭତ୍ରା ସଭା ପରିଚାଳନା କରିଥିଲେ।

## ● ଭିନ୍ନକ୍ଷମଙ୍କ ଲାଗି ସହାୟତା ଶିବିର

**ଚିତ୍ରକୋଣ୍ଡା,୨୨।୯ (ସମିସ):** ମାଲକାନଗିରି ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶ କ୍ରମେ ଚିତ୍ରକୋଣ୍ଡା ବ୍ଲକର ପୂର୍ବ ପ୍ରସ୍ତୁତି ଅନୁଯାୟୀ ମାଲକାନଗିରି ଜିଲା ଚିତ୍ରକୋଣ୍ଡା ବ୍ଲକ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ଆନୁକୂଲ୍ୟରେ ଚିତ୍ରକୋଣ୍ଡା ବ୍ଲକ ପରିଷରରେ ମାଲକାନଗିରି ଜିଲାପାଳ ବିଶାଳ ସିଂଙ୍କ ଅଧ୍ୟକ୍ଷତାରେ ଜିଲା ସାମାଜିକ ସୁରକ୍ଷା ଅଧିକାରୀ ରାଧାମଣି ଦଳାଇ, ଚିତ୍ରକୋଣ୍ଡା ବିଡିଓ ରାହୁଲ ମଣ୍ଡଳ, ଉପଖଣ୍ଡିୟ ସାମାଜିକ ସୁରକ୍ଷା ଅଧିକାରୀ ସସ୍ମିତା ସ୍ୱାଇଁ, ସହ ସାମାଜିକ ସୁରକ୍ଷା ଅଧିକାରୀ ରାଜୀବ ପୂଜାରୀ, ଚିତ୍ରକୋଣ୍ଡା ବିଏସଏସଓ ଅମର ମାଡ଼କାମି ଙ୍କ ଉପସ୍ଥିତିରେ ଦିବ୍ୟାଙ୍ଗଙ୍କ ନିମନ୍ତେ ସହାୟତା ଉପକରଣ ନିର୍ଦ୍ଧାରଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଶିବିର ମାଧ୍ୟମରେ ଏକ ପାଞ୍ଚଜଣିଆ ଡାକ୍ତରୀ ଟିମ୍‌କୁ ସହାୟତରେ ବିଭିନ୍ନ ଭିନ୍ନକ୍ଷମ ମାନଙ୍କ ପରୀକ୍ଷା ସହ ଚିହ୍ନଟ କରାଯାଇ ସେମାନଙ୍କ ନାମ ପଞ୍ଜୀକରଣ କରାଯାଇଥିଲା। ସେମାନଙ୍କ ପରୀକ୍ଷା ନିରୀକ୍ଷା ସହ ଯୋଗ୍ୟ ହିତାଧିକାରୀଙ୍କୁ ଚୟନ କରାଯାଇଥିଲା । ଚିତ୍ରକୋଣ୍ଡା ବ୍ଲକ ଅନ୍ତର୍ଭୁକ୍ତ ୧୮ ଗୋଟି ପଞ୍ଚାୟତର୯୨ ଜଣ ଭିନ୍ନକ୍ଷମ ଆସି ଯୋଗଦେଇ ନାମ ପଞ୍ଜୀକରଣ କରିଥିଲେ। ସେଥିମଧ୍ୟରୁ ୧୩ଜଣଙ୍କୁ ଶ୍ରବଣ ଯନ୍ତ୍ର ପ୍ରଦାନ କରାଯାଇଥିଲା ।

## ● ବିଭିନ୍ନ ରାସ୍ତା କାର୍ଯ୍ୟର ଶୁଭାରମ୍ଭ କଲେ କୋରାପୁଟ ବିଧାୟକ

**କୋରାପୁଟ,୨୨।୯ (ସମିସ):** କୋରାପୁଟ ବ୍ଲକ ପଦ୍ମପୁର ପଂଚାୟତର ବଣ୍ଡାଗୁଡାଠାରେ ୧୦ଲକ୍ଷ ଟଙ୍କାର ସିମେଂଟ କଂକ୍ରିଟ ରାସ୍ତା, ଘାଟଗୁଡାଠାରେ ୫ଲକ୍ଷ ଟଙ୍କାର ସିମେଂଟ କଂକ୍ରିଟ ରାସ୍ତା, ଡେରେଙ୍ଗାଗୁଡାଠାରେ ୫ଲକ୍ଷ ଟଙ୍କାର ସିମେଂଟ କଂକ୍ରିଟ ରାସ୍ତା ଓ ନାକ୍ଲୋ ରୋଡଠାରୁ ଡେରେଙ୍ଗାଗୁଡା ପର୍ଯ୍ୟନ୍ତ ୩୦ଲକ୍ଷ ଟଙ୍କାର ପିଚୁ ରାସ୍ତାର ଶୁଭ ଉଦ୍ଘାଟନ କରିଛନ୍ତି କୋରାପୁଟ ବିଧାୟକ ରଘୁରାମ ପଡାଲ । ଆଜି ବିଧାୟକ ପଦ୍ମପୁର ପଂଚାୟତ ଗ୍ରସ୍ତରେ ଯାଇ ଏହି ରାସ୍ତା ଗୁଡିକର ଶୁଭ ଉଦ୍ଘାଟନ କରିବା ସହ ସ୍ଥାନୀୟ ଅଂଚଳର ସମସ୍ୟା ସଂପର୍କରେ ଲୋକମାନଙ୍କ ସହ ଆଲୋଚନା କରିଛନ୍ତି । ଏହି ରାସ୍ତାଗୁଡିକର ଉନ୍ନତିକରଣ ଦ୍ୱାରା ପଂଚାୟତରେ ଥିବା ଲୋକମାନଙ୍କର ଗମନାଗମନ ସୁବିଧା ହେବା ସହ ବହୁ ଦିନର ସ୍ୱପ୍ନ ପୂରଣ ହୋଇଛି ବୋଲି ଗ୍ରାମବାସୀ କହିଛନ୍ତି । ଏହି ଟଙ୍କା ଜିଲ୍ଲା ଖଣିଜ ପାଂଠିରୁ ପ୍ରଦାନ କରାଯାଇଥିବା ଜଣାପଡିଛି । ଓଡିଶାର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସଦାସର୍ବଦା କୋରାପୁଟ ଭଳି ଆଦିବାସୀ ଅଂଚଳର ବିକାଶ ପାଇଁ ଉଦ୍ୟମ ଜାରି ରଖିଥିବା ବେଳେ ଆଗକୁ ଲୋକମାନଙ୍କର ମୌଳିକ ସୁବିଧା ପାଇଁ ଅନେକ ଜନ ହିତକାରୀ କାର୍ଯ୍ୟ ଚାଲିବ ବୋଲି ବିଧାୟକ କହିଛନ୍ତି ।

## ● ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ଲାଗି ପ୍ରସ୍ତୁତି ବୈଠକ

**କୋଷାଗୁମୁଡ଼ା,୨୨।୯ (ସମିସ):** କୋଷାଗୁମୁଡ଼ା ବ୍ଲକରେ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ଉପରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକ କୋଷାଗୁମୁଡ଼ା ବ୍ଲକ ସ୍ଥିତ ସମ୍ମିଳନୀ କକ୍ଷରେ ବିଡିଓଙ୍କ ଅଧ୍ୟକ୍ଷତାରେ ଶିକ୍ଷା, ସ୍ୱାସ୍ଥ୍ୟ, ଆରକ୍ଷୀ ବିଭାଗର ସମସ୍ତ ପଦାଧିକାରୀଙ୍କ ଉପସ୍ଥିତିରେ "ନୂଆ ସ୍ମାର୍ଟ କାର୍ଡ" ବଣ୍ଟନ ଓ ପ୍ରସ୍ତୁତି ଉପରେ ଚୂଡାନ୍ତ ନିଷ୍ପତ୍ତି ମୂଳକ ଆଲୋଚନା ହୋଇଥିଲା । ଆଗାମୀ ଦିନରେ ସମସ୍ତ ୨୬ଗୋଟି ପଞ୍ଚାୟତର ଉପଭୋକ୍ତା କିଭଳି ଏହାକୁ ପାଇବେ ଓ ସୁପରିଚାଳନା ଉପରେ ବୈଠକରେ ଆଲୋଚନା ହୋଇଥିଲା । ଏହି ଯୋଜନାରେ ଗରୀବ ନିଷ୍ପେସିତ ଲୋକେ କିଭଳି ଲାଭ ଉଠାଇବା ସହ ସ୍ୱାସ୍ଥ୍ୟଭିତ୍ତିକ ଚିକିତ୍ସା ସୁବିଧା ପାଇପାରିବେ ସେ ଦିଗରେ ଏକ ଆଲୋଚନା ହୋଇଥିଲା ।

### କୋଟିଆରେ ପୁଣି ଆନ୍ଧ୍ରର ଦାଦାଗିରି

# ବିଦ୍ୟାଳୟ ଅଭିଭାବକ ସମିତି ନିର୍ବାଚନ କଲା

**ପଟାଙ୍ଗି,୨୨।୯ (ସମିସ)**




ପୁଣି ଆନ୍ଧ୍ରପ୍ରଦେଶ ଆଉ ଏକ ଷଡଯନ୍ତ୍ର କରି କୋଟିଆ ଅଞ୍ଚଳରେ ପ୍ରବେଶ କରି ବିଦ୍ୟାଳୟ ଅବିଭାବକ ସମିତିର ନିର୍ବାଚନ କରିଛି। ସୂଚନା ଅନୁଯାୟୀ, ଆନ୍ଧ୍ରପ୍ରଦେଶର ପ୍ରତ୍ୟେକ ବିଦ୍ୟାଳୟ ଅବିଭାବକ ସମିତିର ନିର୍ବାଚନ କରିବା ନେଇ ପ୍ରଶାସନ ନିର୍ଦ୍ଦେଶ କ୍ରମେ ନିର୍ବାଚନ କରିଥିବା ବେଳେ ପୁଣି ବିବାଦୀୟ କୋଟିଆ ଅଞ୍ଚଳର ଗଞ୍ଜେଇପଦର, ତଳ ଗଞ୍ଜେଇପଦର, ଧୂଳିପଦର, ତାଡିବାଲାସା, ପାଟୁସିନେରୀ,ଫଗୁଣସିନେରୀ ଆଦି ଗ୍ରାମ ଗୁଡିକରେ ଛାତ୍ରଛାତ୍ରୀଙ୍କ ପିତାମାତାଙ୍କ ସହମତି କ୍ରମେ ବିଦ୍ୟାଳୟ ପରିଚାଳନା ନିମନ୍ତେ ସଭାପତି ଏବଂ ଉପସଭାପତିଙ୍କ ଚୟନ କରାଯାଇଥିବା ବେଳେ କୋଣାଦୋରା, ସଲପଗୁଡା, ଗ୍ରାମରେ ବିଦ୍ୟାଳୟ ନଥିବା କାରଣରୁ ନିର୍ବାଚନ ହୋଇ ନ ଥିବା ଜଣାପଡିଛି। ପ୍ରକାଶଥାଉ କି, ଗତ ଅଗଷ୍ଟ ୩୧ ତାରିଖ ଦିନ ଆନ୍ଧ୍ରପ୍ରଦେଶ ଏବଂ ଓଡିଶାର ଜନପ୍ରତିନିଧି, ପ୍ରଶାସନିକ ଅଧିକାରୀ ମିଳିତ ଭାବେ ସମାଧାନ କରିବା ନିମନ୍ତେ ସୁପ୍ରିମକୋର୍ଟ ରାୟ ଦେଇଥିଲେ। ଏହାପରେ ୭ ସେପ୍ଟେମ୍ବରରେ କୋଟିଆର ନେରେଡିବାଲ୍ସା ଗ୍ରାମରେ ଆନ୍ଧ୍ରପ୍ରଦେଶ ପୁଲିସ ପ୍ରବେଶ କରି ସ୍ପନ୍ଦନା(ଜନଶୁଣାଣୀ) କାର୍ଯ୍ୟକ୍ରମ କରି ଫେରିଛି। ୮ ସେପ୍ଟେମ୍ବରରେ ବିବାଦୀୟ କୋଟିଆ ଅଞ୍ଚଳରେ ପୁଣି ଆନ୍ଧ୍ର ପୁଲିସ ଅନୁପ୍ରବେଶ କରି ଅଞ୍ଚଳବାସୀଙ୍କ ସହ ବିଭିନ୍ନ ବିଷୟରେ ଆଲୋଚନା କରୁଥିବା ଦେଖିବାକୁ ମିଳିଥିଲା। ସେପ୍ଟେମ୍ବର ୯ ତାରିଖ ଦିନ ବିବାଦୀୟ କୋଟିଆ ପଞ୍ଚାୟତର ଦୁଇଟି ସ୍ଥାନରେ ପୃଥକ ପୃଥକ ଭାବେ ଗ୍ରାମସଭାର ଆୟୋଜନ କରାଯାଇ ଯୋଗ୍ୟତା ଥିବା ହିତାଧିକାରୀଙ୍କ ଠାରୁ ରେସନ କାର୍ଡ ନିମନ୍ତେ ଦସ୍ତାବେଜ୍ ଗ୍ରହଣ, ଓଡିଶା ଆଧାରକାର୍ଡକୁ ଆନ୍ଧ୍ର ଆଧାରକାର୍ଡ କରି ରେସନକାର୍ଡ ଆବେଦନ କରିବା ନିମନ୍ତେ ଲୋକଙ୍କୁ ଭୁଡାଉଥିବା ଦେଖିବାକୁ ମିଳିଥିଲା। ସେହିଭଳି ୧୨ ସେପ୍ଟେମ୍ବର ଓଡିଶା ବାଣ୍ଟୁଥିବା ରେସନ ସ୍ଥାନରେ ରହିଥିବା ଅଞ୍ଚଳବାସୀ ଡାକି କୋଟିଆ ପୁଲିସ ପୁଣି ସ୍ପନ୍ଦନା କାର୍ଯ୍ୟକ୍ରମ କରିଛି। ପୁଣି ୧୯ ସେପ୍ଟେମ୍ବରରେ ଆନ୍ଧ୍ରପ୍ରଦେଶ କୋଟିଆ ଅଞ୍ଚଳରେ କରିଥିବା ଏମ.ପିଟିସି/ଜେଡ଼. ପିଟିସି ନିର୍ବାଚନ ଫଳାଫଳ ହାଇକୋର୍ଟ ନିର୍ଦ୍ଦେଶ ପରେ ଗଣତି କରି ଫଳ ପ୍ରକାଶ କରିଥିଲା।

# କୋଇଲାପଡ଼ାବାସୀଙ୍କୁ ଘରପଟ୍ଟା ପ୍ରଦାନ ଦାବି



**ରାୟଗଡ଼ା, ୨୨।୯ (ସମିସ)**

ରାୟଗଡା ସହରସ୍ଥିତ ରୟତ କଲୋନୀ ନିକଟସ୍ଥ କୋଇଲାପଡ଼ା ବସ୍ତିବାସିନ୍ଦାଙ୍କୁ ଘରପଟ୍ଟା ଯୋଗାଇବା ଦାବି ପାଇଁ ଆଜି ଆଦିବାସୀ ନେତା ତଥା କଂଗ୍ରେସ ବିଧାୟକ ପ୍ରାର୍ଥୀ ଆପଲାସ୍ୱାମୀ କାଡ୍ରାକାଙ୍କ ନେତୃତ୍ୱରେ ବସ୍ତିବାସିନ୍ଦାମାନେ ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ଅତିରିକ୍ତ ଜିଲ୍ଲାପାଳ ସୋମନାଥ ପ୍ରଧାନଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ରାୟଗଡାକୁ ନୂତନ ରେଳ ଡିଭିଜନ୍ ମାନ୍ୟତା ପରେ ରେଳବିଭାଗ ପକ୍ଷରୁ ରେଳବାଇ ସ୍ଥାନରେ ରହୁଥିବା ଅନେକ ବସ୍ତିବାସିନ୍ଦାଙ୍କୁ ଥଇଥାନ ନ କରି ଉଚ୍ଛେଦ ପାଇଁ ନୋଟିସ୍ ଦିଆଯାଇଥିବାକୁ ଏହାକୁ ପ୍ରତିବାଦ କରି ଦାବି କରାଯାଉଥିବା ବେଳେ ପ୍ରଶାସନ ମଧ୍ୟ ବସ୍ତିବାସିନ୍ଦାଙ୍କ ଥଇଥାନ ବ୍ୟବସ୍ଥାକୁ ଅଣଦେଖା କରୁଥିବାରୁ ବସ୍ତିବାସିନ୍ଦାଙ୍କୁ ନ୍ୟାୟ ପ୍ରଦାନ ଦାବିରେ ଆଜି ଆପାଲାସ୍ୱାମୀ କାଡ୍ରକାଙ୍କ ନେତୃତ୍ୱରେ ଶତାଧିକ ବସ୍ତିବାସିନ୍ଦାମାନେ ଜିଲ୍ଲାପାଳ କାର୍ଯ୍ୟାଳୟ ଘେରାଉ କରିବା ସହ ଦାବିପତ୍ର ପ୍ରଦାନ କରିଥିଲେ। ଏହି ଦାବିପତ୍ରରେ ପ୍ରାୟ ୨୦୦ରୁ ଉର୍ଦ୍ଧ୍ୱ ଗରିବ ପରିବାର ଦୀର୍ଘ ୮୦ ବର୍ଷରୁ ଅଧିକ ଦିନ ଧରି ରାୟଗଡା ତହସିଲ ତଥା ପୌରାଞ୍ଚଳ ଅନ୍ତର୍ଗତ ରୟତ କଲୋନୀର କୋଇଲାପଡା ବସ୍ତିରେ ବସବାସ କରି ଆସୁଛନ୍ତି।

ଏହି ବସ୍ତିରେ ଅଧିକାଂଶ ପରିବାର ଶ୍ରମିକ ଶ୍ରେଣୀର ହୋଇଥିବା ବେଳେ ମୁଣ୍ଡ ଗୁଞ୍ଜିବା ପାଇଁ କେବଳ ଅସ୍ଥାୟୀ ଘର ଛଡା ଆଉ କାହାର ନିଜଘର କିମ୍ବା ଘରଡିହ ନ ଥିଲେ ମଧ୍ୟ ପିଲାମାନେ ନିଜ ଭବିଷ୍ୟତ ଗଢିବା ପାଇଁ ପାଠସାଠ ପଢି ଆସୁଛନ୍ତି। ସମସ୍ତ ପରିବାରର ଆର୍ଥିକ ସ୍ଥିତି ସ୍ୱଚ୍ଛଳ ନ ଥିବା ହେତୁ ସହରର ଅନ୍ୟ ସ୍ଥାନରେ ଜାଗାକିଣି କିମ୍ବା ଉକ୍ତ ବସ୍ତିରେ ନିଜ ପକ୍କାଘର କରି ରହିବା ସାମର୍ଥ କାହାରି ନାହିଁ। ତଥାପି ପ୍ରଶାସନ ପକ୍ଷରୁ ଆଧାର କାର୍ଡ, ଭୋଟର କାର୍ଡ, ବିଦ୍ୟୁତ୍ ଉପଭୋକ୍ତା ସଂଖ୍ୟା ସହ ଅନ୍ୟାନ୍ୟ ସ୍ଥାୟୀ ପ୍ରମାଣପତ୍ର ସହ ବସ୍ତିରେ ବିଦ୍ୟୁତ୍ ସଂଯୋଗ, ପାନୀୟଜଳ ବ୍ୟବସ୍ଥା, ରାସନ କାର୍ଡ ଆଦି ଯୋଗ୍ୟ ହିତାଧିକାରୀମାନଙ୍କୁ ପ୍ରଦାନ କରାଯାଇଛି ଏବଂ ଶିଶୁ ଓ ମହିଳାଙ୍କ ନିମନ୍ତେ ଏକ ଅଙ୍ଗନବାଡି କେନ୍ଦ୍ର ମଧ୍ୟ ଖୋଲାଯାଇଛି। ତେବେ ପରିତାପର ବିଷୟ କୋଇଲାପଡ଼ା ବସ୍ତିବାସିନ୍ଦାଙ୍କ କାହାରି ଘରପଟ୍ଟା ନ ଥିବାରୁ ସମସ୍ତେ ସରକାରୀ ଯୋଜନାରୁ ବଞ୍ଚିତ ହେଉଛନ୍ତି। ତେଣୁ ବସ୍ତିରେ ରହୁଥିବା ସମସ୍ତ ପରିବାରଙ୍କୁ ଘରପଟ୍ଟା ଯୋଗାଇବା ସହ ସ୍ଥାୟୀଗୃହ ନିର୍ମାଣ କରି ଯୋଗାଇବା ନିମନ୍ତେ ଦାବି କରାଯାଇଛି। ଏହି ଦାବିପତ୍ର ପ୍ରଦାନ ବେଳେ ବସ୍ତିର ଚକ୍ର ମାଝି, ଏସ.ପାପାରାଓ, ଇ.ପାପାରାଓ, କେ.ରାଜେଶ, ତନୁ ବିଶି, ଜଗା ଶବରଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।

# କେରଳକୁ ଦାଦନ ଖଟି ଯାଇଥିବା ଶ୍ରମିକଙ୍କ ମୃତ୍ୟୁ

**ଡାବୁଗାଁ,୨୨।୯ (ସମିସ)**

ନବରଙ୍ଗପୁର ଜିଲ୍ଲା ଡାବୁଗାଁ ଥାନା ଅନ୍ତର୍ଗତ କେରଣ୍ଡି ଗ୍ରାମର ଜଣେ ଦାଦନ ଶ୍ରମିକଙ୍କ ମୃତ୍ୟୁ ଘଟିଛି। ଏକ କୋଠାଘରକୁ ଭାଙ୍ଗିବା ସମୟରେ କୋଠା ପାହାଚରୁ ଖସି ଯିବାରୁ କୋଠା ତଳ ଏକ ଗଭୀର କୁପରେ ପଡ଼ି ମୃତ୍ୟୁ ବରଣ କରିଛନ୍ତି। ଏ ନେଇ କେରଳ ପୁଲିସ ଏକ ମାମଲା ରୁଜୁ କରି ଶବ ବ୍ୟେବଛେଦ ପରେ ନବରଙ୍ଗପୁର ଜିଲ୍ଲାକୁ ପଠାଇଛି। .ମୃତ ଦାଦନ ଶ୍ରମିକ କେରଣ୍ଡି ଗ୍ରାମର କୁନୁ ଭତ୍ରା (୪୭) ବୋଲି ଜଣା ପଡିଛି। ସୂଚନା ଅନୁଯାୟୀ, ଡାବୁଗାଁ ଥାନା ହାତୀବେଡା ପଞ୍ଚାୟତ ଅନ୍ତର୍ଗତ କେରଣ୍ଡି ଗ୍ରାମର କୁନୁ ଭତ୍ରା (୪୭) ଗ୍ରାମର ଅନ୍ୟ ଜଣେ ମୋତିରାମ ନାୟକ ସହ ଚଳିତ ମାସ ୧୩ ତାରିଖ ସୋମବାର ଦିନ ଦାଦନ ଖଟିବାକୁ ସୁଦୂର କେରଳ ରାଜ୍ୟକୁ ଯାଇଥିଲେ। କେରଳର ମାଲ ଫରମ୍ ଜିଲ୍ଲା ଚେମର ଥାନା ଅନ୍ତର୍ଗତ ବାଲ୍ୟ ଫରମ୍ ଗ୍ରାମରେ ଏକ କୋଠାଘର ଭାଙ୍ଗିବା କାର୍ଯ୍ୟ କରିବା ପାଇଁ ଯାଇଥିଲେ। କୋଠା ଭାଙ୍ଗିବା କାର୍ଯ୍ୟ ଚାଲୁଥିବା ସମୟରେ କୁନୁ କୌଣସି କାର୍ଯ୍ୟରେ କୋଠା ଉପରୁ ତଳକୁ ପାହାଚ ଦେଇ ଓହ୍ଲାଇବା ସମୟରେ ଅସାବଧାନତା ବଶତଃ ଗୋଡ ଖସିଯିବାରୁ ପାହାଚ ତଳେ ଥିବା ଏକ ଗଭୀର କୂଅ ମଧ୍ୟରେ ପଡି ଯାଇଥିଲେ। ଶବ୍ଦଶୁଣି ପାଖରେ ଥିବା ଶ୍ରମିକ ମାନେ ଆସି ପହଞ୍ଚି ଦେଖିବା ବେଳକୁ କୁନୁ ଗଭୀର କୂଅ ମଧ୍ୟରେ ଖସି ପଡ଼ିଥିଲା . ସେଠାରେ ଶ୍ରମିକ ମାନେ କୂଅରୁ କୁନୁକୁ ଉଦ୍ଧାର କରି ନିକଟସ୍ଥ ଏକ ଡ଼ାକ୍ତରଖାନାକୁ ନେଇଥିଲେ ସୁଦ୍ଧା ଡାକ୍ତର ସେଠାରେ କୁନୁକୁ ମୃତ ଘୋଷଣା କରିଥିଲେ। ଏ ନେଇ ଚେମର ଥାନାରେ ଖବର ପରେ ପୋଲିସ ଶବ ଜବତ କରି ଏକ ମାମଲା ରୁଜୁ କରିଥିବା ବେଳେ ଶବ ବ୍ୟେବଛେଦ ପରେ ସ୍ଥାନୀୟ ପ୍ରଶାସନର ସହାୟତାରେ ନବରଙ୍ଗପୁର ଜିଲ୍ଲାର କେରଣ୍ଡି ଗ୍ରାମକୁ ଶବ ପଠାଇଛି। କୁନୁର ମୃତ୍ୟୁ ଖବର କେରଣ୍ଡି ଗ୍ରାମରେ ପହଞ୍ଚିବା ପରେ ଗ୍ରାମରେ ଶୋକର ଛାୟା ଖେଳିଯାଇଛି। .

# ଚୋରକୁ ଧରି ପୁଲିସ ଜିମା ଦେଲେ ସାହିବାସୀ

**ଜୟପୁର,୨୨।୯ (ସମିସ):** କୋରାପୁଟ ଜିଲ୍ଲା ଜୟପୁର ସହରର ପ୍ରସାଦରାଓ ପେଟା ଏବଂ ନୀଳକଣ୍ଠ ନଗର ଅଞ୍ଚଳରେ ବିଭିନ୍ନ ଗୃହରେ ପ୍ରବେଶ କରିବା ସହିତ ଟଙ୍କା ଏବଂ ଅନ୍ୟାନ୍ୟ ସାମଗ୍ରୀ ଚୋରି କରିବା ମାମଲାରେ ଜଣେ ଅଭିଯୁକ୍ତଙ୍କୁ ସାହିବାସିନ୍ଦା ଧରିବା ସହ ଟାଉନଥାନା ପୁଲିସକୁ ହସ୍ତାନ୍ତର କରିଥିଲେ। ଅଭିଯୁକ୍ତକୁ ଟାଉନଥାନା ପୁଲିସ ଗିରଫ କରିଥିବା ବେଳେ କୋର୍ଟ ଚାଲାଣ କରିଛନ୍ତି। ଅଭିଯୁକ୍ତ ଆନ୍ଧ୍ରପ୍ରଦେଶ ଶିକାକୁଲମ ଜିଲ୍ଲା ସଦରମହକୁମା ପୁରୁଣା ବସଷ୍ଟାଣ୍ଡ ଅଞ୍ଚଳର ଏ.ଭାରତ ରାଜୁ ବୋଲି ଜଣାପଡ଼ିଛି। ତା ନିକଟରୁ ୪ ହଜାର ଟଙ୍କା ଜବତ କରାଯାଇଛି। ସେ ଗତ କିଛିଦିନ ହେଲାଣି ପ୍ରସାଦରାଓ ପେଟା ଅଞ୍ଚଳରେ ଘର କବାଟ ଖୋଲାଥିବା ସୁଯୋଗ ନେଇ ଭିତରେ ପ୍ରବେଶ କରିବା ସହ ଟଙ୍କା ଏବଂ ବିଭିନ୍ନ ସାମଗ୍ରୀ ଚୋରି କରିନେଉଥିଲା। ଏହିପରି ଗତ ମଙ୍ଗଳବାର ପୂର୍ବାହ୍ନରେ ସ୍ଥାନୀୟ ନୀଳକଣ୍ଠନଗରର ସରୋଜ ସାହୁ ନାମକ ବ୍ୟକ୍ତିଙ୍କ ଘରୁ ପ୍ରାୟ ୨୦ ହଜାର ଟଙ୍କା ଏବଂ କିଛି ସୁନା ଅଳଙ୍କାର ନେଇଯାଇଥିବା ନେଇ ଅଭିଯୋଗ କରିଥିଲେ। ସାହିବାସିନ୍ଦା ମାନେ ମିଳିତ ହୋଇ ନିକଟସ୍ଥ ଜୈନିକ ବ୍ୟକ୍ତିଙ୍କ ସିସକ୍ୟାମେରା ଦୃଶ୍ୟ ଦେଖି ଉକ୍ତ ଦୁର୍ବୃତ୍ତକୁ ଖୋଜିଥିଲେ। ଶେଷରେ ଅପରାହ୍ନରେ ପ୍ରସାଦ ରାଓ ପେଟା ଅଞ୍ଚଳରୁ ଉକ୍ତ ଯୁବକଙ୍କୁ ଧରିବା ସହିତ ଏକ ବିଦ୍ୟୁତ ଖୁଣ୍ଟରେ ବାନ୍ଧି ଦେଇଥିଲେ। ଟାଉନଥାନା ପୁଲିସକୁ ଖବରଦେଥିଲେ। ଘଟଣାସ୍ଥଳରେ ପହଞ୍ଚି ପୁଲିସ ଉକ୍ତ ଅଭିଯୁକ୍ତଙ୍କୁ ଥାନାକୁ ଆଣି ପଚରା ଉଚରା କରିଥିଲେ। । କିନ୍ତୁ ଉକ୍ତ ଅଭିଯୁକ୍ତ ଦେଖିବାକୁ ସାମାନ୍ୟ ମାନସିକ ରୋଗି ଭାବେ ରହିଥିବା ନେଇ ସାଧାରଣରେ ସନ୍ଦେହ ସୃଷ୍ଟି ହେଉନଥିଲା।

# 'ନୂଆଗୁଡା ଗ୍ରାମବାସୀ ବିଜେଡିରେ ନାହାନ୍ତି'

**ପଟାଙ୍ଗି,୨୨।୯ (ସମିସ):** କୋରାପୁଟ ଜିଲ୍ଲା ପଟାଙ୍ଗି ବ୍ଲକ ଅନ୍ତର୍ଗତ ସାମ୍ବାଇ ପଞ୍ଚାୟତ ନୂଆଗୁଡା ଗ୍ରାମର ୯୮ ଜଣ ଗତ ୧୯ ତାରିଖ ଦିନ ବିଜେଡିରେ ସାମିଲ ହେବା ଖବର ମିଥ୍ୟା ହୋଇଥିବା ନେଇ ପଟାଙ୍ଗିର ପୂର୍ବତନ ବିଧାୟକ ରାମଚନ୍ଦ୍ର କାଡାମ ସୂଚନା ପ୍ରଦାନ କରିଛନ୍ତି। ପଟାଙ୍ଗି ପୂର୍ବତନ ବିଧାୟକଙ୍କ ସୂଚନା ଅନୁଯାୟୀ, ନୂଆଗାଁ ଗ୍ରାମବାସୀ ଆଜି ଲିଖିତଭାବେ ଗତ ୧୯ ତାରିଖ ଦିନ ପଟାଙ୍ଗି ବିଧାୟକ ପିତମ ପାଡି ଆମ ଗ୍ରାମକୁ ଆସିଥିଲେ। ଏହି ସମୟରେ ସମସ୍ତ ଗ୍ରାମବାସୀ ବିଧାୟକଙ୍କ ନିକଟରେ ଗ୍ରାମରେ ଥିବା ବିଭିନ୍ନ ସମସ୍ୟା ସମ୍ପର୍କରେ ଅବଗତି କରାଇଥିଲୁ କିନ୍ତୁ ବିଧାୟକ ପିତମ ପାଡ଼ି ଆମ ଗ୍ରାମର ୯୮ ପରିବାର ବର୍ଗଙ୍କୁ ସହ କିଛି ଫୋଟୋ ଉଠାଇବାକୁ କହିଥିଲେ। ବିଧାୟକଙ୍କ କଥା ଗ୍ରହଣ କରି ଆମେ ଫଟୋ ଉଠାଇଥିଲୁ । କିନ୍ତୁ ଉକ୍ତ ଫଟୋକୁ ନେଇ କିଛି ଗଣମାଧ୍ୟମରେ ପ୍ରକାଶ ପାଇଥିଲା ୯୮ ପରିବାର କଂଗ୍ରେସ ଛାଡି ବିଜେଡି ଦଳରେ ମିଶିବା ସମ୍ପୂର୍ଣ୍ଣ ମିଥ୍ୟାକଥା। ବିଧାୟକ ଗଣମାଧ୍ୟମ ଜରିଆରେ ଅପପ୍ରଚାର କରି ଗ୍ରାମବାସୀଙ୍କ ମଧ୍ୟରେ ବିବାଦ ସୃଷ୍ଟି ନକରନ୍ତୁ ଲେଖା ହେବା ସହ କିଛି ଗ୍ରାମବାସୀଙ୍କ ସ୍ୱାକ୍ଷର ହୋଇଥିବା ପତ୍ର ଗଣମାଧ୍ୟମକୁ ପଟାଙ୍ଗିର ପୂର୍ବତନ ବିଧାୟକ ପଠାଇଅଛନ୍ତି।

### ଗୃହବିଜ୍ଞାନ ପରୀକ୍ଷା ଫଳ

# ଟପ୍ ୧୦ରେ ପ୍ରିୟଙ୍କା ସାହୁ



**ବୋରିଗୁମ୍ମା, ୨୨।୯ (ସମିସ):** ଚଳିତବର୍ଷର ହୋମ ସାଇନ୍ସ ପରୀକ୍ଷା ଫଳାଫଳ ପ୍ରକାଶ ପାଇଛି । ଟପ୍ ୧୦ ତାଲିକାରେ ବୋରିଗୁମ୍ମା ଝିଅ ପ୍ରିୟଙ୍କା ସାହୁ ସ୍ଥାନପାଇ ବୋରିଗୁମ୍ମା ପାଇଁ ଗୌରବ ଆଣିଛନ୍ତି। ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ ସେ ଏହି ସଫଳତା ପାଇଛନ୍ତି। ଗୃହ ବିଜ୍ଞାନ ଡିଗ୍ରୀ ପରୀକ୍ଷାରେ ମୋଟ ୧୪୦୦ ନମ୍ବରରୁ ୧୧୭୮ ନମ୍ବର (୮୪.୧୪ ପ୍ରତିଶତ) ପାଇ ତାଲିକାର ତୃତୀୟ ସ୍ଥାନ ହାତେଇଛନ୍ତି ସେ। ତାଙ୍କ ସଫଳତାକୁ ନେଇ ବେଶ୍ ଖୁସି ତାଙ୍କ ପରିବାର । ପ୍ରିୟଙ୍କାଙ୍କ ପାଖକୁ ଛୁଟୁଛି ଶୁଭେଚ୍ଛାର ସୁଅ । ପ୍ରିୟଙ୍କାଙ୍କ ସଫଳତାରେ ମା ଲକ୍ଷ୍ମୀ ସାହୁ, ଭାଇ ସନ୍ତୋଷ, ଶିବ ପ୍ରସାଦ, ଶକ୍ତି ଏବଂ ଶମ୍ଭୁ ଖୁସି ପ୍ରକାଶ କରିଛନ୍ତି ।ପରିବାର ସଦସ୍ୟ,କଲେଜର ଅଧାପକ, ଅଧ୍ୟାପିକା ଏବଂ ନିଜ ଶୁଭଚିନ୍ତକଙ୍କୁ ସଫଳତାର ଶ୍ରେୟ ଦେଇଛନ୍ତି ପ୍ରିୟଙ୍କା। ଅନ୍ୟପଟେ ପିଲାବେଳୁ ବାପା ଆରପାରିକୁ ଚାଲିଯାଇଥିବା ବେଳେ ତାଙ୍କ ସମସ୍ତ ପଢା ପାଇଁ ତାଙ୍କ ଭାଇମାନେ ସହଯୋଗ କରୁଛନ୍ତି। ଆଗକୁ ମଧ୍ୟ ତାଙ୍କର ପାଠପଢା ଜାରି ରଖି ଭଲ ଚାକିରିଟିଏ କରି ନିଜେ ଆତ୍ମନିର୍ଭଳଶୀଳ ହେବା ସଙ୍ଗେ ପରିବାରର ଦାୟିତ୍ୱ ତୁଲାଇବା ପାଇଁ ଲକ୍ଷ ରଖିଛନ୍ତି ସେ।

# ନଗର କଂଗ୍ରେସ ତରଫରୁ ଜିଲ୍ଲାପାଳଙ୍କୁ ସ୍ମାରକପତ୍ର

**କୋଟପାଡ଼, ୨୨।୯ (ସମିସ) :** କୋଟପାଡ଼ ଅଞ୍ଚଳକୁ କଂଗ୍ରେସର ଅପରାଜୟ ଦୁର୍ଗ ବୋଲି ଅଭିହିତ କରାଯାଉଥିବାବେଳେ କଂଗ୍ରେସ ଛାଡି ବିଜେଡିରେ ସାମିଲ ହୋଇଥିବା ପୁରାତନ ବିଧାୟକ ଶ୍ରୀଯୁକ୍ତ ଚନ୍ଦ୍ର ଶେଖର ମାଝୀଙ୍କ ପ୍ରତିବାଦରେ ବୁଧବାର ଦିନ କଂଗ୍ରେସ ତରଫରୁ ଏକ ରାଲିର ଆୟୋଜନ କରିବା ଆଳରେ ଏକ ସ୍ମାରକପତ୍ର ପ୍ରଦାନ କରା ଯାଇଛି । ଏହି ଲାଗି କୋଟପାଡ଼ ସହରର କେନ୍ଦୁଗୁଡା ଛକ ଠାରୁ କଂଗ୍ରେସ କର୍ମୀ ଏକ ଶୋଭାଯାତ୍ରାରେ ବାହାରି ସ୍ଥାନୀୟ ବିଜ୍ଞାପିତ ଅଞ୍ଚଳ ପରିଷଦ କାର୍ଯ୍ୟାଳୟକୁ ଯାଇ ଏନଏସି କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ମାଧ୍ୟମରେ ଏକ ସ୍ମାରକପତ୍ର କୋରାପୁଟ ଜିଲ୍ଲାପାଳଙ୍କ ଉଦେଶ୍ୟରେ ପ୍ରେରଣ କରିଥିବା ଜଣାପଡିଛି। ଏହି ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଜମି ପଟା ପ୍ରଦାନ ଓ ଗୃହ ଯୋଗାଣରେ ବ୍ୟାପକ ଅନିୟମିତତା ହୋଇଥିବା ଅଭିଯୋଗ କରାଯାଇଥିବାବେଳେ ଯୋଗ୍ୟ ହିତାଧିକାରୀ ସରକାରୀ ଯୋଜନାରୁ ବଞ୍ଚିତ ହେଉଥିବା ଅଭିଯୋଗମାନ କରାଯାଇଛି। ଏଥିସହ ମଧୁବାବୁ ପେନସନ ଯୋଜନାକୁ ଠିକଭାବେ କାର୍ଯ୍ୟକାରୀ କରିବାକୁ ଦାବି କରାଯାଇଛି।

# ତହସିଲ କର୍ମଚାରୀଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା



**ତେନ୍ତୁଲିଖୁଣ୍ଟି , ୨୨।୯ (ସମିସ)**

ସ୍ଥାନୀୟ ତେନ୍ତୁଳିଖୁଣ୍ଟି ତହସିଲ କାର୍ଯ୍ୟାଳୟରେ କାର୍ଯ୍ୟରତ ରାଜସ୍ୱ ନିରୀକ୍ଷକ ମହମ୍ମଦ ଜାଭେଦ ଅଖତର ଚାକିରୀ ପଦୋନ୍ନତି ପାଇ ଝରିଗାଁ ତହସିଲରେ ନିଯୁକ୍ତି ଅବସରରେ ଏକ ବିଦାୟକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି । ତେନ୍ତୁଳିଖୁଣ୍ଟି ତହସିଲଦାର ପ୍ରଦୀପ କୁମାର କରଙ୍କ ସଭାପତିତ୍ୱରେ ଆୟୋଜିତ ଅବସରକାଳୀନ ସଭାକୁ ରାଜସ୍ୱ ପରିଦର୍ଶକ ମୁରଲୀଧର ସ୍ୱାଇଁ ଉପସ୍ଥିତ ରହି ପରିଚାଳନା କରିଥିଲେ। ତହସିଲ କାର୍ଯ୍ୟାଳୟ ର ସମସ୍ତ ରାଜସ୍ୱ ସହାୟକ ତଥା ତହସିଲ ଅଧୀନରେ ଥିବା ୮ ଗୋଟି ରାଜସ୍ୱ ମଣ୍ଡଳର ରାଜସ୍ୱ ନିରୀକ୍ଷକ, ସମସ୍ତ ସହକାରୀ ରାଜସ୍ୱ ନିରୀକ୍ଷକ ପ୍ରମୁଖ ଶ୍ରୀ ଅଖତରଙ୍କ ବିଦାୟକାଳୀନ ସଭାରେ ତାଙ୍କ ସହ ଅତିବାହିତ କରିଥିବା ସମୟ ଅନୁଭୂତି ଏବଂ ସ୍ମୃତିକୁ ସାଉଁଟି ଥିଲେ। ଏହି ଅବସରରେ ପଦନ୍ନତି ପାଇ ଯୋଗ ଦେଇଥିବା ରାଜସ୍ୱ ନିରୀକ୍ଷକ ରଶ୍ମିରେଖା ପୂଜାରୀଙ୍କୁ ତହସିଲଦାର ଶ୍ରୀ କର ଫୁଲତୋଡ଼ା ଦେଇ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ।

# ରୁର୍ବାନ ମିଶନ ଯୋଜନା କାମ ତଦାରଖ କଲେ ଯନ୍ତ୍ରୀ

**ଦାମନଯୋଡି,୨୨।୯ (ସମିସ)**

କୋରାପୁଟ ବ୍ଲକ ଅନ୍ତର୍ଗତ ମାଥାଲପୁଟ ସ୍ଥିତ ଶିଶୁମନ୍ଦିର ନିକଟରେ ରୁର୍ବାନ ମିଶନ ଯୋଜନାରେ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କୁ ସ୍ୱାବଲମ୍ବୀ କରିବା ଉଦ୍ଦେଶ୍ୟରେ ନିର୍ମାଣ କରାଯାଉଥିବା ୨ଗୋଟି କୋଠାର ବୁଧବାର ଛାତ କଂକ୍ରିଟ କାମ ଚାଲିଛି। ଏହାକୁ ବ୍ଲକର ସହକାରୀ ଯନ୍ତ୍ରୀ ରମାକାନ୍ତ ନାୟକ ଏବଂ କନିଷ୍ଠଯନ୍ତ୍ରୀ ସୁନିତା ମହାରଣା କାମ ସାଇଟ୍ରେ ଉପସ୍ଥିତ ରହି ତଦାରଖ କରୁଥିବା ଦେଖିବାକୁ ମିଳିଛି। ସୂଚନାଯୋଗ୍ୟ, ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କୁ ସ୍ୱାବଲମ୍ବୀ ତଥା ରୋଜଗାର ଯୋଗାଇ ଦେବା ଉଦ୍ଦେଶ୍ୟରେ ସରକାର ବିଭିନ୍ନ ଯୋଜନା କରିଛନ୍ତି। କୋରାପୁଟ ବ୍ଲକ ପକ୍ଷରୁ ରୁର୍ବାନ ମିଶନ ଯୋଜନାରେ ୨୦ଲକ୍ଷ ଟଙ୍କା ବ୍ୟୟବରାଦ କରାଯାଇ ଦୁଇଟି କୋଠା ନିର୍ମାଣ କରାଯାଉଥିବା ବେଳେ ଗୋଟିକରେ ଖଲିପତ୍ର ସିଲାଇ ଏବଂ ଅନ୍ୟଟିରେ ସ୍କୁଲ ପୋଷାକ ସିଲାଇ କରାଯିବ ବୋଲି ସୂଚନା ମିଳିଛି। ଆଜି ଏହାର ଛାତ କଂକ୍ରିଟ କାମ ଚାଲିଥିବା ବେଳେ ଖୁବଶୀଘ୍ର ସମସ୍ତ କାମ ଶେଷ କରାଯାଇ ମହିଳାମାନଙ୍କ ଉଦ୍ଦେଶ୍ୟରେ ହସ୍ତାନ୍ତର କରାଯିବ ବୋଲି ଯନ୍ତ୍ରୀ କହିଛନ୍ତି।

ସକାଳ
THE SAKALA



## ପଥର ଟେଣ୍ଡର କାର୍ଯ୍ୟରେ କେଲେଙ୍କାରୀ

# ଭୁଲ୍ ବିଜ୍ଞପ୍ତିରେ ସରିଛି ଟେଣ୍ଡର କାର୍ଯ୍ୟ

**ମାଲକାନଗିରି ୨୨।୯ (ସମିସ)**

ମାଲକାନଗିରି ଜିଲ୍ଲାରେ ଖୋଲିବାରେ ଲାଗିଛି ଦୁର୍ନୀତିର ଗୋଟିଏ ପରେ ଗୋଟିଏ ପୃଷ୍ଠା । କେତେବେଳେ ସରକାରୀ ବାବୁଙ୍କ ନାକତଳୁ ମୂଲ୍ୟବାନ ପଥର ଚାଲାଣ ହେଲାଣି ତ ପୁଣି କେତେବେଳେ ଆନ୍ଧ୍ର ମାଫିଆମାନେ ଓଡିଶା ଖଣିଜ ସମ୍ପଦକୁ ଜବରଦସ୍ତ ନିଜ କବ୍‌ଜାକୁ ନେବା ଘଟଣା ସାମ୍ନାକୁ ଆସୁଛି । ଯେଉଁଥିରେ ଅନୁମାନ କରାଯାଉଥିଲା କି, ଏହି ସମସ୍ତ ଘଟଣା ସରକାରୀ ବାବୁଙ୍କ ଜାଣତରେ ହୋଇଆସୁଥିଲା । ବର୍ତ୍ତମାନ ପୁଣି ସେମିତି ଆଉ ଏକ ଘଟଣା ମୁଣ୍ଡ ଟେକିଛି ମାଲକାନଗିରି ଜିଲ୍ଲା କାଲିମେଳା ବ୍ଲକ ଅନ୍ତର୍ଗତ ଇଦିକୋଣ୍ଡା ଗ୍ରାମରେ । ଗତ ଅଗଷ୍ଟ ୨୮ ତାରିଖରେ ମାଲକାନଗିରି ଜିଲ୍ଲା କାଲିମେଳା ତହସିଲ ଦ୍ୱାରା ଲଘୁଖଣିଜ ପାଇଁ ଏକ ଟେଣ୍ଡର ପକ୍ରିୟାର ପ୍ରଥମ ପର୍ଯ୍ୟାୟ ଆରମ୍ଭ କରାଯାଇ ଏହାର ଅବଧିକୁ ୧୩ ସେପ୍ଟେମ୍ବର ପର୍ଯ୍ୟନ୍ତ ରଖାଯାଇଥିଲା । ଯାହାକି ସରକାରୀ ନିୟମ ଅନୁସାରେ ସରକାରୀ ଭୂସମ୍ପଦକୁ ଟେଣ୍ଡର ପ୍ରକ୍ରିୟାର ଅନ୍ତର୍ଭୁକ୍ତ କରାଯାଇ ପାରିବ କିନ୍ତୁ ବାସ୍ତବରେ ଏଠିକାର ଚିତ୍ର ରହିଛି କିଛି ଅଲଗା । ଏଠାରେ ସ୍ଥାନୀୟ ଲୋକଙ୍କ ପଟ୍ଟା ଜାଗାକୁ ଲଘୁଖଣିଜ ଦୀର୍ଘମିଆଦି ଲିଜ୍ ଟେଣ୍ଡର ଅନ୍ତର୍ଭୁକ୍ତ କରି ବିଜ୍ଞପ୍ତି ବାହାର କରାଯାଇଥିବା ଘଟଣା ସାମ୍ନାକୁ ଆସିଛି । ଏହି ବିଜ୍ଞପ୍ତିରେ କାଲିମେଳା ବ୍ଲକ ଅନ୍ତର୍ଗତ ନାଲାଗୁଣ୍ଠି ପଞ୍ଚାୟତର ଇଦିକୋଣ୍ଡା ମୌଜା, ଖାତା ନଂ ୫୪, ଏବଂ ପ୍ଲଟ୍ ନଂ ୫୩୦/୧ ନାଁ ଦର୍ଶାଯାଇଛି । ଯାହାକି ଭୂଲେଖ ଆପ୍‌ର

● **ସ୍ଥାନୀୟ ଲୋକଙ୍କ ଜାଗାକୁ ଲଘୁଖଣିଜ ଦୀର୍ଘମିଆଦି ଲିଜ୍ ଟେଣ୍ଡର ଅନ୍ତର୍ଭୁକ୍ତ କରି ବିଜ୍ଞପ୍ତି ଅଭିଯୋଗ**

ତଥ୍ୟ ଅନୁସାରେ ଏହା ଏକ ସ୍ଥାନୀୟ ଲୋକଙ୍କ ପଟ୍ଟା ଜମି ବୋଲି ଜଣାପଡିଛି । କିନ୍ତୁ ବାସ୍ତବରେ ପୂର୍ବରୁ ସେହି ପଥର ଖନନ ପାଇଁ ବ୍ୟବହୃତ ହୋଇଆସୁଥିବା ପଥର କୁଁଆରୀ ଏବଂ କ୍ରସରଟି ଇଦିଗୁଣ୍ଡା ମୌଜା, ଖାତା ନଂ ୫୪, ଏବଂ ପ୍ଲଟ ନଂ ୩୫୦/୧ ରହିଛି । ତେବେ ଏହି ଭୁଲ ତଥ୍ୟକୁ ନେଇ କିଭଳି ଟେଣ୍ଡର କାର୍ଯ୍ୟ କରାଗଲା ସେଥିପାଇଁ ଆଜି ଜିଲ୍ଲା ବିଜେପି ୟୁଥ୍ ସଭାପତି ଭବାନୀ ମୁଖାର୍ଜୀ ଏବଂ ନାଲାଗୁଣ୍ଠି ସରପଞ୍ଚ ସ୍ଥାନୀୟ ତହସିଲଦାରଙ୍କୁ ଭେଟି ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ଭୂଲେଖ ତଥ୍ୟକୁ ଭିତ୍ତିକରି ଏହି ଟେଣ୍ଡର ପ୍ରକ୍ରିୟା ପାଇଁ ଯେଉଁ ପଟ୍ଟା ଜମି ବିଜ୍ଞାପନରେ ଦର୍ଶାଯାଇଛି , ତାହା ପ୍ରାୟତଃ ୧୫ ଏକର ଜମି ହେବ ବୋଲି କହିଛନ୍ତି ସ୍ଥାନୀୟ ବାସିନ୍ଧା । ଯଦି ଭୁଲ୍‌ବଶତଃ ଏହି ବିଜ୍ଞପ୍ତି ଅନୁସାରେ ସେହି ଜମିକୁ କୌଣସି ଖଣି ମାଲିକକୁ ଦିଆଯାଏ, ତେବେ ଅନେକ ଲୋକଙ୍କ ପଟ୍ଟାଜମି ତାଙ୍କ ହାତରୁ ଚାଲିଯିବ ବୋଲି କହିଛନ୍ତି ସ୍ଥାନୀୟ ବାସିନ୍ଧା । ଏହା ଛଡା ଉକ୍ତ ଲୋକମାନଙ୍କ କହିବା ଅନୁସାରେ କିଭଳି ଭାବରେ ସରକାରୀ ବାବୁ ବିନା କୌଣସି ସ୍ଥିତି ଅନୁଧ୍ୟାନ କରି ଜଣକ ପଟ୍ଟାଜମିକୁ ସରକାରୀ ଜମିର ମାନ୍ୟତା ଦେଇ ଲଘୁ ଓ ଖଣିଜ ଉତ୍ସର ଦୀର୍ଘମିଆଦି ଲିଜ୍ ବିଜ୍ଞାପନ ଦେଇପାରିଲେ । କିପରି ଭୁଲ୍ ବିଜ୍ଞାପନ ଦେଇ ଏହି ଟେଣ୍ଡର କାର୍ଯ୍ୟକୁ ସମାପ୍ତ କରିସାରିଲେଣି, କେଉଁ ଗାଇଡ୍‌ଲାଇନ ଅନୁସାରେ ଭୁଲ୍ ନାମଥିବା ଖାଦାନ, ଭୁଲ ଖାତା ନଂ ଓ ଭୁଲ ପ୍ଲଟ ନଂ ଥାଇ କିପରି ଏହି ଟେଣ୍ଡର ପ୍ରକ୍ରିୟା ଆରମ୍ଭ କରି ଜଣକୁ ଟେଣ୍ଡର ପ୍ରଦାନ କରାଗଲା ତାହା ଏବେ ପ୍ରଶ୍ନବାଚୀ ସୃଷ୍ଟିକରିଛି । ତେବେ ଏ ସବୁ କାର୍ଯ୍ୟ ଜାଣିଶୁଣି ସରକାରୀ ବାବୁମାନଙ୍କ ଦ୍ୱାରା କରାଯାଇଛି ବୋଲି ଯୁକ୍ତି ବାଢ଼ିଛନ୍ତି ସ୍ଥାନୀୟ ବାସିନ୍ଧା । ଏହା ସହ ଯଥାଶୀଘ୍ର ଏହି ଟେଣ୍ଡରକୁ ରଦ୍ଦ କରି ପୁନଃ ଆଉ ଥରେ ଟେଣ୍ଡର କରାଯାଉ ବୋଲି କହିଛନ୍ତି ଜିଲ୍ଲା ବିଜେପି ୟୁଥ୍ ସଭାପତି । ଯଦି ଆଗାମୀ ଦିନରେ ପ୍ରଶାସନ ଏଥିପ୍ରତି ତତ୍ପରତା ନଦେଖାନ୍ତି କି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରନ୍ତି, ତେବେ ନାଲାଗୁଣ୍ଠି ପଞ୍ଚାୟତର ସମସ୍ତ ଗ୍ରାମବାସୀ ରାଜ ରାସ୍ତା ଅବରୋଧ କରିବା ସହ ତହସିଲ ଅଫିସ୍ ଘେରାଉ କରିବେ ବୋଲି କହିଛନ୍ତି ସ୍ଥାନୀୟ ବାସିନ୍ଧା । ଏହି ଅଭିଯୋଗକୁ ନେଇ ସ୍ଥାନୀୟ ତହସିଲଦାର ଜିଲ୍ଲାପାଳଙ୍କୁ ଅବଗତ କରାଇଥିବା ଜଣାପଡ଼ିଛି ।

# ୯ କୋଟି ୫୭ ଲକ୍ଷ ଟଙ୍କାର କାର୍ଯ୍ୟ ଖସଡ଼ା ପ୍ରସ୍ତୁତ କଲା ସ୍ୱାସ୍ଥ୍ୟ ବିଭାଗ



**ନବରଙ୍ଗପୁର: ୨୨।୯ ( ସମିସ )**

ପଞ୍ଚଦଶ ଅର୍ଥ କମିଶସନର ଜିଲାସ୍ତରୀୟ କମିଟି ବୈଠକ ସ୍ଥାନୀୟ ରାଜୀବ ଭବନଠାରେ ଅନୁଷ୍ଠିତ ହୋଇଯାଇଛି । ୨୦୨୧-୨୨ ବର୍ଷ ପାଇଁ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗର କାର୍ଯ୍ୟ ଖସଡ଼ା ପ୍ରସ୍ତୁତ ହୋଇଛି । ଜିଲ୍ଲାପାଳ ଅଜିତ କୁମାର ମିଶ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଭଗବତି ଭତରା, ଜିଲା ଗ୍ରାମ୍ୟ ଉନ୍ନୟନ ପ୍ରକଳ୍ପ ନିର୍ଦ୍ଦେଶକ ରତ୍ନାକର ସାହୁ, ଉପଜିଲ୍ଲାପାଳ ଅଗ୍ରୱାଲ ଅକ୍ଷୟ ସୁନୀଲ, ଜିଲା ମୁଖ୍ୟ ଚିକିତ୍ସା ଅଧିକାରୀ ଚୌଧୁରୀ ଶୋଭାରାଣୀ ମିଶ୍ର, ଜାତୀୟ ସ୍ୱାସ୍ଥ୍ୟ ମିଶନ ଜିଲ୍ଲା ପ୍ରୋଗ୍ରାମ ମ୍ୟାନେଜର ସୁଶାନ୍ତ କୁମାର ପ୍ରହରାଜ, ଜିଲ୍ଲା ପଂଚାୟତ ଅଧିକାରୀ ଶିଶିର କୁମାର ପାଣି, ସରପଂଚ, ଡାବୁଗାଁ, କୋଷାଗୁମୁଡା ବ୍ଲକ ଅଧ୍ୟକ୍ଷ ଓ ବଡକୁମୁଲି, ମନ୍ତ୍ରୀଗୁଡା ଓ ଅଗ୍ନିପୁର ସରପଂଚ ପ୍ରମୁଖ ଉପସ୍ଥିତ ଥିଲେ । ଏଥିରେ ୯ କୋଟି ୫୭ ଲକ୍ଷ ୧୩ ହଜାର ଟଙ୍କାର କାର୍ଯ୍ୟ ଖସଡ଼ା ପ୍ରସ୍ତୁତ ହୋଇଛି । ଏହା ଅନୁମୋଦନ ପାଇଁ ସରକାରଙ୍କୁ ପଠାଯାଇଛି । ଜିଲ୍ଲାରେ ଦୁଇଟି ଉପସ୍ୱାସ୍ଥ୍ୟ କେନ୍ଦ୍ରର କୋଠା ନ ଥିବାରୁ ନୂତନ କୋଠା ନିର୍ମାଣ ହେବ । ସେହିଭଳି ୧୬୭ ଗୋଟି ସ୍ୱାସ୍ଥ୍ୟ ଓ ଆରୋଗ୍ୟ କେନ୍ଦ୍ରରେ ଏବଂ ୪୧ଟି ନୂତନ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆବଶ୍ୟକୀୟ ଯାନ୍ତ୍ରିକ ଉପକରଣ ଯୋଗାଇ ଦିଆଯିବ । ଉମରକୋଟଠାରେ ୭୦ ଲକ୍ଷ ଟଙ୍କା ବ୍ୟୟରେ ସହରାଂଚଳ ସ୍ୱାସ୍ଥ୍ୟ ଆରୋଗ୍ୟ କେନ୍ଦ୍ର ନିର୍ମାଣ ପାଇଁ ଅଟକଳ ପ୍ରସ୍ତୁତ କରାଯାଇଥିବା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ମିଳିଛି ।

## ପ୍ରାଥମିକ ସଦସ୍ୟରୁ ବିଜେପି ଯୁବନେତାଙ୍କ ଇସ୍ତଫା

**ନବରଙ୍ଗପୁର, ୨୨।୯ ( ସମିସ ) :** ନବରଙ୍ଗପୁର ଜିଲ୍ଲା ଡ଼ାବୁଗାଁ ବିଧାନସଭା ନିର୍ବାଚନ ମଣ୍ଡଳୀର ଟାଣୁଆ ଯୁବନେତା ନରେଶ କୁମାର ସିଂ ଆଜି ଭାରତୀୟ ଜନତା ପାର୍ଟିର ପ୍ରାଥମିକ ସଦସ୍ୟ ପଦରୁ ଇସ୍ତାଫା ପ୍ରଦାନ କରିଛନ୍ତି । ଆଜି ତାଙ୍କ ଇସ୍ତାଫାପତ୍ର ନବରଙ୍ଗପୁର ଜିଲ୍ଲା ବିଜେପି ସଭାପତି ଜଗଦୀଶ ଚନ୍ଦ୍ର ବିଷୋଇଙ୍କ ନିକଟକୁ ପ୍ରେରଣ କରିଛନ୍ତି । ସମଗ୍ର ରାଜ୍ୟରେ ତଥା ନବରଙ୍ଗପୁର ଜିଲ୍ଲାରେ ବିଜୁ ଜନତା ଦଳରେ ମିଶ୍ରଣ ପର୍ବ କରି ଶତାଧିକ ନେତାଙ୍କୁ ନିଜ ଦଳରେ ସାମିଲ କରୁଥିବା ବେଳେ ବିଜେପିର ଟାଣୁଆ ନେତାଙ୍କ ଇସ୍ତଫା ଏବଂ ଦଳତ୍ୟାଗ ବିଜେପିକୁ ଚିନ୍ତାରେ ପକାଇଛି । ୨୦୧୪ ରୁ ୨୦୨୧ ପର୍ଯ୍ୟନ୍ତ ସେ ସକ୍ରିୟ କର୍ମୀ ଭାବେ କାର୍ଯ୍ୟ କରୁଥିବା ବେଳେ ୨୧୧୬ ମସିହାରୁ ୨୦୨୦ ପର୍ଯ୍ୟନ୍ତ ଜିଲ୍ଲା ଯୁବ ମୋର୍ଚ୍ଚାର ଉପସଭାପତି ଭାବେ ଦାୟିତ୍ୱ ତୁଲାଇଥିଲେ । କିନ୍ତୁ ୨୦୧୯ ମସିହାରେ ଜିଲ୍ଲା ସଭାପତି ପରିବର୍ତ୍ତନ ପରେ ଦଳ କେବଳ କାଗଜ କଲମରେ ସୀମିତ ରହି ଯାଇଥିବା ବେଳେ ଦଳରେ ଚାଟୁକାରିତାଙ୍କ ସଂଖ୍ୟା ବୃଦ୍ଧି ପାଇଛି ବୋଲି ଶ୍ରୀ ସିଂ ନିଜ ଇସ୍ତାଫାପତ୍ରରେ ଉଲ୍ଲେଖ କରିଛନ୍ତି ।

# ନୂଆଁଖାଇ ଭେଟ୍‌ଘାଟ୍



**ରାଇଘର, ୨୨।୯ (ସମିସ)**

ନବରଙ୍ଗପୁର ଜିଲ୍ଲା ରାଇଘର ବ୍ଲକ ମୁଣ୍ଡିବେଡ଼ା ପଂଚାୟତ ଅନ୍ତର୍ଗତ ବାଗବେଡ଼ା ଗ୍ରାମବାସୀ ପାଳନ କରିଛନ୍ତି ପଶ୍ଚିମ ଓଡ଼ିଶାର କୃଷିଭିତ୍ତିକ ଗଣପର୍ବ ନୂଆଁଖାଇ । ଏହି କାର୍ଯ୍ୟକ୍ରମରେ ପ୍ରଥମେ ଗ୍ରାମର ପୂଜାରୀ ଇଷ୍ଟଦେବୀ ଦେବଙ୍କୁ ପୂଜାର୍ଚ୍ଚନା କରିଥିଲେ । ପରେ ନୂଆଧାନ, ଚୂଡ଼ା ସମସ୍ତେ ଟିକେ ଟିକେ ଖାଇଲେ । ଏହି କାର୍ଯ୍ୟକ୍ରମ ଗ୍ରାମର ପୁଅ ଝିଅ ମିଶି ନାଚ ଗୀତ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ । ଛୋଟ ପୁଅ ଝିଅ ମିଶି ବଡ଼ଲୋକଙ୍କୁ ମୁଣ୍ଡିଆ ମାରି ନୂଆଁଖାଇ ଜୁହାର ଭେଟ୍ଘାଟ୍ କରିଥିଲେ । ପରେ ଭୋଜିଭାତର କାର୍ଯ୍ୟକ୍ରମର ଚାଲିଥିଲା । ଗ୍ରାମର ଗୋପବନ୍ଧୁ ପୂଜାରୀ, ମହେନ୍ଦ୍ର ଝାଙ୍କର, ରତିରାମ ବାଘ, ଦୁର୍ଜନ ଗଣ୍ଡ, ମୋହନ ଗଣ୍ଡ, ଗଙ୍ଗାରାମ ସୋରି, ଲଚିନ ଗଣ୍ଡ, ଜୟରାମ ବାଗ, ସନ୍ ସାୟ ବାଗ ପ୍ରମୁଖ ବ୍ୟକ୍ତିବିଶେଷ ଉପସ୍ଥିତି ରହିଥିଲେ ।

# ବିଜେପି ରାଜ୍ୟ ପଦାଧିକାରୀଙ୍କ ଉମରକୋଟ ଗ୍ରସ୍ତ ଓ ମିଶ୍ରଣ ପର୍ବ



**ଉମରକୋଟ ,୨୨।୯ (ସମିସ) : ବିଜେପି** ତରଫରୁ ଓଡ଼ିଶାର ପ୍ରତ୍ୟେକ ନିର୍ବାଚନ ମଣ୍ଡଳୀରେ ସାଂଗଠନିକ କାର୍ଯ୍ୟକ୍ରମ ସଂଗଠିତ ହୋଇଆସୁଛି । ଉମରକୋଟ ନିର୍ବାଚନ ମଣ୍ଡଳୀର ସଂଗଠନିକ ବ୍ୟବସ୍ଥାକୁ ଅନୁଧ୍ୟାନ କରିବାକୁ ଇତି ମଧ୍ୟରେ ରାଜ୍ୟ ସାଧାରଣ ସମ୍ପାଦକ ରବି ନାୟକ ଓ ରାଜ୍ୟ ସମ୍ପାଦକ ଟଙ୍କଧର ତ୍ରିପାଠୀ ଉମରକୋଟ ଗ୍ରସ୍ତ କରିଛନ୍ତି । ଉମରକୋଟର ଡଙ୍ଗରୀଗୁଡା ଶନିମନ୍ଦିର ନିକଟରୁ ସେମାନଙ୍କୁ ସ୍ୱାଗତ କରାଯାଇଥିଲା ଏବଂ ଏକ ବାଇକ ରାଲିରେ ସେମାନେ ଉମରକୋଟ ପାର୍ଟି କାର୍ଯ୍ୟାଳୟରେ ପହଞ୍ଚିଥିଲେ । ସେଠାରେ କାର୍ଯ୍ୟକର୍ତ୍ତା ବୈଠକ ଅନୁଷ୍ଠିତ ହୋଇଥିଲା । ନରେନ୍ଦ୍ର ମୋଦୀଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ତଥା ବିଧାୟକଙ୍କ କାର୍ଯ୍ୟ ସ୍ୱଚ୍ଛତାକୁ ଦେଖି ସେମାନଙ୍କ ଉପସ୍ଥିତିରେ ଉମରକୋଟ ମ୍ୟୁନିସିପାଲିଟିର ୫୦ରୁ ଅଧିକ ଅନ୍ୟଦଳର କାର୍ଯ୍ୟ କର୍ତ୍ତା ଭାରତୀୟ ଜନତା ପାର୍ଟିରେ ଯୋଗ ଦେଇଥିଲେ । ଏହାପରେ ନେତୃବୃନ୍ଦ ଉମରକୋଟ ମ୍ୟୁନିସିପାଲିଟିର ୱାର୍ଡ ନଂ-୭, କୁସୁମଗୁଡା ସାହିରେ ଏକ କାର୍ଯ୍ୟକର୍ତ୍ତା ବୈଠକରେ ଯୋଗ ଦେଇଥିଲେ । ସାହିରେ ନେତୃବୃନ୍ଦଙ୍କୁ ଭବ୍ୟ ସ୍ୱାଗତ ଜଣାଇଥିଲେ । ନଗର ସଭାପତି ସୁରେଶ କୁମାର ଆଚାର୍ଯ୍ୟଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି ଜଗଦୀଶ ବିଷୋୟୀ, ଉମରକୋଟ ବିଧାୟକ ନିତ୍ୟାନନ୍ଦ ଗଣ୍ଡ, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ରମେଶ ସାହୁ, ରାଜ୍ୟ ଯୁବମୋର୍ଚ୍ଚା କୋଷାଧ୍ୟକ୍ଷ ସନ୍ତୋଷ ମହାପାତ୍ର, ଜିଲ୍ଲା ସାଧାରଣ ସମ୍ପାଦକ ଅଶୋକ ପାଢ଼ୀ, କଳାହାଣ୍ଡି ଜିଲ୍ଲା ଉପ ସଭାପତି ଲକ୍ଷ୍ମୀ ବାଘ, ଜିଲ୍ଲା ପରିଷଦ ସଭ୍ୟ ଭଜନାଥ ଗଣ୍ଡ, ସରପଞ୍ଚ କାମସିଂ ମାଝୀ, ଜିଲ୍ଲା ସମ୍ପାଦକ ରାମ ନାୟକ, ଜିଲ୍ଲା କୃଷକ ମୋର୍ଚ୍ଚା ସଭାପତି ଅରୁଣ ପୂଜାରୀ,ଏସ୍ଟି ମୋର୍ଚ୍ଚା ସଭାପତି ଶ୍ୟାମସୁନ୍ଦର ମାଝୀ, ଯୁବମୋର୍ଚ୍ଚା ସଭାପତି ଚନ୍ଦ୍ରଭାନୁ ନାୟକ, ଜିଲ୍ଲା କାର୍ଯ୍ୟକାରିଣୀ ସନତ ଠାକୁର, ରମେଶ ଦାସ,ମନ୍ଦିରା ନାୟକ ତଥା ନଗର ମଣ୍ଡଳର ସମସ୍ତ ମୋର୍ଚ୍ଚା ସଭାପତି, ପଦାଧିକାରୀ ଏବଂ ପ୍ରମୁଖ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ ।

## ଏସ୍‌ବିଆଇ ଓରକେଲ୍ ଶାଖା ପକ୍ଷରୁ ମେଗା ଲୋନ୍ ମେଳା

**ବାଲିମେଳା, ୨୨।୯ (ସମିସ) :**

ମାଲକାନଗିରି ଜିଲ୍ଲା ଏସ୍‌ବିଆଇ ଓରକେଲ ବ୍ୟାଙ୍କଠାରେ ଆଜି ମେଗା ଏସ୍‌ଏଚ୍‌ଜି ଲୋନ୍ ମେଳା ଅନୁଷ୍ଠିତ ହୋଇଥିଲା । ଏହି ଲୋନ୍ ମେଳା ମାଧ୍ୟମରେ କୋରୁକୋଣ୍ଡା ବ୍ଲକ ଅଧୀନରେ ଥିବା ୩୧ ଟି ଏସ୍‌ଏଚ୍‌ଜି ଗ୍ରୁପ କୁ ଏସ୍‌ବିଆଇ ଶାଖା ପକ୍ଷରୁ ୬୨ ଲକ୍ଷ ଟଙ୍କାର ଋଣ ପ୍ରଦାନ କରାଯାଇଥିଲା । ମୁଖ୍ୟତଃ ମହିଳା ମା' ମାନେ କିପରି ସ୍ୱାବଲମ୍ବୀ ହୋଇପାରିବେ ସେଥି ପାଇଁ ମିଶନ ଶକ୍ତିର ଏହି ପ୍ରୟାସ ଜାରି ରହିଛି । ଏହି ମେଳାରେ ଲୋନ ପାଇଥିବା ଏସ୍‌ଏଚ୍‌ଜି ଗ୍ରୁପ୍‌ର ସମସ୍ତ ମହିଳା ସଦସ୍ୟା ଉପସ୍ଥିତ ଥିଲେ । ମେଳାରେ ଉପସ୍ଥିତ ଥିବା ସମସ୍ତ ମଂଚାସୀନ ଅତିଥିମାନେ ଏହି ଋଣକୁ ଉଚିତ ବିନିଯୋଗ ନିମନ୍ତେ ବିଭିନ୍ନ ଉଦାହରଣମାନ ଦେଇଥିଲେ । ଏହି ମେଳାରେ ଅତିଥି ରୂପେ ଡିଆରଡିଏ ଜୀବିକା ମିଶନ ଏପିଡ଼ି ବାଲାଜୀ ପଟ୍ଟନାୟକ, କୋରୁକୋଣ୍ଡା ବିଡିଓ ଅଂଶୁମାନ ମହାପାତ୍ର, ସ୍ଥାନୀୟ କାର୍ଯ୍ୟନିର୍ବାହୀ ଅଧିକାରୀ କୃଷ୍ଣଚନ୍ଦ୍ର ରଥ, ଜୀବିକା ମିଶନ ଡିପିଏମ୍ ପବିତ୍ର ମୋହନ ବାରା, ବିପିଏସିଏ ମିଶନ ଶକ୍ତି ରାମା ବିଶ୍ୱାସ, ବିଏଲସି ଶିବ କୁମାର ଗଣ୍ଡ ପ୍ରମୁଖ ଉପସ୍ଥିତ ଥିଲେ । ଏହି ସମ୍ପୂର୍ଣ୍ଣ କାର୍ଯ୍ୟକ୍ରମକୁ ଶାଖା ପରିଚାଳକ କଙ୍କଣ କୁମାର ବିଶ୍ୱାସ ପରିଚାଳନା କରିଥିଲେ ।

## ବିଜେପି ଜିଲ୍ଲା ଆଦିବାସୀ ମୋର୍ଚ୍ଚାର କାର୍ଯ୍ୟକାରିଣୀ ବୈଠକ

**ଉମରକୋଟ,୨୨।୯ (ସମିସ):** ଉମରକୋଟ ବିଜେପି କାର୍ଯ୍ୟାଳୟଠାରେ ନବରଙ୍ଗପୁର ଜିଲ୍ଲା ବିଜେପି ଆଦିବାସୀ ମୋର୍ଚ୍ଚାର କାର୍ଯ୍ୟକାରିଣୀ ବୈଠକ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ମୋର୍ଚ୍ଚା ସଭାପତି ଶ୍ୟାମ ସୁନ୍ଦର ମାଝୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ବୈଠକରେ ରାଜ୍ୟ ଆଦିବାସୀ ସଭାପତି ତଥା ଉମରକୋଟ ବିଧାୟକ ନିତ୍ୟାନନ୍ଦ ଗଣ୍ଡ ମୁଖ୍ୟ ଅତିଥିଭାବେ ଯୋଗଦେଇ ଓଡିଶାର ଏକ ସଂପୂର୍ଣ୍ଣ ଆଦିବାସୀ ଅଧ୍ୟୁଷିତ ଜିଲ୍ଲା ନବରଙ୍ଗପୁରର ବିକାଶରେ ଆଦିବାସୀଙ୍କ କର୍ତ୍ତବ୍ୟ ଓ ଦାୟିତ୍ୱ ବିଷୟରେ କହିଥିଲେ । କେନ୍ଦ୍ର ସରକାରଙ୍କ ବିଭିନ୍ନ ଆଦିବାସୀ ବିକାଶମୂଳକ ଯୋଜନା ବିଷୟରେ ବକ୍ତବ୍ୟ ରଖିଥିଲେ । କାର୍ଯ୍ୟକାରିଣୀରେ ଜିଲ୍ଲା ସଭାପତି ଜଗଦୀଶ ବିଷୋୟୀ,ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ରମେଶ ସାହୁ, ଜିଲ୍ଲା ପରିଷଦ ସଭ୍ୟ ଭଜନାଥ ଗଣ୍ଡ, ସଭ୍ୟ ଦେଓ କୁମାରୀ ଗଣ୍ଡ, ଜିଲ୍ଲା ସାଧାରଣ ସଂପାଦକ ଗୌରୀ ଶଙ୍କର ମାଝି, ଜିଲ୍ଲା ଯୁବମୋର୍ଚ୍ଚା ସଭାପତି ଚନ୍ଦ୍ରଭାନୁ ନାୟକ, ନଗର ସଭାପତି ସୁରେଶ କୁମାର ଆଚାର୍ଯ୍ୟ ଅତିଥି ଭାବେ ଯୋଗଦେଇଥିବା ବେଳେ ଶିବ ଗଣ୍ଡ, ରାମସିଂ ଗଣ୍ଡ, ଅମର ଗଣ୍ଡ,ଶୋଭା ମାଝୀ, ତ୍ରିବେଣି ଗଣ୍ଡ, ବାସନ୍ତୀ ଗଣ୍ଡ, ଗୁରୁବାରୁ ଭତ୍ରା, ବନସିଂ ମାଝୀ, ଗୁରୁବାରୁ ଗଣ୍ଡ, କାମସିଂ ମାଝୀ, ସୁମିତ୍ରା ଗଣ୍ଡ ତଥା ସମସ୍ତ ସରପଞ୍ଚ , ଆଦିବାସୀ ମୋର୍ଚ୍ଚା ମଣ୍ଡଳ ସଭାପତି ଓ ସାଧାରଣ ସଂପାଦକ ଉପସ୍ଥିତ ରହିଥିଲେ ।

## ସ୍ୱାଭିମାନ ଅଞ୍ଚଳରେ ଛୋଟପିଲାଙ୍କ ଘୋଡ଼ାଦୌଡ଼



**ମାଲକାନଗିରି ୨୨।୯ (ସମିସ) :** ମାଲକାନଗିରି ଜିଲ୍ଲା ସ୍ୱାଭିମାନ ଅଞ୍ଚଳରେ ଧୀରେ ଧୀରେ ବିକାଶ ଛୁଇଁଛି । ପୂର୍ବରୁ ଏହି ଅଞ୍ଚଳରେ କୌଣସି ରାସ୍ତାଘାଟ ନ ଥିବାରୁ ଏହି ଅଞ୍ଚଳରେ ଯାତାୟାତ ପାଇଁ ଘୋଡାଥିଲା ଏକମାତ୍ର ଉପାୟ । ଘୋଡା ଦ୍ୱାରା ହିଁ ଅଞ୍ଚଳବାସୀ ସେମାନଙ୍କ ସମସ୍ତ ନିତ୍ୟ ବ୍ୟବହାର୍ଯ୍ୟ କାର୍ଯ୍ୟ କରୁଥିଲେ । ଯେପରିକି ଗୋଟିଏ ସ୍ଥାନରୁ ଅନ୍ୟ ସ୍ଥାନକୁ ଯିବା, ପଞ୍ଚାୟତରୁ ଚାଉଳ ସହ ନିତ୍ୟ ବ୍ୟବହାର୍ଯ୍ୟ ଜିନିଷ ଆଣିବା ଭଳି ଅନେକ କାର୍ଯ୍ୟ ଗ୍ରାମବାସୀ ଏହି ଘୋଡ଼ା ମାଧ୍ୟମରେ ହିଁ କରୁଥିଲେ । କିଛିବର୍ଷ ପୂର୍ବେ ସଠିକ୍‌ଭାବେ ରାସ୍ତା ହୋଇ ନ ଥିବାରୁ ପାହାଡିଆ ରାସ୍ତାଦେଇ ଗ୍ରାମର ଶିଶୁମାନଙ୍କୁ ସେମାନଙ୍କ ଅବିଭାବକ ଘୋଡା ସାହାଯ୍ୟରେ ସ୍କୁଲରେ ଛାଡୁଥିଲେ । କିଛି ପିଲା ନିଜେ ଘୋଡା ଧରି ସ୍କୁଲ ଚାଲିଯାଉଥିଲେ । ଗୁରୁପ୍ରିୟା ସେତୁ ହେଲା ପରେ ଅନେକ ଗ୍ରାମକୁ ରାସ୍ତା ହୋଇଛି । କେତେକ ଗ୍ରାମକୁ ମଧ୍ୟ ରାସ୍ତା ପହଞ୍ଚି ପାରିନାହିଁ । କିନ୍ତୁ କିଛି ଅଞ୍ଚଳରେ ସରକାରଙ୍କ ଦ୍ୱାରା ରାସ୍ତା ହୋଇଥିବାରୁ ସେହି ରାସ୍ତା ଏବେ ଗ୍ରାମରେ ଥିବା ଶିଶୁମାନଙ୍କ ଘୋଡା ଦୌଡ ପ୍ରତିଯୋଗିତାର ରାସ୍ତା ପାଲଟିଛି । ଯେଉଁ ରାସ୍ତାରେ କି ସେହି ଅଞ୍ଚଳର ଶିଶୁମାନେ ପବନ ବେଗରେ ଘୋଡା ଦୌଡାଉଛନ୍ତି ।

## ମାନସିକ ଅନଗ୍ରସର ବ୍ୟକ୍ତିଙ୍କ ଚିକିତ୍ସା ପରେ ସ୍ୱାସ୍ଥ୍ୟ ଅବସ୍ଥାରେ ସୁଧାର

**ଲକ୍ଷ୍ମୀପୁର.୨୨।୯ (ସମିସ)**

ଲକ୍ଷ୍ମୀପୁର ସଦର ମହକୁମାରେ ଜଣେ ଅଜଣା ମାନସିକ ଅନଗ୍ରସର ବ୍ୟକ୍ତି ଦୀର୍ଘଦିନ ଧରି ବୁଲୁଥିଲେ । ସେ କେବେ ଓ କେଉଁଠୁ ଆସିଲେ ତାହା କେହି ମଧ୍ୟ ଜାଣିନାହାନ୍ତି । ଲୋକଙ୍କଠାରୁ ମାଗି ଖାଇଥାନ୍ତି । ଖରା ବର୍ଷା ଶୀତକୁ ଖାତିରି ନ ଥାଏ ତାଙ୍କର । ଧୀରେ ଧୀରେ ସ୍ୱାସ୍ଥ୍ୟ ଅବସ୍ଥା ଖରାପ ହେବାରେ ଲାଗିଲା । ମଝିରେ ମୁଣ୍ଡରେ ଆଘାତ ହେବାରୁ କିଛି ସ୍ୱେଚ୍ଛାସେବୀ ଯୁବକ ମିଶି ଲକ୍ଷ୍ମୀପୁରରେ ତାଙ୍କର ଚିକିତ୍ସା କରାଇଥିଲେ । ପରେ ଏହି ବର୍ଷା ସମ୍ପର୍କରେ ତାଙ୍କର ଅବସ୍ଥା ଅଧିକା ବିଗିଡିବାରୁ ସେ ଆଉ ଚାଲି ପାରି ନ ଥିଲେ । ଦିନେ ସେ ବଜାର ମଝିରାସ୍ତାରେ ପଡିଥିବା ଦେଖି ଲକ୍ଷ୍ମୀପୁର ଥାନାର କାର୍ଯ୍ୟରତ ହାବିଲଦାର ମୁରଲୀଧର ବେହେରା ତାଙ୍କୁ ଏକ ଠେଲାଗାଡିରେ ବୋହି ନେଇ ଲକ୍ଷ୍ମୀପୁର ଡାକ୍ତରଖାନାରେ ଛାଡି ଦୈନିକ ତାର ଖାଇବା ପିଇବା କଥା ବୁଝିଥିଲେ । ଉକ୍ତ ମାନସିକ ବିକାରଗ୍ରସ୍ତ ଲୋକଙ୍କ ଚିକିତ୍ସା କରାଇବା ପାଇଁ ଲକ୍ଷ୍ମୀପୁର ବିଡିଓ ପ୍ରୀତିରଞ୍ଜନ ରଥ ଜିଲ୍ଲା ପ୍ରଶାସନକୁ ଚିଠି ଲେଖିଥିଲେ । ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସିମାଞ୍ଚଳ ମହାପାତ୍ର ଝାରସୁଗୁଡାସ୍ଥିତ ଆଶାଲୋକ କେନ୍ଦ୍ରକୁ ପଠାଇବା ପାଇଁ ବ୍ୟବସ୍ଥା କରିଥିଲେ । ତା ପୂର୍ବରୁ ପ୍ରଥମେ ମାନସିକ ସ୍ଥିରତା ଆସିବା ପାଇଁ ଲକ୍ଷ୍ମୀପୁର ଡାକ୍ତରଖାନାରୁ ଲୋକଟିର ପ୍ରାଥମିକ ଚିକିତ୍ସା କରାଇ କୋରାପୁଟସ୍ଥିତ ଶହୀଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜକୁ ସ୍ଥାନାନ୍ତର କରାଯାଇଥିଲା । ସେଠାରେ ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶ କ୍ରମେ ଏକ ସଂସ୍ଥା ଲୋକଟିକୁ ସେବା ଯୋଗାଇବା ପାଇଁ ଆଗେଇ ଆସିଥିଲା । ଦୈନିକ ତିନିଜଣ ଆଟେଣ୍ଡାଣ୍ଟଙ୍କୁ ନିୟୋଜିତ କରିଥିଲା । ବର୍ତ୍ତମାନ ସେଠାରେ ସମସ୍ତ ପ୍ରକାରର ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଛି । ବର୍ତ୍ତମାନ ଲୋକଟିର ସ୍ୱାସ୍ଥ୍ୟ ଅବସ୍ଥାରେ ସୁଧାର ଆସିଥିବା ଜଣାପଡିଛି । କିନ୍ତୁ ସେ କେଉଁଠିକାର ଲୋକ ବର୍ତ୍ତମାନ ସୁଦ୍ଧା ଜଣାପଡିନାହିଁ । ବିଡିଓ ପ୍ରୀତିରଞ୍ଜନଙ୍କ ପଦକ୍ଷେପକୁ ସାଧାରଣରେ ପ୍ରଶଂସା କରାଯାଇଛି ।

## ଜିଲ୍ଲାପାଳଙ୍କୁ ଯାଦବ ସମାଜର ଦାବିପତ୍ର




**ମାଲକାନଗିରି, ୨୨।୯ (ସମିସ)**

ମାଲକାନଗିରି ଜିଲ୍ଲା ଯାଦବ ମହାସଂଘ ପକ୍ଷରୁ ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଜିଲ୍ଲାପାଳଙ୍କୁ ୧୦ ଦଫା ଦାବିପତ୍ର ପ୍ରଦାନ କରାଯାଇଛି । ରାଜ୍ୟରେ ଅନେକ ଯାଦବ ବଂଶ ରହିଛି । ଏହି ବଂଶର ଲୋକମାନଙ୍କ ପାଇଁ ସରକାର କିଛି ବ୍ୟବସ୍ଥା କରୁ ନ ଥିବା କେନ୍ଦ୍ର ସରକାରଙ୍କ ଉଦ୍ଦେଶ୍ୟରେ ଜିଲ୍ଲାପାଳଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି । ଅବିଭକ୍ତ କୋରାପୁଟ ଜିଲ୍ଲାରେ ଥିବା ଯାଦବ ସମାଜର ଲୋକମାନଙ୍କୁ ହରିଜନ ମାନ୍ୟତା ଦେବା , ଗୋଚର ଜମିକୁ ଜବରଦଖଲମୁକ୍ତ କରି ଗୋ ସମ୍ପତ୍ତିର ସୁରକ୍ଷା କରିବା , ଶିକ୍ଷା ଓ ଚାକିରି କ୍ଷେତ୍ରରେ ଯାଦବଙ୍କ ପାଇଁ ସ୍ୱତନ୍ତ୍ର ସଂରକ୍ଷଣ ବ୍ୟବସ୍ଥା , ଜାତିଭିତ୍ତିକ ଜନଗଣନାକୁ ତୁରନ୍ତ କାର୍ଯ୍ୟକାରୀ କରିବା ଭଳି ୧୦ ଦଫା ଦାବିକୁ କେନ୍ଦ୍ର ସରକାରଙ୍କ ଉଦ୍ଦେଶ୍ୟରେ ରାଜ୍ୟ ସରକାରଙ୍କୁ ଦିଆଯାଇଛି । ବିଜୟ କୁମାର ଗୌଡ , ସଦାଶିବ ଗୌଡ , ଗଙ୍ଗାଧାର ଗୌଡ , ମଙ୍ଗରାଜ ହନ୍ତାଳଙ୍କ ସହ ୬୦ରୁ ଊର୍ଦ୍ଧ୍ୱ ଗ୍ରାମବାସୀ ଏହି ଦାବିପତ୍ର ଦେବା ପାଇଁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ଆସିଥିଲେ ।

● **ବିଭାଗୀୟ ଅଧିକାରୀ ଓ ଠିକାଦାରଙ୍କ ମଧୁଚନ୍ଦ୍ରିକା**

# ବିନା ସୂଚନା ଫଳକରେ ଚାଲିଛି ମନରେଗା କାର୍ଯ୍ୟ



**ରାଇଘର, ୨୨।୯ (ସମିସ):** ନବରଙ୍ଗପୁର ଜିଲ୍ଲା ଛତିଶଗଡ ସୀମାନ୍ତ ତଥା ଆଦିବାସୀ ଅଧ୍ୟୁଷିତ ରାଇଘର ବ୍ଲକରେ ବିଭିନ୍ନ ବିଭାଗ ଦ୍ୱାରା ଚାଲୁଥିବା ଉନ୍ନୟନ କାର୍ଯ୍ୟ ବିନା ସୂଚନା ଫଳକରେ ଚାଲୁଥିବା ନେଇ ଗଣମାଧ୍ୟମରେ କ୍ରମାଗତ ଭାବେ ଖବର ପ୍ରକାଶିତ ହେଉଥିବା ବେଳେ ବର୍ତ୍ତମାନ ପୁଣି ଏକ ସମାନ ଖବର ସାମ୍ନାକୁ ଆସିଛି । ଆଜି ରାଇଘର ବ୍ଲକର ଜଳଙ୍ଗ ପାରା ପଞ୍ଚାୟତ ଅଧୀନରେ ଥିବା ଫଟକିପାରା ମଶାଣି ପଦା ଚାରିପାଖେ ମାଟି ଡ୍ରେନ୍ କାର୍ଯ୍ୟ ଚାଲୁ ରହିଥିବା ବେଳେ କାର୍ଯ୍ୟସ୍ଥଳରେ କୌଣସି ସୂଚନା ଫଳକ ଦେଖିବାକୁ ମିଳିନାହିଁ । ଉକ୍ତ କାର୍ଯ୍ୟ ମନରେଗା ଯୋଜନାର କାର୍ଯ୍ୟ ହୋଇଥିବା ବେଳେ ନିଜେ ଜଳଙ୍ଗପାରା ପଂଚାୟତ ନିର୍ବାହୀ ଅଧିକାରୀ ନିରଂଜନ ଶତପଥି କହିଥିଲେ, ୨ରୁ ୩ ଲକ୍ଷ ଟଙ୍କା ବ୍ୟୟର କାର୍ଯ୍ୟ ହୋଇଥାଇପାରେ । ସବୁଠୁ ଆଶ୍ଚର୍ଯ୍ୟ ର କଥା ଏହି ପଂଚାୟତରେ କୌଣସି କାମ ଆସିଲେ ମୋତେ ନ ଜଣେଇ କରାଯାଉଛି ବୋଲି କହିଥିଲେ ଖୋଦ୍ ପଂଚାୟତ ନିର୍ବାହୀ ଅଧିକାରୀ । ତେବେ ଉକ୍ତ ମନେରେଗା କାର୍ଯ୍ୟ ଆରମ୍ଭ ପୂର୍ବରୁ କାର୍ଯ୍ୟର କୋଡ୍ ନମ୍ବର ,ଅଟକଳ ମୂଲ୍ୟ ଏବଂ ସମ୍ପୂର୍ଣ୍ଣ ତଥ୍ୟ ଉଲ୍ଲେଖ ରହିବାର ନିୟମ ରହିଥିବା ବେଳେ ଏଠାରେ ବିଭାଗୀୟ ଅଧିକାରୀ ଗୁରୁତ୍ୱ ଦେଇ ନ ଥିବା ଜଣାପଡିଛି । ସାଧାରଣ ଜନତା ନିଜ ଅଞ୍ଚଳରେ କାର୍ଯ୍ୟ ହେଉଥିଲେ ମଧ୍ୟ କେଉଁ ଯୋଜନା ଦ୍ୱାରା କାର୍ଯ୍ୟ ହେଉଛି ଓ କେତେ ଟଙ୍କା ବ୍ୟୟରେ କାର୍ଯ୍ୟ ହେଉଛି , ସେନେଇ ଅବଗତ ହୋଇ ପାରୁନାହାନ୍ତି । ଏଭଳି ଉନ୍ନୟନ କାର୍ଯ୍ୟସ୍ଥଳରେ ବିନା ସୂଚନା ଫଳକରେ କାର୍ଯ୍ୟ ଶେଷ କରିବାର କିଛି ମାସ ପରେ ତଥ୍ୟ ଦର୍ଶାଯାଉଛି । ବିଭାଗୀୟ ଅଧିକାରୀ ଏଥିପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହୋଇଛି । ବିଭାଗୀୟ ଅଧିକାରୀ ଓ ଠିକାଦାରଙ୍କ ମଧୁଚନ୍ଦ୍ରିକା ଯୋଗୁଁ ଏଭଳି ସମସ୍ୟା ଦେଖିବାକୁ ମିଳୁଛି । ମନେରେଗା କାର୍ଯ୍ୟର ସମସ୍ତ ନୀତି ନିୟମକୁ ବେଖାତିର କରି ଏଠାରେ କାର୍ଯ୍ୟ ଜାରି ରହିଛି । ଜିଲ୍ଲା ପ୍ରଶାସନ ଉକ୍ତ ଘଟଣା ଉପରେ ସ୍ୱତନ୍ତ୍ର ଗୁରୁତ୍ୱ ଦେଇ ବିହିତ ପଦକ୍ଷେପ ଗ୍ରହଣ କରାଯିବାକୁ ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି ।

■ ୨୩ ଘଣ୍ଟା ପଡ଼ିରହିଲା ଶବ

## ବୁଝାମଣା ପରେ ହେଲା ଶବସତ୍କାର

**କୋଷାଗୁମୁଡ଼ା,୨୨।୯ (ସମିସ)**

ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡ଼ା ଥାନା ଅନ୍ତର୍ଗତ ନେଗାଁନାର ଗ୍ରାମରେ ମଙ୍ଗଳବାର ସନ୍ଧ୍ୟାରେ ସ୍ଥାନୀୟ ଜଣେ ବୃଦ୍ଧାଙ୍କ ମୃତ୍ୟୁ ପରେ ଲୋକମାନେ ମୃତକଙ୍କ ପରିବାର ସଦସ୍ୟଙ୍କୁ ଶବ ସତ୍କାର ପାଇଁ ଉକ୍ତ ଗ୍ରାମର ଶ୍ମଶାନରେ ଶବ ସତ୍କାର ପାଇଁ ବାରଣ କରିଥିଲେ। ବିଶେଷ ସୂଚନା ଅନୁସାରେ ପୋଣ୍ଡଗୁଡା ପଞ୍ଚାୟତର ନେଗାଁନାର ଗାଁର ପର୍ଶୁରାମ ହରିଜନଙ୍କ ମା'ଙ୍କ ମଙ୍ଗଳବାର ମୃତ୍ୟୁ ହୋଇଥିଲା । ପର୍ଶୁରାମ ଓ ତାଙ୍କ ପରିବାର ଲୋକେ ଉକ୍ତ ଗ୍ରାମରେ ଥିବା ଶ୍ମଶାନରେ ସବସତ୍କାର କରିବା ପାଇଁ ପ୍ରସ୍ତୁତ ହେବା ସମୟରେ ଉକ୍ତ ଗ୍ରାମର ଲୋକମାନେ ବାରଣ କରିଥିଲେ । ଯାହାକୁ ନେଇ ଆଜି ବୁଧବାର ପର୍ଶୁରାମ ଓ ତାଙ୍କ ପରିଜନ କୋଷାଗୁମୁଡ଼ା ଥାନାରେ ଏକ ଲିଖିତ ଅଭିଯୋଗ କରିଥିଲେ। ଏହି ଅଭିଯୋଗକୁ ଭିତ୍ତିକରି ଥାନା ଏଏସ୍ଆଇ ଆଲୋକ ପ୍ରସାଦ ଭୋଇ ଏକ ଟିମ ସହ ଉକ୍ତ ଗ୍ରାମରେ ପହଞ୍ଚିଥିଲେ । କୋଡ଼ିଙ୍ଗା ତହସିଲଦାର ଶିବ ପ୍ରସାଦ ପଟନାୟକ ଖବର ପାଇ ଉକ୍ତ ଗ୍ରାମରେ ପହଞ୍ଚିଥିଲେ । ତହସିଲ ଓ ପୋଲିସ ଉଭୟଙ୍କ ବୁଝାମଣାରେ ଆଜି ସନ୍ଧ୍ୟା ୪ଟା ରେ ପ୍ରାୟ ୨୩ଘଣ୍ଟା ବ୍ୟବଧାନ ପରେ ପର୍ଶୁରାମ ହରିଜନଙ୍କ ବୃଦ୍ଧା ମା'ଙ୍କ ଶବ ସତ୍କାର ହୋଇଥିଲା । ଏହି ବିଷୟ ରେ କୌଣସି ମକଦ୍ଦମା ରୁଜୁ ନ କରି ଆପୋଷ ସମାଧାନରେ ଗ୍ରାମବାସୀଙ୍କୁ ବୁଝାଇ ଶବ ସତ୍କାର ହୋଇଛି ବୋଲି କୋଷାଗୁମୁଡ଼ା ଥାନା ଏଏସ୍ଆଇ ଆଲୋକ ପ୍ରସାଦ ଭୋଇ ସୂଚନା ଦେଇଛନ୍ତି ।

## ବୋଲେରୋ ଦୁର୍ଘଟଣାଗ୍ରସ୍ତ; ୨୦ ଆହତ



**ଦଶମନ୍ତପୁର, ୨୨।୯(ସମିସ):** କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ ଲୁଲ୍ଲା ପଞ୍ଚାୟତ ସ୍ଥିତ ଲୁଲ୍ଲା ଗ୍ରାମ ନିକଟରେ ବୁଧବାର ସକାଳୁ ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି । ଏକ ବୋଲେରୋ ଯାତ୍ରୀଙ୍କୁ ନେଇ କୋରାପୁଟ ଅଭିମୁଖେ ଯାଉଥିବାବେଳେ ଲୁଲ୍ଲା ଗାଁ ନିକଟରେ ଗାଡ଼ି ଭାରସାମ୍ୟ ହରାଇ ରାସ୍ତା ତଳକୁ ଖସି ପଡିବାରୁ ଗାଡ଼ିରେ ଥିବା ପ୍ରାୟ ୨୦ ଯାତ୍ରୀ ଆହତ ହୋଇଛନ୍ତି । ଆହତମାନଙ୍କୁ ସ୍ଥାନୀୟଲୋକେପ୍ରଥମେଉଦ୍ଧାରକରିଦଶମନ୍ତପୁରଗୋଷ୍ଠୀସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିବା ଜଣାପଡିଛି । ଆହତମାନେ ହେଲେ ସୋମନାଥ ନାୟକ, ନବୀନ କମାର, ବନିତା ଗୌଡ଼, ପର୍ଶୁରାମ ଗୌଡ଼, ଗବ୍ରୁ ନାୟକ, ଟାକୁ ସାଉଁନ୍ତା, ତିଲାଇ ସାଉଁନ୍ତା, ଦେବେନ୍ଦ୍ର ନାୟକ, ବନମାଳୀ ନାୟକ, ଚନ୍ଦ୍ର ବେନ୍ୟା, ସୁଶୀଲ ବେନ୍ୟା, ମାଲନ୍ତି ଖୋସ୍ଲା, ହରି ଖୋସ୍ଲା, ସହଦେବ ନାୟକ, ଫୁଲ ମୁଦୁଲି, ଭଗବତୀ ଖୋସ୍ଲା, ସୁନାମ ସାଉଁନ୍ତା, ଧବଲୁ ନାୟକ,ଗୋମତି ନାୟକ, ଚନ୍ଦ୍ରକନ୍ଦପାନ। ପୋଲିସ ଘଟଣାରତଦନ୍ତକରୁଥିବା ଜଣାପଡ଼ିଛି ।

## ଯାନବାହନ ଚେକିଂ ସହ ଜରିମାନା ଆଦାୟ

**ନାରାୟଣପାଟଣା, ୨୨।୯ (ସମିସ)**

କୋରାପୁଟ ଜିଲ୍ଲା ନାରାୟଣପାଟଣା କୃଷି ବିଭାଗ ଅଫିସ ଆଗରେ ଆଜି କୋରାପୁଟ ଆଞ୍ଚଳିକ ପରିବହନ ବିଭାଗ ତରଫରୁ ଅଚାନକ ଏମଭିଆଇ ଚେକିଙ୍ଗ କରାଯାଇଛି। ପ୍ରତ୍ୟେକ ଦୁଇଚକିଆ ଓ ଚାରି ଚକିଆ ଯାନବାହନର ଚେକିଙ୍ଗ କରାଯାଇଥିଲା। ବିନା ହେଲମେଣ୍ଟରେ ଯାଉଥିବା ବାଇକ ଚାଳକ ଓ ବିନା ବେଲ୍ଟ ଲଗାଇ ଯାଉଥିବା ଚାରି ଚକିଆ ଗାଡିଗୁଡିକୁ ଅଟକାଇ ଫାଇନ ଆଦାୟ କରାଯାଇଛି। ବିନା ହେଲମେଣ୍ଟରେ ବାଇକ ଧରି ଯାଉଥିବା କିଛି ଅମାନିଆ ଚାଳକମାନେ ଏମ୍ ଭିଆଇ ସହ ଯୁକ୍ତିତର୍କ କରୁଥିବା ମଧ୍ୟ ଦେଖିବାକୁ ମିଳିଥିଲା। ମାତ୍ର ଅଢେଇ ଘଣ୍ଟା ଚେକିଙ୍ଗରେ ଅନେକ ଚାଳକ ଧରାପଡିଥିବା ବେଳେ ସେମାନଙ୍କଠାରୁ ଏକ ଲକ୍ଷ ଉଣେଇଶ ହଜାର ଟଙ୍କା ଚାଲାଣ କରି ଫାଇନ ଆଦାୟ କରାଯାଇଥିବା କୋରାପୁଟ ଆସିଷ୍ଟାଣ୍ଟ ଏମ୍ଭିଆଇ ପି ଏନ୍ ରାଓ କହିଛନ୍ତି। ସ୍ଥାନିୟ ବ୍ଲକରେ ଅନେକ ନାବାଳକ ବାଇକ ଧରି ବଜାରରେ ଦୃତ ଗତିରେ ଚଳପ୍ରଚଳ କରୁଥିବା ବେଳେ ସାଧାରଣ ଲୋକଙ୍କ ପାଇଁ ସମସ୍ୟା ସୃଷ୍ଟି ହେଉଛି। ଏହିଭଳି ଅଚାନକ ଚେକିଙ୍ଗକୁ ସବୁ ମହଲରେ ପ୍ରଶଂସା କରାଜାଇଛି। ଏହି ଯାନବାହାନ ଚେକିଙ୍ଗ ସମୟରେ ନାରାୟଣପାଟଣା ଥାନା ଏସ୍ଆଇ ଡି ଏନ୍ ମୂର୍ଜା,ସୁକ୍ରା ମାଢ଼ି, ସାଧବ ଜାନୀ ସାମିଲ ଥିଲେ।



ବାପାଙ୍କ ମୃତ୍ୟୁ ପରେ ମା'-ପୁଅ ଅସହାୟ

# ପଲିଥିନ ତଳେ କଟୁଛି ଜୀବନ

**ନବରଙ୍ଗପୁର, ୨୨।୯ (ସମିସ)**

ଭୂମିହୀନ ହିତାଧିକାରୀ ସିଏଚ. ଲକ୍ଷ୍ମୀ ଜଣେ କର୍କଟ ରୋଗୀ । ନବଗଙ୍ଗପୁର ହୀରଲ୍ଲୀ ତଳସାହି ନିକଟରେ ସରକାରୀ ଜମିରେ ପଲିଥିନ ପକାଇ ଘର କରି ରହିଛନ୍ତି । ଗତ ୧୧ ବର୍ଷ ତଳେ ସ୍ୱାମୀ ସି.ଏଚ ଇଶ୍ୱର ରାଓଙ୍କ ମୃତ୍ୟୁ ପରେ ପୁଅ ସି.ଏଚ ରଞ୍ଜନ ସହ ରହି ଆସୁଛନ୍ତି । ନିଜର ବୋଲି କେହି ନ ଥିବା ବେଳେ ବାପ ଛେଉଣ୍ଡ ରଂଜନ ହେଉଛି ମାଆର ଏକ ମାତ୍ର ସାହା ଭରସା । ୨୦୧୭ ଜୁଲାଇ ୧ ତାରିଖ ଦିନ ଜିଲ୍ଲାପାଳଙ୍କ ଅଭିଯୋଗ ପ୍ରକୋଷ୍ଠରେ କମି ଓ ଆବାସ ଯୋଜନାରେ ଘର ଖଣ୍ଡେ ପାଇଁ ଲିଖିତ ଭାବେ ନିବେଦନ କରିଥିଲେ । ଜିଲ୍ଲାପାଳ ନବରଙ୍ଗପୁର ତହସିଲଦାରଙ୍କ ନିକଟକୁ ଅଭିଯୋଗ ପଠାଇ ଦେଇଥିଲେ । ପରେ ତହସିଲ ପକ୍ଷରୁ ଭୂମିହୀନ ଲକ୍ଷ୍ମୀଙ୍କୁ ୨ ସେଣ୍ଟ୍ର ଜମି ପଟ୍ଟା ପ୍ରଦାନ କରାଗଲା । ଦେଓଳା ରାଜସ୍ୱ ସର୍କଲ ଅଧୀନ ବର୍ତ୍ତମାନର ଅଗ୍ନିପୁର ପଂଚାୟତ କୋଭିଡ ସ୍ୱାସ୍ଥ୍ୟ କେନ୍ଦ୍ର ରାସ୍ତାକଡ଼ରେ ଦେଓରା ରାଜସ୍ୱ ନିରୀକ୍ଷକ ଘର ତିଆରି କରିବା ପାଇଁ ଜମି ଚିହ୍ନଟ କରି ଦେଇଥିଲେ । ସେଠାରେ ସେ ଘର ତିଆରି କରିବା ପୂର୍ବରୁ ଅନ୍ୟଜଣେ ଭୂମିହୀନ ଉକ୍ତ ସ୍ଥାନରେ ଘର ତିଆରି କଲେ । ତା' ପାଖକୁ ଲାଗିଥିବା ଜମି ଦେଖାଇ ଦିଆଗଲା ପରେ ସେ ଜମିକୁ ମଧ୍ୟ ଅନ୍ୟ ହିତାଧିକାରୀକୁ ଦେଖାଇ ଦିଆଗଲା । ଏବେ କିଛି ଦୂରରେ ରାଜସ୍ୱ ବିଭାଗ କମି ଦେଖାଇ ଦେବା ପରେ ସେଠାରେ ସେ ମୂଳଦୁଆ ପାଇଁ ଖୋଳିବା ସହ ପଥର ପକାଇଛନ୍ତି । ବର୍ତ୍ତମାନ ରାଜସ୍ୱ ନିରୀକ୍ଷକ ସେହି ସ୍ଥାନରେ ଘର ତିଆରି କରିବାକୁ ମନା କରିବା ସହ ଅନ୍ୟ ଜଣେ ହିତାଧିକାରୀଙ୍କୁ ସେହି ଜମି ଦିଆଯାଇଥିବା କହିଛନ୍ତି ବୋଲି ଲକ୍ଷ୍ମୀ କହିଛନ୍ତି । ୪ର୍ଥ ଓ ୫ମ ଶ୍ରେଣୀ ପର୍ଯ୍ୟନ୍ତ ପୁଅ ରଂଜନ ସିନ୍ଧିଗୁଡା ବାଳାଶ୍ରମରେ ପାଠ ପଢୁଥିଲା । ମାଆ ଲକ୍ଷ୍ମୀର ହାତ ଭାଙ୍ଗିଯିବା, ରକ୍ତହୀନତାର ଶିକାର ହେବା ଓ କର୍କଟ ରୋଗରେ ପୀଡିତ ହେବା ପରେ ପୁଅ ଆଶ୍ରମ ଛାଡି



ନବରଙ୍ଗପୁର ଏକ୍ସବୋର୍ଡ ବିଦ୍ୟାଳୟରେ ପାଠ ପଢୁଛି । ଏବେ ରଂଜନର ୮ମ ଶ୍ରେଣୀ । ରଂଜନ ଜିଲ୍ଲା ଶିଶୁ ସୁରକ୍ଷା ବିଭାଗ ପକ୍ଷରୁ ପୃଷ୍ଟପୋଷଣ ରାଶି ୨ ହଜାରଟଙ୍କା ସହ ଲକ୍ଷ୍ମୀ ବିଧବା ଭତ୍ତା ୫ଶହଟଙ୍କା ପାଉଛନ୍ତି । ଏଥିରେ ନିଜର ଔଷଧପତ୍ର ଓ ସହ ମାଆ- ପୁଅ ଚଳୁଛନ୍ତି । ପୁଅ ରଂଜନ ଘରେ ରୋଷେଇ କରିବା , ମାଆର ସେବା ସହ ପାଠ ପଢୁଛି । ପ୍ରଶାସନ ତଥା ସରକାର ମୋ ଭଳି ଭୂମି ହୀନଙ୍କୁ ଘର ଡିହ ଯୋଗାଇ ଦେଲେ । ତେବେ ଘର ତିଆରି କରିବାକୁ ଜମି ଚିହ୍ନଟ ଲାଗି ପ୍ରଶାସନଙ୍କୁ ସହାୟତାର ହାତ ବଢାଇବାକୁ ଅନୁରୋଧ କରିଛନ୍ତି । ଘର ତିଆରି କରିବି ନା ପିଲାର ଭବିଷ୍ୟତ କଥା ଚିନ୍ତା କରିବି , ନିଜର ବୋଲି କେହି ନଥିବାରୁ ଏହିଭଳି ସମସ୍ୟା ଭୋଗୁଛି ବୋଲି ନେହୁରା ହୋଇଥିଲେ । ଏନେଇ ରାଜସ୍ୱ ନିରୀକ୍ଷକ ବିଜୟ ମାଝୀଙ୍କୁ ପଚାରିବାରୁ ଜମି ଚିହ୍ନଟ(ଡିମାରକେସନ ) ପାଇଁ ୧୫ ତାରିଖରେ ତହସିଲରେ ଆବେଦନ ହୋଇଛି । ରାଜସ୍ୱ ବିଭାଗ ଓ ପୋଲିସଙ୍କ ଉପସ୍ଥିତିରେ ହିତାଧଇକାରୀଙ୍କ କମି ଚିହ୍ନଟ କରି ଦେଖାଇ ଦିଆଯିବ ବୋଲି କହିଛନ୍ତି ।

ଦାଦନ ଖଟିବାକୁ ଯାଇ ଶ୍ରମିକ ମୃତ

## ବଦାନ୍ୟତା ଦେଖାଇଲେ ଚିତ୍ରକୋଣ୍ଡା ଏସ୍‌ଡିପିଓ

**ବାଲିମେଳା, ୨୨।୯ (ସମିସ)**

ଆନ୍ଧ୍ରକୁ ଦାଦନ ଖଟିବାକୁ ଯାଇ ଘରକୁ ଶବହୋଇ ଫେରିଲେ ଶ୍ରମିକ। ଆଜି ଏପରି ଏକ ଦୁଃଖଦ ଘଟଣା ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ନୀଳାକାମ୍ବେରୁ ପଞ୍ଚାୟତ ସଦର ଗ୍ରାମରେ ଘଟିବା ଦ୍ୱାରା ସମଗ୍ର ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ଆଜିକୁ ଦୀର୍ଘ ୧୨ ବର୍ଷ ପୂର୍ବେ ଏହି ଗ୍ରାମର ଉଆଳି ଅଧିକାରୀ(୬୦) ନାମକ ଜଣେ ବ୍ୟକ୍ତି ନିଜ ପରିବାର ପ୍ରତିପୋଷଣ କରିବା ଲାଗି ବାଧହୋଇ ଆନ୍ଧ୍ରପ୍ରଦେଶର ବିଶାଖା ଜିଲ୍ଲାର ପେନ୍ଦରୁତି ଅଞ୍ଚଳକୁ ଦାଦନ ଖଟିବାକୁ ଯାଇଥିଲେ। ସେଠାରେ ସେ ଏକ ଠିକାଦାରଙ୍କ ନିକଟରେ ଶ୍ରମିକ ରୂପେ କାର୍ଯ୍ୟକରି ନିଜ ଘରକୁ ଟଙ୍କା ପଠାଉଥିଲେ। ସବୁଦିନ ପରି ସେ ନିଜର କାର୍ଯ୍ୟ ସାରି ଗତ ୨୦ ତାରିଖରେ ମଧ୍ୟାହ୍ନଭୋଜନ ନିମନ୍ତେ ନିଜ କ୍ୟାମ୍ପକୁ ରେଳଧାରଣା ମଧ୍ୟ ଦେଇ ଫେରିବା ସମୟରେ ହଠାତ୍ ତାଙ୍କୁ ପଛପଟୁ ଏକ ଟ୍ରେନ୍ ଧକ୍କା ଦେଇଥିଲା। ଫଳରେ ସେ ଘଟଣାସ୍ଥଳରେ ହିଁ ମୃତ୍ୟୁବରଣ କରିଥିଲେ। ତେବେ ମଧ୍ୟାହ୍ନଭୋଜନରେ ଉଆଳିଙ୍କର ବିଳମ୍ବ ହେବାରୁ ତାଙ୍କ ସହକର୍ମୀମାନେ ତାଙ୍କୁ ଖୋଜାଖୋଜି ଆରମ୍ଭ କରିଥିଲେ। ପରେ ରେଳଧାରଣା କଡ଼ରୁ ତାଙ୍କ ରକ୍ତ ଜୁଡୁବୁଡୁ ଶରୀର ପଡିଥିବା ଦେଖିଥିଲେ। ତେବେ ଦୀର୍ଘ ୭ ଘଣ୍ଟା ଉଆଳିଙ୍କ ଶରୀର ପଡିରହିବାରୁ ପେନ୍ଦରୁତି ରେଳବିଭାଗର ପୋଲିସ ଘଟଣାସ୍ଥଳରେ ପହଞ୍ଚି ଶବ ଉଦ୍ଧାର କରି ବ୍ୟବଚ୍ଛେଦ ନିମନ୍ତେ ପଠାଇଥିଲେ। ଏପଟେ ଗ୍ରାମବାସୀ ଏବଂ ନିଜ ପରିବାର ଲୋକେ ଖବର ପାଇ କାନ୍ଦ ବୋବାଳି ଆରମ୍ଭ କରିଥିଲେ। ତେବେ ଉଆଳିଙ୍କ ମୃତ ଶରୀରକୁ ନିଜ ଗ୍ରାମକୁ ଆଣିବା ନିମନ୍ତେ ଆର୍ଥିକ ସମ୍ବଳ ନ ଥିବାରୁ ପରିବାର ଲୋକେ ଚିତ୍ରକୋଣ୍ଡା ଏସ୍‌ଡିପିଓ



ଅଂଶୁମାନ ଦ୍ୱିବେଦୀଙ୍କ ନିକଟରେ ପହଞ୍ଚିଥିଲେ। ଏହି ଖବର ଶୁଣିବା ପରେ ଏସ୍‌ଡିପିଓ ଦ୍ୱିବେଦୀ ତୁରନ୍ତ ସେହି ବିଶାଖା ଜିଲ୍ଲାର ଏସ୍‌ପିଙ୍କ ସହ ଯୋଗାଯୋଗ କରି ଉଆଳିଙ୍କ ମୃତ ଶରୀର କିପରି ନିଜ ଗ୍ରାମରେ ପହଞ୍ଚିବ ସେନେଇ ବ୍ୟବସ୍ଥା କରିବା ସହ ଠିକାଦାରଙ୍କ ସହ ଯୋଗାଯୋଗ କରି ୨ ଲକ୍ଷ ଟଙ୍କାର ଅନୁକମ୍ପା ସହାୟତା ରାଶି ପ୍ରଦାନ କରାଇଥିଲେ। ସେଠାରୁ ଆମ୍ବୁଲାନ୍ସ ଯୋଗେ ମଙ୍ଗଳବାର ମଧ୍ୟରାତ୍ରରେ ଆସି ଉଆଳିଙ୍କ ମୃତ ଶରୀର ନିଜ ବାସଭବନରେ ପହଞ୍ଚିବା ପରେ ଶେଷକୃତ୍ୟ କାର୍ଯ୍ୟ ସମ୍ପନ ହୋଇଥିଲା। ତେବେ ଚିତ୍ରକୋଣ୍ଡା ଏସ୍‌ଡିପିଓଙ୍କ ଏଭଳି ବଦାନ୍ୟତାକୁ ବିଭିନ୍ନ ମହଲରେ ପ୍ରଶଂସା କରାଯାଇଛି।

ଖବର ପ୍ରକାଶ ପରେ ଚେତା ପଶିଲା

## ଡ୍ରେନ୍‌ରୁ ଆବର୍ଜନା ସଫା କରାଗଲା

**ସୁନାବେଡା, ୨୨।୯ (ସମିସ) :** କୋରାପୁଟ ଜିଲ୍ଲା ସୁନାବେଡା ସ୍ଥିତ ହନୁମାନ ବଜାର ଛକ ନିକଟରେ ଥିବା ଏକ ଡ୍ରେନ ଭାଙ୍ଗିଯାଇ ଦୁଇମାସ ଧରି ରାସ୍ତା ଉପରେ ଅପରିଷ୍କାର ଜଳ ପ୍ରବାହିତ ହେଉଛି। ଏହାର ମରାମତି କରାଯାଉ ନ ଥିବା କଥା ଗତ ୧୯ ତାରିଖ ଦୈନିକ "ସକାଳ" ଖବରକାଗଜରେ ପ୍ରକାଶ କରାଯାଇଥିଲା। ଆଜି ସୁନାବେଡା



ପୌରପରିଷଦ ତରଫରୁ ରାସ୍ତା ଉପରେ ପ୍ରବାହିତ ହେଉଥିବା ଆବର୍ଜନାକୁ ସଫା କରାଯିବା ସହ ଡ୍ରେନରେ ଭଙ୍ଗାଥିବା ସ୍ଥାନରେ ପଥର ଓ ମାଟି ଦ୍ୱାରା ବନ୍ଦ କରାଯାଇ ବୋହୁଥିବା ପାଣିକୁ ରୋକାଯାଇଛି। ଖୁବଶୀଘ୍ର ଏହା ସହ ସହରରେ ଥିବା ଅନ୍ୟାନ୍ୟ ଭଙ୍ଗା ଡ୍ରେନଗୁଡ଼ିକର ମଧ୍ୟ ମରାମତି କରାଯିବ ବୋଲି ପୌରପରିଷଦ ତରଫରୁ କୁହାଯାଇଛି।

## କେନ୍ଦୁଗୁଡ଼ା ଦୁର୍ଗାପୂଜା ଲାଗି ମିଳିଲା ଆଜ୍ଞାମାଳ

**କୋଟପାଡ଼, ୨୨।୯ (ସମିସ):** ଓଡିଶା ସରକାରଙ୍କ ନିଷ୍ପତ୍ତି କ୍ରମେ ଏହିବର୍ଷ ହେବାକୁ ଯାଉଛି କେନ୍ଦୁଗୁଡାଠାରେ ଦୁର୍ଗାପୂଜା। ଯେଉଁଥିପାଇଁ ସମସ୍ତ କେନ୍ଦୁଗୁଡା ବାସିନ୍ଦାଙ୍କ ମନରେ ଖେଳିଯାଇଛି ଖୁସିର ଲହରୀ । ଗୋଟିଏ ବର୍ଷର ବିରାମ ପରେ ପ୍ରତିବର୍ଷ ପରି ଏହି ବର୍ଷ ମଧ୍ୟ ମା'ଙ୍କ ଦୁର୍ଗାପୂଜା ସକାଶେ କୋଟପାଡ଼ ବିଜ୍ଞାପିତ ଅଞ୍ଚଳ ପରିଷଦର କେନ୍ଦୁଗୁଡାଠାରେ ଆଜ୍ଞାମାଳ ମିଳିଯାଇଛି । ଏଠାରେ ମା ପରଦେଶୀନୀଙ୍କୁ ଗ୍ରାମଦେବୀରୂପେ କେନ୍ଦୁଗୁଡାବାସୀ ପୂଜା କରିଆସୁଛନ୍ତି ଏବଂ ଯେକୌଣସି ସାମାଜିକ ବା ସାମୂହିକ କାର୍ଯ୍ୟକ୍ରମର ପ୍ରାରମ୍ଭ କରିବା ପୂର୍ବରୁ ମା'ଙ୍କ ଠାରୁ ଆଜ୍ଞାମାଳ ନେଇ କାର୍ଯ୍ୟ ପ୍ରାରମ୍ଭ କରାଯିବାର ପରମ୍ପରା ଚାଲିଆସୁଛି । ଦୀର୍ଘ ୨୦ବର୍ଷ ହେଲା କେନ୍ଦୁଗୁଡାବାସୀ ଦୁର୍ଗାପୂଜା କରି ଆସୁଛନ୍ତି ଏବଂ ମା'ଙ୍କ ଆଜ୍ଞାମାଳ ନେଇ ପୂଜା କର୍ମ ସବୁ ଆରମ୍ଭ କରିଥାନ୍ତି । ତେଣୁ ସେହି ପରମ୍ପରାକୁ ରକ୍ଷା କରି ମା'ଙ୍କଠାରୁ ଆଜ୍ଞାମାଳ ପାଇବା ପାଇଁ ପୂଜା ଅର୍ଚ୍ଚନା କରାଯାଇଥିଲା ଓ ମା'ଙ୍କ ଆଜ୍ଞାମାଳ ପ୍ରାପ୍ତି ହୋଇଥିଲା । ଏହାପରେ ଦୁର୍ଗାପୂଜାକୁ ଏହି କରୋନା କାଳରେ କିପରି କାର୍ଯ୍ୟକ୍ଷମ କରିବେ ବୋଲି ପଚାରି ବୁଝିବାରୁ ମା' ପରଦେଶିନୀ ଦୁର୍ଗାପୂଜା କମିଟି, କେନ୍ଦୁଗୁଡାର ସଭାପତି ଲକ୍ଷ୍ମୀନାରାୟଣ ସାହୁଙ୍କ କହିଥିଲେ, ସରକାରଙ୍କ ନିୟମ ମାନି ଏହି ପୂଜା କାର୍ଯ୍ୟକ୍ରମ କରାଯିବ ।

## ବିଜେପି ଯୁବମୋର୍ଚ୍ଚାର ଜିଲ୍ଲା କାର୍ଯ୍ୟକାରିଣୀ ବୈଠକ

**ଡାବୁଗାଁ, ୨୨।୯ (ସମିସ)।** ନବରଙ୍ଗପୁର ଜିଲ୍ଲା ବିଜେପି ଯୁବମୋର୍ଚ୍ଚାର ପ୍ରଥମ କାର୍ଯ୍ୟକାରିଣୀ ବୈଠକ ଡାବୁଗାଁ ଶ୍ରୀନିବାସ କଲ୍ୟାଣ ମଣ୍ଡପ ପରିସରରେ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ଯୁବମୋର୍ଚ୍ଚା ସଭାପତି ଚନ୍ଦ୍ରଭାନୁ ନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ରାଜ୍ୟ ଯୁବମୋର୍ଚ୍ଚା ଉପସଭାପତି ନୀଳାଦ୍ରି ପାତ୍ର, ରାଜ୍ୟ ଯୁବମୋର୍ଚ୍ଚା କୋଷାଧ୍ୟକ୍ଷ ସନ୍ତୋଷ ମହାପାତ୍ର , ଜିଲ୍ଲା ବିଜେପି ସଭାପତି ଜଗଦୀଶ ଚନ୍ଦ୍ର ବିଶୋଇ, ଉମରକୋଟ ବିଧାୟକ ନିତ୍ୟାନନ୍ଦ ଗଣ୍ଡ, ଜିଲ୍ଲା ଯୁବମୋର୍ଚ୍ଚା ପ୍ରଭାରୀ ହିମାଂଶୁ ପଣ୍ଡା, ରାଜ୍ୟ କାର୍ଯ୍ୟକାରିଣୀ ସଭ୍ୟ ରମେଶ ସାହୁ, ଗୌରୀ ଶଙ୍କର ମାଝୀ, ପୂର୍ବତନ ଜିଲ୍ଲା ଯୁବମୋର୍ଚ୍ଚା ସଭାପତି କାହ୍ନୁ ଚରଣ ଦାଶ ପ୍ରମୁଖ ଉପସ୍ଥିତ ଥିଲେ । ଆଗାମୀ ପୌର ନିର୍ବାଚନ ତଥା ତ୍ରିସ୍ତରୀୟ ପଞ୍ଚାୟତ ନିର୍ବାଚନରେ ଯୁବମୋର୍ଚ୍ଚାର ସାଂଗଠନିକ ଓ କାର୍ଯ୍ୟ ଶୈଳୀ ସମ୍ବନ୍ଧରେ ରାଜ୍ୟ ଯୁବମୋର୍ଚ୍ଚା ଉପସଭାପତି ନୀଳାଦ୍ରି ପାତ୍ର ବିସ୍ତୃତ ଭାବେ ଯୁବବର୍ଗଙ୍କୁ ମନ୍ତ୍ର ଦେଇଥିଲେ । ନିର୍ବାଚନରେ ଯୁବକମାନେ ହିଁ ଉତ୍ତମ ମାର୍ଗଦର୍ଶନ କରିବେ ବୋଲି କହିଥିଲେ। ପଞ୍ଚାୟତ ଓ ପୌର ନିର୍ବାଚନ ପୂର୍ବରୁ ଜିଲ୍ଲାର ସମସ୍ତ ବ୍ଲକର ମଣ୍ଡଳ ଯୁବମୋର୍ଚ୍ଚା କାର୍ଯ୍ୟକର୍ତ୍ତାଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଦୁର୍ନୀତି ପ୍ରସଙ୍ଗରେ ପଞ୍ଚାୟତ ଘେରାଉ ସହ କେନ୍ଦ୍ର ସରକାରଙ୍କ ବିଭିନ୍ନ ଜନହିତକର ଯୋଜନା ଲୋକଙ୍କ ନିକଟରେ ପହଞ୍ଚିଛି କି ନାହିଁ ତଥା କେନ୍ଦ୍ର ସରକାରଙ୍କ ବିଭିନ୍ନ ଲୋକାଭିମୁଖୀ ଯୋଜନାକୁ ବହୁଳ ପ୍ରଚାର ଓ ପ୍ରସାର କରିବାକୁ ଉମରକୋଟ ବିଧାୟକ ଗଣ୍ଡ କହିଥିଲେ । ଜିଲ୍ଲା ସଭାପତି ଜଗଦୀଶ ଚନ୍ଦ୍ର ବିଶୋଇ ତୃଣମୂଳ ସ୍ତରରେ ଯୁବମୋର୍ଚ୍ଚା ସଂଗଠନକୁ ସୁଦୃଢ କରିବାକୁ ପରାମର୍ଶ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଡାବୁଗାଁ ବିଜେପିର ବରିଷ୍ଠ ନେତା ଦିବାନ ସିଂ, ଡାବୁଗାଁ ମଣ୍ଡଳ ସଭାପତି ଜେ ରାଜଶେଖର ରାଓ, ଡାବୁଗାଁ ମଣ୍ଡଳ ଯୁବମୋର୍ଚ୍ଚା ସଭାପତି ୱାଇ ରାଜଶେଖର ରାଓ, ବୋରିଗାଁ ମଣ୍ଡଳ ଯୁବମୋର୍ଚ୍ଚା ସଭାପତି ମନବୋଧ ଭତରା, ମହେଶ ରାୟ ପାତ୍ର, ନରେଶ ସିଂ ତଥା ନବରଙ୍ଗପୁର ଜିଲ୍ଲାର ୨୬ ଗୋଟି ଜୋନର ଯୁବମୋର୍ଚ୍ଚା ମଣ୍ଡଳ ସଭାପତି,ସମ୍ପାଦକ ଓ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ । ସମସ୍ତ କାର୍ଯ୍ୟକ୍ରମକୁ ନବରଙ୍ଗପୁର ଜିଲ୍ଲା ଯୁବମୋର୍ଚ୍ଚା ସାଧାରଣ ସମ୍ପାଦକ ଶୁଭଜିତ ପାଣିଗ୍ରାହୀ ପରିଚାଳନା କରିଥିଲେ।

## ପ୍ରେମ ପାହାଡ଼ ପରିସରରେ ସୃଷ୍ଟିହେଲାଣି କୃତ୍ରିମ ଜଙ୍ଗଲ

**ରାୟଗଡ଼ା, ୨୨।୯ (ସମିସ)**

ପ୍ରେମ ପାହାଡ଼ ପରିସରରେ ସୃଷ୍ଟି ହେଲାଣି କୃତ୍ରିମ ଜଙ୍ଗଲ। ଦୀର୍ଘଦିନ ହେଲା ପରିତ୍ୟକ୍ତ ଅବସ୍ଥାରେ ପଡିରହିଥିବାରୁ ବନ୍ୟଜନ୍ତୁଙ୍କ ପାଲଟିଛି ଆଶ୍ରୟସ୍ଥଳୀ। ରାୟଗଡା ଜିଲ୍ଲା ସଦର ମହକୁମାରେ କୋଟିକୋଟି ଟଙ୍କା ବ୍ୟୟ ଅଟକଳରେ ପ୍ରେମ ପାହାଡର ସୌନ୍ଦର୍ଯ୍ୟକରଣକୁ ନେଇ ଯୋଜନା ଏବେ ବି ଚାଲୁ ରହିଛି। କିନ୍ତୁ ବିଡମ୍ବନାର ବିଷୟ ଦୀର୍ଘ ଦିନ ଧରି ଏହାର ରକ୍ଷାଣବେକ୍ଷଣ ଅଭାବରୁ ଏହା ଏବେ ପରିତ୍ୟକ୍ତ ଅବସ୍ଥାରେ ପଡିରହିଛି। ଯାହାକୁ ନେଇ ଜନଅସନ୍ତୋଷ ବୃଦ୍ଧି ପାଇଛି। ବିଭାଗୀୟ ଅଧିକାରୀ ତଥା ପ୍ରଶାସନ ପକ୍ଷରୁ କୌଣସି

- **ପରିତ୍ୟକ୍ତ ଅବସ୍ଥାରୁ ପାଲଟିଛି ବନ୍ୟଜନ୍ତୁଙ୍କ ଆଶ୍ରୟସ୍ଥଳୀ**
- **ବଢୁଛି ଜନଅସନ୍ତୋଷ**



ସୁବ୍ୟବସ୍ଥା କରାଯାଉ ନ ଥିବାରୁ ଏବେ ପାହାଡ ପରିସରରେ ଚାଲିବା ପଥର ଦୁଇ ପାର୍ଶ୍ୱରେ ଅନାବନା ବୃକ୍ଷଲତାଗୁଡିକ ବଢିଯାଇଛି। ଏପରିକି ଲୋକଙ୍କ ବସିବା ପାଇଁ ଥିବା ଚୌକି ସ୍ଥାନଗୁଡିକ ମଧ୍ୟ ଘାସଲତା ଗୁଡିକରେ ଲୁଚି ଗଲାଣି। ସକାଳ ଓ ସାନ୍ଧ୍ୟ ଭ୍ରମଣରେ ଆସୁଥିବା ଲୋକଙ୍କ ପାଇଁ ଉଦ୍ଦିଷ୍ଟ ଥିବା ଲକ୍ଷାଧିକ ଟଙ୍କାର ବ୍ୟାୟାମ ଉପକରଣଗୁଡିକ ମଧ୍ୟ ରକ୍ଷାଣବେକ୍ଷଣ ଅଭାବରୁ ନଷ୍ଟ ହେବାକୁ ବସିଛି। ବର୍ଷାଦିନେ ଏହି ପାହାଡିଆ ଅଞ୍ଚଳରେ ଅନେକ ବିଷାକ୍ତ ସରୀସୃପର ଉପସ୍ଥିତିକୁ ନେଇ ପଥଚାରୀ ତଥା ପର୍ଯ୍ୟଟକମାନେ ଭୟଭୀତ ହେଉଛନ୍ତି। କୁନି ପିଲାଙ୍କ ଠାରୁ ଆରମ୍ଭ କରି ମହିଳା ଓ ପୁରୁଷ ଚାଲିବା ଓ ବ୍ୟାୟାମ ପାଇଁ ଆସୁଥିବା ବେଳେ ସରୀସୃପ ଦଂଶନରୁ କିଛି ଅଘଟଣ ହେଲେ ସେଥିପାଇଁ କିଏ ଦାୟୀ ରହିବେ ବୋଲି ସ୍ଥାନୀୟ ବାସିନ୍ଦାମାନେ ଅଭିଯୋଗ କରିଛନ୍ତି। ଯଥାଶୀଘ୍ର ପ୍ରେମ ପାହାଡର ସୌନ୍ଦର୍ଯ୍ୟକରଣକୁ ପୂର୍ବବସ୍ଥାକୁ ଫେରାଇ ଆଣିବା ପାଇଁ ଦାବି ଉଠିବା ସହ ଚାଲିବା ପଥର ଦୁଇ ପାଶ୍ୱର୍ରେ ବଢି ଉଠିଥିବା ଅନାବନା ଗଛଲତାକୁ କାଟି ସଫା କରାଯାଉ। ଏଠାକୁ ଆସୁଥିବା ଲୋକଙ୍କ ପାଇଁ ବିଶୁଦ୍ଧ ପାନୀୟଜଳ ଓ ସାଧାରଣ ଶୌଚାଳୟର ବ୍ୟବସ୍ଥା ପାଇଁ ପ୍ରଶାସନ ପକ୍ଷରୁ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯାଉ ବୋଲି ଦାବି ଉଠିଛି। ଏ ନେଇ ନୂତନ ଭାବେ ଜିଲ୍ଲା ପର୍ଯ୍ୟଟନ ଅଧିକାରୀଙ୍କ ଅତିରିକ୍ତ ଦାୟିତ୍ୱ ଗ୍ରହଣ କରିଥିବା କଳାହାଣ୍ଡି ଜିଲ୍ଲା ପର୍ଯ୍ୟଟନ ଅଧିକାରୀ ସୁବୋଧ ଛତ୍ରିଆଙ୍କୁ ପଚାରିବାରୁ ସେ ଦୁଇଦିନ ହେଲା ଜିଲ୍ଲା ଦାୟିତ୍ୱ ଗ୍ରହଣ କରିଛନ୍ତି ତେଣୁ ଆସନ୍ତା ଏକ ସପ୍ତାହ ମଧ୍ୟରେ ସେ ଅନୁଧ୍ୟାନ କରି ଯଥାସମ୍ଭବ

## ଜିଲ୍ଲାପାଳଙ୍କ ଝରିଗାଁ ବ୍ଲକ ଗସ୍ତ

**ଝରିଗାଁ, ୨୨।୯ (ସମିସ)**

ରାଜ୍ୟ ସରକାରଙ୍କ ଅଭିନବ ଯୋଜନା କ୍ରମେ ହାଇସ୍କୁଲ ଛାତ୍ରଛାତ୍ରୀଙ୍କୁ ଗୁଣାତ୍ମକ ଶିକ୍ଷା ବ୍ୟବସ୍ଥା ଓ ଦକ୍ଷତା ବିକାଶ ପାଇଁ ଆନୁସଙ୍ଗିକ ସୁବିଧା ଯୋଗାଇ ଦେବା ଲାଗି ବିଦ୍ୟାଳୟ ରୂପାନ୍ତରଣ ପ୍ରକ୍ରିୟା ଆରମ୍ଭ ହୋଇଯାଇଛି । ବିଦ୍ୟାଳୟ ଗୁଡିକର ରୂପରେଖ ବଦଳାଇବା ପାଇଁ ଗୋଟିଏ ବିଦ୍ୟାଳୟ ପିଛା ୬୦ ଲକ୍ଷ ଟଙ୍କା ଅନୁଦାନ ଯୋଗାଇଅଛନ୍ତି । ଏହି ଯୋଜନାକ୍ରମେ ଝରିଗାଁ ନୋଡାଲ ହାଇସ୍କୁଲକୁ ସାମିଲ କରାଯାଇ ଏହି ସର୍ବପୁରାତନ ବିଦ୍ୟାଳୟର ରୂପରେଖରେ ବିରାଟ ପରିବର୍ତ୍ତନ ଆଣିବାକୁ କାର୍ଯ୍ୟକ୍ରମ ଆରମ୍ଭ ହୋଇଯାଇଛି । ଆଜି ନବରଙ୍ଗପୁର ଜିଲ୍ଲାପାଳ ଅଜିତ କୁମାର ମିଶ୍ର ଦିନିକିଆ ଝରିଗାଁ ବ୍ଲକ ଗସ୍ତ କରି ମୋ ସ୍କୁଲ ଅଭିଯାନରେ ନିର୍ମାଣ ହେଉଥିବା ସ୍ମାର୍ଟ କ୍ଲାସ କାର୍ଯ୍ୟ ତଦାରଖ କରି କାର୍ଯ୍ୟର ଗୁଣବତ୍ତା ସହିତ ଶୀଘ୍ର ସାରିବା ପାଇଁ ବିଭାଗୀୟ ଅଧିକାରୀଙ୍କୁ ତାଗିଦ କରିଥିଲେ। ଶ୍ରେଣୀ କକ୍ଷରେ ପହଞ୍ଚି ବିଦ୍ୟାର୍ଥୀଙ୍କୁ ପାଠ ପଢାଇବା ସହିତ ବିଦ୍ୟାଳୟରେ ଆବଶ୍ୟକତା ସମ୍ପର୍କରେ ଆଲୋଚନା କରିଥିଲେ। ଆଉ ସମସ୍ତ ବିଦ୍ୟାର୍ଥୀଙ୍କୁ ଏବେ ଖୁସି ତ ବୋଲି ପ୍ରଶ୍ନ କରିଥିଲେ। ଜିଲ୍ଲାପାଳ ଆଜି ପାଠ ପଢାଇବା ପରେ ବିଦ୍ୟାର୍ଥୀମାନଙ୍କୁ କିଛି ପ୍ରଶ୍ନ କରିଥିଲେ, ଆଉ ନବମ ଶ୍ରେଣୀର ଛାତ୍ର କ୍ଷୀରଦ ମାଝୀଙ୍କ ଉତ୍ତରରେ ଖୁସି ହୋଇ ଜିଲ୍ଲାପାଳ ନିଜ ପକେଟରୁ କଲମ କାଢି ଉପହାର ଦେଇ ଉତ୍ସାହିତ କରିବା ସହିତ ମନ ଲଗାଇ ପଢିବା ପାଇଁ କହିଥିଲେ। ଯାହାକି ସମସ୍ତ ଛାତ୍ର ଛାତ୍ରୀ ଙ୍କୁ ଖୁସି ଦେଇଥିଲା। ତତସହିତ ମନରେଗା ଏବଂ ଏସଏଫସି ଯୋଜନା ରେ ହେଉଥିବା କଲ୍ୟାଣ ମଣ୍ଡପକୁ ମଧ୍ୟ ପରିଦର୍ଶନ କରି ଦେଖିଥିଲେ। ଜିଲ୍ଲାପାଳଙ୍କ ଏହି ଗସ୍ତ ସମୟରେ ଝରିଗାଁ ବିଡିଓ ସତ୍ୟ ନାରାୟଣ ମେହେର,ତହସିଲଦାର ହୃଷୀକେଶ ଗଣ୍ଡ,ସହକାରୀ ଯନ୍ତ୍ରୀ ପ୍ରିୟଙ୍କା ଗଣ୍ଡ,ବୈଷୟିକ ପରାମର୍ଶଦାତା ଓପେପା ବିଚିତ୍ରାନନ୍ଦ ପାଣିଗ୍ରାହୀ,ଯନ୍ତ୍ରୀ ବିନୋଦ କୁମାର ବେହେରା,ସଞ୍ଜୟ ଲେଙ୍କା,ଶିବରାମ ଶତପଥୀ ଏବଂ ବିଦ୍ୟାଳୟ କର୍ତ୍ତୃପକ୍ଷ ପ୍ରମୁଖ ଉପସ୍ଥିତ ରହିଥିଲେ।





**ଅନ୍ତର୍ଜାତୀୟ କ୍ରିକେଟ୍**

# ବିରାଟଙ୍କଠାରୁ ଅଧିକ ବେତନ ପାଉଥିବା କ୍ରିକେଟର୍

ଯେତେବେଳେ ଆମେ ବିଶ୍ୱରେ ସର୍ବାଧିକ ରୋଜଗାର କରୁଥିବା କ୍ରିକେଟର୍ କିମ୍ବା ଅନ୍ୟ ଆଥ୍ଲେଟ୍‌ଙ୍କ ବିଷୟରେ ଆଲୋଚନା କରୁ ସେତେବେଳେ ଏହି ତାଲିକାରେ ବିରାଟ କୋହଲି ନିଶ୍ଚୟ ରହିଥାନ୍ତି। ଭାରତୀୟ କ୍ରିକେଟ୍ ଦଳର ଅଧିନାୟକ ରହିଥିବା କୋହଲି ଦେଶର ଏକମାତ୍ର କ୍ରୀଡ଼ାବିତ୍ ଭାବେ ଫୋବର୍ସ ପକ୍ଷରୁ ପ୍ରକାଶିତ ବିଶ୍ୱର ଶ୍ରେଷ୍ଠ-୧୦୦ ଧନୀ କ୍ରୀଡ଼ାବିତ୍ (୨୦୨୦) ତାଲିକାରେ ସ୍ଥାନ ପାଇଛନ୍ତି। ଏହି ତାଲିକାରେ ସେ ୬୬ତମ ସ୍ଥାନରେ ରହିଛନ୍ତି। ସେହିଭଳି ଭାରତୀୟ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ବିସିସିଆଇର ବାର୍ଷିକ ଚୁକ୍ତି ତାଲିକାରେ ମଧ୍ୟ ତାଙ୍କୁ ଏ+ ଗ୍ରେଡ୍ ମିଳିଛି। ଅର୍ଥାତ୍ ବିସିସିଆଇ ନିକଟରୁ ସେ ବାର୍ଷିକ ୭ କୋଟି ଟଙ୍କା ବେତନ ପାଇଥାନ୍ତି।

ସେହିଭଳି ବିଶ୍ୱର ସବୁଠାରୁ ବ୍ୟୟବହୁଳ କ୍ରିକେଟ୍ ଲିଗ୍ ଆଇପିଏଲ୍‌ରେ ମଧ୍ୟ କୋହଲି ସର୍ବାଧିକ ବେତନ ପାଉଥିବା କ୍ରିକେଟର୍। ୨୦୧୮ରୁ ରୟାଲ୍ ଚ୍ୟାଲେଞ୍ଜର୍ସ ବାଙ୍ଗାଲୋର (ଆର୍‌ସିବି) ତାଙ୍କୁ ବାର୍ଷିକ ୧୭ କୋଟି ଟଙ୍କା ପ୍ରଦାନ କରୁଛି। ଏତଦ୍ ବ୍ୟତୀତ ଅପାର ଲୋକପ୍ରିୟତା ତଥା ଯୁବଗୋଷ୍ଠୀଙ୍କ ପ୍ରିୟ କ୍ରିକେଟର୍ ହୋଇଥିବାରୁ ବିରାଟ ମଧ୍ୟ ଅନେକ ବ୍ରାଣ୍ଡ ସହ ଡିଲ୍ କରିଛନ୍ତି। ତେବେ ଅନେକ ହୁଏତ ଜାଣି ନ ଥିବେ ବିଶ୍ୱରେ ଏମିତି ୫ଜଣ କ୍ରିକେଟର୍ ରହିଛନ୍ତି ଯେଉଁମାନେ ବିରାଟଙ୍କଠାରୁ ଅଧିକ ବେତନ ସେମାନଙ୍କ ବୋର୍ଡ ନିକଟରୁ ପାଇଥାନ୍ତି। ଆଇପିଏଲ୍ ଓ ବ୍ରାଣ୍ଡ ଏଣ୍ଡୋର୍ସମେଣ୍ଟ କାରଣରୁ ଭାରତୀୟ ଦଳର ଅଧିନାୟକ ଅଧିକ ରୋଜଗାର କରିପାରନ୍ତି, କିନ୍ତୁ ଏମିତି କିଛି କ୍ରିକେଟର୍ କେବଳ ଅନ୍ତର୍ଜାତୀୟ କ୍ରିକେଟ୍ ଖେଳି କୋହଲିଙ୍କଠାରୁ ଅଧିକ ବେତନ ପାଉଛନ୍ତି। ସେହି ୫ ଜଣ କ୍ରିକେଟର୍‌ଙ୍କ ଉପରେ ସଂକ୍ଷେପରେ।



**ଜୋସ୍ ବଟଲର୍ (ଇଂଲଣ୍ଡ):** ବେନ୍ ଷ୍ଟୋକ୍ସ ଓ ଜୋଫ୍ରା ଆର୍ଚରଙ୍କ ପରି ଜୋସ୍ ବଟଲର୍ ମଧ୍ୟ ୩ଟି ଯାକ ଫର୍ମାଟ୍‌ରେ ଇଂଲଣ୍ଡ ପକ୍ଷରୁ ପ୍ରତିନିଧିତ୍ୱ କରନ୍ତି। ଗତ ୨ ବର୍ଷ ହେବ ସେ ଟେଷ୍ଟ ଦଳକୁ ମଧ୍ୟ ସଫଳ ପ୍ରତ୍ୟାବର୍ତ୍ତନ କରିଛନ୍ତି। ରିପୋର୍ଟ ମୁତାବକ ବଟଲର୍ ଇଂଲଣ୍ଡ ଆଣ୍ଡ ୱେଲ୍ସ କ୍ରିକେଟ୍ ବୋର୍ଡ (ଇସିବି) ନିକଟରୁ ବାର୍ଷିକ ବେତନ ଆକାରରେ ୧୯ କୋଟି ଟଙ୍କା ପାଉଛନ୍ତି। ଆଇପିଏଲ୍ ଖେଳି ମଧ୍ୟ ସେ ବିପୁଳ ପରିମାଣର ରୋଜଗାର କରିଥାନ୍ତି।



**ବେନ୍ ଷ୍ଟୋକ୍ସ (ଇଂଲଣ୍ଡ):** ତୃତୀୟ ଇଂଲଣ୍ଡର କ୍ରିକେଟର୍ ଭାବେ ଷ୍ଟାର୍ ଅଲ୍‌ରାଉଣ୍ଡର ବେନ୍ ଷ୍ଟୋକ୍ସ ମଧ୍ୟ ଏହି ତାଲିକାରେ ସ୍ଥାନ ପାଇଛନ୍ତି। ଆର୍ଚରଙ୍କ ପରି ଷ୍ଟୋକ୍ସ ମଧ୍ୟ ଜାତୀୟ ଦଳ ପକ୍ଷରୁ ସମସ୍ତ ଫର୍ମାଟ୍‌ରେ ପ୍ରତିନିଧିତ୍ୱ କରନ୍ତି। ଯେଉଁଥି ପାଇଁ ସେ ଇଂଲଣ୍ଡ ବୋଲର୍ହ ନିକଟରୁ ବିପୁଳ ରୋଜଗାର କରିଥାନ୍ତି। ୨୦୧୩ରୁ ଇଂଲଣ୍ଡ ଦଳର ନିୟମିତ ସଦସ୍ୟ ପାଲଟିଥିବା ୩୦ ବର୍ଷୀୟ ଷ୍ଟୋକ୍ସ ଭାରତୀୟ ମୁଦ୍ରାରେ ବାର୍ଷିକ ପ୍ରାୟ ୮.୭୫ କୋଟି ଟଙ୍କା ବେତନ ଆକାରରେ ଇସିବି ନିକଟରୁ ପାଉଛନ୍ତି। କ୍ରମାଗତ ପ୍ରଭାବୀ ପ୍ରଦର୍ଶନ ଯୋଗୁ ଷ୍ଟୋକ୍ସ ଗତ ୩ ବର୍ଷ ମଧ୍ୟରେ ବେତନରେ ୪୦ ପ୍ରତିଶତ ବୃଦ୍ଧି କରିପାରିଛନ୍ତି। ଚଳିତ ବର୍ଷ ଶେଷ ଭାଗରେ ଇସିବି ବେତନ ପ୍ରଣାଳୀରେ ପରିବର୍ତ୍ତନ କରିବାକୁ ଥିବାରୁ ଷ୍ଟୋକ୍ସଙ୍କ ବାର୍ଷିକ ବେତନ ବୃଦ୍ଧି ପାଇପାରେ ବୋଲି ରିପୋର୍ଟ ପ୍ରକାଶ ପାଇଛି।



**ଷ୍ଟିଭ ସ୍ମିଥ୍ (ଅଷ୍ଟ୍ରେଲିଆ)** ଅଷ୍ଟ୍ରେଲିଆର ପ୍ରାକ୍ତନ ଅଧିନାୟକ ଷ୍ଟିଭ୍ ସ୍ମିଥ୍ ଏହି ତାଲିକାର ୪ର୍ଥ ସ୍ଥାନରେ ରହିଛନ୍ତି। ଇଂଲଣ୍ଡ ଆଣ୍ଡ ୱେଲ୍ସ କ୍ରିକେଟ୍ ବୋର୍ଡ (ଇସିବି) ପରି କ୍ରିକେଟ୍ ଅଷ୍ଟ୍ରେଲିଆ (ସିଏ) ମଧ୍ୟ ଟେଷ୍ଟ କ୍ରିକେଟ୍‌କୁ ବେଶ୍ ଗୁରୁତ୍ୱ ପ୍ରଦାନ କରିଥାଏ। ସ୍ମିଥ୍ ଅଷ୍ଟ୍ରେଲିଆର ଶୀର୍ଷ ମାନ୍ୟତାପ୍ରାପ୍ତ ଟେଷ୍ଟ ବ୍ୟାଟ୍ସମ୍ୟାନ। ସେହିଭଳି ବର୍ତ୍ତମାନ ଖେଳୁଥିବା ଖେଳାଳିଙ୍କ ମଧ୍ୟରେ ସର୍ବାଧିକ ରନ୍ ସଂଗ୍ରହକାରୀ ଖେଳାଳି। ରିପୋର୍ଟ ମୁତାବକ, ସିଏ ବାର୍ଷିକ ୪ ମିଲିଅନ ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୨୯ କୋଟି ୫୪ ଲକ୍ଷ ଟଙ୍କା) ସ୍ମିଥ୍‌ଙ୍କୁ ପ୍ରଦାନ କରିଥାଏ। ସ୍ମିଥ୍ ୩ଟି ଯାକ ଫର୍ମାଟ୍‌ରେ ଅଷ୍ଟ୍ରେଲିଆ ପକ୍ଷରୁ ପ୍ରତିନିଧିତ୍ୱ କରନ୍ତି। ବେତନ ବ୍ୟତୀତ ସ୍ମିଥ୍ ମଧ୍ୟ କୋହଲିଙ୍କ ପରି ବିଭିନ୍ନ ବିଜ୍ଞାପନରୁ ଆଖିଦୃଷ୍ଟିଆ ରୋଜଗାର କରିଥାନ୍ତି। ୨୦୧୮ରେ ବଲ୍ ଟ୍ୟାପରିଂ ଘଟଣାରେ ବିବାଦୀୟ ହେବାପରେ ସ୍ମିଥ ତାଙ୍କ ପ୍ରଦର୍ଶନରେ ଆହୁରି ଉନ୍ନତ କରିପାରିଛନ୍ତି।



**ଜୋଫ୍ରା ଆର୍ଚର (ଇଂଲଣ୍ଡ):** ଇଂଲଣ୍ଡ ଦଳର ତାରକର ଦ୍ରୁତ ବୋଲର ଜୋଫ୍ରା ଆର୍ଚର ଏହି ତାଲିକାର ୨ୟ ସ୍ଥାନରେ ରହିଛନ୍ତି। ୨୦୧୯-୨୦ ସିଜନ ଆର୍ଚରଙ୍କ ପାଇଁ ବେଶ୍ ସଫଳମୟ ରହିଥିଲା। ଯେଉଁଥି ପାଇଁ ସେ ଇଂଲଣ୍ଡର ୩ଟି ଯାକ ଫର୍ମାଟ୍‌ରେ ଜଣେ ନିୟମିତ ସଦସ୍ୟ ହୋଇପାରିଥିଲେ। ସଂକ୍ଷିପ୍ତ କ୍ୟାରିୟର ମଧ୍ୟରେ ଆର୍ଚର ଅଧିନାୟକଙ୍କ ବେଶ୍ ଭରସାଯୋଗ୍ୟ ହୋଇପାରିଛନ୍ତି। ଯେଉଁଥି ପାଇଁ ୨୦୧୯ ଆଇସିସି ଏକଦିବସୀୟ ବିଶ୍ୱକପ୍ ଫାଇନାଲ ସୁପର୍ ଓଭରରେ ମଧ୍ୟ ଅଧିନାୟକ ତାଙ୍କୁ ବୋଲିଂ ଭାର ପ୍ରଦାନ କରିଥିଲେ ଏବଂ ସେ ୧୫ ରନକୁ ରୋକିପାରିଥିଲେ। ଗତ ଆସେସ୍ ସିରିଜରେ ପ୍ରଭାବୀ ବୋଲିଂ କରିବା ପରେ ଆର୍ଚରଙ୍କ ବାର୍ଷିକ ବେତନ ରୁଟ୍‌ଙ୍କ ସହିତ ସମାନ କରିଦିଆଯାଇଥିଲା। କିନ୍ତୁ ସେ ୩ଟି ଯାକ ଫର୍ମାଟ୍ ଖେଳୁଥିବାରୁ ବାର୍ଷିକ ସେ ଇସିବି ନିକଟରୁ ୯.୩୯ କୋଟି ଟଙ୍କା ବେତନ ପାଉଥିବା ରିପୋର୍ଟରୁ ଜଣାପଡ଼ିଛି। ରୁଟ୍ ଟେଷ୍ଟ ଓ ଏକଦିବସୀୟ କ୍ରିକେଟ୍ ଖେଳୁଥିବାବେଳେ ୱେଷ୍ଟଇଣ୍ଡିଜ ଜନ୍ମିତ ଆର୍ଚର ୩ଟି ଯାକ ଫର୍ମାଟ୍‌ରେ ଜାତୀୟ ଦଳ ପକ୍ଷରୁ ପ୍ରତିନିଧିତ୍ୱ କରିଥାନ୍ତି।

**ଜୋ ରୁଟ୍ (ଇଂଲଣ୍ଡ):** ଇଂଲଣ୍ଡ ଟେଷ୍ଟ କ୍ରିକେଟ୍ ଦଳର ଅଧିନାୟକ ଜୋ ରୁଟ୍ ଏହି ତାଲିକାରେ ଶୀର୍ଷରେ ରହିଛନ୍ତି। ତାଲିକାର ସର୍ବାଗ୍ରେ ରୁଟ୍‌ଙ୍କ ନାମକୁ ଦେଖି ଅନେକ ହୁଏତ ଚକିତ ହୋଇପାରନ୍ତି। କିନ୍ତୁ ଯେଉଁମାନେ ଇଂଲଣ୍ଡ ଆଣ୍ଡ ୱେଲ୍ସ କ୍ରିକେଟ୍ ବୋର୍ଡ (ଇସିବି)ର ଘରୋଇ ଖେଳାଳି ଚୁକ୍ତି ପ୍ରଣାଳୀ ଅନୁସରଣ କରନ୍ତି ତେବେ ବେତନ ପ୍ରସଙ୍ଗରେ ସେମାନେ ବିଭିନ୍ନ ଚୁକ୍ତିନାମା ବ୍ୟବସ୍ଥା ରଖିଛନ୍ତି। ଟେଷ୍ଟ କ୍ରିକେଟ୍‌କୁ ଗୁରୁତ୍ୱ ଦେଉଥିବା ଇସିବି ଅଧିନାୟକ ରୁଟ୍‌ଙ୍କୁ ବାର୍ଷିକ ବେତନ ଆକାରରେ ପାଖାପାଖି ୭.୨୨ କୋଟି ଟଙ୍କା ପ୍ରଦାନ କରିଥାଏ। ଯାହାକି ବିରାଟ କୋହଲି (୭ କୋଟି)ଙ୍କ ବାର୍ଷିକ ପାଉଣାଠାରୁ ଅଧିକ। ଏହି ବେତନ ରୁଟ୍‌ଙ୍କୁ ବିଶ୍ୱର ସର୍ବାଧିକ ବେତନ ପାଉଥିବା ଟେଷ୍ଟ ଅଧିନାୟକ ମାନ୍ୟତା ପ୍ରଦାନ କରିଛି। କୋହଲି ବିଜ୍ଞାପନ ଆଦିରୁ ଅଧିକ ରୋଜଗାର କରୁଥିଲେ ମଧ୍ୟ ବେତନ ଦୃଷ୍ଟିରୁ ରୁଟ୍ ତାଙ୍କୁ ପଛରେ ପକାଇ ଦେଇଛନ୍ତି।





# ଜାତୀୟ ସଫ୍ଟ ଟେନିସରେ ଭାଗନେବ ଓଡ଼ିଶା

ଭୁବନେଶ୍ୱର, ୨୨।୯ (ସମିସ): ଚଳିତ ମାସ ୨୬ରୁ ମଧ୍ୟପ୍ରଦେଶର ଦେୱାସଠାରେ ଜାତୀୟ ସିନିଅର ସଫ୍ଟ ଟେନିସ ପ୍ରତିଯୋଗିତା ଆରମ୍ଭ ହେବ। ପାଞ୍ଚଦିନ ଧରି ଅନୁଷ୍ଠିତ ହେବାକୁ ଥିବା ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିବା ଲାଗି ଓଡ଼ିଶା ଦଳ ବୁଧବାର ମଧ୍ୟପ୍ରଦେଶ ଅଭିମୁଖେ ଗସ୍ତ କରିଛି। ଗତ ସୋମବାର ଓ ମଙ୍ଗଳବାର ଦୁଇଦିନ ଧରି ଆୟୋଜିତ ରାଜ୍ୟ ପ୍ରତିଯୋଗିତାରେ ଶ୍ରେଷ୍ଠ ପ୍ରଦର୍ଶନ କରିଥିବା ଖେଳାଳିଙ୍କୁ ନେଇ ଓଡ଼ିଶା ଦଳ ଗଠନ କରାଯାଇଛି ବୋଲି ଓଡ଼ିଶା ସଫ୍ଟ ଟେନିସ ସଂଘର ସମ୍ପାଦକ ମହମ୍ମଦ ଆଜାମ ସୂଚନା ଦେଇଛନ୍ତି। ରାଜ୍ୟ ସଂଘର ନିର୍ଦ୍ଦେଶକ ଶଶାଙ୍ଗ ଚୂଡ଼ାମଣି, ଅଧ୍ୟକ୍ଷ ରଞ୍ଜନ କୁମାର ନନ୍ଦ, ସଭାପତି ବିକାଶଚନ୍ଦ୍ର ପଟ୍ଟନାୟକ, ମୋନାଲିସା ରାଜଗୁରୁ ପ୍ରମୁଖ ଉପସ୍ଥିତ ରହି ଓଡ଼ିଶା ଖେଳାଳିଙ୍କୁ ଶୁଭେଚ୍ଛା ଜଣାଇଥିଲେ। ସେହିଭଳି କିଟ୍ ଓ କିସ୍‌ର କ୍ରୀଡ଼ା ନିର୍ଦ୍ଦେଶକ ଡ. ଗଗନେନ୍ଦୁ ଦାସ, ମୁଖ୍ୟ ଉପଦେଷ୍ଟା ମନୋରଞ୍ଜନ ମହାନ୍ତି, କୃଷ୍ଣଚରଣ ପଣ୍ଡା, ନୀମାଧବ ଦେଓ, ଶକ୍ତିରଞ୍ଜନ ମହାନ୍ତି, ବିଶ୍ୱଜିତ୍ ସ୍ୱାଇଁ, ଅଜୟ ନିସାନ ପ୍ରମୁଖ ମଧ୍ୟ ଓଡ଼ିଶା ଦଳର ସଫଳତା କାମନା କରିଛନ୍ତି।

**ଓଡ଼ିଶା ଦଳ:**

**ପୁରୁଷ:** ମାନସ ରଞ୍ଜନ ସିଂହ (ଅଧିନାୟକ), ମହମ୍ମଦ ଅନମ (ଉପ-ଅଧିନାୟକ), ଅଜିତ୍ ସବାର, ରଜତ କୁମାର ରଇତା, ବିକାଶ କୁମାର ମହାପାତ୍ର, ଦାସରଥୀ ମୁଦୁଲି, ମହମ୍ମଦ ଆଜାମ (ପ୍ରଶିକ୍ଷକ) ଓ ଭଗବାନ ସେଠୀ (ମ୍ୟାନେଜର)।

**ମହିଳା:** ଅନୁସୟା ବାରିକ (ଅଧିନାୟିକା), ପୁପରନ୍ ଓରାମ (ଉପ-ଅଧିନାୟିକା), ମନୀଷା ଓରାମ, ହେମନ୍ତି ବିଲୁଙ୍ଗ।

# ରାଜସ୍ଥାନ-ଛତିଶଗଡ଼, ମଧ୍ୟପ୍ରଦେଶ-ତେଲଙ୍ଗାନା ଫାଇନାଲ

**ଜାତୀୟ ସଫ୍ଟବଲ**

**କଟକ,୨୨।୯ (ସମିସ)** ସତ୍ୟବ୍ରତ ଷ୍ଟାଡିୟମରେ ଚାଲିଥିବା ୩୩ତମ ସବ୍‌ଜୁନିୟର ଜାତୀୟ ସଫ୍ଟବଲ ଚାମ୍ପିଅନସିପ ୩ୟ ଦିନର ଖେଳ ଶେଷ ହୋଇଛି। ବୁଧବାର ସେମିଫାଇନାଲ ମ୍ୟାଚ୍ ଖେଳାଯାଇଥିଲା। ବାଳକ ବିଭାଗରେ ରାଜସ୍ଥାନ ଓ ଛତିଶଗଡ଼, ବାଳିକା ବିଭାଗରେ ମଧ୍ୟପ୍ରଦେଶ ଓ ତେଲଙ୍ଗାନା ଫାଇନାଲରେ ପ୍ରବେଶ କରିଛନ୍ତି। ଗୁରୁବାର ଫାଇନାଲ ମୁକାବିଲା ହେବା ସହିତ ପୁରସ୍କାର ବିତରଣୀ ଉତ୍ସବ ଅନୁଷ୍ଠିତ ହେବ।

ବାଳକ ବିଭାଗର ପ୍ରଥମ ସେମିଫାଇନାଲ ମ୍ୟାଚ୍‌ରେ ରାଜସ୍ଥାନ ୮-୦ ପଏଣ୍ଟରେ ପଞ୍ଜାବକୁ ହରାଇ ଫାଇନାଲରେ ସ୍ଥାନ ସୁରକ୍ଷିତ କରିଥିଲା। ଦ୍ୱିତୀୟ ସେମିଫାଇନାଲ ମ୍ୟାଚ୍‌ରେ ଛତିଶଗଡ଼ ୫-୦ ପଏଣ୍ଟରେ ଉତ୍ତରାଖଣ୍ଡକୁ ହରାଇଥିଲା। ସେହିଭଳି ବାଳିକା ବର୍ଗର ପ୍ରଥମ ସେମିଫାଇନାଲ ମ୍ୟାଚ୍‌ରେ ମଧ୍ୟପ୍ରଦେଶ ୫-୨ ପଏଣ୍ଟରେ ଆନ୍ଧ୍ରପ୍ରଦେଶକୁ ଓ ତେଲଙ୍ଗାନା ୫-୦ ପଏଣ୍ଟରେ ରାଜସ୍ଥାନକୁ ହରାଇ ଫାଇନାଲରେ ପ୍ରବେଶ କରିଛନ୍ତି। ଏହା ପୂର୍ବରୁ ଖେଳାଯାଇଥିବା ବାଳକ ବର୍ଗର କ୍ୱାର୍ଟରଫାଇନାଲ ମ୍ୟାଚଗୁଡ଼ିକରେ ରାଜସ୍ଥାନ ୭-୦ ପଏଣ୍ଟରେ ତେଲଙ୍ଗାନାକୁ, ପଞ୍ଜାବ ୧-୦ ପଏଣ୍ଟରେ ମଧ୍ୟପ୍ରଦେଶକୁ, ଛତିଶଗଡ଼ ୮-୧ ପଏଣ୍ଟରେ ମହାରାଷ୍ଟ୍ରକୁ, ଉତ୍ତରାଖଣ୍ଡ ୩-୧ ପଏଣ୍ଟରେ କେରଳକୁ ପରାସ୍ତ କରିଥିଲା। ବାଳିକା ବର୍ଗର କ୍ୱାର୍ଟରଫାଇନାଲ ମ୍ୟାଚ୍‌ରେ ମଧ୍ୟପ୍ରଦେଶ ୪-୨ ପଏଣ୍ଟରେ ଉତ୍ତରାଖଣ୍ଡକୁ, ଆନ୍ଧ୍ରପ୍ରଦେଶ ୫-୪ରେ ଛତିଶଗଡ଼କୁ, ତେଲଙ୍ଗାନା ୧-୦ରେ ଦିଲ୍ଲୀକୁ ଓ ରାଜସ୍ଥାନ ୯-୧ ପଏଣ୍ଟରେ ମହାରାଷ୍ଟ୍ରକୁ ହରାଇଥିଲା।



# ଡୁରାଣ୍ଡ କପ୍: ଆଜିଠୁ କ୍ୱାର୍ଟର ଫାଇନାଲ

କୋଲକାତା, ୨୨।୯ (ଏଜେନ୍ସି): ଏଠାରେ ଚାଲିଥିବା ଏସିଆ ମହାଦେଶର ସର୍ବପୁରାତନ ଫୁଟ୍‌ବଲ ପ୍ରତିଯୋଗିତା ଡୁରାଣ୍ଡ କପ୍‌ର ୧୩୦ତମ ସଂସ୍କରଣର କ୍ୱାର୍ଟରଫାଇନାଲ ଲାଇନ୍‌ଅପ୍ ଚୂଡ଼ାନ୍ତ ହୋଇଛି। ମହମ୍ମଦାନ ଓ ଗୋକୁଲମ୍ ମଧ୍ୟରେ ପ୍ରଥମ କ୍ୱାର୍ଟର ଫାଇନାଲ ଗୁରୁବାର ଖେଳାଯିବ। ସେହିଭଳି ଶୁକ୍ରବାର ୨ଟି କ୍ୱାର୍ଟର ଫାଇନାଲ ମ୍ୟାଚ୍ ଖେଳାଯିବ। ଆର୍ମି ରେଡ୍ ଓ ବେଙ୍ଗାଲୁରୁ ୟୁନାଇଟେଡ୍ ମଧ୍ୟରେ ୨ୟ ଏବଂ ଗୋଆ ଓ ଦିଲ୍ଲୀ ଏଫ୍‌ସି ମଧ୍ୟରେ ୩ୟ କ୍ୱାର୍ଟର ଫାଇନାଲ ଅନୁଷ୍ଠିତ ହେବ। ଶନିବାର ଅନ୍ତିମ ତଥା ୪ର୍ଥ କ୍ୱାର୍ଟରରେ ଆର୍ମି ଗ୍ରୀନ୍ ଓ ବେଙ୍ଗାଲୁରୁ ଏଫ୍‌ସି ପରସ୍ପରକୁ ଭେଟିବେ। ବୁଧବାର ଖେଳାଯାଇଥିବା ଶେଷ ଗ୍ରୁପ୍ ପର୍ଯ୍ୟାୟ ମ୍ୟାଚରେ ଦିଲ୍ଲୀ ଏଫ୍‌ସି ଓ ବେଙ୍ଗାଲୁରୁ ଏଫ୍‌ସି ବିଜୟୀ ହୋଇଥିଲେ।

ୱିଲିସ୍ ପ୍ଲାଜାଙ୍କ ଗୋଲ୍ ବଳରେ ଦିଲ୍ଲୀ ଏଫ୍‌ସି ଦଳ ପ୍ରଥମଥର ଲାଗି ସମ୍ମାନଜନକ ଡୁରାଣ୍ଡ କପ୍ ଫୁଟ୍‌ବଲ ପ୍ରତିଯୋଗିତାର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। କଲ୍ୟାଣୀ ଷ୍ଟାଡିୟମରେ ଖେଳାଯାଇଥିବା ମ୍ୟାଚରେ ଦିଲ୍ଲୀ ଏଫ୍‌ସି ୧-୦ ଗୋଲରେ କେରଳା ବ୍ଲାଷ୍ଟର୍ସକୁ ପରାସ୍ତ କରିଛି। ସେହିଭଳି ଅନ୍ୟ ଏକ ମ୍ୟାଚରେ ବେଙ୍ଗାଲୁରୁ ଏଫ୍‌ସି ୫-୩ ଗୋଲରେ ଇଣ୍ଡିଆନ୍ ନେଭିକୁ ହରାଇ ଅନ୍ତିମ-୮ରେ ସ୍ଥାନ ପକ୍କା କରିଛି। ବେଙ୍ଗାଲୁରୁ ପକ୍ଷରୁ ମଧ୍ୟ ହର୍‌ମନପ୍ରୀତ୍ ୨ଟି ଗୋଲ୍ ଦେଇଥିଲେ।

ସକାଳ
THE SAKALA
www.sakalaepaper.com




# କୋକନଟ୍ ଗ୍ରେଭି ପନିର୍




## ଆବଶ୍ୟକ ସାମଗ୍ରୀ


ପନିର: ୫୦୦ ଗ୍ରାମ୍, ନଡ଼ିଆ ରସ: ଏକ କପ୍, ପିଆଜ: ୨ଟା, ଟମାଟୋ ପ୍ୟୁରି: ଅଧା କପ୍, ଗରମ ମସଲା: ଏକ ଚାମଚ, ଜିରା: ଅଧା ଚାମଚ, ଲଙ୍କା ଗୁଣ୍ଡ: ଏକ ଚାମଚ, ହଳଦୀ ଗୁଣ୍ଡ: ଏକ ଚାମଚ, ଅଦା ଓ ରସୁଣ ପେଷ୍ଟ: ୨ ଚାମଚ, ଧନିଆ ଗୁଣ୍ଡ: ଏକ ଚାମଚ, ଲୁଣ: ସ୍ୱାଦ ଅନୁସାରେ, ଧନିଆ ପତ୍ର: ସଜାଇବା ପାଇଁ, ତେଲ: ଆବଶ୍ୟକତା ଅନୁସାରେ।

## ପ୍ରସ୍ତୁତି ପ୍ରଣାଳୀ

ପ୍ରଥମେ ଚୁଲା ଲଗେଇ କଡ଼େଇ ବସାନ୍ତୁ। କଡ଼େଇ ଗରମ ହେବା ପରେ ଅଳ୍ପ ତେଲ ଦିଅନ୍ତୁ। ଏହାପରେ ଜିରା ଓ ପିଆଜ ପକାଇ ଭାଜନ୍ତୁ। ପିଆଜ ଲାଲ୍ ହୋଇଯିବା ପରେ ଅଦା ରସୁଣ ପେଷ୍ଟ ପକାନ୍ତୁ। ଏହାକୁ କିଛି ସମୟ କଷିବା ପରେ ଟମାଟୋ ପ୍ୟୁରି ପକାନ୍ତୁ। ସେଥିରେ ଲୁଣ, ଗରମ ମସଲା, ଧନିଆ ଗୁଣ୍ଡ, ଲଙ୍କା ଗୁଣ୍ଡ, ହଳଦୀ ଗୁଣ୍ଡ ପକାଇ ଭଲ ଭାବେ କଷନ୍ତୁ। ମସଲା କଷି ହୋଇଯିବା ପରେ ନଡ଼ିଆ ରସ ଓ ଅଳ୍ପ ପାଣି ଦେଇ ଢ଼ାଙ୍କୁଣୀ ଘୋଡ଼ାଇ ଦିଅନ୍ତୁ। କିଛି ସମୟ ପରେ ସେଥିରେ ପନିର୍ ଓ ଗରମ ମସଲା ପକାଇ ଦୁଇ ତିନି ମିନିଟ୍ ଫୁଟାନ୍ତୁ। ଏକ ପାତ୍ରକୁ କାଢ଼ି ଧନିଆ ପତ୍ରରେ ସଜାନ୍ତୁ କୋକନଟ୍ ଗ୍ରେଭି ପନିର୍। ଏହାକୁ ଭାତ କିମ୍ବା ରୁଟି ସହ ଗରମ ଗରମ ପରଷନ୍ତୁ।

# କେଶ ସଫାର ନୂଆ ଟ୍ରେଣ୍ଡ

# ରିଭର୍ସ ହେୟାର୍ ୱାସ୍



**କେଶ ସଫା କରିବାର ନୂଆ ଏକ ଟ୍ରେଣ୍ଡ ହେଉଛି 'ରିଭର୍ସ ହେୟାର୍ ୱାସ୍'। ଯାହା ସାଧାରଣ କେଶ ଧୋଇବା ପ୍ରକ୍ରିୟାଠାରୁ ସମ୍ପୂର୍ଣ୍ଣ ଭିନ୍ନ।**

## କ'ଣ ଏହା

ସାଧାରଣତଃ କେଶ ସଫା ସମୟରେ ପ୍ରଥମେ ସାମ୍ପୁ ଓ ପରେ କଣ୍ଡିସନର ବ୍ୟବହାର କରାଯାଏ। କିନ୍ତୁ ଏହାର ପ୍ରକ୍ରିୟା ଓଲଟା। ଅର୍ଥାତ୍ ଏଥିରେ ପ୍ରଥମେ କଣ୍ଡିସନର ଓ ପରେ ସାମ୍ପୁ କରାଯାଉଥିବାରୁ ଏହାକୁ କୁହାଯାଉଛି 'ରିଭର୍ସ ହେୟାର୍ ୱାସ୍'।

## କିଭଳି କରିବେ

- ପ୍ରଥମେ କେଶ ଓଦା କରି କଣ୍ଡିସନର ବ୍ୟବହାର କରନ୍ତୁ।
- କଣ୍ଡିସନର ଲଗାଇବାର ୧୦ ମିନିଟ୍ ପରେ କେଶ ଧୋଇ ଦିଅନ୍ତୁ।
- ଏହା ପରେ ସାମ୍ପୁ ଲଗାଇ କେଶ ଧୁଅନ୍ତୁ। ଅବଶ୍ୟ ଏଥିରେ ସାମ୍ପୁ ଥରେ ବ୍ୟବହାର କରାଯାଏ।
- ପରେ କେଶରେ ସିରମ୍ ବ୍ୟବହାର କରନ୍ତୁ।

## ଉପକାରିତା

ଏହା ଦ୍ୱାରା କେଶ ମୂଳରୁ ମଇଳା ଭଲ ଭାବେ ସଫା ହୋଇଥାଏ। କେଶ ଭଲ ବଢ଼େ ଓ ସୁସ୍ଥ ରହେ। ଏହା ସହ କେଶରେ ଚମକ ଆସିଥାଏ। ତୈଳାକ୍ତ, ପତଳା ତଥା ଶୁଷ୍କ କେଶ ଲାଗି ଉପଯୋଗୀ ରିଭର୍ସ ହେୟାର୍ ୱାସ୍। ଅନ୍ୟପଟେ ବାହାରେ ଅଧିକ ବୁଲାବୁଲି ବା ଜଗିଂ କରୁଥିଲେ ଏହି ପ୍ରକ୍ରିୟାକୁ ଆପଣାଇବା ଦରକାର। ଅବଶ୍ୟ ସପ୍ତାହକୁ ଥରେ ଏହାକୁ କରିବା ଉଚିତ।

# ଏପାଖେ ଯନ୍ତ୍ରଣା, ସେପାଖେ ହସ



**ମୁହଁ ହେଉଛି ମନର ଆଇନା। ଆମ ମନ ମଧ୍ୟରେ ଚାଲୁଥିବା ପ୍ରତିଟି ଭାବନା ତଥା ବ୍ୟକ୍ତିତ୍ୱକୁ ଏହା ସମସ୍ତଙ୍କ ସାମ୍ନାରେ ଆଣି ରଖି ଦିଏ। ସେଥିପାଇଁ ଘରୁ ବାହାରିବା ମାତ୍ରେ ଦୁଃଖକୁ ହସର ମୁଖା ଭିତରେ ଲୁଚାଇବାକୁ ପଡ଼ିଥାଏ। ତେବେ ପ୍ରଫେସନାଲ ଜୀବନରେ ମନୋଭାବକୁ ଲୁଚାଇ ମାହୋଲକୁ ଖୁସି ରଖିବା କ'ଣ ସହଜ କଥା! ଏ ନେଇ ବିଭିନ୍ନ କ୍ଷେତ୍ରରେ କାମ କରୁଥିବା କେତେକ ମହିଳା କି ପ୍ରକାର ପ୍ରଚେଷ୍ଟା କରନ୍ତି, ତାହାକୁ ନେଇ ଏ ଉପସ୍ଥାପନା...**

ସାଧାରଣତଃ ହସୁଥିବା ତଥା ହସାଉଥିବା ଲୋକଙ୍କୁ ସମସ୍ତେ ଭଲପାଆନ୍ତି। ଏହା ସହ ସାମାଜିକ ଜୀବନରେ ମଧ୍ୟ ଏମାନଙ୍କର ଏକ ସୁନ୍ଦର ଛବି ବଜାୟ ରହିଥାଏ। ସେଥିପାଇଁ କିଛି ଜାଣିବା ଏଭଳି ଅଛି, ମନରେ ଯେତେ ଚିନ୍ତା କି ଦୁଃଖ ଥିଲେ ସେସବୁର ଝଲକ ସେମାନଙ୍କ ବ୍ୟକ୍ତିତ୍ୱରେ କେବେ ବି ଦେଖିବାକୁ ମିଳି ନ ଥାଏ। ମୁଖ୍ୟତଃ ଲୋକସମ୍ପର୍କ ସହ ଜଡ଼ିତ ଲୋକଙ୍କ ପାଇଁ ଖୁସି ଦେଖାଇବା ନିହାତି ଜରୁରୀ। ଅର୍ଥାତ୍ ଅଜଣା, ଅଚିହ୍ନା ଲୋକଙ୍କ ସହ କଥାବାର୍ତ୍ତା ବେଳେ ବ୍ୟକ୍ତିତ୍ୱରେ ଆତ୍ମୀୟତା ପ୍ରତିଫଳିତ ହେବା ଉଚିତ୍। ପ୍ରତିକୂଳ ପରିସ୍ଥିତିରେ ଶାନ୍ତିଚିତ୍ତ ସହ ହସିବାରେ ଏମାନେ ଥାନ୍ତି ବେଶ ପାରଙ୍ଗମ।

କୌଣସି କମ୍ପାନିରେ ଫ୍ରଣ୍ଟ ଅଫିସରେ ବସିଥିବା ରିସେପସନିଷ୍ଟ, ଡାକ୍ତର, ନର୍ସ, ଏୟାର ହୋଷ୍ଟେସ୍, ଶିକ୍ଷୟିତ୍ରୀ, କଳାକାର ଆଦି ବହୁ ଲୋକ ଏମିତି ଅଛନ୍ତି, ଯେଉଁମାନଙ୍କ ପ୍ରଫେସନାଲ କାମ ହେଉଛି ନିଜେ ହସି ଅନ୍ୟର ଯତ୍ନ ତଥା ସେମାନଙ୍କୁ ଭଲ ସେବା ପ୍ରଦାନ କରିବା। ସେମାନଙ୍କ ସୌମ୍ୟ ହସ ପଛରେ ବି ବହୁ କଷ୍ଟ, ଯନ୍ତ୍ରଣା ଲୁଚି ରହିଥାଏ। କହିବାକୁ ଗଲେ ହସୁଥିବା ପ୍ରତ୍ୟେକ ମଣିଷ ପଛରେ କଷ୍ଟର ଅନେକ ଅକୁହା କାହାଣୀ ଥାଏ। ମାତ୍ର ଜିଇବା ଲାଗି ଏମାନଙ୍କୁ ହସିବାକୁ ପଡ଼ିଥାଏ।

## ନକଲି ହସ ଲାଗେ ସତ

ଜରୁରୀ ନୁହେଁ ସବୁବେଳେ ହସୁଥିବା ମଣିଷର ବ୍ୟକ୍ତିଗତ ଜୀବନ ସୁଖମୟ ହୋଇଥିବ। ନକଲି ହସ କାରଣରୁ ମିଳୁଥିବା ପ୍ରଶଂସା ମଣିଷକୁ ସବୁ ଖୁସି ଦେଇଥାଏ ବୋଲି କହନ୍ତି ଭୁବନେଶ୍ୱରର ମମତା ମହାନ୍ତି। ସେ ଏକ ଘରୋଇ କମ୍ପାନିରେ ରିସେପସନିଷ୍ଟ ଭାବେ କାର୍ଯ୍ୟରତ। ଶାଶୁ ଘର ଲୋକେ କି ସ୍ୱାମୀ ତାଙ୍କୁ ଭଲ ପାଆନ୍ତି ନାହିଁ। ସେ ତିନି ବର୍ଷ ବୟସ ଝିଅ ସହ ବାପ ଘରେ ରହୁଛନ୍ତି। ସୁବେଳେ କିଛି ନା କିଛି ଚିନ୍ତା ତଥା ଦୁଃଖ ତାଙ୍କ ଜୀବନରେ ଲାଗି ରହିଥାଏ। ମାତ୍ର ସେସବୁକୁ ଆଡ଼ କରି ତାଙ୍କୁ ଅଫିସରେ ବସିବାକୁ ହୋଇଥାଏ। ଅଜଣା ଲୋକଙ୍କ ସହ ପଦୁଟିଏ ହସି କଥା ହେବାକୁ ପଡ଼ିଥାଏ। ଅନେକ ସମୟରେ ନିଜକୁ ଏଭଳି ଉପସ୍ଥାପନା କରିବା ସହଜ ହୋଇ ନ ଥାଏ, ତଥାପି ଜୀବିକା ଓ ଜୀବନ ପାଇଁ କିଛି ସମୟ ଖୁସି ରହିବା ଅଭ୍ୟାସରେ ପରିଣତ ହୋଇଯାଏ।

### ସେମାନଙ୍କ ମୁହଁରୁ

## କଳାକାରଠାରୁ ଦୁଃଖୀ ଆଉ କେହି ନୁହନ୍ତି



କଳାକାର ଜୀବନରେ ବହୁତ ଦୁଃଖ ଓ କଷ୍ଟ ଥାଏ। ଏହା ସତ୍ତ୍ୱେ ମଧ୍ୟ ସେ ଅଭିନୟ କରେ। ଦର୍ଶକଙ୍କ ମନୋରଞ୍ଜନ କରିବାକୁ ଚେଷ୍ଟା କରେ। ସେଥିପାଇଁ କଳାକାର ସବୁବେଳେ ହସୁଥାଏ। ଏପରିକି ସେ କେବେ ବି ତା' କଷ୍ଟ କାହା ପାଖରେ ଦେଖାଇବାକୁ ଚାହେଁ ନାହିଁ କି କେହି ତା' ଦୁଃଖ ବୁଝି ପାରନ୍ତି ନାହିଁ। ଦର୍ଶକଙ୍କୁ ହସାଇବା, କନ୍ଦାଇବା ତଥା ରଗାଇବା ସବୁ ଆମ ଉପରେ ନିର୍ଭର କରେ। ଆଉ ସେଥିରୁ ମଳୁଥିବା ପ୍ରଶଂସା ଆମ ପାଇଁ ଗୁରୁତ୍ୱ ରଖେ। ଯେଉଁଥିପାଇଁ କଷ୍ଟ ଲାଗିଲେ ବି କାହା ସାମ୍ନାରେ ସେସବୁ ଦେଖାଇ ନ ଥାଉ। ଅନ୍ୟପଟେ ଷ୍ଟାଇଲିସ୍ ଦେଖାଯାଉଥିବା କାରଣରୁ ଅଭିନେତା କି ଅଭିନେତ୍ରୀ ଦୁଃଖ କଷ୍ଟରେ ରହୁଥିବେ ବୋଲି ସାଧାରଣରେ କେହି ଭାବନ୍ତି ନାହିଁ। ସେ ବି ସଂଘର୍ଷ କରି ଆଗକୁ ବଢ଼େ। ହସ ହସ ମୁହଁରେ ନଜର ଆସୁଥିବା କଳାକାରଠାରୁ ଦୁଃଖୀ ଆଉ କେହି ନୁହେଁ।

- ସବିତା ସାହୁ, ଅଭିନେତ୍ରୀ

## ସବୁବେଳେ ଖୁସି ରହିବା ସହଜ ନୁହେଁ



ରୋଗୀଟିଏ ଯେଭଳି ଉପଯୁକ୍ତ ସେବା ପାଇ ଖୁସି ମନରେ ଘରକୁ ଫେରିବ ତାହା ଉପରେ ଗୁରୁତ୍ୱ ଦେଇଥାଉ। ତେଣୁ ସବୁବେଳେ ନିଜକୁ ଖୁସି ଦେଖାଇ ସେମାନଙ୍କ ସେବା କରିବାକୁ ହୋଇଥାଏ। ଅବଶ୍ୟ ସର୍ବଦା ନିଜକୁ ଏଭଳି ଉପସ୍ଥାପନା କରିବା ସେତେଟା ସହଜ ହୋଇ ନ ଥାଏ। କଷ୍ଟ ହେବା ତ ସ୍ୱାଭାବିକ କଥା। ମୋର କୋଭିଡ୍ ଡ୍ୟୁଟି ସମୟରେ ଜଣେ ୮୩ ବର୍ଷ ବୟସର ରୋଗୀ ସୁସ୍ଥ ହୋଇ ଘରକୁ ଯାଇଥିଲେ। ସେ ସେବାରେ ଖୁସି ହୋଇ ଆଶୀର୍ବାଦ କରିଥିଲେ। ବହୁତ ଖୁସି ଲାଗିଥିଲା। ରୋଗୀ ତଥା ହସପିଟାଲ ପ୍ରତି ଆମ ଦାୟିତ୍ୱକୁ ସାମ୍ନା ଲୋକ ବୁଝି ନ ପାରିଲେ ବିରକ୍ତ ଲାଗେ। ସେହିପରି ନିଜେ ଟ୍ରେନିଂ ନେବା ସହ ଜୁନିଅରମାନଙ୍କୁ ଖୁସିରେ ଟ୍ରେନିଂ ଦେବାକୁ ପଡ଼ିଥାଏ। ପିଲାମାନେ ନ ବୁଝିପାରିଲେ ବି ଚିଡ଼ା ଲାଗେ। କିନ୍ତୁ ହସି ହସି ସେମାନଙ୍କୁ ସବୁ କିଛି ବାରମ୍ବାର ବୁଝେଇବାକୁ ପଡ଼ିଥାଏ।

- ଶତରୂପା ପଟ୍ଟଯୋଶୀ, ଇନଫେକସନ କଣ୍ଟ୍ରୋଲ ନର୍ସ, ସମ୍ ହସପିଟାଲ

## ଷ୍ଟାଇଲ୍ ଷ୍ଟେଟ୍‌ମେଣ୍ଟ

# ଫେବ୍ରିକ୍ ହେଡ୍‌ବ୍ୟାଣ୍ଡ

ହେୟାର୍ ଷ୍ଟାଇଲକୁ ନୂଆ ଲୁକ୍ ଦେଉଛି ହେୟାର ବ୍ୟାଣ୍ଡ। ତେବେ ଏବେ ଫେବ୍ରିକ୍ ବା କପଡ଼ା ହେୟାର ବ୍ୟାଣ୍ଡର ଚାହିଦା ଟିକେ ବେଶି। ବିଭିନ୍ନ ଡିଜାଇନ ତଥା ଷ୍ଟାଇଲରେ ଏହା ଉପଲବ୍ଧ। ବିଶେଷକରି କାଜୁଆଲ ଲୁକ୍‌କୁ ଭଲ ମାନିଥାଏ ଏହି ବ୍ୟାଣ୍ଡ। ସେହିପରି ଡେନିମ୍ ତଥା ହ୍ୱାଇଟ୍ ସାର୍ଟ ଲାଗି ଫେବ୍ରିକ୍ ନଟ୍ ଷ୍ଟାଇଲ ବ୍ୟାଣ୍ଡ ଖୁବ୍ ଆକର୍ଷଣୀୟ ଲାଗେ।



ନାଇଟ୍ ପାର୍ଟି ତଥା ଫଙ୍କି ଲୁକ୍ ପାଇଁ ବୋ-ହେୟାର ବ୍ୟାଣ୍ଡ ପିନ୍ଧି ପାରିବେ। ଯେକୌଣସି ଉତ୍ସବରେ ଷ୍ଟାଇପ୍ ପ୍ରିଣ୍ଟେଡ୍ ତଥା ୱାନପିସ୍ ଡ୍ରେସ୍‌କୁ ଦୁଇ ରଙ୍ଗ ବିଶିଷ୍ଟ ଫେବ୍ରିକ୍ ହେୟାର୍ ବ୍ୟାଣ୍ଡ ସୁନ୍ଦର ଲାଗିଥାଏ। ଅନ୍ୟପଟେ ଜଗିଂ ସମୟରେ କେଶକୁ ଭଲ ଭାବେ କଭର୍ କରିଥାଏ ହେଡ୍ ଗିୟର୍। ଫଳରେ କେଶ ଧୂଳି ତଥା ମଇଳା ସଂସ୍ପର୍ଶରେ ଆସି ନ ଥାଏ। ଅନେକ ସେଲିବ୍ରିଟିଙ୍କର ଫେବ୍ରିକ୍ ହେୟାର୍ ବ୍ୟାଣ୍ଡ ଏବେ ଷ୍ଟାଇଲ ଷ୍ଟେଟମେଣ୍ଟ ସାଜିଛି।

## ସେଲିବ୍ରିଟି ସିକ୍ରେଟ୍



**ଲୋକପ୍ରିୟ କଣ୍ଠଶିଳ୍ପୀ ସୋହିନୀ ମିଶ୍ର ସୁନ୍ଦର ତ୍ୱଚା ଓ ଫିଟ୍ ରହିବା ପାଇଁ କ'ଣ କରନ୍ତି ଜାଣନ୍ତୁ ତାଙ୍କ ମୁହଁରୁ...**

# ଡାଏଟ୍ ଉପରେ ଗୁରୁତ୍ୱ ଦିଏ

- **ତ୍ୱଚାର ଯତ୍ନ ଲାଗି କ'ଣ କରନ୍ତି?**

ମୁଖ୍ୟତଃ ନାଚୁରାଲ ଜିନିଷ ବ୍ୟବହାର କରିବାକୁ ଭଲପାଏ। ଫେସ୍ ୱାସ୍ ଖୁବ୍ କମ୍ ବ୍ୟବହାର କରେ। ବେସନ, ହଳଦୀ, କ୍ଷୀର ଲଗାଏ।

- **ଆପଣଙ୍କ ବିୟୁଟି ସିକ୍ରେଟ୍ କ'ଣ?**

ଯଦିଓ ସେମିତି କିଛି ନାହିଁ, ତଥାପି ପ୍ରଚୁର ପାଣି ପିଏ।

- **ପ୍ରିୟ ଖାଦ୍ୟ?**

ଷ୍ଟ୍ରିଟ୍ ଫୁଡ୍। ଅର୍ଥାତ୍ ଗୁପ୍‌ଚୁପ୍, ଦହିବରା ଆଳୁଦମ୍ ପସନ୍ଦ।

- **ମେକ୍‌ଅପ୍ ନେବାକୁ ଭଲ ଲାଗେ?**

ମେକ୍‌ଅପ୍ ନେବା ସେତେଟା ପସନ୍ଦ ନୁହେଁ। କମ ମେକ୍‌ଅପ୍ ନିଏ।

- **ଫିଟ୍ ରହିବା ପାଇଁ କ'ଣ କରନ୍ତି?**

ଏକ୍ସରସାଇଜ୍ କରେ। କିନ୍ତୁ ସବୁଦିନ କରିପାରେ ନାହିଁ। ଡାଏଟ୍ ଉପରେ ବେଶି ଗୁରୁତ୍ୱ ଦିଏ। ତେଲ ତଥା ମସଲାଯୁକ୍ତ ଖାଦ୍ୟ ପଦାର୍ଥ ଖାଏ ନାହିଁ। ଖାଦ୍ୟରେ ସବୁଦିନ ସାଲାଡ୍ ସାମିଲ କରିଥାଏ।

**ସେ କୌଣସି ସଂସ୍ଥା ସହ ଜଡ଼ିତ ନାହାନ୍ତି କି ତାଙ୍କର ନିଜର ମଧ୍ୟ ସଂଗଠନ ନାହିଁ। ନିଜସ୍ୱ ଉଦ୍ୟମରେ ପାଣ୍ଠି ସଂଗ୍ରହ କରି କନ୍ୟା ସନ୍ତାନଙ୍କୁ ଶିକ୍ଷିତ କରାଉଛନ୍ତି ଗୁଜରାଟର ନିଶିତା ରାଜପୁତ୍।**

## ଶିକ୍ଷାର ଆଲୋକବର୍ତ୍ତିକା

# ନିଶିତା







ମଧ୍ୟବିତ୍ତ ପରିବାରରୁ ହୋଇଥିବାରୁ ନାରୀ ଜୀବନରେ ଶିକ୍ଷାର ଗୁରୁତ୍ୱକୁ ବୁଝନ୍ତି ନିଶିତା। ଏପରିକି ସେ ଶିକ୍ଷିତ ବୋଲି ୩୪,୫୦୦ କନ୍ୟା ସନ୍ତାନଙ୍କ ଲାଗି ତିନି କୋଟିରୁ ୮୦ ଲକ୍ଷ ଟଙ୍କା ସ୍କୁଲ ଫି' ଜମା କରିଛନ୍ତି। ସାଧାରଣତଃ ଝିଅଙ୍କୁ ସରକାରୀ ସ୍କୁଲ ଓ ପୁଅକୁ ଘରୋଇ ସ୍କୁଲରେ ପଢ଼ାଯାଉଥିବା ସେ ପିଲା ବେଳୁ ଦେଖି ଆସୁଥିଲେ। ମାତ୍ର ସେ ଝିଅମାନଙ୍କ ସହ ହେଉଥିବା ଏ ପ୍ରକାର ବାଛବିଚାରରେ ସନ୍ତୁଷ୍ଟ ନ ଥିଲେ। ସେଥିପାଇଁ ନିଜ ଉଦ୍ୟମରେ ସେମାନଙ୍କୁ ସ୍କୁଲରେ ପଢ଼ାଇବାକୁ ଚାହିଁଲେ। ତା'ପରଠୁ ସ୍କୁଲ ଫି' ଲାଗି ପାଣ୍ଠି ସଂଗ୍ରହ ଆରମ୍ଭ କଲେ ନିଶିତା।

ନିଶିତା ଏ ନେଇ କୌଣସି ସଂଗଠନ ସହ ଜଡ଼ିତ ନାହାନ୍ତି କି ତାଙ୍କର ନିଜର କିଛି ସଂସ୍ଥା ବି ନାହିଁ। ତେବେ ତାଙ୍କ ଉଦ୍ଦେଶ୍ୟ ହେଉଛି ନାରୀମାନଙ୍କୁ ଶିକ୍ଷିତ କରାଇବା। ଅନ୍ୟପଟେ ସେ ଚଳିତ ଜାନୁଆରୀ ମାସରେ ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି। କିନ୍ତୁ ସେ ବାହାଘରରେ ଅଯଥା ଖର୍ଚ୍ଚ ନ କରି ସେହି ଟଙ୍କାକୁ ୨୫୧ ଝିଅଙ୍କ ସ୍କୁଲ ଫି' ପାଇଁ ଜମା କରିଛନ୍ତି। କେବଳ ଏତିକି ନୁହେଁ, ୨୧ ଝିଅଙ୍କ ନାଁରେ ୫ ହଜାର ଟଙ୍କାର ସ୍ଥାୟୀ ଜମା ମଧ୍ୟ କରିଛନ୍ତି।

ନିଶିତା ଏ କାମ ୧୧ ବର୍ଷ ତଳେ ୧୫୧ ପିଲାଙ୍କଠାରୁ ଆରମ୍ଭ କରିଥିଲେ। ଅବଶ୍ୟ ଏବେ ସେ ଘର ଘର ବୁଲି ପାଣ୍ଠି ସଂଗ୍ରହ କରନ୍ତି। ଆଉ ସେବେଠୁ ଏଯାବତ୍ ୩୪,୫୦୦ କନ୍ୟାଙ୍କ ଲାଗି ୩ କୋଟି ୮୦ ଲକ୍ଷ ଟଙ୍କା ସ୍କୁଲ ଫି' ଜମା କରିସାରିଛନ୍ତି। ଏ କ୍ଷେତ୍ରରେ କିଏ ତାଙ୍କୁ ସାହାଯ୍ୟ କରିବାକୁ ଆଗେଇ ଆସନ୍ତି ତ ଆଉ କିଏ ମୁହଁକୁ ଚାହିଁ ନ ଥାନ୍ତି। ତେବେ ଯେଉଁମାନେ ବି ସାହାଯ୍ୟ କରିଛନ୍ତି, ସେମାନେ ଏଯାବତ୍ ତାଙ୍କ ସହ ଯୋଡ଼ି ହୋଇ ରହିଥିବା କହିଛନ୍ତି ନିଶିତା। ସେ ତାଙ୍କ ବାପା ଓ ମା'ଙ୍କୁ ନେଇ ଏ କାମ କରୁଛନ୍ତି। ତାଙ୍କ ମତରେ ମଣିଷ ନିଜ ସବୁକିଛି କରିପାରେ। କିନ୍ତୁ ଅନ୍ୟପାଇଁ କିଛି କରିବା ସମସ୍ତଙ୍କ ପକ୍ଷେ ସମ୍ଭବ ନୁହେଁ।




## ସାମସନଙ୍କୁ ୧୨ ଲକ୍ଷ ଜରିମାନା



ଦୁବାଇ, ୨୨।୯ (ଏଜେନ୍ସି): ରାଜସ୍ଥାନ ରୟାଲ୍ସ ଅଧିନାୟକ ସଞ୍ଜୁ ସାମସନଙ୍କୁ ଜରିମାନା କରାଯାଇଛି। ମଙ୍ଗଳବାର ଖେଳାଯାଇଥିବା ପଞ୍ଜାବ କିଙ୍ଗସ ବିପକ୍ଷ ମ୍ୟାଚ୍‌ରେ ଦଳ ମନ୍ଥର ବୋଲିଂ କରିଥିବାରୁ ସାମସନଙ୍କ ଉପରେ ୧୨ ଲକ୍ଷ ଟଙ୍କାର ଜରିମାନା ହୋଇଛି। ସାମସନଙ୍କ ଦଳ ନିର୍ଦ୍ଧାରିତ ସମୟ ମଧ୍ୟରେ ୨୦ ଓଭର ପୂରଣ କରିପାରି ନ ଥିଲା। ତେବେ ଉକ୍ତ ମ୍ୟାଚ୍‌ରେ ରାଜସ୍ଥାନ ରୟାଲ୍ସ ୨ ରନ୍‌ର ଚିତ୍ତାକର୍ଷକ ବିଜୟ ହାସଲ କରିଥିଲା। ଶେଷ ଓଭରରେ ପଞ୍ଜାବକୁ ବିଜୟୀ ହେବାକୁ ମାତ୍ର ୪ ରନ୍ ଆବଶ୍ୟକ ହେଉଥିବାବେଳେ ଫାଷ୍ଟ ବୋଲର କାର୍ତ୍ତିକ ତ୍ୟାଗୀ ବୋଲିଂ କରିବାକୁ ଆସି ନିକୋଲାସ ପୁରନ ଓ ଦୀପକ ହୁଡାଙ୍କୁ ଆଉଟ୍ କରିବା ସହ ମାତ୍ର ଗୋଟିଏ ରନ୍ ଦେଇଥିଲେ। ଫଳରେ ପଞ୍ଜାବ ହାତରୁ ନିଶ୍ଚିତ ବିଜୟ ଛଡ଼ାଇ ଆଣିଥିଲା ରାଜସ୍ଥାନ।

## କୋଚ୍‌ଙ୍କୁ ଛାଡ଼ିଲେ ହାଲେପ



ବୁଚାରେଷ୍ଟ, ୨୨।୯ (ଏଜେନ୍ସି): ବିଶ୍ୱ ମାନ୍ୟତାର ପୂର୍ବତନ ଏକନମ୍ବର ଖେଳାଳି ରୋମାନିଆର ସିମୋନା ହାଲେପ ଓ କୋଚ୍ ଡାରେନ କାହିଲଙ୍କ ମଧ୍ୟରେ ବିଚ୍ଛେଦ ଘଟିଛି। ଉଭୟ ୬ ବର୍ଷ ଧରି କାମ କରୁଥିଲେ। କାହିଲଙ୍କ ପ୍ରଶିକ୍ଷଣରେ ୨୯ ବର୍ଷୀୟ ହାଲେପ ୨୦୧୮ ଫ୍ରେଞ୍ଚ ଓପନ ଜିତ ତାଙ୍କ କ୍ୟାରିୟରର ପ୍ରଥମ ଗ୍ରାଣ୍ଡସ୍ଲାମ ଟାଇଟଲ ହାସଲ କରିଥିଲେ। ତେବେ ଏହି ସିଜିନ ଶେଷରେ କାହିଲ ନିଜ ପରିବାର ସହ ଅଧିକ ସମୟ ଦେବାକୁ ଅଷ୍ଟ୍ରେଲିଆନ୍ କୋଚ୍ କାହିଲ ହାଲେପଙ୍କ ହାତ ଛାଡ଼ିଥିଲେ। ପରେ ୨୦୧୯ ଡବ୍ଲ୍ୟୁଟିଏ ଫାଇନାଲ୍ସ ପୂର୍ବରୁ ଉଭୟ ଏକତ୍ର ହୋଇଥିଲେ। କାହିଲଙ୍କ ପ୍ରଶିକ୍ଷଣରେ ହାଲେପ ପ୍ରଥମ ତିନିବର୍ଷର ଦୁଇଟି ସିଜିନରେ ବିଶ୍ୱ ମାନ୍ୟତାର ଏକନମ୍ବର ଓ ୨୦୧୮ ଅଷ୍ଟ୍ରେଲିଆନ୍ ଓପନ ଫାଇନାଲରେ ପ୍ରବେଶ କରିଥିଲେ।

# ଶୀର୍ଷକୁ ଉଠିଲା ଦିଲ୍ଲୀ କ୍ୟାପିଟାଲ୍ସ

**ଦୁବାଇ, ୨୨।୯ (ଏଜେନ୍ସି)**

ଆଇପିଏଲ୍ ୧୪ତମ ସଂସ୍କରଣ ୩୩ତମ ମୁକାବିଲାରେ ବୁଧବାର ଗତଥରର ରନର୍ସଅପ୍ ଦିଲ୍ଲୀ କ୍ୟାପିଟାଲ୍ସ ଓ ସନ୍‌ରାଇଜର୍ସ ହାଇଦରାବାଦ୍ ମଧ୍ୟରେ ଅନୁଷ୍ଠିତ ହୋଇଛି। ଦୁବାଇ ଇଣ୍ଟରନ୍ୟାସନାଲ କ୍ରିକେଟ୍ ଷ୍ଟାଡିୟମରେ ଖେଳାଯାଇଥିବା ଏହି ମ୍ୟାଚ୍ ପୂର୍ବରୁ ୧୪ତମ ସଂସ୍କରଣ ୨ୟ ପର୍ଯ୍ୟାୟର ପ୍ରଥମ କରୋନା କେସ୍ ସାମ୍ନାକୁ ଆସିଥିଲା। ହାଇଦରାବାଦ୍‌ର ଯୁବ ଦ୍ରୁତ ବୋଲର୍ ଟି. ନଟରାଜନଙ୍କ ରିପୋର୍ଟ କରୋନା ପଜିଟିଭ ବାହାରିଥିଲା। ଏହାସତ୍ତ୍ୱେ ମ୍ୟାଚ୍‌ରେ ଏହାର କୌଣସି ପ୍ରଭାବ ପଡ଼ି ନ ଥିଲା। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ହାଇଦରାବାଦ୍ ପ୍ରତିପକ୍ଷ ବୋଲିଂକୁ ସାମ୍ନା କରି ନ ପାରି ନିର୍ଦ୍ଧାରିତ ୨୦ ଓଭରରେ ୯ ୱିକେଟ୍ ହରାଇ ମାତ୍ର ୧୩୪ ରନ କରିଥିଲା। ଦିଲ୍ଲୀ କ୍ୟାପିଟାଲ୍ସ ପକ୍ଷରୁ ଦକ୍ଷିଣ ଆଫ୍ରିକାର ଦୁଇ ଡାହାଣହାତୀ ଦ୍ରୁତ ବୋଲର କାଗିସୋ ରବାଡା ଓ ଏନ୍‌ରିଚ ନୋର୍ଜେ ପ୍ରଭାବୀ ବୋଲିଂ କରିଥିଲେ। ସେହିଭଳି ସ୍ପିନର ଅକ୍ଷର ପଟେଲ ମଧ୍ୟ ୨ଟି ୱିକେଟ୍ ନେଇ ହାଇଦରାବାଦ୍‌କୁ ବଡ଼ ସ୍କୋର କରିବାରେ ଅଟକାଇଥିଲେ। ଜବାବରେ ୧୩୫ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ଋଷଭ ପନ୍ତଙ୍କ ନେତୃତ୍ୱାଧୀନ ଦିଲ୍ଲୀ ୧୭.୫ ଓଭରରେ ଦୁଇଟି ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରି ନେଇଥିଲା। ଶ୍ରେୟସ ଆୟାର ୪୭ ଓ ପନ୍ତ ୩୫ ରନ୍‌ର ଅପରାଜିତ ଇନିଂସ ଖେଳି ଦିଲ୍ଲୀକୁ ସହଜ ବିଜୟ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଦୁଇ ଓପନର ପୃଥ୍ୱୀ ସ ୧୧ ଓ ଶିଖର ଧାୱନ ୪୨ ରନ କରି ଆଉଟ୍ ହୋଇଥିଲେ। ହାଇଦରାବାଦ ପକ୍ଷରୁ ଖଲିଲ ଅହମ୍ମଦ ଓ ରସିଦ ଖାନ୍ ଗୋଟିଏ ଲେଖାଏଁ ୱିକେଟ ନେଇଥିଲେ। ଏଥିସହ ୯ ମ୍ୟାଚ୍‌ରୁ ସପ୍ତମ ବିଜୟ ହାସଲ କରି ୧୪ ପଏଣ୍ଟ ସହ ଦିଲ୍ଲୀ ଟେବ୍‌ଲ ତାଲିକାର ଶୀର୍ଷକୁ ଉଠିଛି। ହାଇଦରାବାଦ ଅଷ୍ଟମ ମ୍ୟାଚ୍‌ରୁ ସପ୍ତମ ପରାଜୟ ସହ ସର୍ବନିମ୍ନ ସ୍ଥାନରେ ଅପରିବର୍ତ୍ତିତ ରହିଛି।

ମ୍ୟାଚରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ହାଇଦରାବାଦ୍ ଅଧିନାୟକ କେନ୍ ୱିଲିୟମସନ୍‌ଙ୍କ ନିଷ୍ପତ୍ତି ସମ୍ପୂର୍ଣ୍ଣ ଭୁଲ ପ୍ରମାଣିତ ହୋଇଥିଲା। ଦଳ ଖାତା ଖୋଲିବା ପୂର୍ବରୁ ଦୁର୍ଦ୍ଧର୍ଷ ଓପନର୍ ଡେଭିଡ୍ ୱାର୍ଣ୍ଣରଙ୍କ ୱିକେଟ୍ ହରାଇଥିଲା। ଏନ୍‌ରିଚ୍ ନୋର୍ଜେ ଏହି ୱିକେଟ୍ ନେଇ ଦିଲ୍ଲୀକୁ ପ୍ରଥମ ବ୍ରେକ୍ ଥ୍ରୁ ଦେଇଥିଲେ। ଏହାପରେ ୱିକେଟ୍‌କିପର ଋଦ୍ଧିମାନ ଶାହ (୧୮ ରନ, ୧୭ ବଲ୍) ମଧ୍ୟ କ୍ରିଜରେ ସେଟ୍ ନେଇ ଆସୁଥିବାବେଳେ ରବାଡାଙ୍କ ବଲରେ ଶିଖର ଧାୱନଙ୍କ ହାତରେ କ୍ୟାଚ ହୋଇ ପ୍ୟାଭିଲିୟନ ଫେରିଥିଲେ। ମଧ୍ୟକ୍ରମରେ ଅଧିନାୟକ ୱିଲିୟମସନ୍ ଓ ମନୀଷ ପାଣ୍ଡେ ମଧ୍ୟ ଦଳୀୟ ସ୍କୋରକୁ ଆଗକୁ ବଢ଼ାଇ ନେବାକୁ ପ୍ରଚେଷ୍ଟା କରିଥିଲେ। ଉଭୟ ଭଲ ଆରମ୍ଭ କରିଥିଲେ ମଧ୍ୟ ବଡ଼ ସ୍କୋରରେ ପରିଣତ କରାଇବାରେ ବିଫଳ ହୋଇଥିଲେ। ମାତ୍ର ୨ଟି ବଲ୍ ଅନ୍ତରରେ ୱିଲିୟମସନ୍ (୧୮ ରନ) ଓ ପାଣ୍ଡେ (୧୭)ଙ୍କୁ ଆଉଟ୍ କରି ଦିଲ୍ଲୀ ବଡ଼ ସଫଳତା ପାଇଥିଲା। ତେବେ ମଧ୍ୟ-ନିମ୍ନକ୍ରମରେ ଅବଦୁଲ ସାମାଦ୍ ଓ ରସିଦ୍ ଖାନ୍ କିଛିଟା ଉଲ୍ଲେଖନୀୟ ପାଳି ଖେଳିବାରୁ ହାଇଦରାବାଦ୍ ୯ ୱିକେଟ୍‌ରେ ୧୩୪ ରନର ଏକ ସମ୍ମାନଜନକ ସ୍କୋର ଠିଆ କରାଇପାରିଥିଲା। ସାମାଦ୍ ୨୮ ଓ ରସିଦ୍ ୨୨ ରନ କରିଥିଲେ। ଦିଲ୍ଲୀ ପକ୍ଷରୁ ରବାଡା ୩ଟି ଏବଂ ନୋର୍ଜେ ଓ ଅକ୍ଷର ୨ଟି ଲେଖାଏ ୱିକେଟ୍ ନେଇଥିଲେ।

### ଆଜିର ମ୍ୟାଚ୍

୨୩ ସେପ୍ଟେମ୍ବର ୨୦୨୧



ମୁମ୍ବଇ
ବନାମ
କୋଲକାତା

ଭେନ୍ୟୁ-ଆବୁଧାବି
ଖେଳ ଆରମ୍ଭ-ରାତି ୭ଟା ୩୦
ପ୍ରସାରଣ- ଷ୍ଟାର ସ୍ପୋର୍ଟ୍ସ ନେଟ୍‌ୱର୍କ
ଷ୍ଟ୍ରିମିଂ- ଡିସ୍‌ନୀ ହଟ୍‌ଷ୍ଟାର

### ଆଇପିଏଲ୍ ପଏଣ୍ଟ ଟେବ୍‌ଲ

| ଦଳ | ମ୍ୟାଚ୍ | ବିଜୟ | ପରାଜୟ | ପଏଣ୍ଟ | ନେଟ୍ ରନ୍ |
|---|---|---|---|---|---|
| ଦିଲ୍ଲୀ | ୯ | ୭ | ୨ | ୧୪ | +୦.୬୧୩ |
| ଚେନ୍ନଇ | ୮ | ୬ | ୨ | ୧୨ | +୧.୨୨୩ |
| ବାଙ୍ଗାଲୋର | ୮ | ୫ | ୩ | ୧୦ | -୦.୭୦୬ |
| ମୁମ୍ବଇ | ୮ | ୪ | ୪ | ୮ | -୦.୦୭୧ |
| ରାଜସ୍ଥାନ | ୮ | ୪ | ୪ | ୮ | -୦.୧୫୪ |
| କୋଲକାତା | ୮ | ୩ | ୫ | ୬ | ୦.୧୧୦ |
| ପଞ୍ଜାବ | ୯ | ୩ | ୬ | ୬ | -୦.୩୪୫ |
| ହାଇଦରାବାଦ | ୮ | ୧ | ୭ | ୨ | -୦.୬୮୯ |

### ସଂକ୍ଷିପ୍ତ ସ୍କୋର

**ହାଇଦରାବାଦ୍:** ୧୩୪/୯, ୨୦ ଓଭର (ସାମାଦ୍-୨୮, ରସିଦ୍-୨୨, ୱିଲିୟମସନ୍-୧୮, ଋଦ୍ଧିମାନ-୧୮, ପାଣ୍ଡେ-୧୭, ରବାଡା-୩/୩୭, ନୋର୍ଜେ- ୨/୧୨)।
**ଦିଲ୍ଲୀ କ୍ୟାପିଟାଲ୍ସ:** ୧୩୯/୨, ୧୭.୫ ଓଭର (ଶିଖର-୪୨, ଶ୍ରେୟାସ ଆୟାର- ୪୭*, ପନ୍ତ-୩୫*, ପୃଥ୍ୱୀ ସ-୧୧, ଖଲିଲ ଅହମ୍ମଦ-୧/୩୩, ରସିଦ ଖାନ୍-୧/୨୬)।



## ଟି. ନଟରାଜନ୍ କରୋନା ଆକ୍ରାନ୍ତ



ଦୁବାଇ, ୨୨।୯(ଏଜେନ୍ସି): ଚଳିତ ଇଣ୍ଡିଆନ୍ ପ୍ରିମିୟର ଲିଗ୍ (ଆଇପିଏଲ)ର ବୁଧବାର ଦିଲ୍ଲୀ କ୍ୟାପିଟାଲ୍ସ ବିପକ୍ଷ ମ୍ୟାଚ୍ ପୂର୍ବରୁ ସନରାଇଜର୍ସ ହାଇଦରାବାଦ୍ ପେସ୍ ବୋଲର ଟି. ନଟରାଜନ କରୋନା ଆକ୍ରାନ୍ତ ହୋଇଥିବା ଜଣାପଡ଼ିଛି। ତାଙ୍କର କୋଭିଡ୍ ଟେଷ୍ଟ ପଜିଟିଭ ଆସିଥିବା ବିସିସିଆଇ ପକ୍ଷରୁ ସୂଚନା ଦିଆଯାଇଛି। ନଟରାଜନଙ୍କ ଆରଟି-ପିସିଆର ଟେଷ୍ଟ କରାଯାଇଥିଲା। ତାହା ପଜିଟିଭ ଆସିଛି। ସେ ଏବେ ପୃଥକବାସରେ ଅଛନ୍ତି। ତାଙ୍କ ସଂସ୍ପର୍ଶରେ ଆସିଥିବା ୫ଜଣ ସଦସ୍ୟ ମଧ୍ୟ ଆଇସୋଲେସନରେ ରହିଛନ୍ତି। ସେମାନେ ହେଲେ ବିଜୟ କୁମାର (ଟିମ୍ ମ୍ୟାନେଜର), ଜେ. ଶ୍ୟାମସୁନ୍ଦର (ଫିଜିଓଥେରାପିଷ୍ଟ), ଅଞ୍ଜନ ଭାନ୍ନନ (ଡାକ୍ତର), ତୁଷାର ଖେଦକର (ଲଜିଷ୍ଟିକ୍ସ ମ୍ୟାନେଜର) ଓ ପେରିୟାସାମି ଗଣେଶନ (ନେଟ୍ ବୋଲର)ଙ୍କ ବୁଧବାର କୋଭିଡ୍ ଟେଷ୍ଟ କରାଯାଇଥିଲେ ହେଁ ଏହା ନେଗେଟିଭ ଆସିଛି। ପୂର୍ବରୁ କରୋନାଜନିତ ମାମଲା ଲାଗି ଚଳିତ ୧୪ତମ ସଂସ୍କରଣ ମେ ମାସରେ ଅଧାରୁ ସ୍ଥଗିତ କରିଦିଆଯାଇଥିଲା।

## ଜାତୀୟ ଜୁନିଅର ଖୋ ଖୋ ଉଦ୍‌ଘାଟିତ

# ଓଡ଼ିଶା ବାଳକ ଦଳର ବିଜୟ ଅଭିଯାନ

**ଭୁବନେଶ୍ୱର, ୨୨।୯ (ସମିସ)**

ଓଡ଼ିଶା ଖୋ ଖୋ ଆସୋସିଏସନ୍ ଆସୋସିଏସନ୍, ଓଡ଼ିଶା ସରକାରଙ୍କ କ୍ରୀଡ଼ା ଓ ଯୁବସେବା ବିଭାଗ ଓ କିଟ୍ ବିଶ୍ୱବିଦ୍ୟାଳୟର ମିଳିତ ସହଯୋଗରେ ବୁଧବାର ୪୦ତମ କମ୍ପ୍ଲେକ୍ସରେ ଏହାକୁ ଉଦ୍‌ଘାଟନ କରିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଭାରତୀୟ ଖୋ ଖୋ ମହାସଂଘର ସାଧାରଣ ସମ୍ପାଦକ ଏମ୍.ଏସ୍. ତ୍ୟାଗୀ, ଓଡ଼ିଶା ଖୋ ଖୋ ଆସୋସିଏସନ୍‌ର ସଭାପତି ନାରାୟଣ ପାତ୍ର, ସମ୍ପାଦକ ପ୍ରଦ୍ୟୁମ୍ନ ମହାରାଷ୍ଟ୍ର ୨୬ ପଏଣ୍ଟରେ ନାଗାଲାଣ୍ଡକୁ, ଆନ୍ଧ୍ରପ୍ରଦେଶ ୧୨ ପଏଣ୍ଟରେ ଅରୁଣାଚଳ ପ୍ରଦେଶକୁ, ରାଜସ୍ଥାନ ୭ ପଏଣ୍ଟରେ ଉତ୍ତରାଖଣ୍ଡକୁ, କେରଳ ୨୧ ପଏଣ୍ଟରେ ଦଦ୍ରା ଓ ନଗର ହାବେଳୀକୁ, ଝାଡ଼ଖଣ୍ଡ ୨୬ ପଏଣ୍ଟରେ ପ୍ରତିଯୋଗିତାରେ ୫୩ ଟିମ୍ (ବାଳକ ଓ ବାଳିକା)ର ୬୦୦ରୁ ଊର୍ଦ୍ଧ୍ୱ ଖେଳାଳି ଅଂଶଗ୍ରହଣ କରିଛନ୍ତି। ପ୍ରତିଯୋଗିତାରେ ଓଡ଼ିଶା ବାଳକ ଦଳ ଗ୍ରୁପ୍-ଡି'ରେ କର୍ଣ୍ଣାଟକ, ବିହାର, ମଧ୍ୟପ୍ରଦେଶ ଓ ମେଘାଳୟ ସହ ସ୍ଥାନ ପାଇଛି।







ଉଦ୍‌ଘାଟନୀ ଉତ୍ସବରେ ଉପସ୍ଥିତ ଅତିଥିବୃନ୍ଦ। ବାଳିକା ବିଭାଗର ଏକ ମ୍ୟାଚ୍‌ର ରୋମାଞ୍ଚକ ଦୃଶ୍ୟ

ଜାତୀୟ ଜୁନିଅର ଖୋ ଖୋ ଚାମ୍ପିଅନ୍‌ସିପ୍ ଉଦ୍‌ଘାଟିତ ହୋଇଯାଇଛି। ଓଡ଼ିଶା ହକି ପ୍ରମୋସନ କାଉନସିଲର ଅଧ୍ୟକ୍ଷ ତଥା ଅଲିମ୍ପିଆନ୍ ଦିଲ୍ଲୀପ୍ ତିର୍କୀ, କିଟ୍ ଓ କିସ୍‌ର ପ୍ରତିଷ୍ଠାତା ଡ. ଅଚ୍ୟୁତ ସାମନ୍ତ, କ୍ରୀଡ଼ା ସଚିବ ଆର୍. ଭିନୀଲ କ୍ରିଷ୍ଣା ଅତିଥିଭାବେ ଯୋଗ ଦେଇ କିଟ୍‌ସ୍ଥିତ ବିଜୁ ପଟ୍ଟନାୟକ ଇନ୍‌ଡୋର ମିଶ୍ର ପ୍ରମୁଖ ଉପସ୍ଥିତ ରହିଥିଲେ।

ଉଦ୍‌ଘାଟନୀ ଦିବସରେ ଓଡ଼ିଶା ବାଳକ ଦଳ ବିଜୟରୁ ଅଭିଯାନ ଆରମ୍ଭ କରିଛି। ଗ୍ରୁପ୍-ଡି'ରେ ସ୍ଥାନ ପାଇଥିବା ଓଡ଼ିଶା (୨୮) ୨୨ ପଏଣ୍ଟରେ ମଧ୍ୟପ୍ରଦେଶ (୬)କୁ ପରାସ୍ତ କରିଛି। ବାଳକ ବିଭାଗର ଅନ୍ୟ ମ୍ୟାଚଗୁଡ଼ିକରେ ପୁଡୁଚେରୀ ୯ ପଏଣ୍ଟରେ ହିମାଚଳପ୍ରଦେଶକୁ, ଦଦ୍ରା ଓ ନଗର ହାବେଳୀକୁ ପରାସ୍ତ କରିଛି। ଅପରପକ୍ଷରେ ମହିଳା ବିଭାଗରେ ଅନୁଷ୍ଠିତ ମ୍ୟାଚରେ ଦିଲ୍ଲୀ ୨୩ ପଏଣ୍ଟରେ ଅରୁଣାଚଳ ପ୍ରଦେଶକୁ, ପଞ୍ଜାବ ୩୪ ପଏଣ୍ଟରେ ଦଦ୍ରା ଓ ନଗର ହାବେଳୀକୁ, ଉତ୍ତରାଖଣ୍ଡ ୭ ପଏଣ୍ଟରେ ବିହାରକୁ, ତେଲେଙ୍ଗାନା ୨ ପଏଣ୍ଟରେ ଆସାମକୁ ମାତ୍ ଦେଇଛି। ଏହି ୫ ଦିନିଆ ସେହିଭଳି ଆନ୍ଧ୍ରପ୍ରଦେଶ, ମଣିପୁର, ଜାମ୍ମୁ ଆଣ୍ଡ କଶ୍ମୀର ସହ ଓଡ଼ିଶା ବାଳିକା ଦଳ ଗ୍ରୁପ୍-ଇ'ରେ ରହିଛି। ଏହି ପ୍ରତିଯୋଗିତାରେ ଶ୍ରେଷ୍ଠ ପ୍ରଦର୍ଶନ କରିଥିବା ଦଳ ଆସନ୍ତାବର୍ଷ ହରିୟାଣାର ପଞ୍ଚକୁଲାରେ ହେବାକୁ ଥିବା ଖେଲୋ ଇଣ୍ଡିଆ ୟୁଥ୍ ଗେମ୍ସକୁ ଯୋଗ୍ୟତା ଅର୍ଜନ କରିବେ ବୋଲି ଜଣାପଡ଼ିଛି।

## ଅଡୁଆରେ ମାର୍ଲନ ସାମୁଏଲ୍ସ



ଦୁବାଇ, ୨୨।୯ (ଏଜେନ୍ସି): ୱେଷ୍ଟଇଣ୍ଡିଜ କ୍ରିକେଟ୍ ଦଳର ପ୍ରାକ୍ତନ ଅଲ୍‌ରାଉଣ୍ଡର ମାର୍ଲନ ସାମୁଏଲ୍ସଙ୍କ ଉପରେ ଗମ୍ଭୀର ଆରୋପ ଲାଗିଛି। ରିପୋର୍ଟ ମୁତାବକ ଏକ ଟି-୧୦ ଲିଗ୍ ସମୟରେ ସାମୁଏଲ୍ସ କେତେକ ଅଜ୍ଞାତ ବ୍ୟକ୍ତିଙ୍କ ସଂସ୍ପର୍ଶରେ ଆସିଥିଲେ। ଯାହାର ସୂଚନା ସେ ସଠିକ୍ ସମୟରେ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ଆଇସିସିକୁ ଅବଗତ କରି ନ ଥିଲେ। ଯେଉଁଥି ପାଇଁ ସେ ଆଇସିସିର ଦୁର୍ନିତୀ ନିବାରଣ ନିୟମର ଧାରା ୨.୪.୨, ୨.୪.୩, ୨.୪.୬ ଉଲ୍ଲଂଘନ କରିଛନ୍ତି। ଅଭିଯୋଗର ଜବାବ ଦେବା ଲାଗି ଆଇସିସି ତାଙ୍କୁ ୧୪ ଦିନର ସମୟ ଦେଇଛି। ଉଲ୍ଲେଖଯୋଗ୍ୟ, ୨୦୦୦ରୁ ୨୦୧୮ ମଧ୍ୟରେ ସାମୁଏଲ୍ସ ୱେଷ୍ଟଇଣ୍ଡିଜ ପକ୍ଷରୁ ୭୧ ଟେଷ୍ଟ, ୨୦୭ ଏକଦିବସୀୟ ଓ ୬୭ ଟି-୨୦ ମ୍ୟାଚରେ ପ୍ରତିନିଧିତ୍ୱ କରିଛନ୍ତି। ସେ ଅନ୍ତର୍ଜାତୀୟ କ୍ରିକେଟ୍‌ରେ ମୋଟ୍ ଉପରେ ୧୧ ହଜାର ୧୩୪ ରନ୍ ସଂଗ୍ରହ କରିଛନ୍ତି। ସେହିଭଳି ତାଙ୍କ ନାମରେ ୧୫୨ ୱିକେଟ୍ ଲିପିବଦ୍ଧ ରହିଛି। ୨୦୧୮ରେ ସାମୁଏଲ୍ସ ଅନ୍ତର୍ଜାତୀୟ କ୍ରିକେଟ୍‌ରୁ ସନ୍ନ୍ୟାସ ନେଇଥିଲେ।

MAHAVIR COLLEGE OF NURSING
Recognised by: Health & Family welfare Department, Govt of Odisha, Odisha Nursing Council, Directorate of Medical Education & Training, Odisha
ADMISSION OPEN 2021-22
COURSES OFFERED:
1. ANM- 2 Yrs (+2 any Stream), 2. GNM- 3 Yrs. (+2 any Stream)
3. DMLT- 2 Yrs. (+2 Science), 4. B.Sc Nursing- 4 Yrs. (+2 Science-PCB)
5. Diabetes Assistant- 1 Yr. (+2 Any Stream)
6. Dental Assistant- 1 Yr. (+2 any Stream)
100% Placement
Spot Admission
Hostel Facility Available
Address & Contact
Campus1: Mahapatra Complex, Gobindpali Chowk, Bargarh
Campus2: Near Fly Over Bridge, Bhatli Chowk, Bargarh
Contact No.: 9937292549 I 9937578179 I 898491095 I 9692675005
Mail: mahavircollegeofnursing@gmail.com I mahavirschoolofnursing@gmail.com
Website: www.mahavircollegeofnursing.org

# ରୌପ୍ୟ ବିଜୟୀ ଭାରତୀୟ ରଗ୍‌ବୀ ଦଳକୁ ସମ୍ବର୍ଦ୍ଧନା

**ଭୁବନେଶ୍ୱର, ୨୨।୯ (ସମିସ)**

ଉଜ୍‌ବେକିସ୍ତାନର ତାସ୍‌କେଣ୍ଟରେ ଶେଷ ହୋଇଥିବା ୧୮ ବର୍ଷରୁ କମ୍ ମହିଳା ଏସିଆ ରଗ୍‌ବୀ ସେଭେନ୍ସ ପ୍ରତିଯୋଗିତାରେ ପଦକ ବିଜୟିନୀ ଭାରତୀୟ ମହିଳା ରଗ୍‌ବୀ ଦଳକୁ ବୁଧବାର ଓଡ଼ିଶା ସରକାର ସମ୍ବର୍ଦ୍ଧିତ କରିଛନ୍ତି। ଭାରତୀୟ ରଗ୍‌ବୀର ପ୍ରାୟୋଜକ ରହିଥିବା ଓଡ଼ିଶା ସରକାରଙ୍କ ସମେତ ରଗ୍‌ବୀ ଇଣ୍ଡିଆ ଓ ଅନ୍ୟ ଅଂଶୀଦାର ବ୍ଲେଡ୍ ଅର୍ବାନ ଏୟାର ମୋବିଲିଟୀ (ଭାରତ) ପକ୍ଷରୁ ଏହି ସମ୍ବର୍ଦ୍ଧନା ସଭା ଆୟୋଜିତ କରାଯାଇଥିଲା। ଉଲ୍ଲେଖନୀୟ ସଫଳତା ହାସଲ କରିଥିବା ଭାରତୀୟ ମହିଳା ରଗ୍‌ବୀ ଦଳର ଖେଳାଳିଙ୍କ ସମେତ ସହାୟକ ଷ୍ଟାଫ୍‌ଙ୍କୁ ମୋଟ୍ ୧୫ ଲକ୍ଷ ଟଙ୍କାର ପୁରସ୍କାର ରାଶି ଏହି ଅବସରରେ ପ୍ରଦାନ କରାଯାଇଥିଲା। ଏହି ଅବସରରେ ଓଡ଼ିଶା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏକ ଭିଡିଓ ବାର୍ତ୍ତା ଜରିଆରେ ଭାରତୀୟ ଦଳର ସଫଳତାକୁ ନେଇ ପ୍ରଶଂସା କରିଛନ୍ତି।

ଲୋକସେବା ଭବନରେ ଆୟୋଜିତ ଏହି ସମ୍ବର୍ଦ୍ଧନା ଉତ୍ସବରେ କ୍ରୀଡ଼ାମନ୍ତ୍ରୀ ତୁଷାରକାନ୍ତି ବେହେରା, ସାଂସଦ ଡ. ଅଚ୍ୟୁତ ସାମନ୍ତ, କ୍ରୀଡ଼ା ସଚିବ ଆର୍. ଭିନୀଲ କ୍ରିଷ୍ଣା, ଭାରତୀୟ ରଗ୍‌ବୀ ଫୁଟ୍‌ବଲ ୟୁନିୟନର ସଭାପତି ବିକ୍ରମ ଆହୁଜା, ଅଭିନେତା ତଥା ରଗ୍‌ବୀ ଇଣ୍ଡିଆର ସଦସ୍ୟ ରାହୁଲ ବୋଷ, ଓଡ଼ିଶା ରଗ୍‌ବୀ ଫୁଟ୍‌ବଲ ଆସୋସିଏସନର ସଭାପତି ପ୍ରିୟଦର୍ଶୀ ମିଶ୍ର ପ୍ରମୁଖ ଉପସ୍ଥିତ ରହିଥିଲେ। 'ଭାରତୀୟ ଦଳ ପ୍ରଦର୍ଶନ ଆମ ସମସ୍ତଙ୍କୁ ଗର୍ବିତ କରିଛି। ଏତେ କମ୍ ବୟସରେ ଅନ୍ତର୍ଜାତୀୟ ପ୍ରତିଯୋଗିତାରେ ଚମତ୍କାର ପ୍ରଦର୍ଶନ କରିଥିବା ପ୍ରତ୍ୟେକ ଖେଳାଳିଙ୍କୁ ପ୍ରଶଂସା କରୁଛି। ଏହି ପ୍ରଦର୍ଶନ ସେମାନଙ୍କୁ ପରବର୍ତ୍ତୀ ଜାତୀୟ ଓ ଅନ୍ତର୍ଜାତୀୟସ୍ତରରେ ସହାୟକ କରିବା ଲାଗି ଏକ ସୁଯୋଗ। ସବୁଥର ଭଳି ଓଡ଼ିଶା ରଗ୍‌ବୀ ଦଳର ଯାତ୍ରାରେ ସମର୍ଥନ ଜାରି ରଖିବ' ବୋଲି କ୍ରୀଡ଼ାମନ୍ତ୍ରୀ ତୁଷାରକାନ୍ତି ଏହି ସମ୍ବର୍ଦ୍ଧନା ଉତ୍ସବ ଅବସରରେ କହିଛନ୍ତି।

ପ୍ରକାଶଯୋଗ୍ୟ, ଭାରତୀୟ ୧୮ ବର୍ଷରୁ କମ୍ ମହିଳା ଦଳ ଏସିଆ ରଗ୍‌ବୀ ସେଭେନ୍ସ ପ୍ରତିଯୋଗିତାର ଫାଇନାଲରେ ୧୭-୨୧ରେ ୟୁଏଇ ନିକଟରୁ ପରାସ୍ତ ହୋଇ ରୌପ୍ୟ ପଦକରେ ସନ୍ତୁଷ୍ଟ ରହିଥିଲା। ଭାରତୀୟ ଦଳରେ ଓଡ଼ିଶାର ୩ଜଣ ଖେଳାଳି ତରୁଲତା ନାଏକ, ମାମା ନାଏକ ଓ ନିର୍ମାଲ୍ୟ ରାଉତ ସାମିଲ ରହିଥିଲେ। ଫାଇନାଲରେ ତରୁଲତା ଉଲ୍ଲେଖନୀୟ ପ୍ରଦର୍ଶନ କରିଥିଲେ।





ସକାଳ THE SAKALA
SAKALA MEDIA PVT. LTD.
Plot No.- N-3/441,IRC Village, Nayapalli, Bhubaneswar-15
ପ୍ରିୟ ପାଠକ / ପାଠିକା,
'ସକାଳ' ଖବରକାଗଜ ପାଇବାରେ ଅସୁବିଧା ହେଉଥିଲେ ଆପଣ ନିମ୍ନ ପ୍ରଦତ୍ତ ନମ୍ବରରେ ଯୋଗାଯୋଗ କରିପାରିବେ।
BHUABNESWAR
Ashoka Market
Prabodha - 9776355222
Chandrasekharpur
Rajesh - 9090490990
Old Town
Dinabandhu - 9937615111
C.R.P.
Bijaya - 9040246520
Khandagiri
Ashok - 8114773314
KHURDA, NAYAGARH, PURI
Sudhanshu - 6371694142
BERHAMPUR, GANJAM GAJAPATI, KANDHAMALA
Kanhei- 9777127070
JEYPORE
SUDHIR- 9777005500
CUTTACK
Prasanta - 8249018397
SAMBALPUR
Sudam - 7008081464
Sibu - 9337050279
UPAKULA
Gyana - 7438865336
BALASORE
Kalinga - 9348955071
ପ୍ରସାର ବିଭାଗ, ସକାଳ

PUBLISHED BY AMIT KUMAR MALLICK FOR SAKALA MEDIA PVT. LTD., PLOT NO. N-3/441, IRC VILLAGE, NAYAPALLI, BHUBANESWAR-15, PH: 0674-2954342/ 2955342
PRINTED AT SAKALA MEDIA PVT. LTD, PLOT NO.125, IRRIGATION COLONY, JEYPORE, DIST: KORAPUT, PIN-764001
EDITOR: UMAKANT MISHRA
ସମ୍ପାଦକ: ଉମାକାନ୍ତ ମିଶ୍ର